

ଅଙ୍ଗଦ ଭୂମିକାରେ ଜାହିଦ୍

▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 44 ♦ISSUE-14 ♦WEDNESDAY ♦08 JULY 2026 ♦PAGE-12 ♦₹ 7.00 | SAMBALPUR | ♦ବର୍ଷ-୪୪ ♦ସଂଖ୍ୟା-୧୪ ♦ବୁଧବାର ♦୦୮ ଜୁଲାଇ ୨୦୨୬ ♦ପୃଷ୍ଠା-୧୨ ♦ଟ.୭.୦୦


ହାର୍ ମାନିଲା ବୟସ

## ୭ ପାହାଡ଼ ଚଢ଼ି ୧୧୬ ବର୍ଷୀୟା ବୃଦ୍ଧାଙ୍କ ତିରୁମାଲା ଦର୍ଶନ



■ତିରୁମାଲା, ୭।୭ (ଏଜେନ୍ସି): ଶ୍ରଦ୍ଧା ଓ ଭକ୍ତି ଆଗରେ ବୟସ ଯେ କେବଳ ଏକ ସଂଖ୍ୟା ମାତ୍ର, ତାହା ପ୍ରମାଣ କରି ଦେଖାଇଛନ୍ତି କର୍ଣ୍ଣାଟକର ଜଣେ ୧୧୬ ବର୍ଷୀୟା ବୃଦ୍ଧା। କର୍ଣ୍ଣାଟକର ଏହି ବୟୋଜ୍ୟେଷ୍ଠ ଶ୍ରଦ୍ଧାଳୁ ନବନୀତମ୍ମା ପାଦରେ ଚାଲି ଚାଲି ତିରୁପତିର ସପ୍ତଗିରି ବା ୭ଟି ପାହାଡ଼ ଅତିକ୍ରମ କରି ପ୍ରଭୁ ଭେଙ୍କଟେଶ୍ୱରଙ୍କ ଦର୍ଶନ କରିଛନ୍ତି। ନବନୀତମ୍ମା ନିଜ ପରିବାର ସଦସ୍ୟଙ୍କ ସହ ତିରୁମାଲା ଯାତ୍ରା କରିଥିଲେ। ପାଦରେ ଚାଲି ଚାଲି ପାହାଡ଼ ଚଢ଼ିବାକୁ ସଂକଳ୍ପ କରିଥିଲେ। ଏହି ଦୁର୍ଲଭ ଭକ୍ତିର ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି। ପରିବାର ସଦସ୍ୟଙ୍କ ସହଯୋଗରେ ଧୀରେ ଧୀରେ ପାହାଡ଼ ଚଢ଼ିଥିଲେ। ଏହି ନିଷ୍ଠାକୁ ସମ୍ମାନ ଜଣାଇ ତିରୁମାଲା ତିରୁପତି ଦେବସ୍ଥାନମ ପକ୍ଷରୁ ତାଙ୍କୁ ଓ ତାଙ୍କ ପରିବାର ବର୍ଗଙ୍କୁ ଭିଆଇପି ବ୍ରେକ୍ ଦର୍ଶନର ସୁଯୋଗ ପ୍ରଦାନ କରାଯାଇଥିଲା।

## ୭୫ ବର୍ଷ ବୟସରେ ସଂସ୍କୃତରେ ସ୍ନାତକୋତ୍ତର ପରୀକ୍ଷା

■ ନୂଆଦିଲ୍ଲୀ, ୭।୭ (ଏଜେନ୍ସି): ଶିକ୍ଷା ପ୍ରତି ଆଗ୍ରହ ଥିଲେ ବୟସ କେବେ ବାଧା ହୋଇପାରେ ନାହିଁ। ଏହି କଥାକୁ ସତ୍ୟ ପ୍ରମାଣ କରିଛନ୍ତି ହିମାଚଳ ପ୍ରଦେଶର କାଙ୍ଗ୍ରା ଜିଲ୍ଲାର ୭୫ ବର୍ଷୀୟ ମିଲ୍ଖି ରାମ। ସେ ବର୍ତ୍ତମାନ ସୁଦ୍ଧା ୩୨ଟି ଶିକ୍ଷାଗତ ଡିଗ୍ରୀ ହାସଲ କରିଛନ୍ତି ଓ ନିକଟରେ ଇନ୍ଦିରା ଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱବିଦ୍ୟାଳୟର ହମିରପୁର ଅଧ୍ୟୟନ କେନ୍ଦ୍ରରେ ସଂସ୍କୃତରେ ସ୍ନାତକୋତ୍ତର ପରୀକ୍ଷା ଦେଇଛନ୍ତି।

ମିଲ୍ଖି ରାମ ୧୯୭୬ରେ ସ୍ନାତକ ହାସଲ କରିଥିଲେ ଓ ବନ ବିଭାଗରେ ଚାକିରି କରିଥିଲେ। ଏହା ସତ୍ତ୍ୱେ ସେ ଶିକ୍ଷାରୁ ବିରତ ହୋଇ ନ ଥିଲେ। ୨୦୧୦ରେ ଗ୍ରେଡ୍-୧ ଅଧିକାରୀ ଭାବେ ଅବସର ନେବା ବେଳକୁ ସେ ୨୬ଟି ଡିଗ୍ରୀ ହାସଲ କରିସାରିଥିଲେ। ସେ ବିଏଡ୍, ଏଲ୍ଏଲ୍ବି, ସାମ୍ବାଦିକତା, ଏମ୍ବିଏ, ଏମ୍ଫିଲ୍, ହିନ୍ଦୀରେ ପିଏଚ୍ଡି ସମେତ ଅନେକ ଡିଗ୍ରୀ ପାଇ ସାରିଛନ୍ତି। ସେ କହିଛନ୍ତି ଯେ ଶିକ୍ଷା ଏମିତି ଏକ ସମ୍ପଦ, ଯାହାକୁ କେହି କେବେ ଛଡ଼ାଇ ନେଇପାରିବେ ନାହିଁ। ଯୁବପିଢ଼ି ଜ୍ଞାନାର୍ଜନକୁ ▶ପୃଷ୍ଠା-୧୦



## ସିଆର୍ଇଏ ରିପୋର୍ଟ

# ଆଗକୁ ଭୟଙ୍କର ବିପଦ

## ଆସନ୍ତା ବର୍ଷ ୧୮ ଟେରାୱାଟ ବିଜୁଳି ନିଅଣ୍ଟ ଆଶଙ୍କା

■ ନୂଆଦିଲ୍ଲୀ, ୭।୭ (ଏଜେନ୍ସି): ଜଳବାୟୁ ପରିବର୍ତ୍ତନର ବଢ଼ୁଥିବା ପ୍ରଭାବ ମଧ୍ୟରେ 'ସୁପର ଏଲ୍-ନିନୋ' ଭାରତର ବିଦ୍ୟୁତ୍ କ୍ଷେତ୍ର ପାଇଁ ଏକ ବଡ଼ ଚ୍ୟାଲେଞ୍ଜ ସୃଷ୍ଟି କରିପାରେ। ଯଦି ଶକ୍ତିଶାଳୀ ଏଲ୍-ନିନୋ ପରିସ୍ଥିତି ସୃଷ୍ଟି ହୁଏ, ତେବେ ୨୦୨୭ ସୁଦ୍ଧା ଭାରତରେ ପ୍ରାୟ ୧୮ ଟେରାୱାଟ୍ (ଟିଡ଼ବ୍ଲ୍ୟୁଏଚ୍) ବା ୧୮ ବିଲିଅନ କିଲୋୱାଟ ବିଦ୍ୟୁତ୍ ନିଅଣ୍ଟ ଦେଖାଦେବାର ଆଶଙ୍କା ରହିଛି। ଏହାର ପରିଣାମ ସ୍ୱରୂପ କୋଇଲା ବ୍ୟବହାର ଓ ଅଙ୍ଗାର ନିର୍ଗମନ ଯୋଗୁଁ ଅତ୍ୟଧିକ ଉତ୍ତାପଜନିତ ସ୍ୱାସ୍ଥ୍ୟ ସମସ୍ୟା ବଢ଼ିପାରେ।




ସେଣ୍ଟର ଫର୍ ରିସର୍ଚ୍ଚ ଅନ୍ ଏନର୍ଜି ଆଣ୍ଡ କ୍ଲିନ୍ ଏୟାର (ସିଆର୍ଇଏ) ରିପୋର୍ଟ ଅନୁସାରେ ଜୁଲାଇ ୨୦୨୬ରୁ ଜୁନ୍ ୨୦୨୭ ମଧ୍ୟରେ ଏଲ୍ନିନୋ ପ୍ରଭାବ ଯୋଗୁଁ କେବଳ ଶୀତଳୀକରଣ (କୁଲିଂ) ପାଇଁ ପ୍ରାୟ ୧୦ ଟେରାୱାଟ୍-ଘଣ୍ଟା (ଟିଡ଼ବ୍ଲ୍ୟୁଏଚ୍) ଅତିରିକ୍ତ ବିଦ୍ୟୁତ ଆବଶ୍ୟକ ହୋଇପାରେ। ଏହା ଦିଲ୍ଲୀର ବାର୍ଷିକ ବିଦ୍ୟୁତ ବ୍ୟବହାରର ପ୍ରାୟ ଏକ-ଚତୁର୍ଥାଂଶ ସହ ସମାନ। ବଢ଼ୁଥିବା ଚାହିଦା ଓ କମୁଥିବା ଉତ୍ପାଦନକୁ ମିଶାଇଲେ ଦେଶରେ ପ୍ରାୟ ୧୮ ଟେରାୱାଟ୍-ଘଣ୍ଟା ବିଦ୍ୟୁତ ନିଅଣ୍ଟ ସୃଷ୍ଟି ହେବାର ଆଶଙ୍କା ରହିଛି। ଏହି ନିଅଣ୍ଟ ଭରଣା ପାଇଁ ଦେଶକୁ କୋଇଲା ଭିତ୍ତିକ ତାପଜ ବିଦ୍ୟୁତ କେନ୍ଦ୍ର ଉପରେ ଅଧିକ ନିର୍ଭର କରିବାକୁ ପଡ଼ିବ ଏବଂ ଏଥିରୁ ପ୍ରାୟ ୧୭ ନିୟୁତ ଟନ୍ କାର୍ବନ ଡାଇଅକ୍ସାଇଡ୍ (ସିଓ୨) ବାୟୁମଣ୍ଡଳକୁ ନିର୍ଗମନ ହେବାର ସମ୍ଭାବନା ରହିଛି। ସବୁଠାରୁ ଗୁରୁତର ପରିସ୍ଥିତିରେ ଅତିରିକ୍ତ ୨୪ ଟେରାୱାଟ୍-ଘଣ୍ଟା କୋଇଲା ଆଧାରିତ ବିଦ୍ୟୁତ ଉତ୍ପାଦନର ଆବଶ୍ୟକତା ପଡ଼ିପାରେ ବୋଲି ରିପୋର୍ଟରେ କୁହାଯାଇଛି।

ଏଲ୍-ନିନୋ ସମୟରେ ତାପମାତ୍ରା ସାଧାରଣ ସ୍ତରଠାରୁ ଅଧିକ ରହିଥାଏ। ଫଳରେ ଏୟାର କଣ୍ଡିସନର, କୁଲର ଓ ଅନ୍ୟାନ୍ୟ ଶୀତଳୀକରଣ ଉପକରଣର ବ୍ୟବହାର ବଢ଼ିଯାଏ, ଯାହା ବିଦ୍ୟୁତ୍ ଚାହିଦାକୁ ଦ୍ରୁତ ଗତିରେ ବୃଦ୍ଧି କରିଥାଏ। ପୁଣି ବର୍ଷାରେ ଅନିୟମିତତା ଯୋଗୁଁ ଜଳବିଦ୍ୟୁତ୍ ଉତ୍ପାଦନ ମଧ୍ୟ ପ୍ରଭାବିତ ହୋଇପାରେ। ଏହି ଦୁଇ କାରଣ ଯୋଗୁଁ ବିଦ୍ୟୁତ୍ ଯୋଗାଣ ଓ ଚାହିଦା ମଧ୍ୟରେ ବଡ଼ ବ୍ୟବଧାନ ସୃଷ୍ଟି କରିପାରେ। ବିଦ୍ୟୁତ୍ ନିଅଣ୍ଟ ପୂରଣ ପାଇଁ ଦେଶକୁ କୋଇଲା ଆଧାରିତ ବିଦ୍ୟୁତ୍ କେନ୍ଦ୍ର ଉପରେ ଅଧିକ ନିର୍ଭର କରିବାକୁ ପଡ଼ିପାରେ। ଏହା ଫଳରେ କୋଇଲା ବ୍ୟବହାର ବଢ଼ିବା ସହ ଅଙ୍ଗାର ନିର୍ଗମନ ମଧ୍ୟ ବୃଦ୍ଧି ପାଇବ। ▶ପୃଷ୍ଠା-୧୦

## ୱାୟନାଡ୍‌ରେ ଭୂସ୍ଖଳନ; ୫ ମୃତ



ସୁଡ଼ଙ୍ଗ ନିର୍ମାଣ ସ୍ଥଳରେ ଧସିଲା ଅତଡ଼ା, ୧୦ ନିଖୋଜ

■ ୱାୟାନାଡ, ୭।୭ (ଏଜେନ୍ସି): କେରଳର ୱାୟାନାଡ ଜିଲ୍ଲାରେ ପ୍ରବଳ ବର୍ଷା ଯୋଗୁଁ ଭୟଙ୍କର ଭୂସ୍ଖଳନ ଘଟି ୫ ଜଣ ପ୍ରାଣ ହରାଇଛନ୍ତି ଏବଂ ଅନେକ ଲୋକ ମାଟି ତଳେ ଚାପି ହୋଇ ରହିଥିବା ଆଶଙ୍କା କରାଯାଉଛି। ଗତରାତିରୁ ଜାରି ରହିଥିବା ମୂଷଳଧାରା ବର୍ଷା ଆଜି ସକାଳେ ଏହି ବିପର୍ଯ୍ୟୟର ରୂପ ନେଇଛି। କଲ୍ଲାଡି ଅଞ୍ଚଳର ମୀନାକ୍ଷୀ ବ୍ରିଜ୍ ନିକଟରେ ଥିବା ଆନାକୋମ୍ପୋୟିଲ୍-ମେପାଡି ସୁଡ଼ଙ୍ଗ ପଥ ପ୍ରକଳ୍ପ ସ୍ଥଳରେ ଭୂସ୍ଖଳନ ଘଟିଛି। ଏହି ସୁଡ଼ଙ୍ଗ ପଥଟି ମାଲାପୁରମ୍ ଏବଂ ୱାୟାନାଡ ଜିଲ୍ଲାକୁ ସଂଯୋଗ କରିବା ପାଇଁ ନିର୍ମାଣ କରାଯାଉଥିଲା। ସେଠାରେ ଅନେକ ନିର୍ମାଣ ଶ୍ରମିକ ଉପସ୍ଥିତ ଥିଲେ।

ଗତ ୨୪ ଘଣ୍ଟା ମଧ୍ୟରେ ଏହି ଅଞ୍ଚଳରେ ପ୍ରାୟ ୨୬୫ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। କମ୍ ସମୟରେ ଏତେ ପରିମାଣରେ ବର୍ଷା ଏହି ପ୍ରଳୟଙ୍କରୀ ଭୂସ୍ଖଳନର ମୁଖ୍ୟ କାରଣ ବୋଲି କୁହାଯାଉଛି। ବିପର୍ଯ୍ୟୟ ପରେ ତୁରନ୍ତ ଏନ୍ଡିଆର୍ଏଫ୍ ଏବଂ ଅଗ୍ନିଶମ ବାହିନୀ ପକ୍ଷରୁ ଉଦ୍ଧାର କାର୍ଯ୍ୟ ଆରମ୍ଭ କରାଯାଇଛି। କେରଳ ରାଜସ୍ୱ ମନ୍ତ୍ରୀ ଏପି. ଅନିଲ କୁମାରଙ୍କ ଅନୁଯାୟୀ ଉଦ୍ଧାରକାର୍ଯ୍ୟ ଯୁଦ୍ଧକାଳୀନ ଭିତ୍ତିରେ ଚାଲିଛି। ବର୍ତ୍ତମାନ ସୁଦ୍ଧା ୬ ରୁ ୮ ଜଣ ଆହତଙ୍କୁ ଉଦ୍ଧାର କରାଯାଇ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ମାତ୍ର ପ୍ରାୟ ୭ ରୁ ୧୦ ଜଣ ଏବେ ମଧ୍ୟ ନିଖୋଜ ଅଛନ୍ତି। ମୁଖ୍ୟମନ୍ତ୍ରୀ ଭିଡି. ସତୀଶନ ଏକ ଜରୁରୀକାଳୀନ ବୈଠକ କରି ସ୍ଥିତିର ସମୀକ୍ଷା କରିଛନ୍ତି। କେରଳ ମନ୍ତ୍ରୀ ଟି. ସିଦ୍ଦିକ ଏହାକୁ ଏକ ମଣିଷକୃତ ଭୂସ୍ଖଳନ ବୋଲି ଅଭିହିତ କରି କୋଙ୍କଣ ରେଳବାଇ ଏବଂ ଠିକାଦାରଙ୍କୁ ଏଥିପାଇଁ ଦାୟୀ କରିଛନ୍ତି। ୨୦୨୪ରେ ୱାୟାନାଡ଼ରେ ଭୂସ୍ଖଳନ ଯୋଗୁଁ ୩୦୦ ଲୋକ ପ୍ରାଣ ହରାଇଥିଲେ।



ବିଜୁଙ୍କ ଯୋଗୁଁ ଭାରତ-ଇଣ୍ଡୋନେସିଆ ସମ୍ପର୍କ ନିବିଡ଼

ବିଜୁଙ୍କୁ ଇଣ୍ଡୋନେସିଆ ଦେଇଛି 'ଭୂମିପୁତ୍ର' ସମ୍ମାନ

## ଇଣ୍ଡୋନେସିଆରେ ବିଜୁଙ୍କ ମହାନତା ବଖାଣିଲେ ମୋଦୀ

■ ଭୁବନେଶ୍ୱର, ୭।୭ (ସମିସ): ମହାନ ସ୍ୱାଧୀନତା ସଂଗ୍ରାମୀ ପ୍ରବାଦ ପୁରୁଷ ବିଜୟାନନ୍ଦ(ବିଜୁ) ପଟ୍ଟନାୟକଙ୍କ ଦେଶପ୍ରେମ, ବୀରତ୍ୱ ଗାଥା ସମଗ୍ର ଦେଶରେ ଆଜିବି ଶ୍ରଦ୍ଧାର ସହ ଉଚ୍ଚାରଣ କରାଯାଏ। ଭାରତର ସ୍ୱାଧୀନତା ସହ ଇଣ୍ଡୋନେସିଆର ସ୍ୱାଧୀନତା ସଂଗ୍ରାମରେ ତାଙ୍କର ଭୂମିକାକୁ ଆଜି ବି ଇଣ୍ଡୋନେସିଆବାସୀ ସମ୍ମାନର ସହ ମନେ ପକାନ୍ତି। ଇଣ୍ଡୋନେସିଆ ଗସ୍ତ ଅବସରରେ ଭାରତ-ଇଣ୍ଡୋନେସିଆର ସମ୍ପର୍କକୁ ନିବିଡ଼ କରିବାରେ ବିଜୁଙ୍କ ଅବଦାନକୁ ସ୍ମରଣ କରିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ। ରାଜଧାନୀ ଜାକର୍ତ୍ତାରେ ଇଣ୍ଡୋନେସିଆ ସଂସଦକୁ ସମ୍ବୋଧିତ କରି ବିଜୁ ବାବୁଙ୍କ ଅଦମ୍ୟ ସାହସ ଯୋଗୁଁ ଉଭୟ ଭାରତ ଏବଂ ଇଣ୍ଡୋନେସିଆ ନିକଟତର ହୋଇପାରିଥିଲେ ବୋଲି ଉଲ୍ଲେଖ କରି ଇଣ୍ଡୋନେସିଆ ମୁକ୍ତି ସଂଗ୍ରାମରେ ବିଜୁ ବାବୁଙ୍କର ଭୂମିକାକୁ ପ୍ରଧାନମନ୍ତ୍ରୀ ଉଚ୍ଚ ପ୍ରଶଂସା କରିଛନ୍ତି।

ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି ଯେ ଉଭୟ ରାଷ୍ଟ୍ର ପ୍ରାୟ ସମାନ ସମୟରେ ସ୍ୱାଧୀନତା ପାଇଥିଲେ। ୧୯୪୫ରେ ଇଣ୍ଡୋନେସିଆ ସ୍ୱାଧୀନ ହୋଇଥିଲା ଓ ୧୯୪୭ରେ ଭାରତ ପରାଧୀନତାରୁ ମୁକ୍ତ ହୋଇଥିଲା। ଯେତେବେଳେ ସ୍ୱାଧୀନ ରାଷ୍ଟ୍ର ଭାବରେ ସାର୍ବଭୌମତ୍ୱର କଥା ଆସିଲା, ଭାରତ ଜାତିସଂଘରେ ଇଣ୍ଡୋନେସିଆର ସ୍ୱାଧୀନତା ଆନ୍ଦୋଳନକୁ ସମର୍ଥନ କରିବାରେ ଏକ ଦୃଢ଼ ସ୍ୱର ପାଲଟିଥିଲା। ଇଣ୍ଡୋନେସିଆର ସ୍ୱାଧୀନତା ଆନ୍ଦୋଳନ ସମୟରେ ଆଦରଣୀୟ ବିଜୁ ପଟ୍ଟନାୟକ ଯେଉଁ ଭୂମିକା ଗ୍ରହଣ କରିଥିଲେ, ଯେପରି ତତ୍କାଳୀନ ପ୍ରଧାନମନ୍ତ୍ରୀ ସୁତାନ ସାହାରିୟର ଏବଂ ଉପରାଷ୍ଟ୍ରପତି ମହମ୍ମଦ ହଟ୍ଟାଙ୍କୁ ସୁରକ୍ଷିତ ଭାବରେ ଉଦ୍ଧାର କରି ଭାରତ ଆଣିଥିଲେ, ତାହା ଅତ୍ୟନ୍ତ ସାହସିକ ଥିଲା। ଏହାଦ୍ୱାରା ଦୁଇ ରାଷ୍ଟ୍ର ନିକଟତର ହୋଇଥିଲେ ବୋଲି ▶ପୃଷ୍ଠା-୧୦

## ଜମି କିଣା ବିକା: ନଗଦ କାରବାରରେ ଲାଗିବ ଅଙ୍କୁଶ

■ଭୁବନେଶ୍ୱର, ୭।୭ (ସମିସ): ରାଜ୍ୟରେ ସମସ୍ତ ଜମି କିଣା ବିକାକୁ ସମ୍ପୂର୍ଣ୍ଣ କ୍ୟାସ୍‌ଲେସ କରାଯିବ। ନଗଦ ଟଙ୍କାରେ ଜମି କିଣାବିକା ହୋଇ ପାରିବ ନାହିଁ। ଏଥିପାଇଁ ଯୋଜନା ହୋଇଛି ବୋଲି ସୂଚନା ଦେଇଛନ୍ତି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ।

ମନ୍ତ୍ରୀ କହିଛନ୍ତି ଯେ ଏଣିକି ରାଜ୍ୟରେ ଜମି କିଣା ବିକା ସମ୍ପୂର୍ଣ୍ଣ କ୍ୟାସଲେସ ହେବ। କିଣାବିକା ସମୟରେ ନଗଦରେ ଗୋଟିଏ ପଇସା ବି କାରବାର ହୋଇ ପାରିବ ନାହିଁ। ପୂର୍ବରୁ ୧୫ ହଜାର ଯାଏଁ ନଗଦ କାରବାର ବ୍ୟବସ୍ଥା ଥିଲା। ମାତ୍ର ଏବେ ତାହାକୁ ହଟାଇବାକୁ ନିଷ୍ପତ୍ତି ନିଆଯାଇଛି। ଜମି ପଞ୍ଜୀକରଣ କାର୍ଯ୍ୟାଳୟକୁ ଦଲାଲ ମୁକ୍ତ କରିବାକୁ ଏଭଳି ପଦକ୍ଷେପ ଗ୍ରହଣ କରାଯାଇଛି। ଯଦି କେହି ନିୟମକୁ ଉଲ୍ଲଂଘନ କରୁଥିବାର ନଜର ଆସନ୍ତି, ତେବେ ସେମାନଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବ। ସେହିପରି ଜମି କିଣା ବିକା ପାଇଁ ଆଉ ବାରମ୍ବାର ରେଜିଷ୍ଟ୍ରେସନ ଅଫିସକୁ ଆସିବାକୁ ପଡ଼ିବନି। କେବଳ ଜମି ମାଲିକ ଚିହ୍ନଟ ପାଇଁ ଯିବାକୁ ହେବ। ରେଜିଷ୍ଟ୍ରେସନ ପରେ ଦଲିଲ ମଧ୍ୟ ଅନଲାଇନରେ ପାଇବେ। ଏନେଇ ରାଜସ୍ୱ ବିଭାଗ ପକ୍ଷରୁ ଖୁବଶୀଘ୍ର ଏସଓପି ଜାରି ହେବ। ଏହାସହ ରାଜସ୍ୱ ଅଧିକାରୀଙ୍କୁ ସ୍ୱତନ୍ତ୍ର ଟ୍ରେନିଂ ମଧ୍ୟ ଦିଆଯିବ ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି।

## ବିକାଶ ଓ ପରିବେଶ ପରସ୍ପରର ପରିପୂରକ: ମୁଖ୍ୟମନ୍ତ୍ରୀ



■ ଭୁବନେଶ୍ୱର, ୭।୭ (ସମିସ): ବିକାଶ ଓ ପରିବେଶ ପରସ୍ପରର ପରିପୂରକ। ବିଶ୍ୱବ୍ୟାପୀ ଜଳବାୟୁ ପରିବର୍ତ୍ତନ ଓ ବିକଟ ଗ୍ରୀଷ୍ମ ଲହରର ମୁକାବିଲା ପାଇଁ ବ୍ୟାପକ ବୃକ୍ଷରୋପଣ ହିଁ ଏକମାତ୍ର ଦୀର୍ଘକାଳୀନ ସମାଧାନ। ଏହି ଦୂରଦର୍ଶୀ ଆଭିମୁଖ୍ୟ ସହ ବନ ସୁରକ୍ଷା ଓ ସବୁଜବଳୟ ସୃଷ୍ଟିରେ ଓଡ଼ିଶା ଆଜି ସାରା ଦେଶରେ ଏକ ଅଗ୍ରଣୀ ରାଜ୍ୟ ଭାବେ ନିଜକୁ ପ୍ରତିଷ୍ଠିତ କରିପାରିଛି। ବିଗତ ଦୁଇ ବର୍ଷ ମଧ୍ୟରେ ରାଜ୍ୟରେ ୫୫୮ ବର୍ଗ କିଲୋମିଟର ବନ ଓ ବୃକ୍ଷ ଆବରଣ ବୃଦ୍ଧି ପାଇଛି, ଯାହା ଫଳରେ ସମଗ୍ର ଭାରତବର୍ଷରେ ଓଡ଼ିଶା ଆଜି ଗୌରବଜନକ ତୃତୀୟ ସ୍ଥାନ ଅଧିକାର କରିଛି ବୋଲି କପିଳେଶ୍ୱର ଠାରେ ଆୟୋଜିତ ରାଜ୍ୟସ୍ତରୀୟ ବନ ମହୋତ୍ସବରେ କହିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ।

ଏହି ଅବସରରେ ସେ କହିଛନ୍ତି ଯେ ରାଜ୍ୟର ନଦୀଗୁଡ଼ିକୁ ଚିରସ୍ରୋତା କରିବା ପାଇଁ "ସବୁଜ ମହାନଦୀ ମିଶନ' ଅଧୀନରେ

୭ ପ୍ରମୁଖ ନଦୀ ପାର୍ଶ୍ୱରେ କରାଯିବ ଚାରାରୋପଣ

ମହାନଦୀ, ତେଲ୍, ଇବ୍, ବ୍ରାହ୍ମଣୀ, ଋଷିକୁଲ୍ୟା, ବୈତରଣୀ ଓ ବଂଶଧାରା ନଦୀ ପାର୍ଶ୍ୱରେ ୧.୫ କିଲୋମିଟର ପ୍ରଶସ୍ତ ସବୁଜ ବଳୟ ସୃଷ୍ଟି କରାଯାଉଛି। ୨୦୨୫-୨୬ ଆର୍ଥିକ ବର୍ଷରେ ୭୭୪ ହେକ୍ଟର ଅଞ୍ଚଳରେ ୫.୬୫ ଲକ୍ଷ ଚାରା ରୋପଣ କରାଯାଇଥିବା ବେଳେ ୨୦୨୬-୨୭ ବର୍ଷରେ ୨୭୦୨ ହେକ୍ଟର ଅଞ୍ଚଳରେ ▶ପୃଷ୍ଠା-୧୦

## ୧୬ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରେ ଜନଗଣନା ପ୍ରସ୍ତୁତି

# ଜାତି ଲେଖିବା ଲାଗି 'ଓପନ୍ କଲମ୍'

■ ନୂଆଦିଲ୍ଲୀ, ୭।୭ (ଏଜେନ୍ସି): ଦେଶର ୧୬ଟି ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରେ ଆରମ୍ଭ ହୋଇଛି ଜନଗଣନାର ଦ୍ୱିତୀୟ ପର୍ଯ୍ୟାୟ ପାଇଁ ପୂର୍ବାଭ୍ୟାସ (ରିହର୍ସାଲ) । ପ୍ରଥମଥର ପାଇଁ ଜନଗଣନା ଫର୍ମରେ ନାଗରିକମାନେ ନିଜ ଜାତିର ନାମ ନିଜେ ଲେଖିବା ପାଇଁ ଏକ 'ଓପନ୍ କଲମ୍' ବ୍ୟବସ୍ଥା ରଖାଯାଇଛି। ଏହା ଦ୍ୱାରା ଲୋକମାନେ କୌଣସି ପୂର୍ବନିର୍ଦ୍ଧାରିତ ତାଲିକାରେ ସୀମିତ ନ ରହି ନିଜ ଜାତିର ପରିଚୟ ଉଲ୍ଲେଖ କରିପାରିବେ।

ଜାତିଗତ ଜନଗଣନାକୁ ନେଇ ଦୀର୍ଘ ଦିନ ଧରି ରାଜନୈତିକ ଓ ସାମାଜିକ ସ୍ତରରେ ଚର୍ଚ୍ଚା ହୋଇଆସୁଛି। ଦେଶର ବିଭିନ୍ନ ଜାତି ଓ ଉପଜାତିର ପ୍ରକୃତ ଜନସଂଖ୍ୟା ସମ୍ପର୍କରେ ନିର୍ଦ୍ଦିଷ୍ଟ ଓ ସର୍ବଶେଷ ତଥ୍ୟ ନଥିବାରୁ ସାମାଜିକ ନ୍ୟାୟ, ସଂରକ୍ଷଣ ନୀତି ଏବଂ କଲ୍ୟାଣମୂଳକ ଯୋଜନାର ପ୍ରଭାବଶାଳୀ କାର୍ଯ୍ୟାନ୍ୱୟନରେ ସମସ୍ୟା ସୃଷ୍ଟି ହେଉଛି ବୋଲି ବିଭିନ୍ନ ସମୟରେ ଅଭିଯୋଗ ହେଉଛି। ଏପରିସ୍ଥିତିରେ ଜାତିଗତ ତଥ୍ୟ ସଂଗ୍ରହକୁ ଅନେକ ଐତିହାସିକ ପଦକ୍ଷେପ ବୋଲି ବର୍ଣ୍ଣନା କରୁଛନ୍ତି। ଜାତିଗତ ଜନଗଣନାରୁ ମିଳିବାକୁ ଥିବା ତଥ୍ୟ ଭବିଷ୍ୟତରେ ସାମାଜିକ ନ୍ୟାୟ, ସଂରକ୍ଷଣ ନୀତି, ଶିକ୍ଷା, ସ୍ୱାସ୍ଥ୍ୟ, ନିଯୁକ୍ତି ଓ ବିଭିନ୍ନ କଲ୍ୟାଣକାରୀ ଯୋଜନା ପ୍ରସ୍ତୁତିରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇପାରେ। ତେଣୁ ଏହି ପୂର୍ବାଭ୍ୟାସକୁ ଦେଶର ଆଗାମୀ ଜନଗଣନା ପ୍ରକ୍ରିୟାର ଏକ ମାଇଲଖୁଣ୍ଟ ବୋଲି ଦେଖାଯାଉଛି।

ଅନ୍ୟପକ୍ଷରେ ବିଶେଷଜ୍ଞ ଓ ସାମାଜିକ ବିଶ୍ଳେଷକମାନେ ଏହି ପ୍ରକ୍ରିୟା ଉପରେ ସତର୍କ ଭାବରେ କାର୍ଯ୍ୟ କରିବା ଉପରେ ଗୁରୁତ୍ୱ ଦେଇଛନ୍ତି। ଯଦି ଜାତିର ନାମ ଲେଖିବା ପାଇଁ ଖୋଲା କଲମ୍ ରହିବ, ତେବେ ବିଭିନ୍ନ ବନାନ, ସ୍ଥାନୀୟ ନାମ ଓ ଉପଜାତିର ଭିନ୍ନ ଭିନ୍ନ ପରିଚୟ ଯୋଗୁଁ ତଥ୍ୟର ଶ୍ରେଣୀକରଣ ଏକ ବଡ଼ ଚ୍ୟାଲେଞ୍ଜ ହୋଇପାରେ। ତେଣୁ ସଂଗୃହୀତ ତଥ୍ୟର ଯାଞ୍ଚ, ମାନକୀକରଣ ଓ ବିଶ୍ଳେଷଣ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା କରିବାକୁ ପଡ଼ିବ।

## ପଞ୍ଚାୟତ ଗୃହ ନିର୍ମାଣ ନ ହେବା ପ୍ରତିବାଦ

# ୧୦କିମି ଚାଲି ଚାଲି ଘେରିଲେ ବିଧାୟକଙ୍କ ଘର

■ ବେତନଟୀ, ୭।୭ (ସମିସ): ଦୁଇଦୁଇଥର ବିଧାୟକ ଭାବେ ନିର୍ବାଚିତ ହୋଇ ମଧ୍ୟ ଜନସାଧାରଣଙ୍କ ନ୍ୟାଯ୍ୟ ଦାବି ପୂରଣ କରି ନପାରି ବଡ଼ସାହି ବିଧାୟକ ସନାତନ ବିଜୁଳିଙ୍କୁ ଆଜି ହଟହଟା ହେବାକୁ ପଡିଛି। ବଡ଼ସାହି ବିଧାନସଭା ନିର୍ବାଚନ ମଣ୍ଡଳୀର କେନ୍ଦୁଆ ପଞ୍ଚାୟତର ଶତାଧିକ ପୁରୁଷ ମହିଳା ମଙ୍ଗଳବାର ୧୦ କିଲୋମିଟର ଚାଲିଚାଲି ବାଲେଶ୍ୱର ସୀମାନ୍ତ କଳମାସ୍ଥିତ ବିଧାୟକଙ୍କ ବାସଭବନରେ ପହଞ୍ଚିଥିଲେ। ତେବେ ବିଧାୟକଙ୍କୁ ନପାଇ ସମସ୍ତେ ବିକ୍ଷୋଭ କରିବାର ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେବାରେ



ଲାଗିଛି। ଏହାକୁ ନେଇ ଲୋକେ ଡବଲ ଇଞ୍ଜିନ ସରକାରଙ୍କୁ ଟ୍ରୋଲ କରୁଛି।

ସୂଚନାଯୋଗ୍ୟ ଯେ ଅବିଭକ୍ତ ବୈଶିଙ୍ଗା ପଞ୍ଚାୟତ ଭାଗ ହୋଇ ୨୦୧୬ ମସିହାରେ କେନ୍ଦୁଆ ପଞ୍ଚାୟତ ସୃଷ୍ଟି ହୋଇଥିଲା। ବୈଶିଙ୍ଗା ପଞ୍ଚାୟତ କାର୍ଯ୍ୟାଳୟଟି ନୂତନ ଭାବେ ନିର୍ମିତ ରାଜୀବ ଗାନ୍ଧୀ ସେବା ଗୃହରେ କାର୍ଯ୍ୟକାରୀ ହେବା ପରେ ପୁରୁଣା ଗୃହରେ କେନ୍ଦୁଆ କାର୍ଯ୍ୟାଳୟ ଚାଲୁ ରହିଛି। ବେତନଟୀ ବ୍ଲକ ଅଧୀନରେ ଆଉ ଗୋଟିଏ ସନ୍ତରା ପଞ୍ଚାୟତ ଭାଙ୍ଗି ହାତୀଝୁରୀ ପଞ୍ଚାୟତ ସୃଷ୍ଟି ହୋଇଥିଲା। ଏହି ଦୁଇଟି ନୂତନ ପଞ୍ଚାୟତର ନୂତନ କାର୍ଯ୍ୟାଳୟ ଗୃହ ନିର୍ମାଣ ପାଇଁ ସରକାରଙ୍କ ତହବିଲରୁ ୩୫ ଲକ୍ଷ ଟଙ୍କା ଲେଖାଏଁ ମଞ୍ଜୁରୀ ମିଳିବା ପରେ ହାତୀଝୁରୀ ପଞ୍ଚାୟତ ଗୃହ ନିର୍ମାଣ

ଦେଖାଦେଲେନି ବଡ଼ସାହି ବିଧାୟକ

ହେଲା ସତ, ମାତ୍ର କେନ୍ଦୁଆ ପଞ୍ଚାୟତ ଗୃହ ନିର୍ମାଣ ହୋଇ ପାରିଲା ନାହିଁ। ବିଭିନ୍ନ ସମୟରେ ବିଭିନ୍ନ ସ୍ଥାନରେ ଗୃହ ପାଇଁ ସ୍ଥାନ ନିରୁପଣ ହୋଇଥିଲେ ମଧ୍ୟ ବିଧାୟକଙ୍କ ପ୍ରଥମ ପାଳିରେ ନିର୍ମିତ ହୋଇ ପାରିଲାନାହିଁ। ପରବର୍ତ୍ତୀ ସମୟରେ ବଡ଼ସାହି କ୍ଷେତ୍ରରେ ବିଧାୟକ ଭାବେ ସନାତନ ବିଜୁଳି ୨୦୨୪ରେ ଦ୍ୱିତୀୟ ବାର ନିର୍ବାଚିତ ହେବା ପରେ ନଭେମ୍ବରରେ ବୈଶିଙ୍ଗା ପଞ୍ଚାୟତ କାର୍ଯ୍ୟାଳୟ ପରିସର ମଧ୍ୟରେ ଏହି ଗୃହ ନିର୍ମାଣ ପାଇଁ ଭିତ୍ତି ପ୍ରସ୍ତର ସ୍ଥାପନ କରିଥିଲେ। ସମସ୍ତେ ଆଶା କରିଥିଲେ ଖୁବଶୀଘ୍ର ଗୃହ ନିର୍ମାଣ ହୋଇ ପାରିବ। ମାତ୍ର ଆଜି ପର୍ଯ୍ୟନ୍ତ ଏହାର ସମାଧାନ ହୋଇ ନ ପାରିବାରୁ ଆଜି ସକାଳ ୯ଟା ବେଳେ ଶତାଧିକ ମହିଳା, ପୁରୁଷ, ଶିଶୁ ଏକତ୍ରିତ ହୋଇ ବୈଶିଙ୍ଗା ପଞ୍ଚାୟତ କାର୍ଯ୍ୟାଳୟ ଠାରୁ ପଦଯାତ୍ରାରେ ୧୦ କିଲୋମିଟର ବାଟ ଚାଲିଚାଲି କଳମା ସ୍ଥିତ ବିଧାୟକଙ୍କ ବାସଭବନ ଆଗରେ ▶ପୃଷ୍ଠା-୧୦

## ସୋନମ ୱାଙ୍ଗଚୁକଙ୍କ ଆମରଣ ଅନଶନକୁ ପୂରିଲା ୧୦ ଦିନ

ନୂଆଦିଲ୍ଲୀ, ୭।୭(ଏଜେନ୍ସି): ଦିଲ୍ଲୀର ଯନ୍ତର ମନ୍ତରଠାରେ କକ୍ରୋଚ ଜନତା ପାର୍ଟି (ସିଜେପି) ପକ୍ଷରୁ ଚାଲିଥିବା ବିକ୍ଷୋଭ ପ୍ରଦର୍ଶନ ମଙ୍ଗଳବାର ୧୮ ଦିନରେ ପ୍ରବେଶ କରିଛି। ଏହି ଆନ୍ଦୋଳନ ପରୀକ୍ଷା ପରିଚାଳନାରେ ହୋଇଥିବା ଅନିୟମିତତା ପାଇଁ ଉତ୍ତରଦାୟିତ୍ୱ ନିର୍ଦ୍ଧାରଣ କରିବା ସହ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ଇସ୍ତଫା ଦାବି କରି କରାଯାଉଛି। ବିଶିଷ୍ଟ ସମାଜସେବୀ ତଥା ପରିବେଶବିତ୍ ସୋନମ ୱାଙ୍ଗଚୁକ ଆନ୍ଦୋଳନକୁ ସମର୍ଥନ କରିଛନ୍ତି। ପ୍ରତିବାଦ ସ୍ଥଳରେ ତାଙ୍କର ଆମରଣ ଅନଶନ ଆଜି



୧୦ମ ଦିନରେ ପହଞ୍ଚିଛି। ସିଜେପି ପ୍ରତିଷ୍ଠାତା ଅଭିଜିତ ଦିପକେ ସୋସିଆଲ ମିଡିଆରେ ଏକ୍ସରେ ଏ ବିଷୟରେ ସୂଚନା ଦେଇଛନ୍ତି। ଅନଶନ ଆରମ୍ଭ କରିବା ପରଠାରୁ ୱାଙ୍ଗଚୁକଙ୍କ ଓଜନ ୬ କେଜିରୁ ଅଧିକ ହ୍ରାସ ପାଇଛି ଏବଂ ତାଙ୍କର ରକ୍ତଚାପ ବହୁତ କମ୍ ରହୁଛି ବୋଲି ସେ କହିଛନ୍ତି। ସଂଯୁକ୍ତ କିଷାନ ମୋର୍ଚ୍ଚାର ଏକ ପ୍ରତିନିଧି ଦଳ ଯନ୍ତର ମନ୍ତର ପରିଦର୍ଶନ କରି ଏହି ଆନ୍ଦୋଳନକୁ ପୂର୍ଣ୍ଣ ସମର୍ଥନ ଜଣାଇଛନ୍ତି। କୃଷକ ସଂଗଠନ ପକ୍ଷରୁ କେନ୍ଦ୍ର ମନ୍ତ୍ରୀଙ୍କ ଇସ୍ତଫା ସମେତ ନ୍ୟାସନାଲ ଟେଷ୍ଟିଂ ଏଜେନ୍ସି (ଏନ୍‌ଟିଏ)କୁ ରଦ୍ଦ କରିବା, ପରୀକ୍ଷା ଦୁର୍ନୀତି ଯୋଗୁଁ ଆତ୍ମହତ୍ୟା କରିଥିବା ଛାତ୍ରଛାତ୍ରୀଙ୍କ ପରିବାରକୁ କ୍ଷତିପୂରଣ ଦେବା ଏବଂ ଦୋଷୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ଦାବି ଦୋହରାଯାଇଛି। ଅନ୍ୟପଟେ, ଅଲ ଇଣ୍ଡିଆ ଷ୍ଟୁଡେଣ୍ଟସ ଆସୋସିଏସନ (ଏଆଇଏସ୍ଏ) ର ସଦସ୍ୟମାନେ ମଧ୍ୟ ଏକ ପୃଥକ ମଞ୍ଚରେ ସେମାନଙ୍କର ଅନଶନ ଜାରି ରଖିଛନ୍ତି। ସେପଟେ ଆନ୍ଦୋଳନ ମଧ୍ୟରେ ସିଜେପି ପାଇଁ ଏକ ବଡ଼ ଆଶ୍ୱସ୍ତିର ଖବର ଆସିଛି। ଦିଲ୍ଲୀ ହାଇକୋର୍ଟ ସିଜେପିର ମୂଳ ଏକ୍ସ ହ୍ୟାଣ୍ଡେଲକୁ ପୁନଃସ୍ଥାପିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଉକ୍ତ ହ୍ୟାଣ୍ଡେଲକୁ ଗତ ମେ ମାସରେ ବନ୍ଦ କରାଯାଇଥିଲା। କେନ୍ଦ୍ର ସରକାର କୋର୍ଟଙ୍କୁ ଜଣାଇଥିଲେ ଯେ, ଜୁନ୍ ୨୧ରେ ନିଟ୍ ପୁନଃ-ପରୀକ୍ଷା ଶେଷ ହୋଇଥିବାରୁ ଏହି ପ୍ରତିବନ୍ଧକ ହଟାଇ ଦିଆଯାଇଛି। ଅଭିଜିତ ଦିପକେ ଏହାକୁ ବିଜୟ ଭାବେ ଘୋଷଣା କରିଛନ୍ତି।

**ସିଜେପିର ଏକ୍ସ ଆକାଉଣ୍ଟ ସକ୍ରିୟ କର: ହାଇକୋର୍ଟଙ୍କ ନିର୍ଦ୍ଦେଶ**

## ଜେଲ୍ ଗଲେ ୩୦୦ କୋଟିର ମାଲିକ ଡିଏସ୍‌ପି

ହାଇଦ୍ରାବାଦ, ୭।୭(ଏଜେନ୍ସି): ତେଲେଙ୍ଗାନାରେ ଜଣେ ବରିଷ୍ଠ ପୁଲିସ ଅଧିକାରୀଙ୍କ ବିପୁଳ ପରିମାଣର ଆୟ ବହିର୍ଭୂତ ସମ୍ପତ୍ତି ଠାବ ହୋଇଛି। ହାଇଦ୍ରାବାଦର ପୁଲିସ କମ୍ପ୍ୟୁଟର ସର୍ଭିସେସ (ପିସିଏସ୍) ରେ କାର୍ଯ୍ୟରତ ଡେପୁଟି ସୁପରିଣ୍ଟେଣ୍ଡେଣ୍ଟ ଅଫ ପୁଲିସ (ଡିଏସପି) ସଙ୍କିରେଡ୍ଡୀ ଭୀମ ରେଡ୍ଡୀଙ୍କୁ ୩୦୦ କୋଟି ଟଙ୍କାର ବେଆଇନ ସମ୍ପତ୍ତି ମାମଲାରେ ତେଲେଙ୍ଗାନା ଦୁର୍ନୀତି ନିବାରଣ ବ୍ୟୁରୋ (ଏସିବି) ଗିରଫ କରିଛି। ଗତ ସୋମବାର ଏସିବି ଅଧିକାରୀମାନେ



ଭୀମ ରେଡ୍ଡୀଙ୍କୁ ତାଙ୍କ ଇବ୍ରାହିମବାଗ ସ୍ଥିତ ବାସଭବନରୁ ଗିରଫ କରିଥିଲେ। ଏହା ପୂର୍ବରୁ ଜୁଲାଇ ୨ରେ ତେଲେଙ୍ଗାନା ଏବଂ କର୍ଣ୍ଣାଟକର ପ୍ରାୟ ୧୬ଟି ସ୍ଥାନରେ ଏକକାଳୀନ ଚଢଉ କରାଯାଇଥିଲା। ଏହି ମାମଲାରେ ଏକ ହାତଲେଖା ବ୍ୟକ୍ତିଗତ ଡାଏରୀ ସବୁଠାରୁ ବଡ଼ ପ୍ରମାଣ ଭାବେ ସାମ୍ନାକୁ ଆସିଛି। ଚାରିଧାମ ଯାତ୍ରାରେ ଯିବା ପୂର୍ବରୁ ଭୀମ ରେଡ୍ଡୀ ଏହି ଡାଏରୀରେ ନିଜର ସମସ୍ତ ସମ୍ପତ୍ତି, ବିନିଯୋଗ ଏବଂ ବେନାମୀ ମାଲିକମାନଙ୍କର ବିବରଣୀ ଲିପିବଦ୍ଧ କରିଥିଲେ। ଡାଏରୀର ଏକ ସ୍କାନ କପି ନିଜ ପୁଅମାନଙ୍କ ସହ ହ୍ୱାଟସଆପ୍‌ରେ ମଧ୍ୟ ସେୟାର କରିଥିଲେ। ତାହାହିଁ ତଦନ୍ତକାରୀ ସଂସ୍ଥାକୁ ବିଭିନ୍ନ ସମ୍ପତ୍ତିର ଖୋଜ୍ ଖବର ପାଇବାରେ ସାହାଯ୍ୟ କରିଥିଲା। ତଦନ୍ତ ବେଳେ ଭୀମଙ୍କ ଘରୁ ୩.୬୦ ଲକ୍ଷ ଟଙ୍କା ଏବଂ ତାଙ୍କର ଏକ ବେନାମୀ ଘରୁ ୪୦ ଲକ୍ଷ ଟଙ୍କା ମିଳିଛି। ଏହା ବ୍ୟତୀତ ୨ କିଲୋ ସୁନା ଏବଂ ୨୦ କିଲୋ ରୁପା ସହିତ ବ୍ୟାଙ୍କରେ ପ୍ରାୟ ୨୦ ଲକ୍ଷ ଟଙ୍କାର ବାଲାନ୍ସ ରହିଥିବା ଜଣାପଡ଼ିଛି। ଏହାସହ ହାଇଦ୍ରାବାଦର ବିଭିନ୍ନ ଅଞ୍ଚଳରେ ବିଳାସପୂର୍ଣ୍ଣ ଭିଲ୍ଲା, କମର୍ସିଆଲ କମ୍ପ୍ଲେକ୍ସ ଏବଂ ଏକାଧିକ ଆପାର୍ଟମେଣ୍ଟ, କର୍ଣ୍ଣାଟକରେ ପ୍ରାୟ ୪୪ ଏକର ଏବଂ ତେଲେଙ୍ଗାନାର ବିଭିନ୍ନ ସ୍ଥାନରେ ୧୦ ଏକରରୁ ଅଧିକ ଚାଷ ଜମି ଓ ପ୍ଲଟ୍, ଶ୍ରୀରାଘବେନ୍ଦ୍ର ରକ୍ ସ୍ୟାଣ୍ଡ ମିନେରାଲ୍ସ ନାମକ ଏକ ସଂସ୍ଥାରେ ୭୫ ଲକ୍ଷ ଟଙ୍କାର ନିବେଶ ରହିଥିବା ଜଣାପଡ଼ିଛି। ବର୍ତ୍ତମାନ ତାଙ୍କୁ ସ୍ୱତନ୍ତ୍ର ଏସିବି କୋର୍ଟରେ ହାଜର କରାଯିବା ନେଇ ପ୍ରକ୍ରିୟା ଜାରି ରହିଛି।

## ଚୀନରେ ପ୍ରଳୟଙ୍କରୀ ଝଡ଼ରେ ୮ ମୃତ

ବେଜିଂ, ୭।୭(ଏଜେନ୍ସି): ଚୀନରେ ପ୍ରବଳ ବର୍ଷା ଏବଂ ଝଡ଼ ଯୋଗୁଁ ବ୍ୟାପକ କ୍ଷୟକ୍ଷତି ଘଟିଥିବା ବେଳେ ୮ ଜଣଙ୍କର ମୃତ୍ୟୁ ହୋଇଛି। ଏହି ସଙ୍କଟ ସମୟରେ ସାମୁଦ୍ରିକ ବାତ୍ୟା 'ବାଭି' ଚୀନର ଉପକୂଳ ଆଡ଼କୁ ମାଡ଼ି ଆସୁଥିବାରୁ ସ୍ଥିତି ଅଧିକ ଗମ୍ଭୀର ହେବାର ଆଶଙ୍କା କରାଯାଉଛି। ଚୀନର ଜାତୀୟ ପାଣିପାଗ କେନ୍ଦ୍ର ପକ୍ଷରୁ ଜାରି ସୂଚନା ଅନୁଯାୟୀ, ଦକ୍ଷିଣ-ପୂର୍ବ ଅଞ୍ଚଳ ଗୁଆଙ୍ଗସି ଏବଂ ପୂର୍ବ ପ୍ରଦେଶ ଜିଆଙ୍ଗସୁ ଓ ଶାନଡୋଙ୍ଗରେ ଅତି ପ୍ରବଳରୁ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଏହି ପ୍ରଦେଶଗୁଡ଼ିକୁ ସମ୍ଭାବ୍ୟ ବିପତ୍ତି ପାଇଁ ସତର୍କ ରହିବାକୁ ଏବଂ ପ୍ରସ୍ତୁତ ରହିବାକୁ ନିର୍ଦ୍ଦେଶ ଦିଆଯାଇଛି।

## କେତନଙ୍କ ସହ ନିର୍ବନ୍ଧ ପରେ ଚେତନଙ୍କୁ ଗୁପ୍ତ ବିବାହ କରିଥିଲେ ସିୟା

ପୁନେ, ୭।୭(ଏଜେନ୍ସି): ପୁନେର ପ୍ରତିଷ୍ଠିତ ବ୍ୟବସାୟୀ କେତନ ଅଗ୍ରୱାଲଙ୍କ ମୃତ୍ୟୁ ମାମଲାରେ ଏକ ଚାଞ୍ଚଲ୍ୟକର ତଥ୍ୟ ସାମ୍ନାକୁ ଆସିଛି। ତଦନ୍ତରୁ ଜଣାପଡ଼ିଛି ଯେ, ମୁଖ୍ୟ ଅଭିଯୁକ୍ତ ସିୟା ଗୋୟଲ ତାଙ୍କ ନିର୍ବନ୍ଧ ପରେ ଏବଂ ହତ୍ୟାକାଣ୍ଡର ପ୍ରାୟ ୪ ମାସ ପୂର୍ବରୁ ନିଜ ପ୍ରେମିକ ଚେତନ ଚୌଧୁରୀଙ୍କୁ ଗୁପ୍ତରେ ବିବାହ କରିଥିଲେ। ୨୦ ବର୍ଷୀୟା ସିୟା ଏବଂ ୨୫ ବର୍ଷୀୟ କେତନଙ୍କ ବିବାହ ଆସନ୍ତା ନଭେମ୍ବରରେ ହେବାକୁ ସ୍ଥିର ହୋଇଥିଲା। କିନ୍ତୁ ଗତ ଫେବୃଆରୀରେ କେତନଙ୍କ ସହ ନିର୍ବନ୍ଧ ସରିବା ପରେ ସିୟା ନିଜ ପ୍ରେମିକ ଚେତନଙ୍କୁ ଏକ ସ୍ଥାନୀୟ ରେଜିଷ୍ଟ୍ରାର ଅଫିସରେ ବିବାହ କରିଥିବା ପୁଲିସ ସନ୍ଦେହ କରୁଛି। ପୁଲିସ ବର୍ତ୍ତମାନ ଏହି ବିବାହ ପ୍ରମାଣପତ୍ରର ସତ୍ୟାସତ୍ୟ ଯାଞ୍ଚ କରୁଛି। ଏପରି ହେଲେ କେତନଙ୍କ ସହ ହୋଇଥିବା ନିର୍ବନ୍ଧ ଆଇନଗତ ଭାବେ ଅବୈଧ ପ୍ରମାଣିତ ହେବ।

ଗତ ଜୁନ୍ ୧୮ ରେ ପୁନେର ଲୋହଗଡ଼ ଦୁର୍ଗ ବୁଲିବାକୁ ଯାଇଥିବା ସମୟରେ କେତନ ଏକ ପାହାଡ଼ ଉପରୁ ଖସିପଡ଼ି ପ୍ରାଣ ହରାଇଥିଲେ ବୋଲି ତାଙ୍କ ସହ ଥିବା ଭାବି ପତ୍ନୀ ସିୟା କହିଥିଲେ। ପରେ ସିୟା କେତନଙ୍କୁ ବିବାହ କରିବାକୁ ଚାହୁଁନଥିବାରୁ ଏହି ସମ୍ପୂର୍ଣ୍ଣ ହତ୍ୟାକାଣ୍ଡର ନକ୍ସା ପ୍ରସ୍ତୁତ କରିଥିଲେ ବୋଲି



ଜଣାପଡ଼ିଥିଲା। ହତ୍ୟା ଦିନ ପ୍ରେମିକ ଚେତନ ମଧ୍ୟ ସେମାନଙ୍କ ପଛେ ପଛେ ଯାଇ ଏହି ଯୋଜନାକୁ କାର୍ଯ୍ୟକାରୀ କରିବାରେ ସହାୟତା କରିଥିଲେ। ତେବେ ସିୟା ଓ ଚେତନଙ୍କ ବିବାହ ସମୟରେ ସାକ୍ଷୀ ଭାବେ ଦସ୍ତଖତ କରିଥିବା ସିୟାଙ୍କ ଦୁଇ କଲେଜ ବନ୍ଧୁଙ୍କୁ ପୁଲିସ ବର୍ତ୍ତମାନ ଜେରା କରୁଛି। ଏକ ବ୍ୟକ୍ତିଗତ ଇନଷ୍ଟାଗ୍ରାମ ଆକାଉଣ୍ଟରୁ ଡିଲିଟ୍ ହୋଇଥିବା କିଛି ଫଟୋ ଉଦ୍ଧାର କରିବାକୁ ପୁଲିସର ଟେକ୍ନିକାଲ୍ ଟିମ୍ ପ୍ରୟାସ କରୁଛି। ଏହି ଫଟୋଗୁଡ଼ିକରେ ସିୟା ଏବଂ ଚେତନ ବରମାଳା ପିନ୍ଧିଥିବାର ଦେଖିବାକୁ ମିଳିଥିଲା ବୋଲି ସୂଚନା ମିଳିଛି। ଏହି ମାମଲାରେ ସିୟା ଏବଂ ଚେତନଙ୍କୁ ଗିରଫ କରାଯାଇ ଅଧିକ ତଦନ୍ତ ଜାରି ରହିଛି। ସେପଟେ କେତନଙ୍କ ପରିବାର ଏହି ଘଟଣାରେ ଗଭୀର ମର୍ମାହତ ହୋଇପଡ଼ିଛନ୍ତି। ନିକଟରେ ଦୁଃଖରେ ମ୍ରିୟମାଣ କେତନଙ୍କ ଜେଜେବାପାଙ୍କର ମଧ୍ୟ ହୃଦଘାତରେ ମୃତ୍ୟୁ ଘଟିଛି।

**ରାମ ମନ୍ଦିର ଚାନ୍ଦା ଚୋରି**

## ୧୨୪ କୋଟି ଖର୍ଚ୍ଚର ଯାଞ୍ଚ ହେବ

ଅଯୋଧ୍ୟା, ୭।୭ (ଏଜେନ୍ସି): ଶ୍ରୀରାମଜନ୍ମଭୂମି ତୀର୍ଥକ୍ଷେତ୍ର ଟ୍ରଷ୍ଟ ଦ୍ୱାରା ଆୟୋଜିତ ବିଭିନ୍ନ ହାଇ-ପ୍ରୋଫାଇଲ୍ କାର୍ଯ୍ୟକ୍ରମରେ ହୋଇଥିବା ୧୨୪ କୋଟିରୁ ଅଧିକ ଟଙ୍କାର ବ୍ୟୟକୁ ନେଇ ଏବେ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସ୍‌ଆଇଟି) ନିଜର ତଦନ୍ତ ପରିସରକୁ ବୃଦ୍ଧି କରିଛି। ଏହି ତଦନ୍ତରେ ମୁଖ୍ୟତଃ ଜାନୁଆରୀ ୨୦୨୪ର ପ୍ରାଣ ପ୍ରତିଷ୍ଠା ଉତ୍ସବ, ୨୦୨୫ ମହାକୁମ୍ଭର ବ୍ୟବସ୍ଥା ଏବଂ ନଭେମ୍ବର ୨୦୨୫ରେ ଅନୁଷ୍ଠିତ ପତାକା ଉତ୍ତୋଳନ ଉତ୍ସବର ଖର୍ଚ୍ଚ ସାମିଲ ରହିଛି। ପ୍ରତିଷ୍ଠା ଉତ୍ସବରେ ପ୍ରାୟ ୮, ୦୦୦ ଅତିଥି ଯୋଗ ଦେଇଥିଲେ। ଏସ୍‌ଆଇଟିର ସୂଚନା ଅନୁଯାୟୀ, ୨୨ ଜାନୁଆରୀ ୨୦୨୪ରେ ଅନୁଷ୍ଠିତ ରାମଲାଲାଙ୍କ ପ୍ରାଣ ପ୍ରତିଷ୍ଠା ଉତ୍ସବ ପାଇଁ ପ୍ରାୟ ୧୧୩ କୋଟି ଟଙ୍କା ଖର୍ଚ୍ଚ ହୋଇଥିଲା। ସେଥିମଧ୍ୟରେ ଶେଡ୍ ଏବଂ ଟେଣ୍ଟ ସିଟି ନିର୍ମାଣ ପାଇଁ ୩୫.୯୭ କୋଟି, ପ୍ରଚାର ଓ ବିଜ୍ଞାପନ ପାଇଁ ୨୧.୭୭ କୋଟି, ସାଜସଜ୍ଜା ଓ ଆଲୋକୀକରଣ ବାବଦକୁ ୧୪.୬୨ କୋଟି, ଖାଦ୍ୟ, ଅନ୍ନ ବଣ୍ଟନ ପାଇଁ ୫.୧୧ କୋଟି ଟଙ୍କା ବ୍ୟୟ ହୋଇଥିବା ଜଣାପଡ଼ିଛି। ଏସ୍‌ଆଇଟି ବର୍ତ୍ତମାନ ଗତ ଦୁଇ ବର୍ଷର ଆର୍ଥିକ ରେକର୍ଡଗୁଡ଼ିକର ଅଡିଟ୍ କରୁଛି। ନଭେମ୍ବର ୨୦୨୫ରେ ହୋଇଥିବା ପତାକା ଉତ୍ତୋଳନ ଉତ୍ସବ ପାଇଁ ୧୦.୧୨ କୋଟି ଟଙ୍କା ଖର୍ଚ୍ଚ ହୋଇଥିବା ଜଣାପଡ଼ିଛି। ଜଣେ ଅତିଥି ପିଛା ହାରାହାରି ୧୬, ୦୦୦ ଟଙ୍କା ବ୍ୟୟ ହୋଇଛି। ଏହା ବ୍ୟତୀତ ପ୍ରତିଷ୍ଠା ଦ୍ୱାଦଶୀ ପାଇଁ ୮୩ ଲକ୍ଷ ଏବଂ ମହାକୁମ୍ଭ ସମୟରେ ଶ୍ରଦ୍ଧାଳୁଙ୍କ ବ୍ୟବସ୍ଥା ପାଇଁ ୪୩ ଲକ୍ଷ ଟଙ୍କାର ଖର୍ଚ୍ଚ ମଧ୍ୟ ତଦନ୍ତ ପରିସରଭୁକ୍ତ। ତଦନ୍ତକାରୀ ଦଳ କେବଳ ନଗଦ ଖର୍ଚ୍ଚ ସହିତ ଶ୍ରଦ୍ଧାଳୁଙ୍କ ଦ୍ୱାରା ଦାନ କରାଯାଇଥିବା ମୂଲ୍ୟବାନ ଧାତୁର ମଧ୍ୟ ଯାଞ୍ଚ କରୁଛନ୍ତି। ଟ୍ରଷ୍ଟର ରେକର୍ଡ ଅନୁଯାୟୀ, ନଭେମ୍ବର ୨୦୨୪ରୁ ଫେବୃଆରୀ ୨୦୨୫ ମଧ୍ୟରେ ୨.୩ କିଲୋଗ୍ରାମ ସୁନା ଏବଂ ୮୩.୩ କିଲୋଗ୍ରାମ ରୁପା ଦାନ ଆକାରରେ ମିଳିଥିଲା। ମହାକୁମ୍ଭ ସମୟରେ ଅତିରିକ୍ତ ୧.୫ କିଲୋ ସୁନା ଓ ୨୮ କିଲୋ ରୁପା ମଧ୍ୟ ମିଳିଥିଲା। ଏହି ଦୁର୍ନୀତି ଅଭିଯୋଗ ପରେ ଟ୍ରଷ୍ଟର ସାଧାରଣ ସମ୍ପାଦକ ଚମ୍ପତ ରାୟ ଏବଂ ଟ୍ରଷ୍ଟି ଅନିଲ ମିଶ୍ର ନିଜ ପଦରୁ ଇସ୍ତଫା ଦେଇଛନ୍ତି। ଇତିମଧ୍ୟରେ ମନ୍ଦିର ଟ୍ରଷ୍ଟ ପକ୍ଷରୁ କୁହାଯାଇଛି ଯେ କର୍ମକର୍ତ୍ତା ପଦରୁ ଚମତନତ ରାୟ ଓ ଅନିଲ ମିଶ୍ରଙ୍କ ଇସ୍ତଫା ଗ୍ରହଣ କରିବା ପରେ ସେମାନେ ଟ୍ରଷ୍ଟ ଆଉ ସଭ୍ୟ ମଧ୍ୟ ନାହାନ୍ତି। ଅନ୍ୟତମ ଟ୍ରଷ୍ଟି ଗୋପାଳ ରାଓଙ୍କୁ ମଧ୍ୟ ହଟାଇ ଦିଆଯାଇଛି।



- ଟ୍ରଷ୍ଟର ସଭ୍ୟପଦରୁ ମଧ୍ୟ ହଟିଲେ ଚମ୍ପତ, ଅନିଲ, ଗୋପାଳ
- ହେରଫେର ପାଇଁ ଅନିଲ ମିଶ୍ର ଓ ବ୍ୟାଙ୍କକୁ ଦୋଷ ଦେଲେ ଚମ୍ପତ

ଅନ୍ୟପକ୍ଷରେ ଆଜି ପ୍ରଥମ ଥର ଲାଗି ଚମ୍ପତ ରାୟ ଏହି ଘଟଣା ନେଇ ମୁହଁ ଖୋଲିଛନ୍ତି। ସେ କହିଛନ୍ତି ଯେ 'ଗଣତି ପ୍ରକ୍ରିୟା ପାଇଁ ମିଳିତ ନିର୍ଦ୍ଦେଶାବଳୀ' ନାମକ ଦଲିଲ ସହିତ ତାଙ୍କର କୌଣସି ସମ୍ପର୍କ ନାହିଁ। ସେହି ଦସ୍ତାବିଜରେ ତାଙ୍କର ସ୍ୱାକ୍ଷର ନାହିଁ। ସେଥିରେ ଟ୍ରଷ୍ଟ କୋଷାଧ୍ୟକ୍ଷ ଅନିଲ ମିଶ୍ର ଏବଂ ଏସ୍‌ବିଆଇ ବ୍ୟାଙ୍କ, ଅଯୋଧ୍ୟା ଶାଖାର ତତ୍କାଳୀନ ମୁଖ୍ୟ ପରିଚାଳକ ଗୋବିନ୍ଦ ମିଶ୍ରଙ୍କ ସ୍ୱାକ୍ଷର ରହିଛି। ତାଙ୍କ ଅଗୋଚରରେ ଏହି ଚୁକ୍ତିନାମା କାର୍ଯ୍ୟକାରୀ କରାଯାଇଥିଲା ଏବଂ ସେ ଗତ ଜୁନ୍‌ରେ ଏହା ଜାଣିବାକୁ ପାଇଥିଲେ। ସମଗ୍ର ଅନିୟମିତତା ପାଇଁ ସେ ଅନିଲ ଓ ବ୍ୟାଙ୍କକୁ ଦୋଷ ଦେଇଛନ୍ତି।

## ଡିଏମ୍‌କେରେ ଯୋଗ ଦେଲେ ୩୦ କୋଟି ନଚେତ୍ ମୃତ୍ୟୁ

ଚେନ୍ନଇ, ୭।୭(ଏଜେନ୍ସି): ତାମିଲନାଡୁରେ ଟିଭିକେ ଦଳର ଜଣେ ବିଧାୟକ ବିରୋଧୀ ଡିଏମକେ ଉପରେ ଘୋଡ଼ା ବେପାର ରାଜନୀତି ଏବଂ ହତ୍ୟା ଧମକ ଭଳି ଗୁରୁତର ଅଭିଯୋଗ ଆଣିଛନ୍ତି। ଶ୍ରୀଭଇକୁଣ୍ଟମ୍‌ରୁ ଟିଭିକେ ବିଧାୟକ ଜି. ସର୍ଭନନ୍ ଏହି ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ତାଙ୍କୁ ଟିଭିକେ ଛାଡ଼ି ଡିଏମକେରେ ସାମିଲ ହେବା ପାଇଁ ୩୦ କୋଟି ଟଙ୍କାର ପ୍ରସ୍ତାବ ଦିଆଯାଇଥିଲା। ଏପରିକି ୧୦୦ କୋଟି ଯାଏଁ ମଧ୍ୟ ଯଚା ଯାଇଥିଲା। ସେ ଏହାକୁ ମନା କରିଥିଲେ। ପରେ ପ୍ରସ୍ତାବ ଅଗ୍ରାହ୍ୟ କଲେ ତାଙ୍କୁ ଜୀବନରୁ ମାରିଦେବା ପାଇଁ ମଧ୍ୟ ଧମକ ମିଳିଥିବା ସେ ଦାବି କରିଛନ୍ତି। ତାଙ୍କ କଥାକୁ ପ୍ରମାଣ କରିବାକୁ ତାଙ୍କ ପାଖରେ ଯଥେଷ୍ଟ ଦୃଢ଼ ପ୍ରମାଣ ରହିଛି ବୋଲି ସେ ସ୍ପଷ୍ଟ କରିଛନ୍ତି। ବର୍ତ୍ତମାନ ସୁଦ୍ଧା ଏହି ମାମଲାରେ ଡିଏମକେ ପକ୍ଷରୁ କୌଣସି ଆଧିକାରିକ ପ୍ରତିକ୍ରିୟା ମିଳିପାରି ନାହିଁ। ତେବେ ଜଣେ ବିଧାୟକଙ୍କ ଏଭଳି ଅଭିଯୋଗ ରାଜନୀତିରେ ଚାଞ୍ଚଲ୍ୟ ସୃଷ୍ଟି କରିଛି।



## ମୋଦୀଙ୍କୁ ଇଣ୍ଡୋନେସିଆର ସର୍ବୋଚ୍ଚ ବେସାମରିକ ସମ୍ମାନ

ଜାକର୍ତ୍ତା, ୭।୭(ଏଜେନ୍ସି): ଜାକର୍ତ୍ତାରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ମଙ୍ଗଳବାର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଇଣ୍ଡୋନେସିଆର ସର୍ବୋଚ୍ଚ ବେସାମରିକ ସମ୍ମାନ 'ବିନ୍ତାଙ୍ଗ ଆଦିପୂର୍ଣ୍ଣ' ପ୍ରଦାନ କରାଯାଇଛି। ଇଣ୍ଡୋନେସିଆର ରାଷ୍ଟ୍ରପତି ପ୍ରବୋୱୋ ସୁବିଆନ୍ତୋ ମୋଦୀଙ୍କୁ ଏହି ପଦକ ପ୍ରଦାନ କରିଛନ୍ତି। ଇଣ୍ଡୋନେସିଆ ଗଣରାଜ୍ୟର ଏକତା, ନିରନ୍ତରତା ଏବଂ ସମୃଦ୍ଧି କ୍ଷେତ୍ରରେ ଅସାଧାରଣ ସେବା ପ୍ରଦାନ କରିଥିବା ବ୍ୟକ୍ତିବିଶେଷଙ୍କୁ ଏହି ସମ୍ମାନଜନକ ପଦକରେ ସମ୍ମାନିତ କରାଯାଇଥାଏ। ପ୍ରଧାନମନ୍ତ୍ରୀଙ୍କୁ ଏହି ସମ୍ମାନ ପ୍ରଦାନ କରାଯିବା ଉଭୟ ଦେଶ ମଧ୍ୟରେ ଥିବା ଗଭୀର ବନ୍ଧୁତା ଏବଂ ଦ୍ୱିପାକ୍ଷିକ ସମ୍ପର୍କର ସୁଦୃଢ଼ତାକୁ ପ୍ରତିପାଦିତ କରୁଛି। ସୂଚନାଯୋଗ୍ୟ, ପ୍ରଧାନମନ୍ତ୍ରୀ ମୋଦୀ ନିଜର ଇଣ୍ଡୋନେସିଆ ଗସ୍ତ ସମୟରେ ଏହି ଗୌରବଜନକ ଉପାଧିରେ ଭୂଷିତ ହୋଇଛନ୍ତି।

## ହର୍ମୁଜରେ ୩ ଜାହାଜ ଉପରେ ଇରାନର କ୍ଷେପଣାସ୍ତ୍ର ମାଡ଼

ନୂଆଦିଲ୍ଲୀ, ୭।୭(ଏଜେନ୍ସି): ହର୍ମୁଜ ପ୍ରଣାଳୀରେ ଉତ୍ତେଜନା ପୁଣି ବୃଦ୍ଧି ପାଇଛି। ଇରାନର ରିଭୋଲ୍ୟୁସନାରୀ ଗାର୍ଡ ସେଠାରେ ଗତି କରୁଥିବା ୩ଟି ବାଣିଜ୍ୟିକ ଜାହାଜ ଉପରକୁ କ୍ଷେପଣାସ୍ତ୍ର ନିକ୍ଷେପ କରିଥିବା ଜଣାପଡ଼ିଛି। ଏହି ଆକ୍ରମଣରେ ଜାହାଜଗୁଡ଼ିକ କ୍ଷତିଗ୍ରସ୍ତ ହୋଇଥିବା ବେଳେ ଏକ ତୈଳବାହୀ ଜାହାଜରେ ନିଆଁ ଲାଗିଛି। ଆମେରିକା ଏବଂ ଇରାନ ମଧ୍ୟରେ ସାମୁଦ୍ରିକ ଆକ୍ରମଣ ବନ୍ଦ କରିବା ପାଇଁ ମାତ୍ର ତିନି ସପ୍ତାହ ପୂର୍ବରୁ ଏକ ବୁଝାମଣା ପତ୍ର (ଏମ୍‌ଓୟୁ) ସ୍ୱାକ୍ଷରିତ ହୋଇଥିଲା। କିନ୍ତୁ ସୋମବାର ଓ ମଙ୍ଗଳବାର ଘଟିଥିବା ଏହି ଆକ୍ରମଣ ଶାନ୍ତି ଚୁକ୍ତିକୁ ସଙ୍କଟ ମଧ୍ୟକୁ ଠେଲି ଦେଇଛି।

ସୂଚନାଯୋଗ୍ୟ, ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ନିକଟରେ ଇରାନର ସୁପ୍ରିମ ଲିଡର ଅଲି ଖାମେନେଇଙ୍କ ଅନ୍ତ୍ୟେଷ୍ଟିକ୍ରିୟା ପାଇଁ ଇରାନକୁ ସପ୍ତାହେ ଛୁଟି ଦିଆଯାଇଥିବା ବୋଲି କହି କଟାକ୍ଷ କରିଥିଲେ। ତାହାର ଏହା ଜବାବ ବୋଲି ଆଲୋଚନା ହୋଇଛି। ମଙ୍ଗଳବାର ସକାଳେ ଓମାନ ଉପକୂଳ ନିକଟସ୍ଥ ଲିମା ଅଞ୍ଚଳରେ ଏକ ଟ୍ୟାଙ୍କର ଉପରେ ଏକ ଅଜ୍ଞାତ କ୍ଷେପଣାସ୍ତ୍ର ମାଡ଼ ହୋଇଥିଲା। ଫଳରେ ଏହାର ବାମ ପାର୍ଶ୍ୱରେ ନିଆଁ ଲାଗିଯାଇଥିଲା। ବ୍ରିଟିଶ ସାମରିକ ସଂସ୍ଥା ଏହି ସୂଚନା ପ୍ରଦାନ କରିଛି। ଇରାନ ସରକାରୀ ଟେଲିଭିଜନ ଅନୁସାରେ, କାତାରର ଏକ ଏଲଏନଜି ଟ୍ୟାଙ୍କର ବାରମ୍ବାର ଚେତାବନୀକୁ ଅଣଦେଖା କରିବାରୁ ତାକୁ ଟାର୍ଗେଟ କରାଯାଇଛି।



**ଏହାର କଡ଼ା ଜବାବ ଦିଆଯିବ: ଟ୍ରମ୍ପ**

ଆମେରିକା ପକ୍ଷରୁ ରାଷ୍ଟ୍ରପତି ଟ୍ରମ୍ପ ଏହି ଘଟଣାର କଡ଼ା ଜବାବ ଦେବାକୁ ସଙ୍କେତ ଦେଇଛନ୍ତି। ସେ କହିଛନ୍ତି ଯେ, 'ଆମେ ମାତ୍ର ଏକ ଘଣ୍ଟା ମଧ୍ୟରେ ସେମାନଙ୍କର ସେତୁଗୁଡ଼ିକୁ ଧ୍ୱଂସ କରିଦେଇପାରିବୁ।' ସୌଭାଗ୍ୟବଶତଃ ଏହି ଆକ୍ରମଣରେ ଏପର୍ଯ୍ୟନ୍ତ କୌଣସି ପ୍ରାଣହାନି ହୋଇଥିବା ଖବର ମିଳିନାହିଁ। ତଥାପି ଏହି ଅଞ୍ଚଳ ଦେଇ ଯାଉଥିବା ଜାହାଜଗୁଡ଼ିକୁ ଅତ୍ୟନ୍ତ ସତର୍କତାର ସହ ଗତି କରିବାକୁ ପରାମର୍ଶ ଦିଆଯାଇଛି।

## ଫ୍ରାନ୍ସ ରାଷ୍ଟ୍ରପତିଙ୍କ ସିରିଆ ଗସ୍ତବେଳେ ବିସ୍ଫୋରଣ

ଦାମାସକସ, ୭।୭(ଏଜେନ୍ସି): ଫ୍ରାନ୍ସ ରାଷ୍ଟ୍ରପତି ମାକ୍ରୋନ ସିରିଆ ଗସ୍ତରେ କରିଛନ୍ତି। ମାକ୍ରୋନ ରାଷ୍ଟ୍ରପତି ଅହମ୍ମଦ ଅଲ-ଶାରାଙ୍କୁ ଭେଟୁଥିବା ସମୟରେ ମଧ୍ୟ ଦାମାସକସରେ ବିସ୍ଫୋରଣ ହୋଇଥିଲା। ସିରିଆର ସରକାରୀ ଗଣମାଧ୍ୟମ ଅନୁଯାୟୀ, ଦାମାସକସର କେନ୍ଦ୍ରସ୍ଥଳରେ ଥିବା ଫୋର୍ ସିଜନ୍ସ ହୋଟେଲ ନିକଟରେ ଏହି ଆକ୍ରମଣ ହୋଇଛି। ସୂଚନାଯୋଗ୍ୟ ଯେ, ରାଷ୍ଟ୍ରପତି ମାକ୍ରୋନ ଏହି ହୋଟେଲରେ ରହୁଥିବା ବେଳେ ବିସ୍ଫୋରଣ ସମୟରେ ସେ ରାଷ୍ଟ୍ରପତି ଭବନରେ ଥିଲେ। ସୁରକ୍ଷା ଅଧିକାରୀଙ୍କ ସୂଚନା ଅନୁଯାୟୀ, ଦୁଇଟି ବିସ୍ଫୋରକ ସାମଗ୍ରୀ ମଧ୍ୟରୁ ଗୋଟିଏ ଡଷ୍ଟବିନ୍‌ରେ



ଏବଂ ଅନ୍ୟଟି ଏକ ପାର୍କିଂ କରାଯାଇଥିବା କାର୍‌ରେ ରଖାଯାଇଥିଲା। ଏହି ଘଟଣାରେ ୪ଜଣ ଆହତ ହୋଇଛନ୍ତି, ଯେଉଁଥିରେ କିଛି ପୁଲିସ ଅଧିକାରୀ ମଧ୍ୟ ସାମିଲ ଅଛନ୍ତି। ବର୍ତ୍ତମାନ ସୁଦ୍ଧା କୌଣସି ଗୋଷ୍ଠୀ ଏହି ଆକ୍ରମଣ ପାଇଁ ନିଜକୁ ଦାୟୀ କରିନାହାଁନ୍ତି। ଫ୍ରାନ୍ସ ରାଷ୍ଟ୍ରପତିଙ୍କ କାର୍ଯ୍ୟାଳୟ ପକ୍ଷରୁ ସ୍ପଷ୍ଟ କରାଯାଇଛି ଯେ, ଏମାନୁଏଲ ମାକ୍ରୋନ ସମ୍ପୂର୍ଣ୍ଣ ସୁରକ୍ଷିତ ଅଛନ୍ତି ଏବଂ ସେ ରାଷ୍ଟ୍ରପତି ଅଲ-ଶାରାଙ୍କ ସହ ନିଜର ଆଲୋଚନା ଜାରି ରଖିଛନ୍ତି। ୨୦୨୪ରେ ବଶର ଅଲ-ଅସଦ୍‌ଙ୍କ ଶାସନର ପତନ ପରେ ଅଲ-ଶାରା କ୍ଷମତାକୁ ଆସିବା ପରେ ମାକ୍ରୋନ ହେଉଛନ୍ତି ସିରିଆ ଗସ୍ତ କରିଥିବା ପ୍ରଥମ ପ୍ରମୁଖ ପାଶ୍ଚାତ୍ୟ ନେତା।

## ବର୍ଷା ଯୋଗୁଁ ମହାରାଷ୍ଟ୍ର, ଗୁଜରାଟରେ ୨୦ ମୃତ

ରତ୍ନଗିରି, ୭।୭(ଏଜେନ୍ସି): ପ୍ରବଳ ମୌସୁମୀ ବର୍ଷା ଯୋଗୁଁ ଦେଶର ବିଭିନ୍ନ ସ୍ଥାନରେ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡ଼ିଛି। ମହାରାଷ୍ଟ୍ର ଓ ଗୁଜରାଟରେ ୨୦ରୁ ଅଧିକ ଲୋକ ପ୍ରାଣ ହରାଇଲେଣି। ରତ୍ନଗିରି ଜିଲ୍ଲାରେ ପ୍ରବଳ ବର୍ଷା ଯୋଗୁଁ ଖେଡ୍ ତହସିଲ ଅଞ୍ଚଳରେ ଭୂସ୍ଖଳନ ଯୋଗୁଁ ୫ଟି ଘର ପୋତି ହୋଇଯାଇଛି। ଉଦ୍ଧାରକାରୀ ଦଳ ୭୫ ବର୍ଷୀୟା କଳ୍ପନା ସେଲାରଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରିଛନ୍ତି। ତେବେ ଏହି ଘଟଣାରେ ଅନ୍ୟ ଦୁଇ ଜଣ ବ୍ୟକ୍ତି ବର୍ତ୍ତମାନ ସୁଦ୍ଧା ମାଟି ତଳେ ଫସି ରହିଥିବା ଆଶଙ୍କା କରାଯାଉଛି। ସେହିପରି ଗୁଜରାଟର ସୌରାଷ୍ଟ୍ର ଏବଂ ଦକ୍ଷିଣ ଭାଗରେ ବର୍ଷା ବିପ୍ଳାତ ଜାରି ରହିଛି।। ଅମ୍ରେଲିର ରାଜୁଲାଠାରେ ସର୍ବାଧିକ ୧୦ ଇଞ୍ଚ ବର୍ଷା ରେକର୍ଡ କରାଯାଇଛି। ଅମ୍ରେଲିରେ ଏକ ଚାଳିଆ ଭୁଶୁଡି ପଡ଼ିବାରୁ ଜଣେ ୨୯ ବର୍ଷୀୟା ମହିଳାଙ୍କର ମୃତ୍ୟୁ ଘଟିଛି। ଏହାସହ ପ୍ରାୟ ୨, ୮୦୪ଟି ଗାଁରେ ବିଦ୍ୟୁତ୍ ସେବା ବାଧାପ୍ରାପ୍ତ ହୋଇଛି। ରାଜ୍ୟରେ ଆଜି ୬ ଜଣଙ୍କର ମୃତ୍ୟୁ ଘଟିଛି। ବନ୍ୟା ପରିସ୍ଥିତିକୁ ଦୃଷ୍ଟିରେ ରଖି ଏନ୍‌ଡିଆର୍‌ଏଫ୍ ଓ ଏସ୍‌ଡିଆର୍‌ଏଫ୍ ଟିମକୁ ନିୟୋଜିତ କରାଯାଇଥିବା ବେଳେ ୬ଟି ବନ୍ଧ ପାଇଁ 'ହାଇ ଆଲର୍ଟ' ଜାରି ହୋଇଛି। ଇତିମଧ୍ୟରେ ବର୍ଷା ଯୋଗୁଁ ଦିଲ୍ଲୀ ।।ରେ ଜଳବନ୍ଦୀ ସମସ୍ୟା ଦେଖାଦେଇଛି। ଗୁରୁଗ୍ରାମରେ ଜାତୀୟ ରାଜପଥର ଏକ ଅଂଶ ଦବିଯିବାରୁ ୧୦ କିଲୋମିଟର ପର୍ଯ୍ୟନ୍ତ ଟ୍ରାଫିକ୍ ଜାମ ସୃଷ୍ଟି ହୋଇଛି।

## ପଶ୍ଚିମ ବଙ୍ଗରେ ତେଜୁଛି ରାଜନୀତି; ଶୁଭେନ୍ଦୁଙ୍କ ପାଇଁ ଅଗ୍ନି ପରୀକ୍ଷା

ବାରୁଇପୁର, ୭।୭(ଏଜେନ୍ସି): ପଶ୍ଚିମବଙ୍ଗର ବାରୁଇପୁର ଅଞ୍ଚଳରେ ଜଣେ ନାବାଳିକାଙ୍କୁ ଅତି ନିର୍ମମ ଭାବେ ଦୁଷ୍କର୍ମ ଓ ହତ୍ୟା କରାଯିବା ଘଟଣା ସମଗ୍ର ରାଜ୍ୟରେ ତୀବ୍ର ପ୍ରତିକ୍ରିୟା ସୃଷ୍ଟି କରିଛି। ଏହି ନାରକୀୟ କାଣ୍ଡ ଏବେ ଶୁଭେନ୍ଦୁ ଅଧିକାରୀଙ୍କ ନେତୃତ୍ୱାଧୀନ ବିଜେପି ସରକାର ପାଇଁ ଏକ ବଡ଼ ଆହ୍ୱାନ ଭାବେ ଉଭା ହୋଇଛି। ସୂଚନାଯୋଗ୍ୟ, ୧୧ ବର୍ଷୀୟା ପୀଡ଼ିତା ନାବାଳିକା ଜଣକ ଗତ ଶନିବାର ନିଖୋଜ ହୋଇଥିଲେ। ସ୍ଥାନୀୟ ସିସିଟିଭି ଫୁଟେଜରେ ତାଙ୍କୁ ଶେଷ ଥର ପାଇଁ କିଛି ଯୁବକଙ୍କ ସହ ଦେଖିବାକୁ ମିଳିଥିଲା। ରବିବାର ସକାଳେ ତାଙ୍କ ମୃତଦେହ ଏକ ପୋଖରୀରୁ ଏକ ବସ୍ତା ଭିତରୁ ଜବତ କରାଯାଇଥିଲା। ବ୍ୟବଚ୍ଛେଦ ରିପୋର୍ଟ ଅନୁଯାୟୀ, ନାବାଳିକାଙ୍କ ସହ ଦୁଷ୍କର୍ମ କରିବା ପରେ ତାଙ୍କ ମୁଣ୍ଡରେ ଶକ୍ତ ଆଘାତ ଦିଆଯାଇଥିଲା। ତାଙ୍କ ଶରୀର ସାରା କାମୁଡ଼ା ଚିହ୍ନ ରହିଥିଲା। ଏପରିକି ତାଙ୍କୁ ଜୀବନ୍ତ ଅବସ୍ଥାରେ ପୋଖରୀକୁ ଫିଙ୍ଗି ଦିଆଯାଇଥିଲା। ଫଳରେ ତାଙ୍କ ଫୁସଫୁସ ଓ ପେଟରେ ପାଣି ପଶିଯାଇ ମୃତ୍ୟୁ ହୋଇଥିଲା। ଏହା ଜଣା ପଡ଼ିବା ପରେ ପୁଲିସ ତତ୍ପରତା ସହକାରରେ ତଦନ୍ତ କରୁନଥିବା ଅଭିଯୋଗ କରି ସ୍ଥାନୀୟ ଲୋକେ ବ୍ୟାପକ ଭଙ୍ଗାରୁଜା ଓ ରାସ୍ତାରୋକ କରିଥିଲେ। ଉତ୍ୟକ୍ତ ଲୋକେ ଜଣେ ସନ୍ଦିଗ୍ଧଙ୍କୁ ମଧ୍ୟ ପିଟି ପିଟି ମାରିଦେବା ପରେ ଘଟଣା ବଢ଼ିଥିଲା। ଅନ୍ୟପଟେ, ଜଣେ ସ୍ଥାନୀୟ ବିଜେପି ନେତା ଅଭିଯୁକ୍ତଙ୍କୁ ଖସାଇ ଦେବାରେ ସାହାଯ୍ୟ କରୁଥିବା ନେଇ ଗୁଜବ ଉଠିବା ପରେ ପରିସ୍ଥିତି ଜଟିଳ ହୋଇଥିଲା। ଏହି ଘଟଣାକୁ ନେଇ ପୂର୍ବତନ ମୁଖ୍ୟମନ୍ତ୍ରୀ

**ବାରୁଇପୁର ଦୁଷ୍କର୍ମ ଓ ହତ୍ୟାକାଣ୍ଡ**



ମମତା ବାନାର୍ଜୀ କାଲିଘାଟରେ ଏକ ମହମବତି ଶୋଭାଯାତ୍ରା କରିବା ସହ ଘଟଣାର ତୀବ୍ର ନିନ୍ଦା କରିଛନ୍ତି। ସେ ଅଭିଯୋଗ କରିଛନ୍ତି ଯେ ତାଙ୍କୁ ପୀଡିତାଙ୍କ ପରିବାରକୁ ଭେଟିବାକୁ ଦିଆଯାଉ ନାହିଁ ଏବଂ ତାଙ୍କୁ ଗୃହବନ୍ଦୀ କରି ରଖାଯାଇଛି। କିନ୍ତୁ ବିଜେପି ଏହାକୁ ନିୟମିତ ସୁରକ୍ଷା ବ୍ୟବସ୍ଥା ବୋଲି କହିଛି ଏବଂ ଟିଏମସି ଅଯଥା ବିବାଦ ସୃଷ୍ଟି କରିବାକୁ ଚେଷ୍ଟା କରୁଥିବା ଅଭିଯୋଗ କରିଛି। ସୋମବାର ମମତାଙ୍କ ଗୋଷ୍ଠୀର ଏକ ଟିଏମସି ପ୍ରତିନିଧି ଦଳ ପୀଡିତାଙ୍କ ପିତାମାତାଙ୍କୁ ଭେଟିଥିଲେ। ବାରୁଇପୁର ଗସ୍ତ ପାଇଁ ସମୟ ବାହାର ନକରିଥିବାରୁ ମୁଖ୍ୟମନ୍ତ୍ରୀ ଶୁଭେନ୍ଦୁଙ୍କ ଉପରେ ଖୁବ ବର୍ଷିଥିଲେ। ଅନ୍ୟପଟେ, ମୁଖ୍ୟମନ୍ତ୍ରୀ ଶୁଭେନ୍ଦୁ ଅଧିକାରୀ ପୀଡିତାଙ୍କ ପିତାଙ୍କ ସହ ଫୋନରେ କଥା ହୋଇ କଠୋର କାର୍ଯ୍ୟାନୁଷ୍ଠାନର ପ୍ରତିଶ୍ରୁତି ଦେଇଛନ୍ତି। ଏହି ମାମଲାରେ ପୁଲିସ ବର୍ତ୍ତମାନ ସୁଦ୍ଧା ମୁଖ୍ୟ ଅଭିଯୁକ୍ତ ଆନନ୍ଦ ସର୍ଦ୍ଦାର ସମେତ ୩ ଜଣଙ୍କୁ ଗିରଫ କରିଛି। ଅଭିଯୁକ୍ତମାନଙ୍କ ବିରୋଧରେ ଦୁଷ୍କର୍ମ, ହତ୍ୟା ଏବଂ ପକ୍ସୋ ଆଇନ ଅନୁଯାୟୀ ମାମଲା ରୁଜୁ କରାଯାଇଛି। ଜାତୀୟ ମହିଳା କମିଶନ ମଧ୍ୟ ଏହି ଘଟଣାରେ ସ୍ୱତଃ ପ୍ରବୃତ୍ତ ସଜ୍ଞାନ ନେଇ ୭ ଦିନ ମଧ୍ୟରେ ରିପୋର୍ଟ ମାଗିଛନ୍ତି।




# ବୈତରଣୀ କମୁଛି, ମହାନଦୀ ଫୁଲୁଛି

## ହୀରାକୁଦରେ ପଶୁଛି ୨ ଲକ୍ଷ କ୍ୟୁସେକ ଜଳ

ଭୁବନେଶ୍ୱର/ସମ୍ବଲପୁର, ୭।୭ (ସମିସ): ଦୁର୍ବଳ ହେଉଛି ବଙ୍ଗୋପସାଗରରେ ସୃଷ୍ଟ ଅବପାତ। ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଓ ସଂଲଗ୍ନ ଉତ୍ତର ଓଡ଼ିଶା-ପଶ୍ଚିମବଙ୍ଗ ଉପକୂଳରେ ସୃଷ୍ଟି ହୋଇଥିବା ଅବପାତ ଦୁର୍ବଳ ହୋଇ ସଦୃଶ ଲଘୁଚାପରେ ପରିଣତ ହୋଇଛି। ଏହି ଲଘୁଚାପ ଦୁର୍ବଳ ହେବା ପରେ ପାଗରେ ପରିବର୍ତ୍ତନ ଆସିବା ସହ ବର୍ଷାର ପରିମାଣ ମଧ୍ୟ ହ୍ରାସ ପାଇଛି। ବୁଧବାର କେନ୍ଦୁଝର ଓ ମୟୁରଭଞ୍ଜ ଜିଲ୍ଲାକୁ ହାଲୁକରୁ ମଧ୍ୟମ ଧରଣର ବର୍ଷା ନେଇ ଆକଳନ କରାଯାଇଛି। ୧୨ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ କିଛି କିଛି ଅଞ୍ଚଳରେ କାଁ ଭାଁ ବର୍ଷା ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ଆକଳନ କରାଯାଇଛି।



ଅନ୍ୟପଟେ ରାଜ୍ୟରେ ଲଗାଣ ବର୍ଷା ପରେ ବୈତରଣୀ ନଦୀରେ ଛୋଟ ବନ୍ୟା ସ୍ଥିତି ସୃଷ୍ଟି ହୋଇଥିଲେ ମଧ୍ୟ ପରିସ୍ଥିତି ଧୀରେ ଧୀରେ ସୁଧୁରୁଛି। ବୈତରଣୀର ଜଳସ୍ତର କମିବା ସହ ଆଖୁଆପଦାରେ ଜଳସ୍ତର ସତର୍କ ସଙ୍କେତ ତଳକୁ ଖସିଆସିଛି। ତେଣୁ ବର୍ତ୍ତମାନ ବୈତରଣୀରେ ବନ୍ୟା ପରିସ୍ଥିତି ନାହିଁ ବୋଲି ଜଳ ସମ୍ପଦ ବିଭାଗର ସର୍ବୋଚ୍ଚ ଯନ୍ତ୍ରୀ ଦିଲ୍ଲୀପ ରାଉତ କହିଛନ୍ତି। ଆଖୁଆପଦାରେ ମଙ୍ଗଳବାର ଜଳସ୍ତର ବିପଦସଙ୍କେତ ତଳେ ଅର୍ଥାତ୍ ୧୭.୬୧ ମିଟରକୁ ଖସିଛି। ଯାଜପୁର ଜିଲ୍ଲାର ୪ରୁ ୫ଟି ପଞ୍ଚାୟତର କିଛି ଚାଷଜମିରେ ବନ୍ୟାଜଳ ପ୍ରବେଶ କରିଥିବା ସୂଚନା ମିଳିଛି।

ବର୍ତ୍ତମାନ ହୀରାକୁଦରେ ଜଳସ୍ତର ୬୨୮.୫୬ ଫୁଟ ରହିଛି, ଯାହାକି ଗତବର୍ଷର ଜଳସ୍ତର ୬୨୯ ଫୁଟ ତୁଳନାରେ କମ୍। ବର୍ତ୍ତମାନ ପ୍ରାୟ ୨,୬୩,୮୮୨ କ୍ୟୁସେକ ଜଳ ହୀରାକୁଦକୁ ପ୍ରବେଶ କରୁଥିବା ବେଳେ ବୁଧବାର ସୁଦ୍ଧା ଏହା ପ୍ରାୟ ଅଢ଼େଇ ଲକ୍ଷ କ୍ୟୁସେକରେ ପହଞ୍ଚିପାରେ। ଉପରମୁଣ୍ଡରେ ବର୍ଷା ଏବଂ ଛତିଶଗଡ଼ର କଲମା ବ୍ୟାରେଜର ଗେଟ୍ ଖୋଲାଯିବା ପରେ ଜଳପ୍ରବାହ ଆହୁରି ବଢ଼ିବାର ସମ୍ଭାବନା ରହିଛି। ଜୁଲାଇ ୯ ତାରିଖ ସୁଦ୍ଧା ହୀରାକୁଦର ଜଳସ୍ତର ୬୨୯ ଫୁଟ ଛୁଇଁଲେ କେତୋଟି ଗେଟ୍ ଖୋଲାଯିବ ସେନେଇ ଆସନ୍ତାକାଲି ଚୂଡ଼ାନ୍ତ ନିଷ୍ପତ୍ତି ନିଆଯିବ । ସେହିପରି ମୁଣ୍ଡଳିରେ ଜଳପ୍ରବାହ ପର୍ଯ୍ୟାୟକ୍ରମେ ବଢ଼ି ପ୍ରାୟ ସାଢ଼େ ୪ ଲକ୍ଷ କ୍ୟୁସେକରେ ପହଞ୍ଚି ସ୍ଥିର ରହିବ ବୋଲି ଆକଳନ କରାଯାଇଛି। ପ୍ରଥମେ ବର୍ଷାଜଳ ନରାଜ ଦେଇ ନିଷ୍କାସନ କରାଯିବ ତା'ପରେ ହୀରାକୁଦରୁ ଜଳ ଛଡ଼ାଯିବ। ତେଣୁ ତଳମୁଣ୍ଡର ଜିଲ୍ଲାଗୁଡ଼ିକରେ ବଡ଼ ଧରଣର ବନ୍ୟା ପରିସ୍ଥିତି ସୃଷ୍ଟି ହେବାର ଆଶଙ୍କା ନାହିଁ ବୋଲି ଜଳ ସମ୍ପଦ ବିଭାଗ ଆଶ୍ୱସ୍ତ କରିଛି। ମହାନଦୀରେ ଜଳସ୍ତର ବଢ଼ିବା ପରେ କଟକ ବଡମ୍ବା ଭଟ୍ଟାରିକା ମନ୍ଦିର ବେଢାରେ ପ୍ରଥମ ବନ୍ୟାଜଳ ପ୍ରବେଶ କରିଛି।

# ରାଜ୍ୟ ପୁଲିସକୁ ଶନି ଚଳନ

## ଖାକିରେ କଳାଦାଗ ଲଗାଇଛି ଥାନାରେ ଥାର୍ଡ ଡ଼ିଗ୍ରୀ

ଭୁବନେଶ୍ୱର, ୭।୭(ସମିସ): ରାଜ୍ୟ ପୁଲିସ ସବୁକିଛି ଠିକ୍ ଚାଲିନାହିଁ। ଶନି ଦଶା ପଡ଼ିଲା ପରି ବିଭିନ୍ନ ପ୍ରସଙ୍ଗକୁ ନେଇ ପୁଲିସ ନିନ୍ଦିତ ହୋଇଛି ଓ ଲୋକଙ୍କ ଭରସା ପୁଲିସ ଉପରୁ ଉଠିବାକୁ ବସିଛି। ରାଜ୍ୟରେ ଆଇନଶୃଙ୍ଖଳା ଭୟଙ୍କର ଭାବରେ ନିମ୍ନଗାମୀ ହୋଇଛି। ଥାନାରେ ଥାର୍ଡ ଡ଼ିଗ୍ରୀ, ଏପରିକି ପୁଲିସ ମାଡ଼ରେ ହାଜତରେ ଅଭିଯୁକ୍ତ ମୃତ୍ୟୁବରଣ କରୁଥିବା ଅଭିଯୋଗ ଆସିଛି। ଶାରୀରିକ ସମ୍ପର୍କ ରଖିବାକୁ ମହିଳା ଅଭିଯୋଗକାରୀଙ୍କୁ କିଛି ପୁଲିସ ବାଧ୍ୟ କରୁଛନ୍ତି। ଥାନା ପରିସରରେ ମହିଳା ଆଇଆଇସି ଫାଶୀ ଲଗାଇ ଆତ୍ମହତ୍ୟା କରୁଛନ୍ତି। ବରିଷ୍ଠ ଅଧିକାରୀଙ୍କ ବିରୋଧରେ ଚାକିରି ବିକ୍ରିଠାରୁ ଘରେ ତଳିଆ କର୍ମଚାରୀଙ୍କୁ ବେଠି ଖଟାଇବା ପରି ସାଂଘାତିକ ଅଭିଯୋଗ ହୋଇଛି । ବ୍ୟବସ୍ଥାରେ ଖାପ ଖୁଆଇ ନ ପାରି ବରିଷ୍ଠ ଆଇପିଏସ୍ ପଦତ୍ୟାଗ କରୁଛନ୍ତି। ପୁଲିସ ବ୍ୟବସ୍ଥାରେ ବର୍ତ୍ତମାନ ସୃଷ୍ଟି ହୋଇଥିବା ସ୍ଥିତି ପୂର୍ବରୁ କେବେ ସୃଷ୍ଟି ହୋଇଥିବା ଦେଖାଯାଇ ନାହିଁ। ଏପରି ସ୍ଥିତି ଅତୀତରେ କେବେ ଦେଖାଯାଇ ନ ଥିଲା ।

କଟକ ଚାଉଳିଆଗଞ୍ଜ ଥାନା ପରିସରରେ ଇନ୍ସପେକ୍ଟର ବିଝୁଟି ମହାନ୍ତି ଫାଶି ଲଗାଇ ଆତ୍ମହତ୍ୟା କଲେ। ଥାନା ଭିତରେ ଜଣେ ପୁଲିସ ବିଭାଗର ଜଣେ ଗେଜେଟେଡ୍ ଅଫିସର କେବେ ବି ଆତ୍ମହତ୍ୟା କରିଥିବା ପ୍ରାୟ କେହି ଶୁଣି ନାହାନ୍ତି। ରାଜ୍ୟ ପୁଲିସର ଏଭଳି ଦୁଃଖଦ କାହାଣୀ ମନରୁ ଲିଭି ନଥିଲା ବେଳେ ଭୁବନେଶ୍ୱରରେ ଡିସିପିଙ୍କ ଇସ୍ତଫା କଥା ସାମ୍ନାକୁ ଆସିଲା। କମିଶନରେଟ୍

> ■ ନିଶା କାରବାରରେ ପୁଲିସ ବାବୁଙ୍କ ସମ୍ପୃକ୍ତି
> ■ 'ଫେବର' ମାଗୁଛନ୍ତି ପୁଲିସ ଅଧିକାରୀ
> ■ ଥାନା ଭିତରେ ଆଇଆଇସିଙ୍କ ଆତ୍ମହତ୍ୟା
> ■ ଚାକିରି ଛାଡ଼ୁଛନ୍ତି ଆଇପିଏସ୍ ଅଧିକାରୀ

ପୁଲିସ ଇତିହାସରେ ଏଭଳି ଅଚାନକ ଭାବେ କୌଣସି ଆଇପିଏସ୍ ଅଧିକାରୀ କେବେ ବି ଇସ୍ତଫା ଦେଇ ନ ଥିଲେ। ଡିସିପି ଜଗମୋହନ ମୀନା ଚାକିରିରେ ଏଭଳି ବୀତସ୍ପୃହ ହେଲେ ଯେ ସମ୍ମାନଜନକ ଆଇପିଏସ୍ ଚାକିରି ଛାଡି ବେସରକାରୀ ଚାକିରି କରିବାକୁ ମନ ବଳାଇଲେ।

ଗତ ଦୁଇ ବର୍ଷ ମଧ୍ୟରେ ରାଜ୍ୟରେ ହାଜତମୃତ୍ୟୁ ଏବଂ ଥାର୍ଡ ଡିଗ୍ରୀ ମାମଲା ରେକଡର୍ ଭାଙ୍ଗିଛି। ଗଞ୍ଜାମ କବିସୂର୍ଯ୍ୟନଗର ହାଜତ ମୃତ୍ୟୁ ମାମଲାରେ ଜଣେ ଯୁବ ଆଇପିଏସ୍ ଅଫିସରଙ୍କୁ ବଦଳି କରାଯାଇଛି। କେନ୍ଦ୍ରପଡ଼ା ତାଳଚୁଆ ମେରାଇନ୍ ଥାନାରେ ଥାର୍ଡ ଡିଗ୍ରୀ ଘଟଣାରେ ଅଭିଯୁକ୍ତ ଆଇଆଇସି ସନ୍ଧ୍ୟାରାଣୀ ଜେନା ନିଲମ୍ବିତ ହୋଇ ଆଗୁଆ ଜାମିନ ପାଇଁ ଆବେଦନ କରିଥିବା ସୂଚନା ମିଳିଛି। ମହିଳା ଅଭିଯୋଗକାରୀଙ୍କ ସହ ଶାରୀରିକ ସମ୍ପର୍କ ରଖିବାକୁ ପ୍ରସ୍ତାବ ଦେଇ ଖଣ୍ଡପଡ଼ା ପୂର୍ବତନ ଏସ୍‌ଡିପିଓ ମଦନମୋହନ ପ୍ରଧାନ ଏବଂ ଶରଣକୂଳ ଥାନା ପୂର୍ବତନ ଆଇଆଇସି ସୁଜିତ କୁମାର ଦାସ ଫେରାର ହୋଇଛନ୍ତି ଓ ଏବେ ଆଗୁଆ ଜାମିନ ପାଇଁ ଆବେଦନ କରିଥିବା ସୂଚନା ମିଳିଛି ।

ନିଶା କାରବାର ଏବଂ ଗୋମାଫିଆଙ୍କ ସହ ହାତ ମିଳାଇବା ଅଭିଯୋଗରେ ଏକାଧିକ ପୁଲିସ କର୍ମଚାରୀ ନିଜ ଚାକିରି ହରାଇବାରେ ଲାଗିଛନ୍ତି। ଝାରବନ୍ଧ ଥାନା ଅଧିକାରୀ ଶୁକ୍ରା ମାଧି ଗଞ୍ଜେଇ ମାଫିଆଙ୍କ ସହ ହାତ ମିଳାଇବା ନେଇ ଅଭିଯୋଗରେ କାର୍ଯ୍ୟରୁ ନିଲମ୍ବନ ହୋଇଛନ୍ତି। ଥାନାରେ ଲାଞ୍ଚ କାରବାର ତ ସାଧାରଣ ଘଟଣାରେ ପରିଣତ ହୋଇଛି। ୨୦୨୬ ମସିହାରେ ପୁଲିସ ଯେତିକି ବଦନାମ ହୋଇଛି କେଉଁ ବର୍ଷ ଏଭଳି ହୋଇନାହିଁ ବୋଲି ନାମ ଗୋପନ ରଖିବା ସର୍ତ୍ତରେ କିଛି ପୁଲିସ କର୍ମଚାରୀମାନେ ମତ ପ୍ରକାଶ କରିଛନ୍ତି।

ପୁଲିସ ଉପସ୍ଥିତିରେ ବାଲିଅନ୍ତା ଭିଡ଼ ହତ୍ୟା ମାମଲାରେ ଅତିରିକ୍ତ ଡିଜି ଦୟାଲ ଗଙ୍ଗୱାରଙ୍କ ପ୍ରଥମ ୱିକେଟ୍ ଗଳିଥିଲା। ପ୍ରଥମ ଥର ପାଇଁ ଜଣେ ଏଡିଜି ସ୍ତରୀୟ ଅଧିକାରୀଙ୍କୁ ନିଲମ୍ବନ କରାଗଲା। ସେପଟେ ଜେଲ ବିଭାଗ ଡିଜିଙ୍କ ବିରୋଧରେ ଖୋଦ ଶାସକ ଦଳର ଜଣେ ସାଂସଦ ଥାନାରେ ଏତଲା ଘଟଣା ଛୋଟ ବୋଲି କୁହାଯାଇ ପାରିବ ନାହିଁ। କଏଦୀ ଖସାଇବା ମାମଲାରେ ତାଙ୍କର ହାତ ଥିବା ଦର୍ଶାଇ ଅଭିଯୋଗ କରିଥିଲେ ମଧ୍ୟ ଏପର୍ଯ୍ୟନ୍ତ ଏହାର ତଦନ୍ତ ଆରମ୍ଭ ହୋଇନାହିଁ। ଯଦି ଏହାର ତଦନ୍ତ ଆରମ୍ଭ କରାଯାଏ ତେବେ ବହୁ ଲୋକେ ଅଡୁଆରେ ପଡ଼ି ପାରନ୍ତି ବୋଲି ଚର୍ଚ୍ଚା ହେଉଛି।

# ଲୋକଙ୍କ ସ୍ୱର ଚାପିବାକୁ ବିଜେପିର ଉଦ୍ୟମ: ବିଜେଡି

## ଅନ୍ୟାୟ ବନ୍ଦ ନ ହେଲେ ସାରା ରାଜ୍ୟରେ ଆନ୍ଦୋଳନ ଚେତାବନୀ

ଭୁବନେଶ୍ୱର, ୭।୭ (ସମିସ): ତ୍ରୁଟିପୂର୍ଣ୍ଣ କାର୍ଯ୍ୟ ପାଇଁ ଜନସାଧାରଣଙ୍କ ସମାଲୋଚନାର ଶିକାର ହେଉଛି ବିଜେପି ସରକାର। ସୋସିଆଲ ମିଡିଆରେ ବିଜେପି ବିରୋଧରେ ମତ ପ୍ରକାଶ କରୁଥିବା ଲୋକଙ୍କୁ ବିଜେପିର ଆକ୍ରୋଶର ଶିକାର ହେବାକୁ ପଡୁଛି। ଏହା ଏକପ୍ରକାର ଏକଛତ୍ରବାଦ ଓ ଏହା ବନ୍ଦ ନ ହେଲେ ସାରା ରାଜ୍ୟରେ ଆନ୍ଦୋଳନ ହେବ ବୋଲି ଚେତାବନୀ ଦେଇଛି ବିଜେଡି ।

ମଙ୍ଗଳବାର ଶଙ୍ଖ ଭବନରେ ଏକ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ମନ୍ତ୍ରୀ ତଥା ଦଳର ଉପସଭାପତି ପ୍ରତାପ ଜେନା କହିଛନ୍ତି ଯେ ନିଜ କାର୍ଯ୍ୟ ପାଇଁ ସୋସିଆଲ ମିଡିଆରେ ଲୋକେ ବିଜେପିକୁ ସମାଲୋଚନା କରୁଛନ୍ତି। ଯେଉଁମାନେ ସୋସିଆଲ ମିଡିଆରେ ବିଜେପି ବିରୋଧରେ ମତପ୍ରକାଶ କରୁଛନ୍ତି, ସେମାନଙ୍କୁ ଗିରଫ କରିବା ସହ ଥାନାକୁ ଡାକି ଭୟଭୀତ କରାଯାଉଛି। ସେମାନଙ୍କ ସୋସିଆଲ ମିଡ଼ିଆ ଆଇଡ଼ି ନିଷ୍କ୍ରିୟ କରାଯାଉଛି, ଲୋକଙ୍କ ସ୍ୱର ଚାପି ଦେବାକୁ ଉଦ୍ୟମ ହେଉଛି। ରାଜ୍ୟସଭା ସାଂସଦ ସୁଲତା ଦେଓ ଓ ବିଜୁ ଛାତ୍ର ଜନତା ଦଳର ସଭାନେତ୍ରୀ ଇପ୍ସିତା ସାହୁଙ୍କ ସୋସିଆଲ ମିଡ଼ିଆ ଆଇଡ଼ି ବନ୍ଦ କରିଦିଆଯାଇଛି। ବିଜେପି ସରକାରଙ୍କୁ ବିରୋଧ କରିବାରୁ କଟକର ବିଶ୍ୱଜିତ ସାହୁଙ୍କୁ ଟାର୍ଗେଟ କରି ଗିରଫ କରାଯାଇଛି । ମାତ୍ର ଅନ୍ୟ ଦଳର ନେତାଙ୍କ ଚରିତ୍ର ସଂହାର କରୁଥିବା ବିଜେପି ଆଇଟି ସେଲ ଲୋକଙ୍କୁ କାହିଁକି ଗିରଫ କରାଯାଉ ନାହିଁ ବୋଲି ସେ ପ୍ରଶ୍ନ କରିଛନ୍ତି।

ବରିଷ୍ଠ ସାଧାରଣ ସମ୍ପାଦକ ପ୍ରଣବ ବଳବନ୍ତରାୟ କହିଛନ୍ତି ଯେ ଡବଲ ଇଞ୍ଜିନ ସରକାରଙ୍କୁ ସମାଲୋଚନା କରିଲେ ଆକ୍ରୋଶର ଶିକାର ହେବାକୁ ପଡୁଛି ।



ସରକାର ଓ ବିଜେପି ବିରୋଧରେ ତୁଣ୍ଡ ଖୋଲିଲେ କାର୍ଯ୍ୟାନୁଷ୍ଠାନ ହେଉଛି; ମାତ୍ର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ବିରୋଧରେ ଅପପ୍ରଚାର କରୁଥିବା ଲୋକଙ୍କ ବିରୋଧରେ ପଦକ୍ଷେପ ନିଆଯାଉନାହିଁ। ରାଜ୍ୟରେ ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଥିବା ଆଇନ ଶୃଙ୍ଖଳା ପରିସ୍ଥିତିକୁ ସଜାଡ଼ିବା ପ୍ରତି ଧ୍ୟାନ ନ ଦେଇ ସୋସିଆଲ ମିଡିଆରେ ମତପ୍ରକାଶ କରୁଥିବା ଲୋକଙ୍କୁ ଗିରଫ କରି ପୁଲିସ ବାହାବା ନେଉଛି।

ମୁଖପାତ୍ର ଡ. ଲେନିନ୍ ମହାନ୍ତି କହିଥିଲେ ଯେ ପୁଲିସର ଦି'ଟା ଆଇନ । ସରକାରଙ୍କୁ ସମାଲୋଚନା କଲେ କାର୍ଯ୍ୟାନୁଷ୍ଠାନ, ମାତ୍ର ବିରୋଧୀଙ୍କୁ ଗାଳିଗୁଲଜ କଲେ ସୁରକ୍ଷା ପ୍ରଦାନ। ରାଜ୍ୟସଭା ସାଂସଦ ସୁଲତା ଦେଓ ଓ ବିଜୁ ଛାତ୍ର ଜନତା ଦଳର ସଭାନେତ୍ରୀ ଇପ୍ସିତା ସାହୁଙ୍କ ବିରୁଦ୍ଧରେ କୁତ୍ସିତ ଟିପ୍ପଣୀ ଦେଉଥିବା ଲୋକଙ୍କୁ ପୁଲିସ ସୁରକ୍ଷା ଦେଉଛି। ଆଇଟି ସେଲ୍‌କୁ ବ୍ୟବହାର କରି ବିଜେପି ରାଜ୍ୟରେ ରାଜନୈତିକ ବିରୋଧୀମାନଙ୍କୁ ଅସଭ୍ୟ ଭାଷାରେ ଗାଳିଗୁଲଜ କରୁଛି । ଯିଏ ତାହା ବିରୁଦ୍ଧରେ ସ୍ୱର ଉତ୍ତୋଳନ କରୁଛନ୍ତି, ତାଙ୍କୁ ଗିରଫ କରାଯାଉଛି। ସରକାର ଯଦି ଏଥିରୁ କ୍ଷାନ୍ତ ନ ରୁହେ, ତେବେ ଆଗାମୀ ଦିନରେ ବିଜେଡି ରାଜ୍ୟବ୍ୟାପୀ ଆନ୍ଦୋଳନ କରିବ ବୋଲି ସେ କହିଛନ୍ତି।

# ଶିଶୁ ବାଟିକାରେ ଶିକ୍ଷକ ନିଯୁକ୍ତି ଚିଠି ଜାଲ୍

ଭୁବନେଶ୍ୱର, ୭।୭(ସମିସ): ଅର୍ଥ ବିଭାଗର ଅନୁମୋଦନ କ୍ରମେ ଶିଶୁ ବାଟିକା ଶ୍ରେଣୀରେ ୭୨୩୪ ଜଣ ଶିକ୍ଷକ ନିଯୁକ୍ତି ହେବା ନେଇ ଗତକାଲି ଏକ ଚିଠି ଭାଇରାଲ୍ ହୋଇଥିଲା। ମାତ୍ର ଚିଠି ସମ୍ପୂର୍ଣ୍ଣ ଜାଲ ବୋଲି ଆଜି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସ୍ପଷ୍ଟ କରିଛି। ବିଭାଗ ପକ୍ଷରୁ କୁହାଯାଇଛି ଯେ ଚିଠି ସଂଖ୍ୟା

> **ସ୍ପଷ୍ଟୀକରଣ ସହ କାର୍ଯ୍ୟାନୁଷ୍ଠାନ ଆରମ୍ଭ କଲା ଗଣଶିକ୍ଷା ବିଭାଗ**

୧୦୯୧୧/ଏଫ୍, ତା୨୪.୦୪.୨୦୨୬ ନାମରେ ଏକ ଅନଧିକୃତ ଚିଠି ବିଭିନ୍ନ ସୋସିଆଲ ମିଡିଆରେ ପ୍ରଚାର କରାଯାଉଛି। ଓସେପା ଅଧୀନରେ ୭୨୩୪ ଶିଶୁ ବାଟିକା ଶିକ୍ଷକ ପଦ ସୃଷ୍ଟି ଓ ନିଯୁକ୍ତି ଏବଂ ମାସିକ ୨୬ହଜାର ପ୍ରଦାନ ପାଇଁ ଅର୍ଥ ବିଭାଗ ଅନୁମୋଦନ କରିଥିବା ମିଥ୍ୟା ଦାବି କରାଯାଇଛି। ଏହା ଜାଲ୍ ଓ ଅନଧିକୃତ । ଅର୍ଥ ବିଭାଗ ଏପରି କୌଣସି ପ୍ରସ୍ତାବକୁ ଅନୁମୋଦନ ଦେଇନାହିଁ। ପତ୍ର ସଂଖ୍ୟା, ବିଷୟବସ୍ତୁ ଓ ଅନୁମୋଦନ ସମ୍ପୂର୍ଣ୍ଣ ମିଥ୍ୟା ଏବଂ ସରକାରୀ ଅଭିଲେଖାରେ ଏହାର କୌଣସି ଆଧାର ନାହିଁ। ଜାଲ୍ ସରକାରୀ ପତ୍ର ପ୍ରସ୍ତୁତ କରି ପ୍ରଚାର କରିବା ଏକ ଗୁରୁତର ଅପରାଧ ଏବଂ ଏହି ଘଟଣା ଉପରେ ଉପଯୁକ୍ତ ଆଇନଗତ ପଦକ୍ଷେପ ଗ୍ରହଣ ପାଇଁ ସମ୍ପୃକ୍ତ କର୍ତ୍ତୃପକ୍ଷଙ୍କୁ ଅବଗତ କରାଯାଇଥିବା ଗଣଶିକ୍ଷା ବିଭାଗ ପକ୍ଷରୁ କୁହାଯାଇଛି।

## ମ୍ୟାଲେରିଆରେ ଚତୁର୍ଥ ଶ୍ରେଣୀ ଛାତ୍ରଙ୍କ ମୃତ୍ୟୁ

# ବାଇକ୍‌ରେ ମୃତଦେହ ବୋହିଲେ ପରିବାର



ରାୟଗଡ, ୭।୭ (ସମିସ): ରାୟଗଡ ଜିଲ୍ଲାରେ ପୁଣି ମ୍ୟାଲେରିଆ ଜଣେ ଛାତ୍ରଙ୍କ ଜୀବନ ନେଇଛି। ଛାତ୍ରଙ୍କ ମୃତ୍ୟୁ ପରେ କୌଣସି ଗାଡି ନ ମିଳିବାରୁ ପରିବାର ଲୋକେ ବାଧ୍ୟ ହୋଇ ବାଇକ୍‌ରେ ମୃତଦେହ ଘରକୁ ନେଇଥିବା ଦେଖିବାକୁ ମିଳିଛି। ଏହି ଘଟଣା ବିଭିନ୍ନ ମହଲରେ ତୀବ୍ର ପ୍ରତିକ୍ରିୟା ସୃଷ୍ଟି କରିଛି। ମୃତ ଛାତ୍ର ହେଲେ କୋଲନରା ବ୍ଲକ ସୂରୀ ପଞ୍ଚାୟତ ଅଧୀନ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଚତୁର୍ଥ ଶ୍ରେଣୀର ଛାତ୍ର ଚନ୍ଦୁ ଉଲାକା (୧୦)। ସେ ମଙ୍ଗଳ ବିଭାଗ ଛାତ୍ରାବାସରେ ରହି ପାଠ ପଢୁଥିଲେ। ବିଦ୍ୟାଳୟ ପ୍ରଧାନ ଶିକ୍ଷକ ବୁଦ୍ଧଦେବ ତାଡିଙ୍ଗି କହିଛନ୍ତି ଯେ, ଗତ ଶୁକ୍ରବାର ଦିନ ଚନ୍ଦୁ ବିଦ୍ୟାଳୟକୁ ଆସିଥିବା ବେଳେ ତାହାର ସ୍ୱାସ୍ଥ୍ୟବସ୍ଥା ଭଲ ଥିଲା। ଗତ ସୋମବାର ଦିନ ସ୍ଥାନୀୟ ଆଶା ଦିଦି, ଏଏନଏମ ଓ ସୁପରଭାଇଜର ଟିମ୍ ବିଦ୍ୟାଳୟକୁ ଆସି ଛାତ୍ରଛାତ୍ରୀଙ୍କ ରକ୍ତ ପରୀକ୍ଷା କରିଥିଲେ। ଏଥିରେ ଦୁଇଜଣ ଛାତ୍ର ମେଲେରିଆ ପଜିଟିଭ୍ ଚିହ୍ନଟ ହୋଇଥିଲେ। ଏଥିରେ ଚନ୍ଦୁର ପଜିଟିଭ ବାହାରିଥିଲା। ଦୁଇ ଛାତ୍ରଙ୍କୁ ମେଲେରିଆ ଔଷଧ ଦିଆଯାଇଥିଲା। ତେବେ ମଙ୍ଗଳବାର ଦିନ ଚନ୍ଦୁର ବାପା ରମେଶ ଉଲାକା ଓ ପରିବାର ଲୋକେ ବିଦ୍ୟାଳୟକୁ ଆସ ଚନ୍ଦୁକୁ ଘରକୁ ନେଇ ଚିକିତ୍ସା କରିବା ପାଇଁ କହିଥିଲେ। ସେ ମନା କରିବାରୁ ଲିଖିତ ଭାବେ ନିଜ ଦାୟିତ୍ୱରେ ନେବା ପାଇଁ କହି ପରିବାର ଲୋକେ ଚନ୍ଦୁକୁ ଲାଲବି ଗାଁକୁ ନେଇ ଯାଇଥିଲେ। ଆଜି ଅପରାହ୍ନରେ ଚନ୍ଦୁକୁ କୋଲନରା ସିଏଚସିକୁ ଅଣାଯାଇଥିବା ବେଳେ ସାଢେ ୩ ଟା ବେଳେ ତାର ମୃତ୍ୟୁ ଘଟିଥିଲା। ସ୍ୱାସ୍ଥ୍ୟକେନ୍ଦ୍ର ପକ୍ଷରୁ ମୃତଦେହ ଘରକୁ ନେବା ପାଇଁ କୌଣସି ଗାଡ଼ିର ବ୍ୟବସ୍ଥା କରାଯାଇ ନ ଥିଲା। ଫଳରେ ପରିବାର ଲୋକେ ବାଧ୍ୟ ହୋଇ ଶବକୁ ବାଇକ୍‌ରେ ନିଜ ଗାଁକୁ ନେଇଥିଲେ। ମଙ୍ଗଳ ବିଭାଗ ଛାତ୍ରାବାସରେ ରହୁଥିବା ଛାତ୍ରଛାତ୍ରୀ ଅସୁସ୍ଥ ହେଲେ ସେମାନଙ୍କୁ ତୁରନ୍ତ ଡାକ୍ତରଖାନାକୁ ନେଇ ଚିକିତ୍ସା କରିବାକୁ ପ୍ରଶାସନ ପକ୍ଷରୁ ବାରମ୍ବାର ନିର୍ଦ୍ଦେଶ ଥିଲେ ମଧ୍ୟ ତାହା ଠିକ୍ ଭାବେ ପାଳନ ହେଉ ନଥିବା ଅଭିଯୋଗ ହେଉଛି।

# ଏଣିକି ନିୟମ ଭାଙ୍ଗିଲେ ଜବତ ହେବ ଗାଡ଼ି

କଟକ, ୭।୭ (ସମିସ): ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନ ପାଇଁ ସରକାର କଠୋର ଆଭିମୁଖ୍ୟ ଗ୍ରହଣ କରିଛନ୍ତି। ଆଗରୁ ନିୟମ ଉଲ୍ଲଙ୍ଘନ ପାଇଁ ଅଧିକାଂଶ କ୍ଷେତ୍ରରେ ଚାଲାଣ ଜାରି କରି ଗାଡ଼ି ଛାଡ଼ି ଦିଆଯାଉଥିଲା ବେଳେ ଏଣିକି ଗାଡ଼ି ଜବତ କରାଯିବ। ନିୟମ ଉଲ୍ଲଙ୍ଘନ କରି ଚଳାଚଳ କରୁଥିବା ମୋଟର ଯାନଗୁଡ଼ିକ ବିରୋଧରେ ମୋଟର ଯାନ ଆଇନ ଧାରା ୧୯୨ ଅଧୀନରେ ଅନେକ ଚାଲାଣ ଜାରି ହୋଇଥିଲେ ସୁଦ୍ଧା ଧାରା ୨୦୭ ଅନୁଯାୟୀ ଗାଡ଼ି ଜବତ ସଂଖ୍ୟା କମ୍ ରହିଛି। ଗତ ଏପ୍ରିଲ ପହିଲାରୁ ଜୁନ ୩୦ ପର୍ଯ୍ୟନ୍ତ ୩ମାସ ଅବଧି ସମୟରେ ହୋଇଥିବା ସ୍ୱତନ୍ତ୍ର ଏନଫୋର୍ସମେଣ୍ଟରେ ସାରା ରାଜ୍ୟରେ ୧,୬୪,୮୮୨ ଚାଲାଣ ଜାରି ହୋଇଥିବା ବେଳେ ମାତ୍ର ୪୨୮ଟି ଗାଡ଼ି ଜବତ ହୋଇଛି। ଏଣିକି ଯଦି ବିନା ଫିଟନେସରେ ଚଳାଚଳ କରୁଥିବା ଗାଡ଼ି ଜବତ ପାଇଁ ପଦକ୍ଷେପ ଗ୍ରହଣ କରାଯିବ। ସେହିଭଳି ପଞ୍ଜୀକରଣ, ପରମିଟ୍ କିମ୍ବା ବୀମା ନିୟମ ଉଲ୍ଲଙ୍ଘନ କ୍ଷେତ୍ରରେ ମଧ୍ୟ କଡ଼ା ଆଭିମୁଖ୍ୟ ପୋଷଣ କରିବା ପାଇଁ ସମସ୍ତ ଆଞ୍ଚଳିକ ପରିବହନ ଅଧିକାରୀ, ଅତିରିକ୍ତ ଆଞ୍ଚଳିକ ପରିବହନ ଅଧିକାରୀ ଓ




ଏନଫୋର୍ସମେଣ୍ଟ ଅଧିକାରୀଙ୍କୁ ସର୍କୁଲାର ଜାରି କରି ଅବଗତ କରାଇଛି ରାଜ୍ୟ ପରିବହନ ପ୍ରାଧିକରଣ। ପୂର୍ବରୁ କେବଳ ଜରିମାନା ଜାରି ହେଉଥିବା ବେଳେ ପରେ ପଞ୍ଜୀକରଣ ରଦ୍ଦ ଭଳି ଆଭିମୁଖ୍ୟ ନିଆଯାଇଆସୁଛି। କେବଳ ଚାଲାଣ ଜାରି କରି ଅଯୋଗ୍ୟ ଏବଂ ଅନୁପଯୁକ୍ତ ଗାଡ଼ିକୁ ଛାଡ଼ିଦେବା ଦ୍ୱାରା ସଡ଼କ ସୁରକ୍ଷା ଉଦ୍ଦେଶ୍ୟ ସାଧିତ ହେଉନାହିଁ। ଏହି ବେଆଇନ ଗାଡ଼ି ଚଳାଚଳ ଯୋଗୁଁ ଅନେକ ସମୟରେ ମର୍ମନ୍ତୁଦ ଦୁର୍ଘଟଣା ଘଟି ଧନଜୀବନ ହାନି ହେଉଛି ବୋଲି ପ୍ରାଧୀକରଣ ପକ୍ଷରୁ କୁହାଯାଇଛି।

ରାଜ୍ୟରେ ସଡ଼କ ସୁରକ୍ଷା ବ୍ୟବସ୍ଥାକୁ ସୁଦୃଢ଼ କରିବା ପାଇଁ ପୁଲିସ ପ୍ରଶାସନ ସହ ସମନ୍ୱୟ ରକ୍ଷା କରାଯିବା ସହ ବାହାନ ଏବଂ ଇ-ଚାଲାଣ ଡ୍ୟାସବୋର୍ଡରେ ଆଲର୍ଟ ବ୍ୟବସ୍ଥାର ସହାୟତା ମଧ୍ୟ ନିଆଯାଉଛି। ରାଜ୍ୟ ପରିବହନ ପ୍ରାଧିକରଣ ପକ୍ଷରୁ କୁହାଯାଇଛି ଯେ ସଡ଼କ ଦୁର୍ଘଟଣା ହ୍ରାସକୁ ମିସନ ଭାବରେ ଗ୍ରହଣ କରିବାକୁ ସରକାରଙ୍କ ନିର୍ଦ୍ଦେଶ ରହିଛି। ଏଭଳି କାର୍ଯ୍ୟାନୁଷ୍ଠାନର ସମ୍ମୁଖୀନ ନ ହେବାକୁ ସମସ୍ତ ସଡ଼କ ବ୍ୟବହାରକାରୀ ସଡ଼କ ସୁରକ୍ଷା ନିୟମ ପାଳନ କରିବାକୁ ଅନୁରୋଧ କରାଯାଉଛି।

## ଦୁଇ ଦିନରେ ୪୭୮ ଚାଲାଣ

କଟକ, ୭।୭ (ସମିସ): ବିନା ଫିଟନେସରେ ଚାଲୁଥିବା ଗାଡ଼ି ବିରୋଧରେ ରାଜ୍ୟରେ ଚାଲିଥିବା ସ୍ୱତନ୍ତ୍ର ଅଭିଯାନରେ ଦୁଇଦିନ ମଧ୍ୟରେ (ଜୁଲାଇ ୫ ଓ ୬) ମୋଟ ୩,୦୫୭ଟି ଗାଡ଼ି ଯାଞ୍ଚ କରାଯାଇ ୪୭୮ଟି ଚାଲାଣ କଟାଯାଇଛି। ବିନା ପରମିଟ୍‌ରେ ଗାଡ଼ି ଚାଳନା ଯୋଗୁଁ ୬୫ଟି ଏବଂ ଉଭୟ ନିୟମ ଉଲ୍ଲଙ୍ଘନ କରିଥିବା ଯୋଗୁଁ ୧୭୨ଟି ଗାଡ଼ି ବିରୋଧରେ ଇ-ଚାଲାଣ ଜାରି ହୋଇଛି। ଦୁଇ ଦିନ ମଧ୍ୟରେ ଭୁବନେଶ୍ୱର-୧ ଆରଟିଓ ୩୦୫ଟି ଗାଡ଼ି ଯାଞ୍ଚ କରିଥିବା ବେଳେ ଗଞ୍ଜାମ ଆରଟିଓ ୨୯୭ଟି, କଟକ ଆରଟିଓ ୨୦୧ଟି, ଚଣ୍ଡିଖୋଲ ଆରଟିଓ ୧୯୮ଟି ଏବଂ ମୟୂରଭଞ୍ଜ ଆରଟିଓ ୧୪୮ଟି ଗାଡ଼ି ଯାଞ୍ଚ କରିଛନ୍ତି। ବିନା ପଞ୍ଜୀକରଣ କିମ୍ବା ଫିଟନେସ ପରି ନିୟମ ଉଲ୍ଲଙ୍ଘନ ପାଇଁ ଦୁଇ ଦିନ ମଧ୍ୟରେ ଭୁବନେଶ୍ୱର-୧ ଆରଟିଓ ପକ୍ଷରୁ ୭୨ଟି ଚାଲାଣ ଜାରି କରାଯାଇଥିବା ବେଳେ କଟକ ଆରଟିଓ ୬୧ଟି, ଚଣ୍ଡିଖୋଲ ଆରଟିଓ ୩୫ଟି, ବାଲେଶ୍ୱର ଆରଟିଓ ୨୪ଟି ଏବଂ ଝାରସୁଗୁଡ଼ା ଆରଟିଓ ୧୫ଟି ଚାଲାଣ ଜାରି କରିଛନ୍ତି। ସେହିପରି ବିନା ପରମିଟ୍‌ରେ ଗାଡ଼ି ଚାଳନା ବିରୋଧରେ ଝାରସୁଗୁଡ଼ା ଆରଟିଓ ୭ଟି, କେନ୍ଦ୍ରାପଡ଼ା ଏବଂ କେନ୍ଦୁଝର ଆରଟିଓ ୬ଟି ଲେଖାଏଁ ଏବଂ କଟକ ଓ ଗଞ୍ଜାମ ଆରଟିଓ ପକ୍ଷରୁ ୫ଟି ଲେଖାଏଁ ଚାଲାଣ ଜାରି କରାଯାଇଛି।

# ଉଚ୍ଚ ଶିକ୍ଷାନୁଷ୍ଠାନରେ ଛାତ୍ରସଂସଦ ନିର୍ବାଚନ ଉଷ୍ମତା

ଭୁବନେଶ୍ୱର, ୭।୭(ସମିସ): ଚଳିତ ବର୍ଷ ଉଚ୍ଚ ଶିକ୍ଷାନୁଷ୍ଠାନରେ ଛାତ୍ରସଂସଦ ନିର୍ବାଚନ ପାଇଁ ଉଷ୍ମମ ହେଲାଣି ଶିକ୍ଷାୟତନ। ନିର୍ବାଚନ ନେଇ ବିଭିନ୍ନ ଛାତ୍ର ସଂଗଠନ ପ୍ରସ୍ତୁତି ଆରମ୍ଭ କଲେଣି। ରାଜ୍ୟରେ ସରକାର ଆସିଲେ ଛାତ୍ରସଂସଦ ନିର୍ବାଚନ କରାଯିବ ବୋଲି ବିଜେପି ଦେଇଥିବା ପ୍ରତିଶ୍ରୁତି ଏଯାଏ ପୂରଣ ହୋଇପାରି ନାହିଁ। ଗତ ୨ ବର୍ଷ ହେଲା ନିର୍ବାଚନ ହୋଇ ନ ଥିବାବେଳେ ଚଳିତ ବର୍ଷ ନିର୍ବାଚନ ହେବ ବୋଲି କୁହାଯାଉଛି । ଫଳରେ ଶିକ୍ଷାବର୍ଷ ଆରମ୍ଭରୁ ବିଭିନ୍ନ ଛାତ୍ର ସଂଗଠନ ମଧ୍ୟରେ ନିର୍ବାଚନ କସରତ ଆରମ୍ଭ ହେଲାଣି।

> **ହେଲ୍ପ ଡେସ୍କ ଓ ବିଭିନ୍ନ କାର୍ଯ୍ୟକ୍ରମ କରି ନବାଗତଙ୍କ ସହ ଯୋଡ଼ି ହେବାକୁ ପ୍ରୟାସ**

୨୦୨୪-୨୫ ଶିକ୍ଷାବର୍ଷରେ ଛାତ୍ରସଂସଦ ନିର୍ବାଚନ କରିବାକୁ ବିଚାର କରୁଥିବା କହି ଶେଷ ମୁହୂର୍ତ୍ତରେ ନିର୍ବାଚନ କରାଇ ନ ଥିଲେ ବିଜେପି ସରକାର। ସମୟ ଅଭାବ ଓ କ୍ୟାମ୍ପସ୍‌ରେ ଶୈକ୍ଷିକ ବାତାବରଣ ସୁଦୃଢ଼ କରିବାକୁ ପ୍ରାଥମିକତା ଦିଆଯାଉଥିବା କହି ନିର୍ବାଚନ ଏଡ଼ାଇ ଯାଇଥିଲେ। ସେହିପରି ୨୦୨୫-୨୬ ଶିକ୍ଷାବର୍ଷରୁ କ୍ୟାମ୍ପସ୍‌ରେ ନିର୍ବାଚନ ହେବ ବୋଲି ସରକାର ଓ ଉଚ୍ଚଶିକ୍ଷାମନ୍ତ୍ରୀ ପ୍ରତିଶ୍ରୁତି ଦେଇଥିଲେ ମଧ୍ୟ ଶେଷ ମୂହୁର୍ତ୍ତରେ ଅସମ୍ଭବ ନିରବତା ଅବଲମ୍ବନ କରିଥିଲେ । ଚଳିତ ବର୍ଷ ସରକାର ନିର୍ବାଚନ ହେବା ନେଇ ସ୍ପଷ୍ଟ କରି ନ ଥିଲେ ମଧ୍ୟ ଦୁଇବର୍ଷ ହେଲା ଛାତ୍ରଛାତ୍ରୀଙ୍କୁ ପ୍ରତିଶ୍ରୁତି ଦେଉଥିବାରୁ ଚଳିତ ବର୍ଷ ନିର୍ବାଚନ ହେବ ବୋଲି ଛାତ୍ର ସଂଗଠନମାନେ ଆଶା ରଖିଛନ୍ତି। ଶିକ୍ଷାବର୍ଷ ଆରମ୍ଭରୁ ଛାତ୍ରଛାତ୍ରୀଙ୍କ ସହ ଯୋଡ଼ି ହେବା ଲାଗି ବିଭିନ୍ନ ଦଳର ଛାତ୍ର ସଂଗଠନ ବିଭିନ୍ନ କାର୍ଯ୍ୟକ୍ରମ କରୁଛନ୍ତି। ସ୍ନାତକ ନାମଲେଖା ଆରମ୍ଭ ହୋଇଥିବାବେଳେ ନବାଗତ ଛାତ୍ରଛାତ୍ରୀଙ୍କ ସହ ସମ୍ପର୍କ ଯୋଡ଼ିବା ଓ ସହଯୋଗ ପାଇଁ ଛାତ୍ର ସଂଗଠନଗୁଡ଼ିକ ହେଲ୍ପ ଡେସ୍କ ଖୋଲିଛନ୍ତି। ସ୍ୱାଗତ କରିବା ବେଳେ ସଂଗଠନର ପୁସିଂ କାର୍ଡ ପ୍ରଦାନ କରୁଛନ୍ତି। ଆଗକୁ ଚାରାରୋପଣ, ବନ୍ଧୁମିଳନ ପରି ବିଭିନ୍ନ କାର୍ଯ୍ୟକ୍ରମ କରି ଶିକ୍ଷାର୍ଥୀଙ୍କୁ ଆକୃଷ୍ଟ କରିବା ପାଇଁ ମଧ୍ୟ ଯୋଜନା ପ୍ରସ୍ତୁତ କରିଛନ୍ତି। ଇତି ମଧ୍ୟରେ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ (ଏବିଭିପି) ଛାତ୍ରଛାତ୍ରୀଙ୍କୁ ଯୋଡ଼ିବା ପାଇଁ ସଦସ୍ୟତା ଅଭିଯାନ ଆରମ୍ଭ କରିଛି। ସଂଗଠନ ସୁଦୃଢ଼ ନ ଥିବା ଶିକ୍ଷାନୁଷ୍ଠାନରେ ବଳ ଗୋଟାଇବା ପାଇଁ ପ୍ରୟାସ ଆରମ୍ଭ କରିଛି। ପୂର୍ବରୁ ବିସିଜେଡି ସମେତ ଏନ୍‌ଏସ୍‌ୟୁଆଇ, ଏଆଇଏସ୍‌ଏଫ୍, ଏଆଇଡିଏସ୍‌ଓ ପରି ବିଭିନ୍ନ ଛାତ୍ର ସଂଗଠନ ମଧ୍ୟ ସେମାନଙ୍କ ସଂଗଠନକୁ ସକ୍ରିୟ କରୁଛନ୍ତି।

## ଟିଟିଲାଗଡ଼ରେ ଆଦିବାସୀ ମେଳି

# ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଧସେଇ ପଶିଲେ

ଟିଟିଲାଗଡ଼, ୭।୭ (ସମିସ)

ଟିଟିଲାଗଡ଼ରେ ତାତିଲେ ଆଦିବାସୀ। ପାରମ୍ପରିକ ଅସ୍ତ୍ରଶସ୍ତ୍ର ବାଦ୍ୟଯନ୍ତ୍ର ଧରି ସହରରେ ବୁଲିଲେ। ଆଦିବାସୀମାନଙ୍କ ସମସ୍ତ ଯୋଜନା ବନ୍ଦ ପ୍ରତିବାଦ ଓ ବିଭିନ୍ନ ଦାବିନେଇ ଧସେଇ ପଶିଲେ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଭିତରକୁ। ଆଦିବାସୀମାରଣ ନୀତି ବନ୍ଦ ନ କଲେ ତୀବ୍ର ଆନ୍ଦୋଳନ ଚେତାବନୀ ଦେଇଛନ୍ତି। ମାସକ ମଧ୍ୟରେ ଉପଜିଲ୍ଲାପାଳଙ୍କ ବଦଳି ନ ହେଲେ ଭୟଙ୍କର ଆନ୍ଦୋଳନ ହେବ ବୋଲି କହିଛନ୍ତି।

ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘ ବାଜା ସହ ଖଣ୍ଡା, ଧନୁତୀର, ବରଛା ଓ ଅନେକ ପାରମ୍ପରିକ ଅସ୍ତ୍ରଶସ୍ତ୍ର ଧରି ଶୋଭାଯାତ୍ରାରେ ବାହାରିଥିଲେ। ଟିଟିଲାଗଡ଼ର ଆରାଧ୍ୟ ଦେବୀ ମା ଘଣ୍ଟେଶ୍ୱରୀ ମନ୍ଦିରରୁ ଶୋଭାଯାତ୍ରା ଟିଟିଲାଗଡ଼ ବ୍ଲକ ସଭାପତି ପଦ୍ମନ ପ୍ରଧାନୀଙ୍କ ନେତୃତ୍ୱରେ ହଜାର ହଜାର ଆଦିବାସୀ 'ଆଦିବାସୀ ମାରଣା ନୀତି ବନ୍ଦ କର, ଜଙ୍ଗଲ ଜମି ଅଧିକାର ଆମର ହକ୍ ଆମକୁ ଦିଅ, ପିଲାମାନଙ୍କ ଅନ୍ୱେଷା ଯୋଜନା ଶୀଘ୍ର ଆରମ୍ଭ କର, ଆଦିବାସୀ ଜମି କିଣାବିକା ବନ୍ଦ କର, ଆଦିବାସୀମାନଙ୍କ ଉପରେ ଜୁଲୁମ ବନ୍ଦ କର' ଆଦି ସ୍ଲୋଗାନ୍ ଦେଇ ଉପଜିଲ୍ଲାପାଳ କାର୍ଯ୍ୟାଳୟ ସମ୍ମୁଖରେ ପହଞ୍ଚିବା ପରେ ଉତ୍ତେଜନା ଦେଖା ଦେଇଥିଲା। ପୁଲିସ ମୁଖ୍ୟ ଗେଟ୍‌କୁ ବନ୍ଦ କରି ସଦଳବଳ ଜଗି ରହିଥିବା ବେଳେ ଉତ୍ୟକ୍ତ ଆଦିବାସୀ ମହିଳା ଗେଟ୍ ଠେଲି ଖୋଲିଦେବା ପରେ ପୁଲିସ ଛତ୍ରଭଙ୍ଗ ଦେଇଥିଲେ। ଆଦିବାସୀ ମହିଳାମାନେ ପରମ୍ପରିକ ଅସ୍ତ୍ରଶସ୍ତ୍ର ଧରି କାର୍ଯ୍ୟାଳୟ ଭିତରେ ଧସେଇ ପଶି ନାରାବାଜି କରିଥିଲେ। ବିକ୍ଷୋଭ ଓ ଧାରଣା ଦେଇଥିବାବେଳେ ଉପଜିଲ୍ଲାପାଳ ନ ଥିବାରୁ ଆଦିବାସୀ ସଂଘ ତୀବ୍ର ଅସନ୍ତୋଷ ପ୍ରକାଶ କରିବା ସହିତ ଜାଣିଶୁଣି ଆଦିବାସୀ ମାନଙ୍କ ପ୍ରତି ଉପଜିଲ୍ଲାପାଳ ଅଣଦେଖା କରିଥିବା ବେଳେ ଆଦିବାସୀ ମାନଙ୍କ ଜମିଗୁଡ଼ିକୁ ଅନ୍ୟ ହାତରେ ଉପଜିଲ୍ଲାପାଳ ଟେକି ଦେଉଥିବା ଅଭିଯୋଗ କରି ତୁରନ୍ତ ଏକ ମାସ ମଧ୍ୟରେ ଉପଜିଲ୍ଲାପାଳଙ୍କ ବଦଳି ଦାବି କରିଛନ୍ତି। ନଚେତ ଆଗକୁ ଆହୁରି ବ୍ୟାପକ ଆନ୍ଦୋଳନ ହେବା ସହ ଉପଜିଲ୍ଲାପାଳ ଅଫିସ କୁ ତାଲା ମାରି ଦିଆଯିବ ବୋଲି ଚେତାବନୀ ଦେଇଛନ୍ତି ନିରଞ୍ଜନ ବିଶି। ଏବେ ରାଜ୍ୟ ରେ ଆଦିବାସୀ ସମ୍ପ୍ରଦାୟ ର ମୁଖ୍ୟମନ୍ତ୍ରୀ ରହିଥିବା ବେଳେ ରାଷ୍ଟ୍ରପତି ମଧ ମହାମହିମ ଦ୍ରୌପଦୀ ମୁର୍ମୁ ଜଣେ ଆଦିବାସୀ। ହେଲେ ରାଜ୍ୟରେ ଆଦିବାସୀ ମାନଙ୍କୁ ଶୋଷଣ କରାଯାଉଥିବା ନେଇ ଆଦିବାସୀ ସଂଘ ଅଭିଯୋଗ କରି ଆଗକୁ ବ୍ୟାପକ ଆନ୍ଦୋଳନ ର ଚେତାବନୀ ଦେଇଛି।



**ମାସକ ମଧ୍ୟରେ ଉପଜିଲ୍ଲାପାଳଙ୍କ ବଦଳି ନ ହେଲେ ସଶସ୍ତ୍ର ଆନ୍ଦୋଳନ**

## ● ସ୍କୁଲ ପାଖରେ ବିଦେଶୀ ମଦ ଦୋକାନ ଖୋଲିବା ନେଇ ଚେତାବନୀ

# 'ଦୋକନ ବନ୍ଦ ନ ହେଲେ ପରିସ୍ଥିତି ପାଇଁ ସଜାଗ ରୁହ'

ଟିଟିଲାଗଡ଼, ୭।୭ (ସମିସ): ଟିଟିଲାଗଡ଼ ସହର ହାଇସ୍କୁଲପଡ଼ାସ୍ଥିତ ଜନବସତି ତଥା ଘରୋଇ ଇଂରାଜୀ ମିଡିୟମ ସ୍କୁଲକୁ ଲାଗି ନୂଆ ବିଦେଶୀ ମଦ ଦୋକାନ ଖୋଲିବାକୁ ନେଇ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। କେମିତି ଅବକାରୀ ବିଭାଗ ଜନବସତି ଅଞ୍ଚଳରେ ବିଦେଶୀ ମଦ ଦୋକାନ ଖୋଲିବାକୁ ଅନୁମତି ଦେଲା ବୋଲି ପ୍ରଶ୍ନ କରି ବଲାଙ୍ଗୀର ଜିଲ୍ଲାପାଳ ଗୌରବ ଶିବାଜୀ ଇସଲୱାରଙ୍କୁ ଘେରିଛନ୍ତି ପୂର୍ବତନ ସାଂସଦ ନିରଞ୍ଜନ ବିଶି। ଶୀଘ୍ର ଜନବସତି ତଥା ଘରୋଇ ସ୍କୁଲକୁ ଲାଗି ରହିଥିବା ବିଦେଶୀ ମଦ ଦୋକାନ ବନ୍ଦ କିମ୍ବା ଅନ୍ୟତ୍ର ସ୍ଥାନାନ୍ତର କରିବାକୁ କହିଛନ୍ତି। ନଚେତ୍ ଆଗକୁ ପରିଣାମ ଭୟାବହ ହେବା ନେଇ ସ୍ପଷ୍ଟ ଚେତାବନୀ ଦେଇଛନ୍ତି। ଉକ୍ତ ଅଞ୍ଚଳରେ ଦୁଇଟି ଘରୋଇ ସ୍କୁଲ, ଅନତି ଦୂରରେ ଦୁଇ ସରକାରୀ ସ୍କୁଲ ତଥା ଆଦିବାସୀ ମାନଙ୍କ ଇଷ୍ଟ ଦେବୀଙ୍କ ମନ୍ଦିର ଓ ଜନବସତି ରହିଛି।

ପୂର୍ବତନ ସାଂସଦ ନିରଞ୍ଜନ ବିଶି ହାଇସ୍କୁଲପଡ଼ା ଯାଇ ବେଆଇନ ଭାବରେ ଥିବା ବିଦେଶୀ ମଦ ଦୋକାନ ବୁଲିବା ସହ ଆଖପାଖ ପରିବାର ଲୋକଙ୍କ ସହ ଆଲୋଚନା କରିଥିଲେ। ଏପରିକି ମଦ ଦୋକାନକୁ ଲାଗି ରହିଥିବା ଘରୋଇ ସ୍କୁଲକୁ ଦେଖି ଚକିତ ହୋଇଥିଲେ। ଏନେଇ ଜିଲ୍ଲାପାଳଙ୍କୁ ତୁରନ୍ତ ଉକ୍ତ ମଦ ଦୋକାନ ବନ୍ଦ କରିବାକୁ ପୂର୍ବତନ ସାଂସଦ ତଥା ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘର ପଶ୍ଚିମ ଓଡ଼ିଶା ମହା ସଚିବ ଚେତାବନୀ ଦେଇଛନ୍ତି। ସେପଟେ ଟିଟିଲାଗଡ଼ ପ୍ରଶାସନ ଉକ୍ତ ବିଦେଶୀ ମଦ ଦୋକାନକୁ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଥିବା ବେଳେ ମଦ ଦୋକାନ ପ୍ରଶାସନର ନିର୍ଦ୍ଦେଶକୁ ବେଖାତିର କରି ଖୋଲିଥିବାରୁ ଜିଲ୍ଲାର ଜନୈକ ମନ୍ତ୍ରୀଙ୍କ ପ୍ରଚ୍ଛନ ହାତ ରହିଥିବା ଚର୍ଚ୍ଚା ହେଉଛି।



● ଚରମ ବାଣୀ ଶୁଣାଇଲେ ଆଦିବାସୀ ନେତା ନିରଞ୍ଜନ
● ମନ୍ତ୍ରୀଙ୍କ ପ୍ରଚ୍ଛନ୍ନ ହାତ ଥିବା ନେଇ ଆଲୋଚନା

## ● କୁର୍ଲି ଗାଁ ସରକାରୀ ବିଦ୍ୟାଳୟରେ ଅଘଟଣ

# ଛାତରୁ ସିମେଣ୍ଟ ଅତଡ଼ା ଖସି ୩ ଗୁରୁତର

କଣ୍ଟାବାଞ୍ଜି, ୭।୭ (ସମିସ): ବିଳମ୍ବରେ ସ୍କୁଲ ଖୋଲିବାରୁ ଘଟିଲା ଅଘଟଣ। ଛାତ୍ରଛାତ୍ରୀମାନେ ସ୍କୁଲ ଖୋଲି ନଥିବାରୁ ପାଖ ଅଙ୍ଗନବାଡ଼ି ବାରଣ୍ଡାରେ ବସିଥିବାବେଳେ ଛାତରୁ ପଲସରା ଖସି ୩ ଛାତ୍ର ଆହତ ହୋଇଛନ୍ତି। ବଲାଙ୍ଗୀର ଜିଲ୍ଲା ତୁରେକେଲା ବ୍ଲକ ଅନ୍ତର୍ଗତ କୁର୍ଲିଗାଁରେ ଘଟିଛି ଏହି ଅଘଟଣ।



ପ୍ରକାଶ ଯେ, ସତନାମୀପଡ଼ାର ଛାତ୍ର ସଞ୍ଜୟ ସତନାମୀ, ତନୟା ସତନାମୀ ସହ ଅନ୍ୟ ଛାତ୍ରୀ ପାଠ ପଢ଼ିବାକୁ ଯାଇଥିଲେ। କିନ୍ତୁ ବିଦ୍ୟାଳୟ ସକାଳ ୯ଟା ୩୦ ମିନିଟ ପର୍ଯ୍ୟନ୍ତ ଖୋଲି ନ ଥିଲା। ଫଳରେ ଛାତ୍ରଛାତ୍ରୀମାନେ ପାଖରେ ଥିବା ଅଙ୍ଗନବାଡି କେନ୍ଦ୍ରରେ ବାରଣ୍ଡାରେ ବସିଥିବା ବେଳେ ଛାତରୁ ସିମେଣ୍ଟ ଅତଡ଼ା ଖସି ଜଣେ ଛାତ୍ର ଓ ଅନ୍ୟ ଦୁଇ ଛାତ୍ରୀ ଗୁରୁତର ହୋଇଥିଲେ। ତାଙ୍କୁ କଣ୍ଟାବାଞ୍ଜି ସରକାରୀ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ମୁଣ୍ଡ ଫାଟିବା ସହ ଶରୀରର ବିଭିନ୍ନ ଅଂଶରେ ଆଘାତ ଲାଗିଛି। ସେପଟେ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ମମତା ଯୋଶୀଙ୍କୁ ପଚାରିବାରୁ ଆଜି ମୁଁ ଛୁଟିରେ ଥିଲି, ସହ ଶିକ୍ଷୟିତ୍ରୀ ଜଣକ ଚାର୍ଜରେ ଥିଲେ ବୋଲି କହିଛନ୍ତି।

ଦାୟିତ୍ୱରେ ଥିବା ଶିକ୍ଷୟିତ୍ରୀଙ୍କ ଅବହେଳା ଯୋଗୁଁ ଏପରି ଦୁର୍ଘଟଣା ଘଟିଛି। ଯଦି ସରକାରୀ ନିୟମ ଅନୁସାରେ ବିଦ୍ୟାଳୟ ତାଲା ଖୋଲି ଥାଆନ୍ତେ ଏପରି ହୋଇନଥାନ୍ତା ବୋଲି ଗ୍ରାମବାସୀ କହିଛନ୍ତି। ସମ୍ପୃକ୍ତ ଶିକ୍ଷୟିତ୍ରୀଙ୍କ ବିରୋଧ କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି। ଏନେଇ ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀଙ୍କ ସହ ଯୋଗାଯୋଗ କରିଥିଲେ ମଧ ପ୍ରତିକ୍ରିୟା ମିଳିନାହିଁ।

# ପଶ୍ଚିମ ଓଡ଼ିଶା ମହିଳା ସଂଗଠନ ପକ୍ଷରୁ ରାଷ୍ଟ୍ରପତିଙ୍କୁ ଦାବିପତ୍ର

ବଲାଙ୍ଗିର, ୭।୭ (ସମିସ): ବଲାଙ୍ଗିର ଜିଲ୍ଲା ମୁରିବାହାଲ ବ୍ଲକ ଘୁଷୁରାମୁଣ୍ଡା ଗ୍ରାମର ଅଙ୍ଗନବାଡି ପାଚିକା ଭାବେ ମନୋନୀତ ପୂଣ୍ୟା ହରପାଲଙ୍କ ନିଯୁକ୍ତି ସୁନିଶ୍ଚିତ କରିବା ଓ ଜାତିଭିତ୍ତିକ ଭେଦଭାବ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଦାବିପତ୍ର ପ୍ରଦାନ କରାଯାଇଛି। ସଂଗଠନ ପକ୍ଷରୁ କୁହାଯାଇଛି ଯେ ପୁଣ୍ୟା ହରପାଲି ନିର୍ଦ୍ଧାରିତ ସରକାରୀ ନିୟମାବଳୀ ଏବଂ ମେରିଟ୍ ଆଧାରରେ ଉକ୍ତ ପଦବୀ ପାଇଁ ମନୋନୀତ ହୋଇଥିବା ସତ୍ତ୍ୱେ ଘୁଷୁରାମୁଣ୍ଡା ଗ୍ରାମର ଆଦିବାସୀ ଜନସାଧାରଣ ତାଙ୍କ ନିଯୁକ୍ତିକୁ ବିରୋଧ କରୁଛନ୍ତି। ଯଦି ଏହି ବିରୋଧ ତାଙ୍କର ଜାତିକୁ ଆଧାର କରି କରାଯାଇଛି, ତେବେ ଏହା ଭାରତୀୟ ସମ୍ବିଧାନ ବିରୋଧୀ।

ଏହି ପରିପ୍ରେକ୍ଷିରେ ପଶ୍ଚିମ ଓଡ଼ିଶା ମହିଳା ସଂଗଠନ ଜିଲ୍ଲା ପ୍ରଶାସନକୁ ପୁଣ୍ୟା ହରପାଲଙ୍କ ଆଇନସମ୍ମତ ନିଯୁକ୍ତିକୁ ତୁରନ୍ତ କାର୍ଯ୍ୟକାରୀ କରିବା, ଜାତିଭିତ୍ତିକ ଭେଦଭାବ କିମ୍ବା ଧମକ ବିରୋଧରେ ଆବଶ୍ୟକ ଆଇନଗତ ପଦକ୍ଷେପ ଗ୍ରହଣ କରିବା ଏବଂ ଅଙ୍ଗନବାଡି କେନ୍ଦ୍ରରେ ଶାନ୍ତି, ସମ୍ପ୍ରୀତି ଓ ଆଇନର ଶାସନ ବଜାୟ ରଖିବା ପାଇଁ ଦାବି କରିଛି ସଂଗଠନର ସବିତା ନାଗ, ଅମ୍ବିକା କୁମ୍ଭାର, ମିନା ସୁନା, ମମତା ବରିହା, ସୀମାରାଣୀ ଗଡ଼ତ୍ୟା ଏବଂ ସମସ୍ତ ସଭ୍ୟା ଉପସ୍ଥିତ ଥିଲେ।



## ବନ ମହୋତ୍ସବ ଅବସରରେ ବୃକ୍ଷ ରୋପଣ

ଲୋଇସିଂହା, ୭।୭ (ସମିସ): ଆଗଲପୁର ବ୍ଲକ ଶିକ୍ଷା ଅଧିନସ୍ଥ ସ୍ଥାନୀୟ ଉଷାଦେବୀ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ବକଟି ପରିସରରେ ବନ ମହୋତ୍ସବ ପାଳନ ଅବସରରେ ବୃକ୍ଷ ରୋପଣ କରାଯାଇଛି। ପ୍ରଧାନ ଶିକ୍ଷକ ରାମ ଚନ୍ଦ୍ର ନାଗଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ମୁଖ୍ୟ ଅତିଥି ଭାବେ ଚୌଧୁରୀ ଦଳପତି, ବନପାଳ ସାଲେଭଟା ସେକ୍ସ ସନ୍, ଫରେଷ୍ଟ ଗାର୍ଡ ସତ୍ୟାନନ୍ଦ ପଧାନ, ଅର୍ପିତା ଗୌଡ, ସ୍କ୍ୱାଡ୍ ମେମ୍ବର୍ ସନ୍ତୋଷ ରାଉତ, ସମାରୁ ସାହୁ ପ୍ରମୁଖ ଯୋଗଦାନ କରି ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ବନ ମହୋତ୍ସବ ପାଳନର ଉଦ୍ଦେଶ୍ୟ ତଥା ଗଛର ଉପକାରିତା, ବୃକ୍ଷ ରୋପଣ ପାଇଁ ସାମୂହିକ ଉଦ୍ୟମ ଆଦି ବିଷୟରେ ସଚେତନ ବକ୍ତବ୍ୟ ପ୍ରଦାନ କରିଥିଲେ। ଏହି ଉପଲକ୍ଷେ ବିଦ୍ୟାଳୟ ପରିସରରେ ଛାତ୍ରଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀ ତଥା ଅତିଥିମାନଙ୍କ ଦ୍ୱାରା ବୃକ୍ଷ ରୋପଣ କରାଯାଇଥିଲା। ବିଦ୍ୟାଳୟର ଗଛର ଯତ୍ନ ନେଇଥିବା ତତ୍ତ୍ୱାବଧାରକ ଛାତ୍ରଛାତ୍ରୀଙ୍କୁ ମୁଖ୍ୟ ଅତିଥିଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ବିଦ୍ୟାଳୟର କଳା ଶିକ୍ଷକ ସରୋଜ କୁମାର ବିଶ୍ୱାଲ କାର୍ଯ୍ୟକ୍ରମର ସଫଳ ସଂଯୋଜନା କରିଥିବାବେଳେ ବିଦ୍ୟାଳୟର ଏସ୍‌ଏମ୍‌ସି ସଭାପତି ସୁଶିଲ କୁମାର ଭୋଇ ତଥା ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସଙ୍ଗୀତା ସାହୁ, ସନ୍ତୋଷିନୀ ଦଣ୍ଡସେନା, ସୁମୀ ନାଏକ, ଚିନ୍ମୟ ପୁରୋହିତ, ଉମେଶ ଚନ୍ଦ୍ର ସାହୁ, ଗୋପବନ୍ଧୁ ପଟେଲ, ପିଣ୍ଟୁଦୋରା, ଭଗବାନ ବିଶ୍ୱାଲ, ଋଷଭ ପଧାନ ପ୍ରମୁଖ ସହଯୋଗ କରିଥିଲେ।



## ଏସ୍‌ଆଇଆର୍ ସୁପରିଚାଳନା ପାଇଁ ଉପଜିଲ୍ଲାପାଳଙ୍କୁ ଭେଟିଲା ସିଭିଲ ସୋସାଇଟି

ବଲାଙ୍ଗିର, ୭।୭ (ସମିସ): ବଲାଙ୍ଗିର ଜିଲ୍ଲା ସିଭିଲ୍ ସୋସାଇଟିର ଏକ ପ୍ରତିନିଧି ଦଳ ଉପଜିଲ୍ଲାପାଳ ଆଲାକ ପଟେଲଙ୍କୁ ସାକ୍ଷାତ କରି ଏସ୍‌ଆଇଆରର ଅଗ୍ରଗତି ଓ ପରିଚାଳନା ସମ୍ବନ୍ଧରେ ଆଲୋଚନା ସହ ଏକ ଦାବିପତ୍ର ପ୍ରଦାନ କରିଥିଲେ। ସଭ୍ୟମାନଙ୍କ କିଛି ପ୍ରଶ୍ନର ଉତ୍ତର ଦେଇ ଜନଗଣନା କାର୍ଯ୍ୟକ୍ରମରେ ମୁଖ୍ୟ ଭୂମିକା ଗ୍ରହଣ କରିଥିବା ବିଏଲଓମାନଙ୍କୁ ସମସ୍ତେ ସହଯୋଗ କରିବାକୁ ଉପଜିଲ୍ଲାପାଳ ନିବେଦନ କରିଛନ୍ତି। ଏସ୍‌ଆଇଆର ଜନଗଣନାର ଖୁବ୍ କମ୍ ସଂଖ୍ୟକ ବାଦ୍ ପଡ଼ିଥିବାବେଳେ ପର୍ଯ୍ୟାୟକ୍ରମେ ସମସ୍ତ ଯୋଗ୍ୟ ଭୋଟର ତାଲିକାଭୁକ୍ତ ହୋଇପାରିବେ ବୋଲି ଶ୍ରୀ ପଟେଲ ପ୍ରତିଶ୍ରୁତି ଦେଇଥିଲେ। କୌଣସି କାରଣବଶତଃ ଚିଠା ଭୋଟର ତାଲିକାରେ ନାମ ଯୋଗ ହୋଇନଥିଲେ ଆସନ୍ତା ଅଗଷ୍ଟ ୪ ତାରିଖସୁଦ୍ଧା ଆପତ୍ତି ଦାଖଲ କରିପାରିବେ ବୋଲି ଉପଜିଲ୍ଲାପାଳ କହିଛନ୍ତି। ବଲାଙ୍ଗୀର ଜିଲ୍ଲା ସିଭିଲ୍ ସୋସାଇଟିର ଆବାହକ ଇଂ. ବେଲାରସିଂ ଭୋଇ, ସଂଯୋଜକ ମନୋରଞ୍ଜନ ସାହୁଙ୍କ ସମେତ ରଘୁ ନନ୍ଦନ ସିଂହ, ପୀତବାସ ପଣ୍ଡା, ଆନନ୍ଦ ମିଶ୍ର, ପବିତ୍ର ଦାସ, ଶଙ୍କର ପାଣିଗ୍ରାହୀ ପ୍ରମୁଖ ଆଲାଚନାରେ ଅଂଶଗ୍ରହଣ କରିଥିଲ।



## ଡୁମାଲ ଜାତି ସଭା ଆୟୋଜନ

ବଲାଙ୍ଗିର, ୭।୭ (ସମିସ): ବଲାଙ୍ଗିର ଜିଲ୍ଲା ଘସିଏନ ନିକଟସ୍ଥ କୁତୁଲ୍ଲା ଗ୍ରାମଠାରେ ଜାଳପାଲି କେନ୍ଦ୍ରର ଷାଠିଏ ଘର ଡୁମାଲ ସମାଜର ବୈଠକ ଗୋକୁଳ ପର୍ଡିଆ (ଗୌନ୍ୟା) ଙ୍କ ସଭାପତିତ୍ୱରେ କୁତୁଲ୍ଲା ମାହେଶ୍ୱରୀ ପୀଠରେ ଏକ ସଭା ଅନୁଷ୍ଠିତ ହୋଇଥିଲା। ସଭାରେ ମୁଖ୍ୟ ଅତିଥି ବରିଷ୍ଠ ଆଇନଜୀବୀ ଜଗନ୍ନାଥ କରନ, ପ୍ରକାଶ ଚନ୍ଦ୍ର ମେର୍ଲି, ରମାକାନ୍ତ ପଧାନ, ତୀର୍ଥ ପଧାନ, ଇଶ୍ୱର କରନ, ବଜରଙ୍ଗ ଅମାତ, ଗୁରୁଦେବ କର୍ମି, ବୃଷଭ ଦନ୍ତା, ଅରବିନ୍ଦ ପଧାନ, କୁଣ୍ଟୁ ମେର୍ଲି ତଥା ଜାଳପାଲି କେନ୍ଦ୍ର ଓ ଜିଲ୍ଲାର ବିଭିନ୍ନ ଗ୍ରାମରୁ ଷାଠିଏ (୬୦) ଘର ଡୁମାଲ ସମାଜର ଜାତିଭାଇମାନେ ଉପସ୍ଥିତ ଥାଇ ସୁଚିନ୍ତିତ ମତ ସାବ୍ୟସ୍ତ କରିଥିଲେ। ଉକ୍ତ ସଭାରେ ଜାଳପାଲି କେନ୍ଦ୍ରର ସଭାପତି ଭାବେ ଗୋପାଳ ମହାକୁର ଓ ସମ୍ପାଦକ ଭାବେ ରୋହିତ ପର୍ଡିଆ ଙ୍କୁ ଚୟନ କରାଯାଇଥିଲା। ଶେଷରେ ସମାଜର ସାମାଜିକ, ଅର୍ଥନୈତିକ ଓ ଶିକ୍ଷାଗତ ଉନ୍ନତି ପାଇଁ ଆଲୋଚନା କରାଯାଇଥିଲା।



## ଟାଉନ ବାଳିକା ଓ ବାଳକ ବିଦ୍ୟାଳୟ ପରିଦର୍ଶନ କଲେ ନରସିଂହ ମିଶ୍ର

# ଅଣ ଶିକ୍ଷକ କର୍ମଚାରୀ ପଦ ଶୀଘ୍ର ପୂରଣ ଦାବି

ବଲାଙ୍ଗିର, ୭।୭ (ସମିସ): ପୂର୍ବତନ ଆଇନମନ୍ତ୍ରୀ ନରସିଂହ ମିଶ୍ର ବଲାଙ୍ଗିର ସହର ସ୍ଥିତ ଟାଉନ ବାଳିକା ଏବଂ ଟାଉନ ବାଳକ ଉଚ୍ଚ ବିଦ୍ୟାଳୟରେ ପହଞ୍ଚି ସେଠାକାର ଶିକ୍ଷକ କର୍ମଚାରୀଙ୍କ ସହିତ ଉଚ୍ଚ ବିଦ୍ୟାଳୟର ସୁବିଧା ଅସୁବିଧା ପଚାରି ବୁଝିଥିଲେ। ଟାଉନ୍ ବାଳିକା ଉଚ୍ଚ ବିଦ୍ୟାଳୟରେ ଯଦିଓ ମଞ୍ଜୁରିପ୍ରାପ୍ତ ସମସ୍ତ ପଦବୀରେ ଶିକ୍ଷକ ନାହାନ୍ତି ତଥାପି ମଧ ଶିକ୍ଷାଦାନ ଠିକ୍ ଭାବରେ ଚାଲିଥିବା ଜଣାପଡ଼ିଥିଲା। ସେଠାରେ ହିନ୍ଦୀ, ସଂସ୍କୃତ, ଗଣିତ ଏବଂ ଫିଜିକାଲ ଇନଷ୍ଟ୍ରକଟର ଶିକ୍ଷକ ଅଭାବ ଉପରେ ପ୍ରଧାନ ଶିକ୍ଷୟିତ୍ରୀ ଶ୍ରୀ ମିଶ୍ରଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ରାତ୍ରି ଜଗୁଆଳି ପଦ ଖାଲି ଥିବାରୁ ସ୍କୁଲର ନିରାପତ୍ତା କୁ ନେଇ ଶିକ୍ଷକମାନେ ଚିନ୍ତା ପ୍ରକଟ କରିଥିଲେ। ମାଟ୍ରିକ୍ ପରୀକ୍ଷା ଫଳ ନେଇ ଶ୍ରୀ ମିଶ୍ର ସନ୍ତୁଷ୍ଟି ପ୍ରକାଶ କରିଥିଲେ। ଖେଳ ବିଭାଗରେ ମଧ ବିଶେଷ କରି ବ୍ୟାଡମିଣ୍ଟନ ଓ ଖୋଖୋରେ ସ୍କୁଲର ଖେଳାଳିମାନେ ଜାତୀୟସ୍ତର ପର୍ଯ୍ୟନ୍ତ ଭାଗ ନେଉଛନ୍ତି। ପରେ ଶ୍ରୀ ମିଶ୍ର ଟାଉନ ବାଳକ ଉଚ୍ଚ ବିଦ୍ୟାଳୟ ରେ ପହଞ୍ଚି ସେଠାକାର ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟତ୍ରୀ ଏବଂ ଶିକ୍ଷକ ତଥା କର୍ମଚାରୀଙ୍କ ସହ ଆଲୋଚନା କରିଥିଲେ। ଏଠାରେ ମଧ ମେଟ୍ରିକ ପରୀକ୍ଷା ଆଶାଅନୁରୂପ ଥିବା ଜଣାପଡ଼ିଥିଲା। ଅଣ ଶିକ୍ଷକ କର୍ମଚାରୀଙ୍କ ଅଭାବ ଯୋଗୁଁ ଅନେକ ଗୁଡିଏ ଶିକ୍ଷା ଅନୁସଙ୍ଗିକ କାର୍ଯ୍ୟ ସୁଚାରୁ ରୂପେ ହୋଇ ନ ପାରୁଥିବା ଆଲୋଚନା ବେଳେ ଶିକ୍ଷକମାନେ ଜଣାଇଥିଲେ। ସ୍କୁଲ କୋଠାରେ ପାଣି ଗଳୁଥିବାରୁ ଏହି ସମସ୍ୟା ସମାଧାନ ପାଇଁ ପଦକ୍ଷେପ ନିଆଯିବ ବୋଲି ଶ୍ରୀ ମିଶ୍ର ପ୍ରତିଶ୍ରୁତି ଦେଇଥିଲେ। ତା ସହ ଖେଳ ପଡ଼ିଆରେ ଦରକାର ହେଉଥିବା ଟ୍ୟୁବ ୱେଲ ପାଇଁ ଜନସ୍ୱାସ୍ଥ୍ୟ ବିଭାଗ ଯନ୍ତ୍ରୀଙ୍କ ସହ କଥା ହୋଇ ବହୁ ଶିଘ୍ର ଟ୍ୟୁବ ୱେଲ ସ୍ଥାପନ ପାଇଁ ଶ୍ରୀ ମିଶ୍ର କହିଥିଲେ। ପୂର୍ବଯନ୍ତ୍ରୀ ମଧ ଉଭୟ ଟାଉନ ବାଳିକା ଓ ବାଳକ ଉଚ୍ଚ ବିଦ୍ୟାଳୟ ପୂର୍ବରୁ ଆଲୋଚନା ହୋଇଥିବା ପିଆର ହାଇସ୍କୁଲ ଖେଳ ପଡ଼ିଆରେ ଶୌଚାଳୟ ଏବଂ ସରକାରୀ ବାଳିକା ବିଦ୍ୟାଳୟରେ ଏକ ସେଡ୍ ନିର୍ମାଣ ପାଇଁ ପଦକ୍ଷେପ ନିଆଯିବ ବୋଲି ପୂର୍ବତନ ଆଇନମନ୍ତ୍ରୀ ନରସିଂହ ମିଶ୍ରଙ୍କ ଅନୁରୋଧ କ୍ରମେ ସମ୍ମତି ପ୍ରକାଶ କରିଥିଲେ।

ଶିକ୍ଷକ ଓ ଅଣ ଶିକ୍ଷକ କର୍ମଚାରୀଙ୍କ ଅଭାବକୁ ନେଇ ଶିକ୍ଷା ବିଭାଗଙ୍କ ସହ ସେ ଶୀଘ୍ର ଆଲୋଚନା କରିବେ ବୋଲି ନିଜ ପ୍ରତିକ୍ରିୟାରେ ଶ୍ରୀ ମିଶ୍ର କହିଛନ୍ତି। ପରିଦର୍ଶନ ସମୟରେ ଟାଉନ ବାଳକ ହାଇସ୍କୁଲର ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ମିତା ଭୋଇ, ଯୋଗମାୟା ଷଡଙ୍ଗି, କଲ୍ୟାଣ ଉଦ୍‌ଗାତା, ଅନାକର ସାହୁ, ମଧୁସ୍ମିତା ସାହୁ ଏବଂ ବାଳିକା ଉଚ୍ଚ ବିଦ୍ୟାଳୟରେ ପ୍ରଧାନ ଶିକ୍ଷୟତ୍ରୀ ଅରୁନ୍ଧତି ବଢେଇ, ଯଜାତି କେଶରୀ ପ୍ରଧାନ, ସତ୍ୟାନନ୍ଦ ବିଶ୍ୱାଳ, କୃଷ୍ଣଚନ୍ଦ୍ର ବାଗ, କବିତା ମିଶ୍ରଙ୍କ ସମେତ ଅନ୍ୟାନ୍ୟ କର୍ମଚାରୀ ଉପସ୍ଥିତ ଥିଲେ।




बैंक ऑफ महाराष्ट्र
Bank of Maharashtra
भारत सरकार का उद्यम
एक परिवार एक बैंक

**ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର**
ଅଞ୍ଚଳ କାର୍ଯ୍ୟାଳୟ : ଭୁବନେଶ୍ୱର
ପ୍ରଥମ ମହଲା, ଦୂର ସଞ୍ଚାର ଭବନ, ୟୁନିଟ୍-୯, ରୁପାଲି ଛକ ନିକଟ, ଭୁବନେଶ୍ୱର-୭୫୧୦୨୨,
ଇ-ମେଲ୍: dzmbbsr@mahabank.co.in

**ସୁନା ନିଲାମ ବିଜ୍ଞପ୍ତି**

ନିମ୍ନଲିଖିତ ସୁନା ଋଣ ଆକାଉଣ୍ଟ ନିମନ୍ତେ ବ୍ୟାଙ୍କରେ ବନ୍ଧକ ଥିବା ଅଳଙ୍କାରଗୁଡ଼ିକ ସର୍ବସାଧାରଣ ନିଲାମ ମାଧ୍ୟମରେ ବିକ୍ରୟ କରାଯିବ ଯାହାକି **ତା.୧୭.୦୭.୨୦୨୬ରିଖ ଅପରାହ୍ନ ୧.୦୦ ଘଟିକା** ସମୟରେ **ସମ୍ପୃକ୍ତ ଶାଖା ପରିସରରେ** ନିଲାମ କରାଯିବ। ଆଗ୍ରହୀ ପକ୍ଷମାନଙ୍କୁ ପ୍ରତ୍ୟେକ ଆକାଉଣ୍ଟର ସଂରକ୍ଷିତ ମୂଲ୍ୟ ନିମନ୍ତେ ସମ୍ପୃକ୍ତ ଶାଖା ପ୍ରବନ୍ଧକଙ୍କ ସହିତ ଯୋଗାଯୋଗ କରିବାକୁ ପଡିବ। ସୁନା ଅଳଙ୍କାର କ୍ରୟ କରିବାକୁ ଆଗ୍ରହୀ ପକ୍ଷମାନେ ବିକ୍ରି ପାଇଁ ଥିବା ସୁନା ଅଳଙ୍କାରଗୁଡ଼ିକର ସମ୍ପୂର୍ଣ୍ଣ ବିବରଣୀ ଏବଂ ନିୟମ ଓ ସର୍ତ୍ତାବଳୀ ପାଇଁ ଶାଖା ପ୍ରବନ୍ଧକଙ୍କୁ ଯୋଗାଯୋଗ କରନ୍ତୁ। ସୁନା ଅଳଙ୍କାର କ୍ରୟ କରିବାକୁ ଆଗ୍ରହୀ ପକ୍ଷମାନେ ନିଲାମରେ ଅଂଶଗ୍ରହଣ କରିପାରିବେ।
**ଦ୍ରଷ୍ଟବ୍ୟ: ଏହି ନୋଟିସ୍‌ଟି ଋଣଗ୍ରହୀତାମାନଙ୍କୁ ୭ ଦିନିଆ ଅନ୍ତିମ ପୁନଃସ୍ମରଣ (ରିମାଇଣ୍ଡର) ତଥା ନିଲାମ ନୋଟିସ୍ ଭାବେ ବିଚାର କରାଯିବ।**

| କ୍ର. ନଂ. | ଋଣଗ୍ରହୀତାମାନଙ୍କ ନାମ ଏବଂ ଠିକଣା / ସୁନା ଋଣ ଆକାଉଣ୍ଟ ନଂ. | ତା୦୭.୦୭.୨୦୨୬ରିଖ ସୁଦ୍ଧା (ଲାଗୁ ହୋଇନଥିବା ସୁଧ ଓ ଅନ୍ୟାନ୍ୟ ଦେୟ ବ୍ୟତିତ) + ଭବିଷ୍ୟତ ସୁଧ | ନେଟ୍ ଓଜନ (ଗ୍ରାମ୍‌ରେ) | ମୋଟ ଓଜନ (ଗ୍ରାମ୍‌ରେ) |
|---|---|---|---|---|
| **ଅନୁଗୁଳ ଶାଖା (୧୯୯୩), ଶିମିଳିପଡ଼ା ଛକ, ଗାନ୍ଧୀ ଛକ, ଅନୁଗୁଳ, ଓଡ଼ିଶା, ପିନ୍-୭୫୯୧୨୨, ମୋ.: ୯୮୭୪୨୦୨୫୯୦** | | | | |
| ୧. | **ନମିତା ପଲାଇ,** ସା/ପୋ: ହେମସୁରପଡ଼ା, ଥାନା: ଅନୁଗୁଳ, ଜିଲ୍ଲା: ଅନୁଗୁଳ, ପିନ୍-୭୫୯୧୨୨ / *******୩୦୭୯ | ଟ.୯୬,୨୨୫.୦୦ | ୧୮.୨୦ | ୧୯.୪୮୦ |
| **ବାରିପଦା ଶାଖା (୨୦୯୪), ଲାଲ ବଜାର, ୱାର୍ଡ଼ ନଂ. ୧୦, ବାରିପଦା, ଓଡ଼ିଶା, ପିନ୍-୭୫୭୦୦୧, ମୋ.: ୯୦୦୨୪୨୧୩୮୯** | | | | |
| ୧. | **ସରସ୍ୱତୀ ବେଶ୍ରା,** ସା: ତୁଳସୀଚଉରା, ବାରିପଦା, ଜିଲ୍ଲା: ମୟୂରଭଞ୍ଜ, ପିନ୍-୭୫୭୦୦୧ / *******୬୬୦୧ | ଟ.୧,୮୧,୮୧୪.୦୦ | ୨୪.୦୦ | ୨୭.୩୦ |
| **ନବରଙ୍ଗପୁର ଶାଖା (୨୧୮୦), ତଳ ମହଲା, ଏସ୍‌ବିଆଇ ବଜାର ଶାଖା ନିକଟ, ମେନ୍ ରୋଡ୍, ନବରଙ୍ଗପୁର, ପିନ୍-୭୬୪୦୫୯, ମୋ.: ୮୧୧୪୬୧୧୨୪୩** | | | | |
| ୧. | **ଶ୍ରୀ ପରେଶ ଭତରା,** ତେଲିଆଗୁଡା, ଘୋଡ଼ାଧାନୁଆ, ନବରଙ୍ଗପୁର, ପିନ୍-୭୬୪୦୬୧ / *******୯୧୬୫ | ଟ.୪୧,୭୨୯.୦୦ | ୧୨.୦୦ | ୧୭.୬୪ |
| ୨. | **ରାଏସିଂହ ସାନ୍ତା,** ରାଣୀସୋଲ, ପାତ୍ରି, ନବରଙ୍ଗପୁର, ପିନ୍-୭୬୪୦୫୯ / *******୧୮୮୯ | ଟ.୨୨,୦୦୦.୦୦ | ୫.୦୦ | ୫.୩୮ |
| ୩. | **ଚନ୍ଦ୍ରଧ୍ୱଜ ମାଳି,** ମାଳି ସାହି, ଆମ୍ବାଦୋଲା, ନବରଙ୍ଗପୁର, ପିନ୍-୭୬୪୦୬୩ / *******୧୦୧୮ | ଟ.୫୮,୦୦୦.୦୦ | ୧୧.୦୦ | ୧୧.୧୫ |
| **ଭଞ୍ଜନଗର ଶାଖା (୨୪୪୬), ବଡ଼କୋଦଣ୍ଡା ସ୍କୋୟାର, ମେନ୍ ରୋଡ୍, ଭଞ୍ଜନଗର, ବାଉଁଶଲୁଣ୍ଡି, ପୋ: ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୧୩୩, ମୋ.: ୮୭୯୦୦୮୯୪୨୭** | | | | |
| ୧. | **ଶ୍ରୀ ପ୍ରଦୀପ ଭୂୟାଁ,** ଅଡୁଆ ସାହି, ପୋ: ଡିହପଡ଼ାଳ, ଗଞ୍ଜାମ, ଓଡ଼ିଶା, ପିନ୍-୭୬୧୧୪୦ / *******୯୨୮୦ | ଟ.୧,୫୯,୦୦୦.୦୦ | ୨୮.୦୦ | ୨୯.୫୦ |
| ୨. | **ଶ୍ରୀ ପ୍ରଦୀପ ଭୂୟାଁ,** ଅଡୁଆ ସାହି, ପୋ: ଡିହପଡ଼ାଳ, ଗଞ୍ଜାମ, ଓଡ଼ିଶା, ପିନ୍-୭୬୧୧୪୦ / *******୯୭୪୧ | ଟ.୪୫,୦୦୦.୦୦ | ୯.୦୦ | ୧୦.୭୭ |
| **ମାଲକାନଗିରି ଶାଖା (୨୧୮୮), ମେନ୍ ରୋଡ୍, ନୂଆଗୁଡ଼ା, ଏଫ୍‌ସିଆଇ ଗୋଦାମ ସାମ୍ନା, ଏଚ୍‌ଡିଏଫ୍‌ସି ବ୍ୟାଙ୍କ ନିକଟ, ପୋ/ଜିଲ୍ଲା: ମାଲକାନଗିରି, ପିନ୍-୭୬୪୦୪୫, ମୋ.: ୯୪୯୩୫୦୯୮୬୫** | | | | |
| ୧. | **ଭିକି ଶଗଡିଆ,** ଜେଡ୍ ଏ କଲୋନୀ, ଏମ୍‌କେଜି, ମାଲକାନଗିରି, ପିନ୍-୭୬୪୦୪୫ / *******୨୮୪୮ | ଟ.୭୧,୦୧୬.୦୦ | ୧୭.୨୦ | ୧୭.୫୬ |
| ୨. | **ଶ୍ରୀ ଜୀବନ ବିଶ୍ୱାସ,** ଏମ୍‌ଭି ୨୯, କାମୱାଡ଼ା, ଓରକେଲ, ମାଲକାନଗିରି, ପିନ୍-୭୬୪୦୫୧ / *******୧୮୫୨ | ଟ.୭୪,୭୭୨.୦୦ | ୧୮.୩୦ | ୨୭.୦୪ |
| **ଦେବଗଡ଼ ଶାଖା (୨୩୦୫), ପ୍ଲଟ୍ ନଂ.: ୧୨୦୦ (ଅଂଶ), ସାଇ କମ୍ପ୍ଲେକ୍ସ, ପ୍ରାଇଭେଟ୍ ବସ୍ ଷ୍ଟାଣ୍ଡ ନିକଟ, ପୋ/ଥାନା: ଦେବଗଡ଼, ଜିଲ୍ଲା: ଦେବଗଡ଼, ପିନ୍-୭୬୮୧୦୮, ମୋ.: ୯୯୩୭୩୦୪୫୬୫** | | | | |
| ୧. | **ଲିଲି ସୁନେଲ,** ବଡ଼ମାଣପୁର, ପୋ: ମଧୁପୁର, ଥାନା: ବାରକୋଟ, ଦେବଗଡ଼ / *******୭୬୭୦ | ଟ.୧,୨୦,୫୦୦.୦୦ | ୨୭.୦୦ | ୩୧.୦୧ |
| **ସମ୍ବଲପୁର ଶାଖା (୧୮୨୪), ଶିବଲୋକ କମ୍ପ୍ଲେକ୍ସ, ଗେଇଟୀ ଟକିଜ ରୋଡ୍, ଗୋଲ ବଜାର ନିକଟ, ସମ୍ବଲପୁର, ଓଡ଼ିଶା, ପିନ୍-୭୬୮୦୦୧, ମୋ.: ୯୮୩୩୪୧୬୭୧୪** | | | | |
| ୧. | **ମିସ୍ ଅନିତା ସିଂହ,** ସା: ସାହୁ କଲୋନୀ, ଟ୍ୟାକ୍ସି ଷ୍ଟାଣ୍ଡ, ସଦର, ସମ୍ବଲପୁର, ଓଡ଼ିଶା, ପିନ୍-୭୬୮୦୦୧ / *******୭୨୭୭ | ଟ.୫୬,୩୦୨.୦୦ | ୧୪.୦୦ | ୧୫.୦୦ |
| **ବ୍ୟାସନଗର ଶାଖା (୨୦୩୫), ରାଧାରାଣୀ ମାର୍ଗ, ବ୍ୟାଙ୍କ ଷ୍ଟ୍ରିଟ୍, ଆଇଡ଼ିଏଫ୍‌ସି ଫାର୍ଷ୍ଟ ବ୍ୟାଙ୍କ ନିକଟ, ଯାଜପୁର ରୋଡ୍, ଯାଜପୁର, ପିନ୍-୭୫୫୦୧୯, ମୋ.: ୮୦୮୦୫୪୬୧୧୬** | | | | |
| ୧. | **ପ୍ରକାଶ ଚନ୍ଦ୍ର ସେନାପତି,** ପାଟପୁର, ଏଣ୍ଡଳ, ଜେନାପୁର, ଯାଜପୁର, ପିନ୍-୭୫୫୦୨୩ / *******୮୯୯୧ | ଟ.୧୪,୨୪୮.୦୦ | ୪.୨୦ | ୫.୧୦ |

**ନିମ୍ନଲିଖିତ ସର୍ତ୍ତାବଳୀ ଅନୁସାରେ କଥିତ ନିଲାମ ସମ୍ପନ୍ନ କରାଯିବ।**
୧) **"ଯେଉଁଠାରେ ଯେପରି ଅଛି ଭିତ୍ତିରେ"** ନିଲାମ କରାଯିବ।
୨) ସଫଳ ନିଲାମଧାରୀ ନିଲାମ ତାରିଖ ପରବର୍ତ୍ତୀ କାର୍ଯ୍ୟଦିବସରେ ସମ୍ପୂର୍ଣ୍ଣ ନିଲାମ ରାଶି ପୈଠ କରିବେ ଏବଂ ନିଜର ସମ୍ପୂର୍ଣ୍ଣ ଦାୟିତ୍ୱରେ ଅଳଙ୍କାରଗୁଡ଼ିକ ନେବେ ଏବଂ କଥିତ ନିଲାମଧାରୀ କୌଣସି କାରଣ ବଶତଃ ବ୍ୟାଙ୍କକୁ ତାହା ଫେରସ୍ତ କରିବେ ନାହିଁ।
୩) ଆକାଉଣ୍ଟରେ ବନ୍ଧକଥିବା ସମସ୍ତ କିମ୍ବା ଆଂଶିକ ଅଳଙ୍କାରଗୁଡ଼ିକୁ ନିଲାମ କରିବାକୁ ଆବଶ୍ୟକ ମନେକଲେ ତାହା କରିବାକୁ ବ୍ୟାଙ୍କ ଅଧିକାର ସଂରକ୍ଷିତ ରଖିଅଛି କିମ୍ବା ଯେକୌଣସି ସମୟରେ ବିନା ନୋଟିସ୍‌ରେ ନିଲାମ ବନ୍ଦ କରିବାର ଅଧିକାର ଏହାର ସ୍ୱତନ୍ତ୍ର କ୍ଷମତା ବଳରେ ସଂରକ୍ଷିତ ରହିଛି।
୪) ବ୍ୟାଙ୍କ କୌଣସି କାରଣ ନଦର୍ଶାଇ ଯେକୌଣସି ବିଡ୍‌କୁ ଗ୍ରହଣ / ରଦ୍ଦ କରିବାର ସ୍ୱତନ୍ତ୍ର କ୍ଷମତା ରହିଛି।
୫) ବ୍ୟାଙ୍କର ସୁବିଧା ମୁତାବକ ଯେକୌଣସି ସ୍ତରରେ ଭବିଷ୍ୟତ ତାରିଖକୁ ନିଲାମ ବିକ୍ରୟ ସ୍ଥଗିତ ରଖିବାର ଅଧିକାର ବ୍ୟାଙ୍କର ରହିଛି ଏବଂ କୌଣସି ବ୍ୟକ୍ତି ଏ ବିଷୟରେ କୌଣସି ପ୍ରାକ୍ ନୋଟିସ୍ କିମ୍ବା ସେବାବଦ ଅଧିକାର ଦାବୀ ରଖିବାକୁ ହକ୍‌ଦାର ହେବେ ନାହିଁ।
୬) ଯଦି ସଫଳ ନିଲାମଧାରୀ ସମ୍ପୂର୍ଣ୍ଣ ନିଲାମ ରାଶି ପ୍ରଦାନ ନ କରନ୍ତି ଏବଂ/କିମ୍ବା ତାଙ୍କର କୌଣସି କାରଣ ହେତୁ ନିଲାମ ବିକ୍ରୟ ସ୍ଥଗିତ/ପୁନଃ ନିଲାମ ହୁଏ, ତେବେ ସେ ବ୍ୟାଙ୍କର ତଦ୍ଦ୍ୱାରା ହୋଇଥିବା କ୍ଷତିର ପରିମାଣ ଯାହା ତାଙ୍କ ଯୋଗୁ ନିଲାମ ସମାପ୍ତ ହୋଇପାରିନଥିଲା ସେଥି ନିମନ୍ତେ ଦାୟୀ ରହିବେ।
୭) ବ୍ୟାଙ୍କ ଅଳଙ୍କାର / କଏନ୍‌ରେ ସୁନାର ଭାଗ, ଓଜନ କିମ୍ବା ଶୁଦ୍ଧତାର ଗ୍ୟାରେଣ୍ଟି ଦିଏ ନାହିଁ ଏବଂ ନିଲାମ କ୍ରେତା ନିଜ ଦ୍ୱାରା ଅଳଙ୍କାର/ମୁଦ୍ରାଗୁଡ଼ିକର ଶୁଦ୍ଧତା କିମ୍ବା ଓଜନ ତନଖି କରି ନିଶ୍ଚିତ ହେବା ଆବଶ୍ୟକ ଏବଂ ଏ ବିଷୟରେ ନିଲାମ ପରେ କୌଣସି ଦାବୀକୁ ଗ୍ରହଣ କରାଯିବ ନାହିଁ।
୮) ଇଚ୍ଛୁକ କ୍ରେତା ସଂରକ୍ଷିତ ରାଶିର ୨୫% ଅମାନତ ରାଶି ରୂପେ ଜମା କରିବେ।
୯) ଯଦି ସଫଳ ନିଲାମଧାରୀ ରାଶି ପୈଠ କରିବାର ବିଫଳ ହୁଅନ୍ତି ନିଲାମଧାରୀଙ୍କ ଅମାନତ ଅର୍ଥ ବାଜ୍ୟାପ୍ତି ହେବ ଏବଂ ଅଳଙ୍କାରକୁ ପୁନଃ ବିକ୍ରୟ କରାଯିବ।

**ସ୍ଥାନ: ଭୁବନେଶ୍ୱର, ତାରିଖ: ୦୭.୦୭.୨୦୨୬** — **କ୍ଷମତାପ୍ରାପ୍ତ ଅଧିକାରୀ, ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର**

# ଶାନ୍ତିପାଲି ଗ୍ରାମବାସୀଙ୍କ ପାଇଁ ସାତ ସପନ ପିଚୁ ରାସ୍ତା



ଶଗଡ଼ା, ୭।୭(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ଯୋଗୀନ୍ଦ୍ରପୁର ଗ୍ରାମ ପଞ୍ଚାୟତ ଅନ୍ତର୍ଗତ ଶାନ୍ତିପାଲି ଏବଂ ମଲିକ ଗୋଠ ଗ୍ରାମବାସୀ ରାସ୍ତା ପାଇଁ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଗ୍ରାମକୁ ପକ୍କା ସଡ଼କ କିମ୍ବା ପିଚୁ ରାସ୍ତା ନାହିଁ। ଫଳରେ ଲୋକେ ବର୍ଷା ଦିନେ ମାଟି କାଦୁଅ ରାସ୍ତାରେ ବହୁ ଅସୁବିଧାରେ ଯାତାୟାତ କରିଥାନ୍ତି। ଯେତେବେଳେ ନିର୍ବାଚନ ଆସିଲେ ସରପଞ୍ଚ ଓ ସମିତିସଭ୍ୟ ତଥା ବିଧାୟକ ପ୍ରାର୍ଥୀମାନେ ଗ୍ରାମକୁ ଆସି ବହୁ ଆଶ୍ୱାସନା ଦେଇ ଯାଆନ୍ତି। ମାତ୍ର ଭୋଟ ହୋଇ ସାରିଲେ ନିର୍ବାଚିତ ହୋଇ ସାରିବା ପରେ ସାଧାରଣ ଜନତାଙ୍କ ସମସ୍ୟାକୁ ଅଣଦେଖା କରିଥାନ୍ତି। ସରକାର କୋଟି କୋଟି ଟଙ୍କା ଖର୍ଚ୍ଚ କରି ରାସ୍ତା ନିର୍ମାଣ କରୁଥିଲେ ମଧ୍ୟ ଆଜିର ଡିଜିଟାଲ ଯୁଗରେ କଳା ମିଚ୍ ମିଚ୍ ପିଚୁ ରାସ୍ତା ଶାନ୍ତି ପାଲି ଗ୍ରାମବାସୀଙ୍କ ପାଇଁ ସାତ ସପନ ପାଲଟିଛି। ଗ୍ରାମରେ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ଥିବା ବେଳେ ପାଖ ଯୋଗୀନ୍ଦ୍ରପୁର ଗ୍ରାମକୁ ଅଷ୍ଟମ, ନବମ, ଦଶମ ଶ୍ରେଣୀ ପର୍ଯ୍ୟନ୍ତ ପାଠ ପଢ଼ିବା ସହ ଦମାମୁଣ୍ଡା କଲେଜରେ ପଢୁଥିବା ଛାତ୍ର ଛାତ୍ରୀମାନେ ମଧ୍ୟ ଏହି ରାସ୍ତା ଦେଇ ବିପଦପୂର୍ଣ୍ଣ ଭାବରେ ଯାତାୟାତ କରିଥାନ୍ତି। ରାସ୍ତା ଠିକ ନ ଥିବାରୁ ଗ୍ରାମକୁ ଆମ୍ବୁଲାନ୍ସ ଆସି ପାରୁ ନ ଥିବା ବେଳେ ବାର୍ଦ୍ଧକ୍ୟ ଭତ୍ତା ପାଇଁ ବୃଦ୍ଧବୃଦ୍ଧା ସହ ଶିଶୁ ମନ୍ଦିର ଯାଉଥିବା ଛୋଟ ଛୋଟ ଶିଶୁମାନେ ଯିବା ଆସିବାରେ ବାଧା ସୃଷ୍ଟି ହେଉଛି। ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଉ ନଥିବାରୁ ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ରାସ୍ତା ସମସ୍ୟା ନେଇ ଗ୍ରାମବାସୀ ଅନେକ ଥର ପ୍ରଶାସନ ନିକଟରେ ଅଭିଯୋଗ କରି ଆସୁଥିଲେ ମଧ୍ୟ ଏହାର କୌଣସି ସମାଧାନ ହେଉ ନ ଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି।

# ବର୍ଷା କ୍ଷତିଗ୍ରସ୍ତ ଅଞ୍ଚଳ ପରିଦର୍ଶନ କଲେ ଜିଲ୍ଲାପାଳ

ବୌଦ୍ଧ, ୭।୭(ସମିସ)

ଲଗାଣ ବର୍ଷା ଯୋଗୁଁ ବୌଦ୍ଧ ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ସୃଷ୍ଟି ହୋଇଥିବା କ୍ଷୟକ୍ଷତିର ସ୍ଥିତି ଅନୁଧ୍ୟାନ କରିବାକୁ ଜିଲ୍ଲାପାଳ ବିଭୂତି ଭୂଷଣ ନାୟକ ଆଜି କଣ୍ଟାମାଳ ବ୍ଲକର ପ୍ରଭାବିତ ଅଞ୍ଚଳଗୁଡ଼ିକ ପରିଦର୍ଶନ କରିଥିଲେ। ପ୍ରଥମେ ସେ ବାସୁଦେବପାଲି ଗ୍ରାମକୁ ଯାଇ ରାସ୍ତା ଉପରେ ପାଣି ଜମି ରହିଥିବା ଦେଖି ଶୀଘ୍ର ଜଳ ନିଷ୍କାସନ ବ୍ୟବସ୍ଥା କରିବା ସହିତ ଡ୍ରେନ ନିର୍ମାଣ ପାଇଁ ସମ୍ପୃକ୍ତ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ପରେ ମନମୁଣ୍ଡାସ୍ଥିତ ସୁବର୍ଣ୍ଣମେରୁ ମନ୍ଦିର ନିକଟରେ ଜମିଥିବା ପାଣିର ତୁରନ୍ତ ନିଷ୍କାସନ ପାଇଁ ମଧ୍ୟ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ କହିଥିଲେ। ନୂଆପାଲି ଗ୍ରାମରେ ବର୍ଷା ପ୍ରଭାବରେ କେତେକ କଚ୍ଚା ଘର ଭାଙ୍ଗିଯାଇଥିବାରୁ ସେଠାରେ ଭଗ୍ନାବଶେଷ ସଫା କରିବା ସହ କ୍ଷତିଗ୍ରସ୍ତ ପରିବାରମାନଙ୍କୁ ଶୀଘ୍ର ଆବାସ ଯୋଜନାରେ ସାମିଲ କରି ଘର ଯୋଗାଇବାକୁ ସମ୍ପୃକ୍ତ ଅଧିକାରୀମାନଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ଏହାପରେ ସେ ଘଣ୍ଟାପଡ଼ା ଅଞ୍ଚଳର ରେକଡୋଲ ଓ କୁରୁକୃପା ବ୍ରିଜ୍ ପରିଦର୍ଶନ କରିଥିଲେ। ବ୍ରିଜ୍ ଉପରେ



ବର୍ଷାଜଳ ପ୍ରବାହିତ ହେଉଥିବାରୁ ଯାତାୟାତ ପାଇଁ ବିପଦଜନକ ସ୍ଥିତି ସୃଷ୍ଟି ହୋଇଥିବା ଦେଖି ସମ୍ପୃକ୍ତ ଥାନାର ଆଇଆଇସିମାନଙ୍କୁ ସେଠାରେ ୨୪ ଘଣ୍ଟିଆ ହୋମଗାର୍ଡ ମୁତୟନ କରି ଲୋକଙ୍କୁ ବିପଦପୂର୍ଣ୍ଣ ରାସ୍ତାରେ ଯାତାୟାତରୁ ବାରଣ କରିବା ସହ ବିକଳ୍ପ ରାସ୍ତାର ବ୍ୟବସ୍ଥା କରିବାକୁ ବିଡିଓଙ୍କୁ ନିର୍ଦ୍ଦେଶ ଦେଇଥିଲେ।

ପରିଦର୍ଶନ ସମୟରେ ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସନା, କଣ୍ଟାମାଳ ତହସିଲଦାର ଶ୍ୱେତପଦ୍ମା ଯୋଶୀ, ବିଡିଓ ସାମ୍ଭୀ ରେଡ୍ଡି ଜୟଶ୍ରୀଙ୍କ

- ବିପଦପୂର୍ଣ୍ଣ ବ୍ରିଜ୍ ଜଗିବାକୁ ପୁଲିସକୁ ନିର୍ଦ୍ଦେଶ
- ପ୍ରଭାବିତଙ୍କୁ ସହାୟତା ଯୋଗାଇ ଦେବାକୁ କହିଲେ

ସମେତ ବ୍ଲକର ବିଭିନ୍ନ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ଥିଲେ। ଜିଲ୍ଲାପାଳ ବର୍ଷାଜନିତ କ୍ଷତିଗ୍ରସ୍ତ ସମସ୍ତ ପରିବାରଙ୍କୁ ଅତିଶୀଘ୍ର ସରକାରୀ ସହାୟତା ପହଞ୍ଚାଇବା ସହ ପ୍ରଭାବିତ ଅଞ୍ଚଳରେ ନିରନ୍ତର ତଦାରଖ ଜାରି ରଖିବାକୁ ସମସ୍ତ ପଞ୍ଚାୟତ ଓ ବ୍ଲକସ୍ତରୀୟ ଅଧିକାରୀମାନଙ୍କୁ କଡ଼ା ନିର୍ଦ୍ଦେଶ ଦେଇଛନ୍ତି।

# ଜିଲ୍ଲାସ୍ତରୀୟ ବନ ମହୋତ୍ସବ



ବୌଦ୍ଧ, ୭।୭(ସମିସ): ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ପକ୍ଷରୁ ବୌଦ୍ଧଜିଲ୍ଲା ହରଭଙ୍ଗା ବ୍ଲକ ବାମଣ୍ଡା ପଞ୍ଚାୟତର କରୁଣାପାଲୀ ଗ୍ରାମରେ ଆଜି ୭୭ତମ ଜିଲ୍ଲାସ୍ତରୀୟ ବନ ମହୋତ୍ସବ ପାଳିତ ହୋଇଯାଇଛି। ବୌଦ୍ଧ ବିଧାୟକ ତଥା ସରକାରୀ ଦଳର ମୁଖ୍ୟ ସଚେତକ ସରୋଜ କୁମାର ପ୍ରଧାନ ବ୍ୟାପକ ବୃକ୍ଷରୋପଣ ପାଇଁ ସମସ୍ତଙ୍କୁ ଆହ୍ୱାନ ଜଣାଇଥିଲେ। ବନଖଣ୍ଡ ଅଧିକାରୀ ରାଜେନ୍ଦ୍ର ଗୋଛାୟତଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ, ଡିଏସପି କନକ ମାଝୀ, ସମାଜସେବୀ ଗୋବିନ୍ଦ ଅଗ୍ରୱାଲ, ବାମଣ୍ଡା ସରପଞ୍ଚ ଇନ୍ଦୁମତୀ ଝାଙ୍କର ଓ ସମିତି ସଭ୍ୟା କୁମୁଦିନୀ ସେଠୀ ପ୍ରମୁଖ ଯୋଗଦେଇଥିଲେ। କାର୍ଯ୍ୟକ୍ରମ ଆରମ୍ଭରେ ଅତିଥିମାନେ ବୃକ୍ଷରୋପଣ କରି ବନ ମହୋତ୍ସବର ଶୁଭାରମ୍ଭ କରିଥିଲେ। ମୁଖ୍ୟଅତିଥି ଶ୍ରୀ ପ୍ରଧାନ କହିଥିଲେ ଯେ, ପରିବେଶ ସନ୍ତୁଳନ ରକ୍ଷା ଓ ଭବିଷ୍ୟତ ପିଢ଼ି ପାଇଁ ସୁସ୍ଥ ଜୀବନ ନିଶ୍ଚିତ କରିବାରେ ବୃକ୍ଷରୋପଣର ବିକଳ୍ପ ନାହିଁ। କଣ୍ଟାମାଳ ବ୍ଲକର ଡିମିରିଖୋଲ ବନ ସୁରକ୍ଷା ସମିତିକୁ ବନ ସଂରକ୍ଷଣ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ୫୦ ହଜାର ଟଙ୍କାର ପୁରସ୍କାର ଓ ମାନପତ୍ର ପ୍ରଦାନ କରାଯାଇଥିଲା। ବନବିଭାଗ ଅଧିକାରୀ ସଞ୍ଜୟ ପଟ୍ଟନାୟକ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିବାବେଳେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବିଦ୍ୟାପତି ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ ୫ ହଜାରରୁ ଊର୍ଦ୍ଧ୍ୱ ଚାରା ରୋପଣ କରାଯାଇଥିଲା।

# ବିଭିନ୍ନ ସ୍ଥାନରେ ବନ ମହୋତ୍ସବ



ଶଗଡ଼ା: ଯୋଗିନ୍ଦ୍ରପୁର ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟରେ ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ସମୀର କୁମାର ପୃଷ୍ଟିଙ୍କ ତତ୍ତ୍ୱବଧାନରେ ବନ ମହୋତ୍ସବ ପାଳିତ ହୋଇଯାଇଛି। ଛାତ୍ରଛାତ୍ରୀ, ଶିକ୍ଷକ ଓ ସ୍କୁଲ କମିଟି ସଦସ୍ୟମାନଙ୍କଦ୍ୱାରା ବିଦ୍ୟାଳୟ ପରିସରରେ ବିଭିନ୍ନ ପ୍ରକାରର ଫଳ, ଫୁଲ ଓ ଅନ୍ୟାନ୍ୟ ଗଛ ଲଗାଯାଇଥିଲା। ଶିକ୍ଷକ ସୁଭାଷିନୀ ମେହେର, ଅନୁରାଧା ମେହେର, ରାଣୀ ଜ୍ୟୋତିର୍ମୟୀ ସାହୁ, ହିନ୍ଦୀ ଶିକ୍ଷକ ପ୍ରଦୀପ କୁମାର ସାହୁ, ଖେଳ ଶିକ୍ଷକ ମୁକୁନ୍ଦଚରଣ ସାହୁ, ଶଶାଙ୍କ ବାଘ ଓ ଅନ୍ୟାନ୍ୟ ଶିକ୍ଷକ ସହଯୋଗ କରିଥିଲେ।

କଣ୍ଟାମାଳ: କଣ୍ଟାମାଳ ବ୍ଲକ ଉମା ହାଇସ୍କୁଲ ପରିସରରେ ଶକ୍ତି କ୍ଲବ, ଇକୋ କ୍ଲବ, ଯୁବ ରେଡକ୍ରସ ପକ୍ଷରୁ ବନ ମହୋତ୍ସବ ସପ୍ତାହ ପାଳିତ ହୋଇଯାଇଛି। ପ୍ରଧାନ ଶିକ୍ଷକ କଷ୍ଟେଶ୍ୱର ଭୋଇ ସଭାପତିତ୍ୱ କରିଥିଲେ ଅଭିଭାଷଣରେ କହିଥିଲେ ଯେ, ବର୍ତ୍ତମାନର ଗ୍ଲୋବାଲ ୱାର୍ମିଂ ବା ବିଶ୍ୱତାପନ ସମୟରେ ବୃକ୍ଷରୋପଣ ହିଁ ଏକମାତ୍ର




ବିକଳ୍ପ। ବିଦ୍ୟାଳୟର ଇକୋ କ୍ଲବର କ୍ରିଷ୍ଟଚନ୍ଦ୍ର ପ୍ରଧାନ କାର୍ଯ୍ୟକ୍ରମ ପରିଚାଳନା ସହ ଛାତ୍ରଛାତ୍ରୀମାନଙ୍କୁ ପରିବେଶ ସୁରକ୍ଷା ସମ୍ପର୍କରେ ଶପଥ ପାଠ କରାଇଥିଲେ। ଘଣ୍ଟାପଡ଼ା ବନପାଳ ସୁନୀଲ କୁମାର କ୍ଷେତୀ ମୁଖ୍ୟ ଅତିଥି, ବନରକ୍ଷୀ ବିଶ୍ୱଜିତ ନାୟକ, ଶୁଭ୍ରସରୋଜ ମହାନ୍ତି, ସାମ୍ବାଦିକ ବଂଶୀଧର ମାଝୀ, ପ୍ରଭାତ କୁମାର ସାହୁ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଶେଷରେ ଆଲୁମିନି କମିଟି ସଭାପତି ସୁନୀଲ ରଣା ଧନ୍ୟବାଦ ଅର୍ପଣ କରିଥିଲେ। ଶିକ୍ଷକ ଶିକ୍ଷୟିତ୍ରୀ ଓ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ମିଶି ବିଦ୍ୟାଳୟ ପରିସରରେ ଚାରା ରୋପଣ କରିଥିଲେ। ପ୍ରତ୍ୟେକ ଗଛର ସୁରକ୍ଷା ପାଇଁ ପିଲାମାନଙ୍କୁ ଦାୟିତ୍ୱ ଦିଆଯାଇଥିଲା।

ମନମୁଣ୍ଡା: ସିଦ୍ଧେଶ୍ୱର ବାବା ଆଞ୍ଚଳିକ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଶଗଡ଼ାରେ ଅଧ୍ୟକ୍ଷା ସୁମିତ୍ରା ଭଟ୍ଟାଚାର୍ଯ୍ୟଙ୍କ ସଭାପତିତ୍ୱରେ ବନ ମହୋତ୍ସବ ସପ୍ତାହ ଏନଏନଏସ ପ୍ରୋଗ୍ରାମ ଅଫିସର ଶେଷଦେବ ପଡ଼ିଆ ଓ ୟୁଥ ରେଡ଼କ୍ରସ ସଂଯୋଜକ ସୁଶୀଲ




କୁମାର ପ୍ରଧାନଙ୍କ ତତ୍ତ୍ୱାବଧାନରେ ପାଳିତ ହୋଇଯାଇଛି। ଛାତ୍ରଛାତ୍ରୀଙ୍କୁ ନେଇ ଜଙ୍ଗଲ ସୁରକ୍ଷା ଉପରେ ଶଗଡ଼ା ଗ୍ରାମରେ ଏକ ସଚେତନତା ପଦଯାତ୍ରା କରାଯଇଥିଲା। ଏହାପରେ ବିଦ୍ୟାଳୟରେ ବୃକ୍ଷରୋପଣ କରାଯାଇଥିଲା।

# ସାଧୁଚରଣ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପ୍ରତିଷ୍ଠା ଦିବସ



ବୌଦ୍ଧ, ୭।୭(ସମିସ): ବୌଦ୍ଧଜିଲ୍ଲା ହରଭଙ୍ଗା ବ୍ଲକ ବୀରନରସିଂହପୁର ସାଧୁଚରଣ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ୪୯ତମ ପ୍ରତିଷ୍ଠା ଦିବସ ଅଧ୍ୟକ୍ଷ ଓମପ୍ରକାଶ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥିଭାବେ ଜିଲ୍ଲା ଶିକ୍ଷା ଅଧିକାରୀ ଟେମଲାଲ ଦୁବେ ଯୋଗଦେଇ ବିଦ୍ୟାଳୟ ପ୍ରତି କେବଳ ଶରୀରରୁ ନୁହେଁ ମନରୁ ଭଲ ପାଇବା, ଆନ୍ତରିକତାର ସହ କାର୍ଯ୍ୟକରିବା ଓ ବିଦ୍ୟାଳୟ ଆରମ୍ଭରୁ ଆଜି ପର୍ଯ୍ୟନ୍ତ ସମସ୍ତ ବ୍ୟାଚର ପୁରାତନ ଛାତ୍ରଛାତ୍ରୀଙ୍କୁ ସ୍କୁଲ ସହିତ ଯୋଡ଼ିବାକୁ ପରାମର୍ଶ ଦେଇଥିଲେ। ସମ୍ମାନିତ ଅତିଥି ରୂପେ ସମାଜସେବୀ ତଥା ପ୍ରତିଷ୍ଠାତା ସଦସ୍ୟ ପୂର୍ଣ୍ଣଚନ୍ଦ୍ର ମହାକୁଡ଼ ମଞ୍ଚାସୀନ ଥିଲେ। କାର୍ଯ୍ୟକ୍ରମରେ କ୍ଲଷ୍ଟର ସଂଯୋଜକ ଅର୍ଜୁନ କହଁର, ଆଲୁମିନି କମିଟିର ସଭାପତି ଦେବେନ୍ଦ୍ର କୁମାର ସାହୁ, କେଲାକଟା ହାଇସ୍କୁଲର ପ୍ରଧାନ ଶିକ୍ଷକ ତଥା ପୁରାତନ ଛାତ୍ର ଦୁଃଖୁ ଗାଇଗୌରିଆ ଏବଂ ଆଲୁମିନି ସଦସ୍ୟ ଅଲେଖ ବଗର୍ତ୍ତି, ସୁଜ୍ଞାନ ପ୍ରଧାନ ପ୍ରମୁଖ ଉପସ୍ଥିତ ରହି ଆସନ୍ତା ୨୦୨୭ ମସିହା ଜୁଲାଇ ୭ରେ ହେବାକୁ ଥିବା ସୁବର୍ଣ୍ଣ ଜୟନ୍ତୀ ମହୋତ୍ସବର ସଫଳ ଆୟୋଜନ ପାଇଁ ମତାମତ ପ୍ରଦାନ କରିଥିଲେ। ଏତଦଭିନ୍ନ ଆଲୁମିନି କମିଟିର ସଦସ୍ୟ, ବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟ ଓ ଶିକ୍ଷକ ଶିକ୍ଷୟିତ୍ରୀମାନଙ୍କ ଏକ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ଚକ୍ରରେ ବିଦ୍ୟାଳୟ ବିକାଶ, ଜିଲ୍ଲାର ମିଶନ ଏ ୱାନ କାର୍ଯ୍ୟକ୍ରମର ସଫଳତା ନିମନ୍ତେ ଛାତ୍ରଛାତ୍ରୀଙ୍କୁ ସ୍ୱତନ୍ତ୍ର ପ୍ରସ୍ତୁତି ଏବଂ ସୁବର୍ଣ୍ଣ ଜୟନ୍ତୀ ପାଳନ ନିମନ୍ତେ ବିଭିନ୍ନ କମିଟି ଗଠନ କରାଯାଇ ଖୁବ୍‌ଶୀଘ୍ର ପ୍ରସ୍ତୁତି ବୈଠକ ଡାକିବାକୁ ନିଷ୍ପତି ନିଆଯାଇଥିଲା। ବରିଷ୍ଠ ଶିକ୍ଷକ ତଥା ଆଲୁମିନି ସଦସ୍ୟ ନବକିଶୋର ଦୀପ ମଞ୍ଚ ପରିଚାଳନା କରିଥିବାବେଳେ ଶିକ୍ଷକ ବିଭୁତି ଭୂଷଣ ମହାକୁଡ଼ ଧନ୍ୟବାଦ ଦେଇଥିଲେ।

# ଜିଲ୍ଲା ବିଜେପିର ମାସିକ ସାଙ୍ଗଠନିକ ବୈଠକ




ବୌଦ୍ଧ, ୭।୭(ସମିସ): ବୌଦ୍ଧ ଜିଲ୍ଲା ବିଜେପି ପକ୍ଷରୁ ଆଜି ଜିଲ୍ଲା କାର୍ଯ୍ୟାଳୟ ପରିସରରେ ଏକ ମାସିକ ସାଙ୍ଗଠନିକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ସଭାପତି ପ୍ରେମାନନ୍ଦ ମିଶ୍ରଙ୍କ ସଭାପତିତ୍ୱରେ ଆୟୋଜିତ ବୈଠକରେ ଦଳର ସାଙ୍ଗଠନିକ ସ୍ଥିତି ଓ ଆଗାମୀ କାର୍ଯ୍ୟପନ୍ଥା ସମ୍ପର୍କରେ ବିସ୍ତୃତ ଆଲୋଚନା କରାଯାଇଛି। ଏହି ସାଙ୍ଗଠନିକ ବୈଠକରେ ବୌଦ୍ଧ ବିଧାୟକ ତଥା ସରକାରୀ ଦଳର ମୁଖ୍ୟ ସଚେତକ ସରୋଜ କୁମାର ପ୍ରଧାନ ଏବଂ କଣ୍ଟାମାଳ ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡ଼ ଅଧ୍ୟକ୍ଷ କହ୍ନାଇ ଚରଣ ଡାଙ୍ଗ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଦଳୀୟ ସଂଗଠନକୁ ତୃଣମୂଳ ସ୍ତରରେ ଆହୁରି ମଜବୁତ କରିବା ସହ ସରକାରଙ୍କ ଜନକଲ୍ୟାଣକାରୀ ଯୋଜନାଗୁଡ଼ିକୁ ଲୋକଙ୍କ ପାଖରେ ପହଞ୍ଚାଇବା ପାଇଁ ଅତିଥିମାନେ କାର୍ଯ୍ୟକର୍ତ୍ତାଙ୍କୁ ଆହ୍ୱାନ ଦେଇଥିଲେ। ବୈଠକରେ ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ବିପ୍ରଚରଣ ମହାନ୍ତି, ଜିଲ୍ଲା ପୂର୍ବତନ ସଭାପତି ମନରଞ୍ଜନ ଦାସ, ଯୁଗଳ କିଶୋର ସାହୁ, ବରିଷ୍ଠ କାର୍ଯ୍ୟକର୍ତ୍ତା ଶେଷ ମେହେର ପ୍ରମୁଖ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। ଏହାସହିତ ଏହି ଗୁରୁତ୍ୱପୂର୍ଣ୍ଣ ବୈଠକରେ ଜିଲ୍ଲାର ସମସ୍ତ ପଦାଧିକାରୀ, ଜିଲ୍ଲାର ବିଭିନ୍ନ ମୋର୍ଚ୍ଚାର ଜିଲ୍ଲା ସଭାପତି ଏବଂ ସମସ୍ତ ମଣ୍ଡଳ ସଭାପତିମାନେ ଉପସ୍ଥିତ ରହି ଦଳୀୟ କାର୍ଯ୍ୟକ୍ରମକୁ ଆଗକୁ ନେବାକୁ ମତାମତ ଦେଇଥିଲେ।

# ଡ଼ ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଜୟନ୍ତୀ






ବୌଦ୍ଧ, ୭।୭(ସମିସ): ଭାରତ ସରକାରଙ୍କ ଯୁବ କଲ୍ୟାଣ ଓ କ୍ରୀଡ଼ା ବିଭାଗ ଅଧିନ ମାଇ ଭାରତ ପକ୍ଷରୁ ବୌଦ୍ଧ ଅଭ୍ୟୁଦୋୟ ଉଚ୍ଚ ଶିକ୍ଷାନୁଷ୍ଠାନ ପରିସରରେ ଡ.ଶ୍ୟାମା ପ୍ରସାଦ ମୁଖାର୍ଜୀଙ୍କ ଜୟନ୍ତୀ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ବୌଦ୍ଧ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବିଦ୍ୟାପତି ପଣ୍ଡା ଯୋଗଦେଇ ରାଷ୍ଟ୍ର ସେବାରେ କାର୍ଯ୍ୟ କରିବା ସବୁଠାରୁ ମହାନ୍ କାର୍ଯ୍ୟ ବୋଲି ପ୍ରକାଶ କରିଥିଲେ। ଭାରତ ସରକାରଙ୍କ ଡିଜି ପ୍ରତିନିଧି ଦେବାଶିଷ ପୁରୋହିତଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଜୟନ୍ତୀ ଉତ୍ସବରେ ସମ୍ମାନୀତ ଅତିଥି ଭାବେ ଅଧ୍ୟକ୍ଷ ଡ଼. ବିଭୁତି ଭୂଷଣ ସାହୁ ଓ ସଂଯୋଜକ ଉତ୍ତମ ମହାକୁଡ ଯୋଗଦେଇ ଡ଼ ମୁଖାର୍ଜୀଙ୍କ ଜୀବନୀ ଓ କାର୍ଯ୍ୟକଳାପ ସମ୍ପର୍କରେ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ବହୁ ଛାତ୍ରଛାତ୍ରୀ, ଶିକ୍ଷକ ଓ କର୍ମଚାରୀମାନେ ଯୋଗ ଦେଇଥିଲେ। ଶେଷରେ ସ୍ମୃତି ପ୍ରଜ୍ଞା ସାହୁ ଧନ୍ୟବାଦ ପ୍ରଦାନ କରିଥିଲେ।

ବୌଦ୍ଧ: ଡ଼. ଶ୍ୟାମା ପ୍ରସାଦ ମୁଖାର୍ଜୀଙ୍କ ୧୨୫ ତମ ଜନ୍ମ ଜୟନ୍ତୀ ବିଜେପି ଜିଲ୍ଲା କାର୍ଯ୍ୟାଳୟ ଠାରେ ପାଳିତ ହୋଇଯାଇଛି। ଜିଲ୍ଲା ସଭାପତି ପ୍ରେମାନନ୍ଦ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସମାରୋହରେ ମୁଖ୍ୟ ଅତିଥି ଭାବେ ରାଜ୍ୟ ବିଜେପି ତରଫରୁ କିଶୋର କୁମାର ପଣ୍ଡା ଯୋଗଦାନ କରି ଡ଼. ମୁଖାର୍ଜୀଙ୍କ ଜୀବନୀ ତଥା ଦଳ ଗଠନ ଓ ଦେଶ ପାଇଁ ବଳିଦାନ ତଥା ଦଳ ଗଠନରେ ଅଗ୍ରଣୀ ଭୂମିକା ଉପରେ ଅଭିଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମରେ ପୂର୍ବତନ ଜିଲ୍ଲା ବିଜେପି ସଭାପତି ବିପ୍ର ଚରଣ ମହାନ୍ତି, ମନୋରଞ୍ଜନ ଦାସ, ବିଜେପି ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ, ସମସ୍ତ ଜିଲ୍ଲା କାର୍ଯ୍ୟକର୍ତ୍ତା, ମଣ୍ଡଳ ସଭାପତି, ମହିଳା ମୋର୍ଚ୍ଚା ସଦସ୍ୟାମାନେ ଯୋଗ ଦେଇଥିଲେ।

# ଅବସରପ୍ରାପ୍ତ ବ୍ୟାଙ୍କ କର୍ମଚାରୀଙ୍କ ପ୍ରାପ୍ୟ ମାସେ ମଧ୍ୟରେ ପ୍ରଦାନ ନିର୍ଦ୍ଦେଶ

ବୌଦ୍ଧ, ୭।୭(ସମିସ): ବୌଦ୍ଧ ସମବାୟ କେନ୍ଦ୍ର ବ୍ୟାଙ୍କର ଅବସରପ୍ରାପ୍ତ କର୍ମଚାରୀମାନଙ୍କ ଆଇନଗତ ପ୍ରାପ୍ୟ ୩୦ ଦିନ ମଧ୍ୟରେ ପ୍ରଦାନ ପାଇଁ ବୌଦ୍ଧ ଡିଭିଜନାଲ ଶ୍ରମ ଆୟୁକ୍ତ ନିର୍ଦ୍ଦେଶ ଦେଇଛନ୍ତି। ସୂଚନା ଅନୁଯାୟୀ, ବୌଦ୍ଧ ସମବାୟ କେନ୍ଦ୍ର ବ୍ୟାଙ୍କ କର୍ତ୍ତୃପକ୍ଷ ବ୍ୟାଙ୍କର ଅବସରପ୍ରାପ୍ତ ପ୍ରାୟ ୮୦ରୁ ଊର୍ଦ୍ଧ୍ୱ କର୍ମଚାରୀଙ୍କ ଅବସରକାଳୀନ ପ୍ରାପ୍ୟ ପ୍ରଦାନ କରିନାହିଁ। କର୍ମଚାରୀମାନେ ବ୍ୟକ୍ତିଗତ ଭାବରେ ଓ ଅବସର ପ୍ରାପ୍ତ କର୍ମଚାରୀ ସଂଘ ମାଧ୍ୟମରେ ବର୍ଷବର୍ଷ ଧରି ବକେୟା ପ୍ରାପ୍ୟ ପାଇଁ ବ୍ୟାଙ୍କ କର୍ତ୍ତୃପକ୍ଷଙ୍କୁ ଗୁହାରି କରି ଆସୁଥିଲେ ମଧ୍ୟ ବିଭିନ୍ନ ଆଳ ଦେଖାଇ ତାଙ୍କୁ ସେମାନଙ୍କ ପ୍ରାପ୍ୟ ପ୍ରଦାନ କରୁନାହିଁ। ଅନେକ ଅବସରପ୍ରାପ୍ତ କର୍ମଚାରୀ ପ୍ରାପ୍ୟ ନପାଇ ଆରପାରିକୁ ଚାଲିଗଲେଣି। ବ୍ୟାଙ୍କ କର୍ତ୍ତୃପକ୍ଷଙ୍କ ଅବହେଳା ବିରୋଧରେ ଅବସରପ୍ରାପ୍ତ କର୍ମଚାରୀ ସଂଘ ସମ୍ପାଦକ ଶ୍ୟାମ ସୁନ୍ଦର ସାହୁ ବୌଦ୍ଧ ଡିଭିଜନାଲ ଶ୍ରମ ଆୟୁକ୍ତଙ୍କ ଦ୍ୱାରସ୍ଥ ହୋଇଥିଲେ। ମାମଲାର ଶୁଣାଣି କରି କର୍ମଚାରୀ ଓ ବ୍ୟାଙ୍କ କର୍ତ୍ତୃପକ୍ଷଙ୍କ ଯୁକ୍ତି ଶୁଣିବାପରେ ଶ୍ରମ ଆୟୁକ୍ତ ସେମାନକ ଗ୍ରାଚ୍ୟୁଟି, ସପ୍ତମ ବେତନ କମିଶନର ଏରିଅର, ଅର୍ଜିତ ଛୁଟିର ବକେୟା ଆଦିର ବକେୟା ପ୍ରାପ୍ୟ ୩୦ ଦିନ ମଧ୍ୟରେ ପ୍ରଦାନ ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ତାହା ପ୍ରଦାନ କରାନଗଲେ ପରବର୍ତ୍ତୀ ଆଇନଗତ ବ୍ୟବସ୍ଥା ବ୍ୟାଙ୍କ କର୍ତ୍ତୃପକ୍ଷଙ୍କ ବିରୋଧରେ ଗ୍ରହଣ କରାଯିବ ବୋଲି ପ୍ରକାଶ କରିଛନ୍ତି।

# ଲଗାଣ ବର୍ଷାରେ ପ୍ରଭାବିତ ପ୍ରାଣୀ ସମ୍ପଦ

ବୌଦ୍ଧ, ୭।୭(ସମିସ): ବୌଦ୍ଧ ଜିଲ୍ଲାରେ ସପ୍ତାହେ ଧରି ହେଉଥିବା ଲଗାଣ ବର୍ଷା ଫଳରେ ପ୍ରାଣୀ ପାଳକମାନେ ଚିନ୍ତାରେ ପଡ଼ିଛନ୍ତି। ବର୍ଷାରେ ଗାଈ ଗୋରୁ ଓ ଛେଳି ମେଣ୍ଢାମାନେ ବାହାରକୁ ଚରିବାକୁ ଯାଇପାରୁନଥିବା ବେଳେ ସେମାନଙ୍କୁ ଘରେ ଖାଦ୍ୟ ଦେବା ବ୍ୟୟ ବହୁଳ ହୋଇ ପଡ଼ିଛି। ଜିଲ୍ଲା ପ୍ରଶାସନ କିମ୍ବା ପ୍ରାଣୀ ସମ୍ପଦ ବିଭାଗ ଗୃହପାଳିତ ପଶୁମାନଙ୍କ ପାଇଁ ଏଭଳି ପରିସ୍ଥିତିରେ କୌଣସି ସହାୟତା ଯୋଗାଇ ଦେଉନଥିବା ହେତୁ ପ୍ରାଣୀପାଳକ ମାନଙ୍କ ମୁଣ୍ଡରେ ଚଡ଼କ ପଡ଼ିଛି। ଏ ଦିଗରେ ଜିଲ୍ଲାପାଳ ଓ ପ୍ରାଣୀ ସମ୍ପଦ ବିଭାଗ ସରକାରୀ ନିୟମ ଅନୁଯାୟୀ ଆବଶ୍ୟକ ସହାୟତା ଯୋଗାଇ ଦେବାକୁ ପ୍ରାଣୀ ପାଳକମାନେ ଦାବି କରିଛନ୍ତି।

# ଇଣ୍ଟରସିଟି ଧକ୍କାରେ ବଳଦ ମୃତ

ବୌଦ୍ଧ, ୭।୭(ସମିସ): ବୌଦ୍ଧ ଥାନା ବନ୍ଧାପଥର ଗ୍ରାମ ପଞ୍ଚାୟତର ନକୁଆନାଳୀ ଗ୍ରାମ ନିକଟରେ ଟ୍ରେନ୍ ଧକ୍କାରେ ଗୋଟିଏ ବଳଦର ମୃତ୍ୟୁ ହୋଇଯାଇଛି। ମିଳିଥିବା ସୂଚନା ଅନୁଯାୟୀ ଆଜି ଦିନ ପ୍ରାୟ ୧୨ ଟାରେ ବୌଦ୍ଧରୁ ଭୁବନେଶ୍ୱର ଯାଉଥିବା ଇଣ୍ଟରସିଟି ଟ୍ରେନ୍ ରେଳ ଧାରଣା ପାର ହେଉଥିବା ଭରତ ସ୍ୱାଇଁଙ୍କ ଗୋଟିଏ ବଳଦକୁ ଧକ୍କା ଦେଇଥିଲା। ଘଟଣାସ୍ଥଳରେ ବଳଦର ମୃତ୍ୟୁ ହୋଇଥିବା ସୂଚନା ମିଳିଛି। ଭରତଙ୍କୁ ଆବଶ୍ୟକ କ୍ଷତିପୂରଣ ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି।

# ଦେବେନ୍ଦ୍ର ସାର୍‌ଙ୍କ ପରଲୋକ



ମନମୁଣ୍ଡା, ୭।୭(ସମିସ): ମନମୁଣ୍ଡା ପଞ୍ଚାୟତ ନୂର୍ପା ଗ୍ରାମର ଗୌନ୍ତିଆ ତଥା ଅବସରପ୍ରାପ୍ତ ଶିକ୍ଷକ ଦେବେନ୍ଦ୍ର ମେହେରଙ୍କ ୮୮ ବର୍ଷ ବୟସରେ ପରଲୋକ ଘଟିଛି। ସେ ଅବସର ଗ୍ରହଣ ପରେ ନିଜ ଗାଁରେ ପ୍ରାୟ ୫୦ ଲକ୍ଷ ବ୍ୟୟ ଅଟକଳରେ ଏକ ଭବ୍ୟ ଶ୍ରୀ ବ୍ରଜେଶ୍ୱର୍ ବାବାଙ୍କ ମନ୍ଦିର ନିର୍ମାଣ କରିଥିଲେ ଏବଂ ସେଠାରେ ବିଭିନ୍ନ ପର୍ବପର୍ବାଣୀ କରି ଏକ ଆଧ୍ୟାତ୍ମିକ ବାତାବରଣ ସୃଷ୍ଟି କରି ଲୋକ ପ୍ରିୟ ହୋଇଥିଲେ। ତାଙ୍କ ପୁଅ ଉତ୍ତମ, ଉମେଶ, ଦୟାନିଧି ଏବଂ ସୁରେଶ ମନମୁଣ୍ଡା ସ୍ୱର୍ଗ ଦ୍ୱାରରେ ଶେଷ କୃତ୍ୟ ସମ୍ପନ୍ନ କରିଥିଲେ। ଦେବେନ୍ଦ୍ର ସାର୍‌ଙ୍କ ଦେହାନ୍ତରେ ଅଞ୍ଚଳରେ ଶୋକର ଛାୟା ଖେଳି ଯାଇଛି।

# ସମାଜସେବୀ ସତ୍ୟନାରାୟଣ ହୋତାଙ୍କ ପରଲୋକ



ମନମୁଣ୍ଡା, ୭।୭(ସମିସ): ମନମୁଣ୍ଡା ବ୍ରାହ୍ମଣ ସମାଜର ବରିଷ୍ଠ ସଭ୍ୟ ମାନଗୋବିନ୍ଦ ହୋତାଙ୍କ ବଡ଼ପୁଅ ସମାଜସେବୀ ସତ୍ୟନାରାୟଣ ହୋତା (୬୨)ଙ୍କ ମଙ୍ଗଳବାର ସକାଳେ ପରଲୋକ ଘଟିଛି। ସେ କିଛିଦିନ ହେବ ଅସୁସ୍ଥତା ଯୋଗୁଁ ବୁର୍ଲାର ଏକ ଘରୋଇ ଡାକ୍ତରଖାନାରେ ଚିକିତ୍ସିତ ହେଉଥିଲେ। ପୁରୀ ସ୍ୱର୍ଗଦ୍ୱାରରେ ଅନ୍ତିମ ସଂସ୍କାର ସମ୍ପନ୍ନ ହୋଇଥିବାବେଳେ ବଡ଼ପୁଅ ସଙ୍କେତ ମୁଖାଗ୍ନି ଦେଇଥିଲେ।

# ଲଘୁଚାପ ବର୍ଷା; ଭାଙ୍ଗିଲା ଏକାଧିକ ଘର

କଣ୍ଟାମାଳ/ଶଗଡ଼ା, ୭।୭(ସମିସ)

ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ଅଞ୍ଚଳରେ ଲଘୁଚାପଜନିତ ପ୍ରବଳ ବର୍ଷା ଯୋଗୁଁ ବ୍ୟାପକ କ୍ଷୟକ୍ଷତି ଘଟିଛି। ବିଶେଷ କରି ଖୁଣ୍ଟିଗୋରା ପଞ୍ଚାୟତ ଅନ୍ତର୍ଗତ ଆଶ୍ରେଗାଁ ଗ୍ରାମରେ ଏକାଧିକ ଚାଳଛପର ଓ ମାଟିଘର ଭାଙ୍ଗିଛି।

ସୂଚନା ଅନୁଯାୟୀ, ପ୍ରବଳ ବର୍ଷା ଯୋଗୁଁ ସୋମବାର ଗ୍ରାମର ଆରତୀ ଦୀପଙ୍କ ଘର ସମ୍ପୂର୍ଣ୍ଣ ଭାଙ୍ଗି ଯାଇଛି। ଘରେ ଥିବା ଧାନ, ଚାଉଳ ଭିଜି ଯାଇଥିବା ବେଳେ ଲୋକମାନେ ଅଳ୍ପକେ ବର୍ତ୍ତି ଯାଇଥିଲେ। ରାଜସ୍ୱ ବିଭାଗ ପକ୍ଷରୁ କେବଳ ଜରିପାଲ ଖଣ୍ଡେ ଦିଆଯାଇଥିବାବେଳେ ଅନ୍ୟାନ୍ୟ ସହାୟତା ଯୋଗାଇ ଦିଆଯାଇନାହିଁ। ସେହିପରି ଗ୍ରାମର ମୁକେଶ ଦୀପ, ରହିତ ଦୀପ, ମମତା କହଁର, ଜପକାନ୍ତି ଦୀପ, ପ୍ରଦେଶୀ ଦୀପ, ଲତା ଦୀପ, ଆରତୀ ଦୀପଙ୍କ ଘର ନଷ୍ଟ ହୋଇଯାଇଛି। ଖବର ପାଇ ସ୍ଥାନୀୟ ରାଜସ୍ୱ ନିରୀକ୍ଷକ ପହଞ୍ଚି ସ୍ଥିତି ସମୀକ୍ଷା କରିଛନ୍ତି। କେତେକ

**ସହାୟତାକୁ ଚାହିଁ ରହିଛନ୍ତି ବିପନ୍ନ**

ପ୍ରଭାବିତ ପରିବାରକୁ ଜରିପାଲ ଯୋଗାଇ ଦେଇଥିବା ବେଳେ, ଆହୁରି ଅନେକ ବିପନ୍ନ ପରିବାର ଏପର୍ଯ୍ୟନ୍ତ କୌଣସି ସରକାରୀ ସହାୟତା ଅପେକ୍ଷାରେ। ଉପଯୁକ୍ତ ତଦନ୍ତ ପୂର୍ବକ ସରକାରୀ ସହାୟତା ଏବଂ ପକ୍କା ଘର ଯୋଗାଇ





ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି। ସେହିପରି ଦପଲା ପଞ୍ଚାୟତ ଅନ୍ତର୍ଗତ ଲଏଡା ଗ୍ରାମର ବିଦେଶୀ ସେଠୀଙ୍କ ଘରଟି ସମ୍ପୂର୍ଣ୍ଣ ଭାଙ୍ଗିଯାଇଛି। ମୁଣ୍ଡ ଗୁଞ୍ଜିବାକୁ ଆଶ୍ରା ନଥିବାରୁ ଅସହାୟ ଭାବେ ଦିନ କାଟୁଛନ୍ତି। ଘର ଭାଙ୍ଗି ଯାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ତାଙ୍କୁ ଜରିପାଲ ଖଣ୍ଡେ ମଧ୍ୟ ମିଳି ନାହିଁ। ସେ ଘର ପାଇବାକୁ ଯୋଗ୍ୟ ଥାଇ ମଧ୍ୟ ଆବାସ ଯୋଜନାରେ ସାମିଲ ହୋଇପାରିନାହାନ୍ତି। ତାଙ୍କୁ ତୁରନ୍ତ ସରକାରୀ ସହାୟତା ଓ ଆବାସ ଯୋଜନାରେ ଘର ଖଣ୍ଡେ ଯୋଗାଇ ଦେବାକୁ ଦାବି କରିଛନ୍ତି।

ସକାଳ
THE SAKALA

# ସମ୍ପାଦକୀୟ



ନିର୍ବାଚନୀ ଯୁଦ୍ଧର ମୂଳରେ ଥାଏ ପ୍ରତାରଣା।
-ସୁନ ଜୁ

## ମାନବକୃତ ଦୁର୍ବିପାକ!

୨୦୨୪ ଜୁଲାଇ ୩୦ ତାରିଖରେ କେରଳର ୱାୟନାଡ଼ରେ ଘଟିଥିବା ଲୋମହର୍ଷଣକାରୀ ଭୂସ୍ଖଳନ ବିଭୀଷିକାର ଚିହ୍ନ ଲିଭି ନଥିବା ବେଳେ ଏକ ଟନେଲ୍ ଭୁଶୁଡ଼ି ଯାଇଛି। ଦୁଇଟିଯାକ ଦୁର୍ବିପାକରେ ମୃତାହତ ସଂଖ୍ୟାରେ ବହୁ ଫରକ ଥିଲେ ମଧ୍ୟ ସାମଞ୍ଜସ୍ୟ ହେଉଛି ବିଶେଷଜ୍ଞଙ୍କ ସୁପାରିସ ଓ ଚେତାବନୀକୁ ବେଖାତିର। ସଡ଼କ ପଥରେ ଭାରତର ଦୀର୍ଘତମ(୮.୨)କିମି ଦୈର୍ଘ୍ୟ ବିଶିଷ୍ଟ କେରଳର କୋଝିକୋଡ୍ ଓ ୱାଇନାଡ୍‌କୁ ସଂଯୁକ୍ତ ଏହି ଟନେଲ୍ ବା ସୁଡ଼ଙ୍ଗପଥ ପାଇଁ ୨୪ ହଜାର କୋଟି ଟଙ୍କାର ବ୍ୟୟ ଅଟକଳ କରାଯାଇଛି। ସମ୍ବେଦନଶୀଳ ଭୂଆଧାର ଉପରେ ନିର୍ମିତ ଏହି ସୁଡ଼ଙ୍ଗ ପଥକୁ କେନ୍ଦ୍ର ପରିବେଶ ଓ ଜଙ୍ଗଲ ମନ୍ତ୍ରଣାଳୟ ସବୁଜ ସଙ୍କେତ ଦେଇଥିଲେ। କିନ୍ତୁ ଗତ ଜୁନ୍ ମାସ ୨୦ ତାରିଖରେ ୱାଇନାଡ଼ ଜିଲ୍ଲାପାଳ ସରକାରଙ୍କୁ ଏକ ପତ୍ର ଲେଖି ନିର୍ମାଣ କାର୍ଯ୍ୟ ସ୍ଥଗିତ ରଖିବା ପାଇଁ ପରାମର୍ଶ ଦେଇଥିଲେ।ଏହାକୁ ଅଣଦେଖା କରିବାର ପରିଣାମ ଏବେ ଭୋଗିବାକୁ ପଡ଼ିଛି। ସେହିପରି ଗାଡ଼ଗିଲ୍ କମିଟିର ସୁପାରିସକୁ ହେୟଜ୍ଞାନ କରିବାର ଫଳ ୨୦୨୪ ଜୁଲାଇ ୩୦ ତାରିଖରେ ପ୍ରତିଫଳିତ ହୋଇଥିଲା।

ୱାୟନାଡ଼, ଉତ୍ତରାଖଣ୍ଡ, ହିମାଚଳପ୍ରଦେଶ ସମେତ ପଶ୍ଚିମ ଘାଟ ଓ ହିମାଳୟ ପାର୍ବତ୍ୟାଞ୍ଚଳର କ୍ଷଣଭଙ୍ଗୁର, ଅସ୍ଥିର ଓ ଅପେକ୍ଷାକୃତ ତରୁଣ ଚଟାଣରେ ଭୂସ୍ଖଳନ ଏକ ସ୍ୱାଭାବିକ ପ୍ରକ୍ରିୟା ହୋଇପାରେ। କିନ୍ତୁ ଏହା ଯେପରି ଧନଜୀବନ ବିଧ୍ୱଂସକାରୀ ରୂପ ନେଉଛି ସେଥିପାଇଁ ଭୌଗୋଳିକ ଅବସ୍ଥିତି ଓ ପ୍ରାକୃତିକ ସ୍ଥିତି ଅପେକ୍ଷା ମଣିଷର ଅପରିଣାମଦର୍ଶୀ କାର୍ଯ୍ୟକଳାପ ହିଁ ଦାୟୀ। ଅର୍ଥନୈତିକ ବିକାଶ ଆଜିର ଆବଶ୍ୟକତା ଏହା ଅନସ୍ୱୀକାର୍ଯ୍ୟ। କିନ୍ତୁ ଏଭଳି ସ୍ପର୍ଶକାତର ଅଞ୍ଚଳରେ ପ୍ରାକୃତିକ ପରିବେଶର ସୁରକ୍ଷା ଓ ଅର୍ଥନୈତିକ ବିକାଶ ମଧ୍ୟରେ ସମତୁଲତା ରକ୍ଷା ଅପରିହାର୍ଯ୍ୟ। ଏହାକୁ ଦୃଷ୍ଟିରେ ରଖି ବିଭିନ୍ନ ସମୟରେ ବିଶେଷଜ୍ଞମାନଙ୍କୁ ନେଇ କମିଟିମାନ ଗଠନ କରାଯାଇଛି। କିନ୍ତୁ ବିଡ଼ମ୍ବନା ହେଉଛି କମିଟି ଯେଉଁସବୁ ସୁପାରିସ କରୁଛନ୍ତି ତାହା ଅନୁପାଳନ କରିବାରେ ରାଜ୍ୟ ଓ କେନ୍ଦ୍ର ସରକାର ପଛଘୁଞ୍ଚା ଦେଉଛନ୍ତି। ପ୍ରକୃତିକୁ ଅବହେଳା କରି ଅର୍ଥନୀତିକୁ ପ୍ରାଧାନ୍ୟ ଦିଆଯାଉଥିବାରୁ କମିଟିର ଉପାଦେୟ ବିଚାରବନ୍ତ ଦୂରଦୃଷ୍ଟି ସମ୍ପନ୍ନ ସୁପାରିସମାନ ନିଷ୍ପ୍ରଭ ଓ ମୂଲ୍ୟହୀନ ହୋଇପଡୁଛି। ସରକାରଙ୍କର ଏହି ଉଦାସୀନତା ଓ ସମ୍ବେଦନହୀନତା ଯୋଗୁଁ କମିଟି ଗଠନ ଓ ସୁପାରିସର ଆହ୍ୱାନ ଏକ ପ୍ରହସନରେ ପରିଣତ ହେବା ସହିତ ମାନବ ସଭ୍ୟତାର ଇତିହାସରେ ବିଭୀଷିକାମୟ କଳା ଅଧ୍ୟାୟ ଲେଖି ହୋଇଯାଉଛି। ବିଶେଷକରି ପର୍ଯ୍ୟଟନ ଅର୍ଥନୀତିର ବିକାଶ ଆଳରେ ଆମେ ଯେପରି ନିର୍ବୋଧତା ପ୍ରଦର୍ଶନ କରିଚାଲିଛୁ ତାହାର ପରିଣାମ ଆମକୁ ହିଁ ଭୋଗିବାକୁ ପଡୁଛି।



ଗୁଜରାଟ, ମହାରାଷ୍ଟ୍ର, ଗୋଆ, କର୍ଣ୍ଣାଟକ, କେରଳ, ତାମିଲନାଡୁର ପ୍ରାୟ ୨୪.୫ କୋଟି ଲୋକ ବସବାସ କରୁଥିବା ପଶ୍ଚିମଘାଟ ପର୍ବତମାଳା ଅଞ୍ଚଳ ଅନେକ ଦୃଷ୍ଟିରୁ ଗୁରୁତ୍ୱପୂର୍ଣ୍ଣ ଓ ସମ୍ବେଦନଶୀଳ। ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁର ପରିଚାଳକ କୁହାଯାଉଥିବା ଏହି ପର୍ବତମାଳା ହିମାଳୟ ପର୍ବତମାଳାଠାରୁ ବୟସରେ ପୁରୁଣା ହେଲେ ହେଁ ଜୈବବିବିଧତା ଓ କ୍ଷଣଭଙ୍ଗୁରତା ଦୃଷ୍ଟିରୁ ହିମାଳୟ ପର୍ବତମାଳା ସହିତ ତୁଳନୀୟ। ତେଣୁ ଭାରତୀୟ ଜଙ୍ଗଲ ଆଇନ ୧୯୨୭, ଜଙ୍ଗଲ ସଂରକ୍ଷଣ ଆଇନ ୧୯୭୨ ଅନୁଯାୟୀ ଏହି ଅଞ୍ଚଳରେ ଅନେକ କଟକଣା ଜାରି କରାଯାଇଛି। ଏଠାରେ ଭିତ୍ତିଭୂମି ଓ ଶିଳ୍ପ ବିକାଶ ଲାଗି ପରାମର୍ଶ ଦେବା ପାଇଁ ୨୦୧୦ରେ ମାଧବ ଗାଡ଼ଗିଲଙ୍କ ଅଧ୍ୟକ୍ଷତାରେ ଗଠିତ କମିଟି ଯେଉଁ ରିପୋର୍ଟ ଦେଇଥିଲେ ସେଥିରେ ଏହି ଅଞ୍ଚଳକୁ ପରିବେଶ ଦୃଷ୍ଟିରୁ ସମ୍ବେଦନଶୀଳ ଅଞ୍ଚଳ ଭାବେ ଘୋଷଣା କରାଯାଇ, ଖଣି ଖନନ, ରାସାୟନିକ ସାର ଓ ପ୍ଲାଷ୍ଟିକ୍ ବ୍ୟବହାର, ଶଙ୍କର ଜାତୀୟ ବିହନ ଚାଷ, ତାପଜ ବିଦ୍ୟୁତ କେନ୍ଦ୍ର, ବୃହତ୍ ଡ୍ୟାମ ନିର୍ମାଣ, ସଡ଼କ ଓ ରେଳ ପ୍ରକଳ୍ପ, ଶୈଳ ନିବାସ, ସ୍ୱତନ୍ତ୍ର ଅର୍ଥନୈତିକ କରିଡର, ଜମିର କିସମ ପରିବର୍ତ୍ତନ ଆଦିକୁ ଦୃଢ଼ ଭାବେ ବାରଣ କରାଯାଇଥିଲା। ଗାଡଗିଲ୍ କମିଟିର ସୁପାରିସର ବାସ୍ତବ କାର୍ଯ୍ୟାନ୍ୱୟନ ସମ୍ପର୍କରେ ଅନୁଧ୍ୟାନ କରିବା ପାଇଁ ୨୦୧୨ରେ ପୁଣି କସ୍ତୁରିରଙ୍ଗନ୍‌ଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ କରାଗଲା, ଯାହାର ସୁପାରିସଗୁଡ଼ିକ ଅଳ୍ପ କିଛି କାଟ୍‌ଛାଣ୍ଟ ସହିତ ଗାଡ଼ଗିଲ୍ କମିଟି ସୁପାରିସ ଅନୁରୂପ ଥିଲା। କିନ୍ତୁ ଦୁଇଟିଯାକ କମିଟି ସୁପାରିସକୁ ଅର୍ଥନୈତିକ ବିକାଶର ପରିପନ୍ଥୀ ବୋଲି ଛଅଟିଯାକ ରାଜ୍ୟ ପ୍ରତ୍ୟାଖ୍ୟାନ କରିଦେଲେ, ଯାହାର ପରିଣାମର କେତେକ ଝଲକ କେରଳରେ ଏବେ ଦେଖିବାକୁ ମିଳିଛି।

ଏ କ୍ଷେତ୍ରରେ ନ୍ୟାୟପାଳିକାର ଉଦାସୀନତା ମଧ୍ୟ ପ୍ରଶ୍ନାତୀତ ହୋଇପାରୁନାହିଁ। ଉଦାହରଣସ୍ୱରୂପ, କେରଳର ସଦ୍ୟତମ ଦୁର୍ଘଟଣାଗ୍ରସ୍ତ ଟନେଲ୍ ନିର୍ମାଣ ପାଇଁ ସର୍ବୋଚ୍ଚ ନ୍ୟାୟାଳୟ ମଧ୍ୟ ଅନୁମତି ଦେଇଥିଲେ। ବିଶେଷଜ୍ଞଙ୍କ ସୁପାରିସ, ଚେତାବନୀ, ପରାମର୍ଶ ଆଦି ଫାଇଲ୍ ତଳେ ଗତାନୁଗତିକ ପ୍ରକ୍ରିୟାରେ ଚାପି ହୋଇ ରହିଯାଇଥିବା ପର୍ଯ୍ୟନ୍ତ ୱାଇନାଡ, ଯୋଶୀମଠ ଭଳି ଦୁର୍ଘଟଣାର ପୁନରାବୃତ୍ତି ନ ହେବାର ନିଶ୍ଚିତତା ଦେଇହେବ ନାହିଁ। ଅନେକ ପ୍ରଶ୍ନ ତଦନ୍ତ ଓ ଆରୋପ-ପ୍ରତ୍ୟାରୋପର କୋଳାହଳ ଭିତରେ କେବଳ ଲୁଚିଯିବା ହିଁ ସାର ହେବ। ଏହି ଧାରା ଓ ମାନସିକତା ଅବ୍ୟାହତ ରହିଲେ ଆଗକୁ ଯେଉଁ ବିପର୍ଯ୍ୟୟ ସୃଷ୍ଟି ହେବ ତାହା ହୁଏତ ମାନବ ସଭ୍ୟତା ଇତିହାସରେ ସବୁଠାରୁ ବଡ଼ ଭୌଗୋଳିକ ବିପର୍ଯ୍ୟୟର କଳା ଅଧ୍ୟାୟ ଲେଖିଦେବ।

# ମାର୍ ମାର୍ ଭଣ୍ଡାରିଆକୁ ମାର୍...

**ମାନସ ମଙ୍ଗରାଜ**

ଗଣତାନ୍ତ୍ରିକ ବ୍ୟବସ୍ଥା ଓ ଜନମଙ୍ଗଳ ରାଷ୍ଟ୍ରରେ ଦୁର୍ନୀତି ସବୁଠାରୁ ବଡ଼ ଆହ୍ୱାନ। ଘୁଣମରା ବ୍ୟବସ୍ଥା ଦୁର୍ନୀତିର ମୁଖ୍ୟ ପୃଷ୍ଠପୋଷକ ହୋଇଥାଏ ଏବଂ ଏହା ଉଭୟ ଜନସାଧାରଣ ଓ ସରକାରଙ୍କ ପାଇଁ କ୍ଷତିକାରକ। ଦୁର୍ନୀତି ସରକାରୀ ରାଜକୋଷକୁ କ୍ଷତି ପହଞ୍ଚାଇଥାଏ ଓ ଅନ୍ୟପକ୍ଷରେ ସାଧାରଣ ଲୋକଙ୍କ ମନରେ ଶାସନ ବ୍ୟବସ୍ଥା ପ୍ରତି ଥିବା ବିଶ୍ୱାସକୁ ଦୁର୍ବଳ କରିଦିଏ। ନିକଟରେ ରାଜ୍ୟରେ ଘଟିଥିବା ଦୁଇ/ତିନିଟି ଘଟଣାକୁ ଅନୁଧ୍ୟାନ କଲେ ଦୁର୍ନୀତି ବିରୋଧରେ ତଥାକଥିତ 'ଶୂନ୍ୟ ସହନଶୀଳତା' ନୀତି ଦିଗହରା ହୋଇପଡ଼ିଥିବା ମନେ ହେଉଛି। ଦୁର୍ନୀତି ଅଭିଯୁକ୍ତ ଉଚ୍ଚ ଅଧିକାରୀଙ୍କ ପାଇଁ ଗୋଟିଏ ନୀତି ଓ ତଳିଆ କର୍ମଚାରୀଙ୍କ ପାଇଁ ଭିନ୍ନ ନୀତି ସରକାରୀ ବ୍ୟବସ୍ଥାକୁ କେବଳ କାଠଗଡ଼ାରେ ଠିଆ କରିନାହିଁ, ପକ୍ଷାନ୍ତରେ ଶାସନ ବ୍ୟବସ୍ଥାର ଦୋହରା ନୀତି ଓ ଦଣ୍ଡର ମାନଦଣ୍ଡକୁ ନେଇ ମଧ୍ୟ ସନ୍ଦେହ ସୃଷ୍ଟି କରିଛି। ଅତୀତରେ ଭିଜିଲାନ୍ସ ରାଜ୍ୟର ଅନେକ ଦୁର୍ନୀତିଗ୍ରସ୍ତ ଅଧିକାରୀଙ୍କୁ ଧରିଛି। କେଉଁଠି ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ପାଇଁ ଚଢ଼ଉ ହୋଇଛି, କେଉଁଠି ପୁଣି ଲାଞ୍ଚ ନେବା ବେଳେ ଅନେକ ଧରା ପଡ଼ିଛନ୍ତି। ଅନେକଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହୋଇଛି। ମାତ୍ର ନିକଟ ଅତୀତରେ ଦୁଇ ତିନୋଟି ଘଟଣା ଦୁର୍ନୀତି ବିରୋଧରେ ସରକାରଙ୍କ ସହନଶୀଳତା ଯେ ଭାରସାମ୍ୟ ନାହିଁ, ଏହା ପ୍ରମାଣିତ ହୋଇଛି। ନ୍ୟାୟର ଦୋହରା ମାନଦଣ୍ଡ ସରକାରଙ୍କ ଆଭିମୁଖ୍ୟକୁ ପ୍ରଶ୍ନର କାଠଗଡ଼ାରେ ଠିଆ କରିଛି।

**ଅନୁଭବ ଓ ଅନୁଭୂତି**

୨୦୨୫ ଜୁନ୍ ୮ ତାରିଖରେ ଧର୍ମଗଡ଼ ଉପଜିଲ୍ଲାପାଳ ଭାବେ କାର୍ଯ୍ୟରତ ଆଇଏଏସ୍ ଧୀମାନ ଚକମାଙ୍କୁ ଓଡ଼ିଶା ଭିଜିଲାନ୍ସ ଗିରଫ କରିଥିଲା। ସେତେବେଳେ କୁହାଗଲା ଯେ ଜଣେ ବ୍ୟବସାୟୀଙ୍କୁ ଅନୁକମ୍ପା ଦେଖାଇବା ନିମନ୍ତେ ସେ ୧୦ ଲକ୍ଷ ଟଙ୍କା ଲାଞ୍ଚ ନେଉଥିଲେ। ଏପରିକି ତାଙ୍କ ସରକାରୀ ବାସଭବନ ଯାଞ୍ଚ ସମୟରେ ଭିଜିଲାନ୍ସ ନଗଦ ୪୭ ଲକ୍ଷ ଟଙ୍କା ଜବତ କରିଥିବା ସୂଚନା ଦେଇଥିଲା। ସରକାର ତାଙ୍କୁ ତତକ୍ଷଣାତ୍ ନିଲମ୍ବନ କଲେ ଓ ତାଙ୍କୁ ଜେଲ ପଠାଇ ଦିଆଗଲା। ଘଟଣାଟି ସମଗ୍ର ରାଜ୍ୟରେ ଚର୍ଚ୍ଚାର ବିଷୟ ହୋଇଥିଲା। ମାତ୍ର ବର୍ଷଟିଏ ଯାଇନାହିଁ; ଧୀମନ ଚକ୍‌ମାଙ୍କ ଉପରୁ ନିଲମ୍ବନ ହଟିଗଲା, ରାଜସ୍ୱ ଓ ବିପର୍ଯ୍ୟୟ ପ୍ରଶମନ ବିଭାଗରେ ଉପସଚିବ ଭାବରେ ତାଙ୍କୁ ନିଯୁକ୍ତି ମିଳିଲା। ଦ୍ୱିତୀୟ ଘଟଣାଟି ଜଣେ ପୁଲିସ ଅଧିକାରୀଙ୍କ ସମ୍ପର୍କରେ। ଜଣେ ମଦ ବ୍ୟବସାୟୀଠାରୁ ୪୦ ହଜାର ଟଙ୍କା ଲାଞ୍ଚ ନେବା ଅଭିଯୋଗରେ କଟକ (ସିଆର୍‌ଆର୍‌ଆଇ ଥାନା)ର ଜଣେ ତତ୍କାଳୀନ ଥାନା ଅଧିକାରୀଙ୍କୁ ଭିଜିଲାନ୍ସ ଗିରଫ କରିଥିଲା, ସରକାର ମଧ୍ୟ ତାଙ୍କୁ ନିଲମ୍ବନ କଲେ। ଏହି ମାମଲା ବିଚାରାଧୀନ ଅଛି ଓ କାର୍ଯ୍ୟାନୁଷ୍ଠାନ କେବଳ ନିଲମ୍ବନ ମଧ୍ୟରେ ସୀମିତ ରହିଛି। ଅପରପକ୍ଷରେ ୨୦ ହଜାର ଟଙ୍କା ଲାଞ୍ଚ ନେବା ଅଭିଯୋଗରେ ଧରାପଡ଼ିଥିବା ରାଜଧାନୀର ଜଣେ ପୁଲିସ ଏଏସ୍‌ଆଇଙ୍କୁ ସରକାର ତତକ୍ଷଣାତ୍ ଚାକିରିରୁ ବହିଷ୍କାର କରିଛନ୍ତି। ଆମେ ଦୁର୍ନୀତିକୁ ସମର୍ଥନ କରୁନାହୁଁ, ଲାଞ୍ଚ ନେବାକୁ ଅପରାଧ ବୋଲି ବି ମନେ କରୁଛୁ। ସମ୍ପୃକ୍ତ ଏଏସ୍‌ଆଇଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନକୁ ନେଇ ଆମେ ପ୍ରଶ୍ନ କରୁନାହୁଁ। ମାତ୍ର ଏଠାରେ ନ୍ୟାୟର ସମାନତାକୁ ନେଇ ଉଠିଥିବା ପ୍ରଶ୍ନ ଆମ ପରି ଅନେକଙ୍କୁ ଆନ୍ଦୋଳିତ କରିଛି। ଭିଜିଲାନ୍ସ ୩ ଜଣଙ୍କୁ ଲାଞ୍ଚ ନେବା ବେଳେ ଗିରଫ କରିଛି; ଆଇଏଏସ୍‌ଙ୍କୁ ୧୦ ଲକ୍ଷ ନେବା ବେଳେ, ଇନ୍ସପେକ୍ଟରଙ୍କୁ ୪୦ ହଜାର ନେବା ସମୟରେ ଓ ଏଏସ୍‌ଆଇ ୨୦ ହଜାର ନେବା ବେଳେ ଧରା ପଡ଼ିଥିବା କୁହାଯାଉଛି। ଯଦି ଏଏସ୍‌ଆଇଙ୍କୁ ବହିଷ୍କାର କରାଗଲା, ତେବେ ସମାନ ଅପରାଧ ପାଇଁ ଆଇଏଏସ୍ ଓ ଇନ୍ସପେକ୍ଟରଙ୍କୁ କାହିଁକି ବହିଷ୍କାର କରାଯିବ ନାହିଁ?



ଏହି ତିନୋଟି ଘଟଣା ସାଧାରଣରେ ଯେଉଁ ବାର୍ତ୍ତାଟି ଦେଉଛି, ତାହା ଅତ୍ୟନ୍ତ ସ୍ପର୍ଶକାତର ବୋଲି ଅନୁଭବ କରୁଛୁ। ବେଶୀ ଟଙ୍କା ଲାଞ୍ଚ ନେଲେ ନିଲମ୍ବନ ଓ ମାମଲା ଥଣ୍ଡା ପଡ଼ିଗଲା ପରେ ପୁନର୍ବାହାଲ; ଅଳ୍ପ ଟଙ୍କା ଲାଞ୍ଚ ନେଲେ ଚାକିରିରୁ ବହିଷ୍କାର? ଏହା କ'ଣ ବ୍ୟବସ୍ଥାଗତ ତ୍ରୁଟି ନୁହେଁ? ପଦମର୍ଯ୍ୟାଦା ଯେତେ ବଡ଼ ସେମାନଙ୍କ ପାଇଁ ସରକାରଙ୍କ ସୁରକ୍ଷାର ଆବରଣ ସେତେ ମୋଟା ବୋଲି ଏକ ଧାରଣା ଲୋକଙ୍କ ମନରେ ସୃଷ୍ଟି କରୁନାହିଁ କି? ଆଇନ ଅନୁଯାୟୀ କେବଳ ଅଭିଯୋଗ ବା ଗିରଫ ଆଧାରରେ କାହାକୁ ଦୋଷୀ ଘୋଷଣା କରାଯାଇପାରେ ନାହିଁ। ଚୂଡ଼ାନ୍ତ ଅଦାଲତୀ ରାୟ ନ ଆସିବା ପର୍ଯ୍ୟନ୍ତ ସମସ୍ତେ କେବଳ 'ଅଭିଯୁକ୍ତ' ପର୍ଯ୍ୟାୟଭୁକ୍ତ ହୋଇ ରହିଥାଆନ୍ତି। ଏହି ନୀତି ଗଣତନ୍ତ୍ରର ଏକ ମୌଳିକ ଆଧାର। କିନ୍ତୁ ସବୁକ୍ଷେତ୍ରରେ ଏହା ସମାନ ହେଉନାହିଁ କାହିଁକି? ଉଚ୍ଚସ୍ତରର ଅଧିକାରୀମାନଙ୍କ ପାଇଁ ଭିନ୍ନ ନୀତି କାହିଁକି? ଦୁର୍ନୀତି ଅଭିଯୋଗରେ ଅଭିଯୁକ୍ତ ଅନେକ ବରିଷ୍ଠ ଅଧିକାରୀ ପୁନର୍ବାର ଉଚ୍ଚପଦରେ ଥଇଥାନ ହେଉଥିବା ବେଳେ ତଳିଆ କର୍ମଚାରୀଙ୍କ ପାଇଁ ବାଛବିଚାର କାହିଁକି? ନୀତି ନିର୍ଦ୍ଧାରଣ କରୁଥିବା ପ୍ରଶାସନିକ ଅଧିକାରୀମାନଙ୍କ ବିରାଦରୀ ପ୍ରୀତିକୁ କାହିଁକି ପ୍ରୋତ୍ସାହନ ଦିଆଯାଉଛି? ସାଧାରଣ ଲୋକଙ୍କ ଦୃଷ୍ଟିରୁ ଦେଖିଲେ ନ୍ୟାୟର ସମାନତା ଅଧିକ ଗୁରୁତ୍ୱପୂର୍ଣ୍ଣ। ନଚେତ୍ ଆଇନର ନିରପେକ୍ଷତା ଉପରେ ଲୋକଙ୍କ ବିଶ୍ୱାସ କମିଯିବ। ପଦମର୍ଯ୍ୟାଦା ନୁହେଁ; ଆଇନ ଆଧାରରେ ଦଣ୍ଡ ମିଳିବା ଉଚିତ୍। ଏହା ହେଲେ ଦୁର୍ନୀତି ବିରୋଧୀ ନୀତି ଗ୍ରହଣୀୟ ହେବ; ନ ହେଲେ 'ଶୂନ୍ୟ ସହନଶୀଳତା' କେବଳ ଫମ୍ପା ସ୍ଲୋଗାନ ପାଲଟିଯିବ।

ସାଂସଦ, ରାଜ୍ୟସଭା

# ପ୍ରକୃତି ସଂରକ୍ଷଣରେ ଦୂରଦର୍ଶୀ ଅଭିଯାନ

**ଡକ୍ଟର ସୁନ୍ଦର ନାରାୟଣ ପାତ୍ର**

ଜଙ୍ଗଲର ପ୍ରତ୍ୟକ୍ଷ ଉପକାରିତା ହେଲା ଖାଦ୍ୟ, ଔଷଧ, ଗୃହ ତଥା ଚାଷ କାର୍ଯ୍ୟ ପାଇଁ ବିଭିନ୍ନ ଉପକରଣ ଏବଂ ଉପାଦାନର ଉପଲବ୍ଧି। ଏହାଠାରୁ ପରୋକ୍ଷ ଉପକାରିତା ଯଥେଷ୍ଟ ଅଧିକ - ଯଥା ଜଳବାୟୁ ନିୟନ୍ତ୍ରଣ, ବୃଷ୍ଟିପାତ, ଜଳଚକ୍ର ନିୟନ୍ତ୍ରଣ, ଭୂତଳ ଜଳ ଶୋଷଣ ତଥା ଏହି ଜଳ ସ୍ତରକୁ ଉପରମୁହା କରି ରଖିବା, ଉତ୍ତାପ ନିୟନ୍ତ୍ରଣ, ମୃତ୍ତିକା ସଂରକ୍ଷଣ, ଅନେକ ପକ୍ଷୀ ତଥା ପ୍ରାଣୀଙ୍କୁ ଆଶ୍ରୟ ପ୍ରଦାନ, ପରିସଂସ୍ଥାୟ ସନ୍ତୁଳନ ରକ୍ଷା କରିବାରେ ପ୍ରମୁଖ ଭୂମିକା ଇତ୍ୟାଦି।

ଆମ ଦେଶରେ ଜୁଲାଇ ମାସ ପ୍ରଥମ ସପ୍ତାହରୁ ଆରମ୍ଭ କରି ସେପ୍ଟେମ୍ବର ଶେଷ ସୁଦ୍ଧା ଚାରାରୋପଣ କାର୍ଯ୍ୟକ୍ରମ ଜାରି ରଖାଯାଇପାରିବ। ଏହାର କାରଣ ହେଉଛି ଭାରତରେ ମୌସୁମୀ କିମ୍ବା ବର୍ଷା ସାଧାରଣତଃ ଏହି ସମୟରେ ସକ୍ରିୟ ଥାଏ ଏବଂ ପର୍ଯ୍ୟାପ୍ତ ଜଳ ଉପଲବ୍ଧ ପାଇଁ ସର୍ବୋତ୍ତମ ସମୟ। ଚାରାରୋପଣ କରିବା ପୂର୍ବରୁ କେଉଁ ଜାତୀୟ ଚାରା କେଉଁଠାରେ ଲଗା ଯିବ ସେଥିପ୍ରତି ଯଥେଷ୍ଟ ଧ୍ୟାନ ଦେବା ଆବଶ୍ୟକ। ସାଧାରଣତଃ ଦେଶୀ ଚାରା ଚୟନ କରିବା ଉଚିତ ହେବ, ଯେହେତୁ ସେହିସବୁ ଉଦ୍ଭିଦ ସ୍ଥାନୀୟ ମୃତ୍ତିକା ତଥା ଜଳବାୟୁରେ ଭଲ ବଢ଼ିପାରେ ଏବଂ ଜନସାଧାରଣଙ୍କ ଉପକାରରେ ଲାଗେ।

ଆମ ଜଳବାୟୁ ଆମ୍ବ, ଆକାଶ ମଲ୍ଲୀ, ଅର୍ଜୁନ, ଅସନ, ଅଶ୍ୱତ୍ଥ, ବାହାଡ଼ା, ବର, ଭ୍ରମରମାରୀ, ଚମ୍ପା, ଛତିଆନ, ଦେଶି ବାଦାମ, ଡିମିରୀ, ଗମ୍ଭାରୀ, ଗରୁଡ଼, ହରିଡ଼ା, ହଳଦ, ଜାମୁକୋଳି, ଜରୀ, କଦମ୍ବ, କାଳଚୁଆ, କରଞ୍ଜ, କେଳି କଦମ୍ବ, କେନ୍ଦୁ, କୃଷ୍ଣବର, କୁମ୍ଭୀ, କୋଚିଳା, ମହା ନାଗେଶ୍ୱର, ମହାନୀମ, ମହୁଲ, ମେହଗନୀ, ମୁଚୁକୁନ୍ଦ, ନାଗେଶ୍ୱର, ନୀମ, ପାଟୁଳୀ, ପୋଲାଙ୍ଗ, ପଣସ, ଫାସୀ, ପିଆଶାଳ, ରବର, ଶିମୁଳି, ସଲପ, ଜଡିମାରୀ, ଶିଶୁଆ, ତେନ୍ତୁଳି ଇତ୍ୟାଦି ପାଇଁ ବେଶ୍ ଅନୁକୂଳ। ଆମ୍ବ, ପଣସ ଭଳି ଚାରା ଫଳ ଉଦ୍ୟାନରେ ହିଁ ସ୍ଥାନ ପାଇବା ଉଚିତ। ମଧ୍ୟମ ଉଚ୍ଚତା ବିଶିଷ୍ଟ ଉଦ୍ଭିଦମାନଙ୍କ ମଧ୍ୟରୁ ଅଶୋକ, ଆଚ୍ଛୁ, ବାନ୍ଧଣ, ବଉଳ, ବେଲ, ଚନ୍ଦନ, ଚିନି ଚମ୍ପା, ଡଉ, ଗୁଆ, କାଠ କୁସୁମ, ହିଞ୍ଜଳ, କଇଠ, କାଳଚୁଆ, କୁଙ୍କୁମ, ପାଳଧୁଆ, ରିଠା ଫଳ, ରୁଦ୍ରାକ୍ଷ, ସୀମାକନ୍ୟା, ସୀତା ଫଳ, ରାମ୍ଫଳ ବା ବଢ଼ିଆଳ, ସୁନାରି, ଗୋପି ଗୋଲାପ ବା ତୁରୀ ଇତ୍ୟାଦି ଲଗାଯିବା ଉଚିତ। ସୀତା ଫଳ, ବଢ଼ିଆଳ ଭଳି ଗଛ ଫଳ ଉଦ୍ୟାନ ବା ନିଜ ବାଡ଼ି ବଗିଚାରେ ଲଗାଯିବା ଉଚିତ। ସେଭଳି ଛୋଟ ବୃକ୍ଷ ଭାବରେ ଅଁଳା, ଅର୍ଗୁଣା, କୁସୁମ, ବରୁଣ, ବେଗୁନିଆ, ଭୁରସିଙ୍ଗା, କଷି, ଚଢ଼େଇଗୋଡ଼ି, ପାଟୁଳୀ, ଛେନା ଫୁଲ, ଡାଳିମ୍ବ, ଗଙ୍ଗଶିଉଳି, ଗୋଲାପଜାମ, ଜାକାରନ୍ଦା, ଜାଭା କାସିଆ, କରମଙ୍ଗା, କଞ୍ଚଣ, କେରୁଆନ, ଖିରକୋଳି, କୋପା, ଲୋଧା, ନରକୋଳି, ଓଉ, ଫନଫଣା, ପିଜୁଳି, ରକ୍ତ ଚନ୍ଦନ, ସାପେଟା, ସିଧ, ଶାହାଡ଼ା ଇତ୍ୟାଦି ଲଗାଯାଇପାରିବ। ପିଜୁଳି, ସାପେଟା ଭଳି ଫଳ ଗଛ ନିଜ ବାଡ଼ି ବଗିଚା କିମ୍ବା ଫଳ ଉଦ୍ୟାନରେ ଲଗାଯିବା ଠିକ୍ ହେବ।

ଏହାଛଡ଼ା ବାସଙ୍ଗ, ବୋଟଲବ୍ରାସ, କନିଅର, କରବିର, ମନ୍ଦାର, ପାନ୍ଥପାଦପ, ରାଧାଚୂଡା, ରଙ୍ଗଣୀ, ସ୍ଥଳପଦ୍ମ, ଟଗର, ତରାଟ ଆଦି ଗୁଳ୍ମ ଜାତୀୟ ଉଦ୍ଭିଦ; ପାତାଳ ଗରୁଡ଼, ତୁଳସୀ ଆଦି ତୃଣ ଜାତୀୟ ଉଦ୍ଭିଦ ଏବଂ ଦୁର୍ବଳ କାଣ୍ଡ ବିଶିଷ୍ଟ ଲତା ଜାତୀୟ ଉଦ୍ଭିଦ ଯଥା ବୃଦ୍ଧଦାରକ, ଗନ୍ଧତମାଳ, ବିଗ୍ନନିଆ ବା ଅମନା, ହଁସଲତା, ମାଧବିଲତା, ରାଧାତମାଳ, କୃଷ୍ଣ ତମାଳ, ଅପରାଜିତା ଭଳି ଅନେକ ଚୟନ କରାଯାଇପାରେ। କୃଷ୍ଣଚୂଡ଼ା, ଆକାଶିଆ, ନୀଳଗିରି, ନିଦ୍ରାବତୀ, ସରୁପତ୍ରୀ, ବଡ଼ଶିରୀ ଭଳି ଉଦ୍ଭିଦ ଦେଶଜ ନ ହେଲେ ମଧ୍ୟ ଆମ ଜଳବାୟୁରେ ଭଲ ବଢ଼ନ୍ତି। ଏଗୁଡ଼ିକ ସୌନ୍ଦର୍ଯ୍ୟ ବୃଦ୍ଧି ପାଇଁ ରାସ୍ତାକଡ଼ରେ ଲଗାଯାଇପାରେ। ନୀଳଗିରି ଭଳି ବାର୍ଷିକ କର୍ଣ୍ଣପାତ ବୃକ୍ଷ ରାସ୍ତା କଡ଼ରେ ରୋପଣ ପାଇଁ ଉପଯୁକ୍ତ ନୁହେଁ, ତାହା ଉତ୍କୃଷ୍ଟ ଜାଳ କାଠ ପାଇଁ ବ୍ୟବସାୟଭିତ୍ତିକ ଚାଷ କରାଯାଇପାରିବ। ଦେବଦାରୁ ଭଳି ନରମଗଣ୍ଡି ବିଶିଷ୍ଟ ଉଦ୍ଭିଦ ସୌନ୍ଦର୍ଯ୍ୟ ପାଇଁ ଲଗା ଯାଇପାରିବ। ତେବେ ଖୁବ୍ ଜୋର୍ ପବନ ବା ବାତ୍ୟାରେ ଭାଙ୍ଗିବା ଆଶଙ୍କା ବହୁ ଅଧିକ।

ସମୁଦ୍ର ଉପକୂଳରେ ସୁନ୍ଦରୀ, ହେନ୍ତାଳ, ଝାଉଁ, କାଜୁ, କିଆ ବୁଦା ଭଳି ଲୁଣି ପାଣିର ଜଳବାୟୁରେ ବଢୁଥିବା ଚାରାରୋପଣ କରାଯାଇପାରେ। ଏହି ଜାତୀୟ ଉଦ୍ଭିଦ ବାତ୍ୟା, ପବନର ଚାପକୁ ପ୍ରତିରୋଧ କରିପାରିବ। ନଦୀ କୂଳ, କେନାଲ ହୁଡ଼ା, ଖେଳ ପଡ଼ିଆ ମଶାଣି ଭଳି ଖୋଲା ସ୍ଥାନରେ ଛାୟା ଏବଂ ଶୀତଳତା ପାଇଁ ଚିରସବୁଜ ବଡ଼ ବଡ଼ ବୃକ୍ଷ ଯଥା ବର, ଓସ୍ତ, କରଞ୍ଜ, ଡିମ୍ବିରି, ନୀମ, ତେନ୍ତୁଳି, ଇତ୍ୟାଦି ଚୟନ କରାଯାଇ ପାରେ। ଅଶୋକ, ବଉଳ, ନୀମ ଭଳି ସାତ୍ତ୍ୱିକ ଗଛ ମଧ୍ୟ ଲଗାଯାଏ। କୃଷ୍ଣଚୂଡ଼ା ଗଛରେ ଯେତେବେଳେ ଫୁଲ ଫଳ ଧରେ ସେତେବେଳେ ପତ୍ର ନଥାଏ। ଏଣୁ କେବଳ ଫୁଲର ସୌନ୍ଦର୍ଯ୍ୟ ପାଇଁ କିଛି ହାତଗଣତି ଗଛ ଲଗାଯାଇପାରେ। ଶାଗୁଆନ ଗଛରେ ଶୀତ ଋତୁ ବେଳକୁ ପତ୍ରଝଡ଼ା ଦିଏ। ଏଭଳି ବୃକ୍ଷ ଜଙ୍ଗଲ ସୃଷ୍ଟି ବ୍ୟବସାୟିକ ଦୃଷ୍ଟିରୁ ଠିକ୍।

ପୂର୍ବାଞ୍ଚଳ ରାଜ୍ୟ ଯଥା ଓଡ଼ିଶା, ବିହାର, ଝାଡ଼ଖଣ୍ଡରେ ଶାଳ ଅରଣ୍ୟ ବହୁତ ଦେଖାଯାଏ। ତେବେ ଏଥିରୁ ଚାରା ସୃଷ୍ଟି କରିବା ଏତେଟା ସହଜ ନୁହେଁ। ଗଛର ଟଟକା ମଞ୍ଜିକୁ ସଂଗ୍ରହ କରି ତତକ୍ଷଣାତ୍ ନରସେରି କଲେ ଚାରା ସୃଷ୍ଟି ହୋଇପାରିବ। ଏଭଳି ଏକ ନରସେରି ବର୍ତ୍ତମାନ ସୁନ୍ଦରଗଡ଼ ଜିଲ୍ଲାରେ ମନ୍ଦିରା ଡ୍ୟାମ ନିକଟରେ ବନ ବିଭାଗ ସୃଷ୍ଟି କରିଛନ୍ତି। ଉଜୁଡ଼ା ଜଙ୍ଗଲ କିମ୍ବା ସେଭଳି କୌଣସି ଅଧୋପତିତ ଜମିରେ ଶାଳ ଜଙ୍ଗଲ ସୃଷ୍ଟି କରିବାରେ ସହାୟକ ହେବ। ଅଶୋକ, ଫନଫଣା ପାତାଳ ଗରୁଡ଼ ଭଳି ଅନେକ ଦେଶଜ ଔଷଧି ଉଦ୍ଭିଦ ବର୍ତ୍ତମାନ ବିପଦସଙ୍କୁଳ/ବିରଳ/ସଙ୍କଟାପନ୍ନ ବର୍ଗରେ ଅନ୍ତର୍ଜାତୀୟ ପ୍ରକୃତି ସଂରକ୍ଷଣ ସଂସ୍ଥା(ଆଇୟୁସିଏନ୍) ଦ୍ୱାରା ତାଲାକାଭୁକ୍ତ ହେଲାଣି ଏବଂ ଆଶଙ୍କା ହେଉଛି ଏହି ତାଲିକା ଆହୁରି ଲମ୍ବା ହେବାକୁ ଯାଉଛି। ତେଣୁ ଦେଶଜ ଉଦ୍ଭିଦର ସୁରକ୍ଷା ଓ ସଂରକ୍ଷଣ ନିହାତି ଜରୁରୀ।

ବ୍ୟାପକ ଚାରାରୋପଣ ହେଉଛି ପ୍ରକୃତି ସଂରକ୍ଷଣ ପାଇଁ ଏକ ଦୂରଦର୍ଶୀ ଅଭିଯାନ। ପ୍ରତିବର୍ଷ ଜୁଲାଇ ପ୍ରଥମ ସପ୍ତାହରେ ପାଳନ କରାଯାଉଥିବା ବନ ମହୋତ୍ସବର ଚଳିତ ବର୍ଷର ବିଷୟବସ୍ତୁ ହେଉଛି 'ଗଛ ଲଗାନ୍ତୁ, ପୃଥିବୀ ବଞ୍ଚାନ୍ତୁ'। ବିଗତ ଦୁଇ ବର୍ଷର ନାରା ଥିଲା 'ମା'ଙ୍କ ପାଇଁ ଗଛଟିଏ ରୋପଣ କରନ୍ତୁ।' ଭାରତର ଲକ୍ଷ୍ୟ ରହିଛି ଯେ ଏହି ଉତ୍ସବ ପାଳନ ପ୍ୟାରିସ ଜଳବାୟୁ ଚୁକ୍ତିନାମାର ଜାତୀୟସ୍ତରରେ ନିର୍ଦ୍ଧାରିତ ପ୍ରତିଶ୍ରୁତିବଦ୍ଧତା ସହିତ ସମନ୍ୱିତ ହେଉ, ଯାହାଦ୍ୱାରା ୨୦୩୦ ସୁଦ୍ଧା ୨.୫ ରୁ ୩ ଶହ କୋଟି ଟନ୍ ଅଙ୍ଗାରକାମ୍ଳ ସମତୁଲ୍ୟ ଅତିରିକ୍ତ କାର୍ବନ ବ୍ୟାପକ ଚାରାରୋପଣ ଓ ଜଙ୍ଗଲ ସୃଷ୍ଟି ମାଧ୍ୟମରେ ଅବଶୋଷଣ କରାଯିବ।

(ସଭାପତି, ଓଡ଼ିଶା ପରିବେଶ ସମିତି)
ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

# ଅନବସର ବେଳେ ଅଲାରନାଥ ଦର୍ଶନ

**ସ୍ୱପ୍ନେଶ୍ୱର**

**ଲୋକକଥାରେ ଲୋକଦେବତା**

କେରଳନିବାସୀ ଆଲବନ୍ଦରାଚାର୍ଯ୍ୟ ଜଣେ ପରମ ବୈଷ୍ଣବ ସନ୍ଥ ଥିଲେ। ଥରେ ସେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କୁ ଦର୍ଶନ କରିବା ପାଇଁ ଶ୍ରୀକ୍ଷେତ୍ରରେ ପହଞ୍ଚିଲେ। ସେତେବେଳେ ଥିଲା ଆଷାଢ଼ ମାସର ଅନବସର ସମୟ। ସେବକମାନଙ୍କଠାରୁ ଶୁଣିବାକୁ ପାଇଲେ ଯେ ସ୍ନାନପୂର୍ଣ୍ଣିମା ଦିନ ମହାପ୍ରଭୁ ଅତ୍ୟଧିକ ପ୍ରତ୍ୟକ୍ଷ ସ୍ନାନ କଲା ପରେ ଜ୍ୱରରେ ପୀଡ଼ିତ ହୋଇ ସଂଗରୋଧରେ ରହିଛନ୍ତି ଏବଂ ରୋଗର ଉପଶମ ପାଇଁ ବିଶ୍ରାମ ଓ ଚିକିତ୍ସା ଗ୍ରହଣ କରୁଛନ୍ତି। ଆଚାର୍ଯ୍ୟ ଭାବିଲେ ଯେ ଅଖିଳ ବ୍ରହ୍ମାଣ୍ଡର ପତି ପରଂବ୍ରହ୍ମ ଜଗନ୍ନାଥ ସାଧାରଣ ମଣିଷ ପରି ପୀଡ଼ିତ ହେବେ କିପରି? ଯେ ନିରାକାର, ଅଜର ଓ ଅମର; ଯାହାର ଶ୍ରୀଅଙ୍ଗ ଏକ ସାଙ୍କେତିକ ସ୍ୱରୂପ ମାତ୍ର, ତାଙ୍କର କେଉଁ ଅଙ୍ଗ ଜ୍ୱରାକ୍ରାନ୍ତ ଓ ପୀଡ଼ାଗ୍ରସ୍ତ ହୋଇପାରେ? ସେ ଭାବିଲେ ଯେ ତାଙ୍କର ପୂର୍ବ ଜନ୍ମ ବା ଏହି ଜନ୍ମର କୌଣସି ପାପ ଯୋଗୁଁ ମହାପ୍ରଭୁ ରୋଗର ବାହାନା କରି ତାଙ୍କୁ ଦର୍ଶନ ଦେଲେ ନାହିଁ। ଏତେଦିନର ନୈଷ୍ଠିକ ସାଧନା ଓ ପଥଶ୍ରମ ନିଷ୍ଫଳ ଯାଇଥିବାରୁ ସମୁଦ୍ରରେ ଝାସ ଦେଇ ପ୍ରାଣ ବିସର୍ଜନ କରିବା ପାଇଁ ସେ ସ୍ଥିର କଲେ। ସନ୍ଧ୍ୟା ଅତିକ୍ରାନ୍ତ ହେବା ପରେ ମହୋଦଧି ଆଡ଼କୁ ଚାଲିଲେ। ମହାପ୍ରଭୁ ତ ସର୍ବଜ୍ଞ, ପୁଣି ପରମ ଦୟାଳୁ ଓ ଭକ୍ତବତ୍ସଳ। ସେ ଆଚାର୍ଯ୍ୟଙ୍କୁ ବୁଝାଇବା ପାଇଁ ଶ୍ମଶାନ ମହାବୀର ହନୁମାନଙ୍କୁ ନିର୍ଦ୍ଦେଶ ଦେଲେ। ମହାପ୍ରଭୁଙ୍କ ଆଦେଶ ପାଇ ହନୁମାନ ସାଧୁଙ୍କ ପଛେପଛେ ଚାଲିଲେ। କିଛିଦୂର ଗଲା ପରେ ଆଚାର୍ଯ୍ୟଙ୍କୁ ଲାଗିଲା ଯେ କେହି ଜଣେ ତାଙ୍କୁ ଅନୁଗମନ କରୁଛି। ସେ ପଛକୁ ବୁଲି ଦେଖିଲେ, ଜଣେ ବିରାଟକାୟ ମଣିଷ, ବାନରପରି ମୁଖମଣ୍ଡଳ ଆକାଶକୁ ଲାଗିଥିଲା। ସାଧୁ ଭୟ ନ କରି ପଚାରିଲେ, 'ଆପଣ କିଏ? ମୋ ପଛେପଛେ ଆସୁଛନ୍ତି କାହିଁକି?' ହନୁମାନ ନିଜ ପରିଚୟ ଦେଇ କହିଲେ, 'ମୁଁ ହନୁମାନ, ସ୍ୱର୍ଗଦ୍ୱାର ଶ୍ମଶାନର ରକ୍ଷକ। ମୋତେ ମହାପ୍ରଭୁ ଆପଣଙ୍କ ପାଖକୁ ପଠେଇଛନ୍ତି। କିଛିଦିନ ପରେ ସେ ରୋଗମୁକ୍ତ ହୋଇ ନବଯୌବନ ଦର୍ଶନ ଦେବେ। ତା' ପରେ ରଥାରୋହଣ କରି ଯାତ୍ରା କରିବେ। ସେତେବେଳେ ଆପଣ ତାଙ୍କର ଦର୍ଶନ ଲାଭ କରିବେ। ବର୍ତ୍ତମାନ ଆପଣ ପ୍ରାଣବିସର୍ଜନ ନିଷ୍ପତ୍ତି ପରିହାର କରନ୍ତୁ।' ଆଚାର୍ଯ୍ୟେ କହିଲେ, 'ମହାପ୍ରଭୁଙ୍କୁ ଦର୍ଶନ କରିବା ପାଇଁ ମୋର ଅଭିଳାଷ ପଛରେ ମୋର ଅନେକ ଦିନର ସାଧନା ଓ ପଥଶ୍ରମ ଅଛି। ତା' ପରେ ଯଦି ମୋତେ ଦର୍ଶନ ମିଳିଲା ନାହିଁ, ମୋର ଜୀବନର କୌଣସି ଅର୍ଥ ଅଛି ବୋଲି ମୁଁ ବିଶ୍ୱାସ କରେ ନାହିଁ। ଆପଣ ମୋର ଗତିରୋଧ କରନ୍ତୁ ନାହିଁ।'

ହନୁମାନ ଜାଣିଲେ ଯେ ଆଚାର୍ଯ୍ୟ ତାଙ୍କ ନିଷ୍ପତ୍ତିରୁ ଓହରିବେ ନାହିଁ। ସେ ନିଜେ ଜାଣିଥିଲେ ଯେ ମହାପ୍ରଭୁଙ୍କୁ ଭକ୍ତ ଯେତେ ଭକ୍ତି କରେ, ତା' ଠାରୁ ବେଶୀ ସେ ତାଙ୍କ ଉପରେ ଅଭିମାନ କରେ। ତେଣୁ ସେ ଆଚାର୍ଯ୍ୟଙ୍କୁ ପଥଭ୍ରଷ୍ଟ କରି ତାଙ୍କୁ ମରଣ ମୁହଁରୁ ରକ୍ଷା କରିବା ପାଇଁ ବ୍ରହ୍ମଗିରି ଆଡ଼କୁ ଅଙ୍ଗୁଳି ନିର୍ଦ୍ଦେଶ କରି ସେହି ଆଡ଼େ ସମୁଦ୍ର ବୋଲି ସାଧୁଙ୍କୁ ଭ୍ରମିତ କରିଦେଲେ। ଆଚାର୍ଯ୍ୟେ ତାଙ୍କ ନିର୍ଦ୍ଦେଶିତ ରାସ୍ତାରେ ଚାଲିଲେ। ରାତିପାଇ ପାହାନ୍ତା ହେଲା। ତଥାପି ସମୁଦ୍ର ଆସିଲା ନାହିଁ। ଆଚାର୍ଯ୍ୟଙ୍କ ଆଗରେ ଏକ ସରୋବର ଥିଲା। ସେ ଟିକିଏ ଅଟକି ଗଲେ। ମୁଣ୍ଡ ଉଠେଇ ଦେଖିଲେ ଶଙ୍ଖ, ଚକ୍ର, ଗଦା ଓ ପଦ୍ମ ଧାରଣ କରି ଚତୁର୍ଭୁଜ ନାରାୟଣ ତାଙ୍କ ସାମନାରେ ଦଣ୍ଡାୟମାନ ହୋଇଥିଲେ। ସେ ତାଙ୍କ ପଦ୍ମପାଦତଳେ ପଡ଼ି ନିବେଦନ କଲେ, 'ମୋର ଅପରାଧ ମାର୍ଜନା କରିବା ହୁଅନ୍ତୁ ମହାପ୍ରଭୁ। ଆପଣ ଅସୁସ୍ଥ ଥିବା ବେଳେ ମୁଁ ଆପଣଙ୍କୁ ଏତେ କଷ୍ଟ ଦେଇ ଥିବାରୁ କ୍ଷମା ପ୍ରାର୍ଥନା କରୁଛି।'

ମହାପ୍ରଭୁ କହିଲେ, ଉତ୍କଳରେ ମୋର ଭକ୍ତମାନେ ମୋତେ ତାଙ୍କ ଭିତରୁ ଜଣେ ବୋଲି ଭାବନ୍ତି। ତେଣୁ ସେମାନଙ୍କ ପାଇଁ ମୁଁ ମାନବଲୀଳା କରେ। ଏବେ ତୁମେ କୁହ, କ'ଣ ଚାହୁଁଛ? ଆଚାର୍ଯ୍ୟେ କହିଲେ, 'ଆପଣ ଯେଉଁ ସ୍ୱରୂପରେ ମୋ ଆଗରେ ବିଜେ କରିଛନ୍ତି, ସେହି ରୂପରେ ଏହିଠାରେ ବିରାଜମାନ କରନ୍ତୁ। ଅନବସର ସମୟରେ ଭକ୍ତମାନେ ଆପଣଙ୍କୁ ଦର୍ଶନ କରି ଜଗନ୍ନାଥ ଦର୍ଶନର ପୁଣ୍ୟ ପ୍ରାପ୍ତ କରନ୍ତୁ। ଭବିଷ୍ୟତରେ ଜଗନ୍ନାଥ ଦର୍ଶନରୁ ବଂଚିତ ହୋଇ ମୋ ପରି କେହି ପ୍ରାଣ ବିସର୍ଜନ କରିବା ପାଇଁ ନିଷ୍ପତ୍ତି ନେବା ଦରକାର ନ ପଡୁ।' ମହାପ୍ରଭୁ 'ତଥାସ୍ତୁ' କହି ଅନ୍ତର୍ଦ୍ଧାନ ହୋଇଗଲେ।

ଯେଉଁ ସ୍ଥାନରେ ଆଚାର୍ଯ୍ୟ ନାରାୟଣଙ୍କ ଦର୍ଶନ ଲାଭ କରିଥିଲେ, ସେଠାରେ ଏକ ଭବ୍ୟ ମନ୍ଦିର ନିର୍ମାଣ କରି ନାରାୟଣଙ୍କୁ ସ୍ଥାପନା କରି ପୂଜାର୍ଚ୍ଚନା କରାଗଲା। ଆଲବନ୍ଦରାଚାର୍ଯ୍ୟଙ୍କ ନାମାନୁସାରେ ଲୋକେ ଠାକୁରଙ୍କୁ ଅଲାରନାଥ ବୋଲି ସମ୍ବୋଧନ କଲେ। ଅନବସରବେଳେ ଲକ୍ଷଲକ୍ଷ ଭକ୍ତ ତାଙ୍କର ଦର୍ଶନ ଲାଭ କରି କୃତାର୍ଥ ହେଉଛନ୍ତି।

ମୋ: ୯୯୦୦୦୮୩୪୩୩

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ। ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ। ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୂନ ୧୫ ଦିନ ରହିବ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର। ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ। ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## AFFIDAVIT

I, MOHAMMAD SHAZAD, S/O HAJI MAHAMMAD AMAN, resident of At - Milli Sahi, PO/PS - Kotpad, Dist - Koraput - 764058, Odisha declare by this Affidavit No.3007, Dated - 07/07/2026, that now onwards I shall be known as **MAHAMMAD SHAZAD NATHA** for all future purposes.

## AFFIDAVIT

By virtue of an Affidavit before the Executive Magistrate, Bhadrak, vide Affidavit No. 8050, dated 07.07.2026, I, Jhilimayee Ojha, aged 30 years, S/o Bichitra Ojha, At- Antei, P.O.- Balighai, P.S.- Marshaghai, Dist.- Kendrapara, Odisha, on behalf of my name Jhilimayee Ojha. In my Aadhaar Card, it has been wrongly mentioned as Jhilu Ojha in Aadhaar Card bearing No. 2065 0075 8452. Jhilu Ojha and Jhilimayee Ojha are one and the same person. This affidavit is for Aadhaar correction.

## AFFIDAVIT

By virtue of an affidavit sworn before Executive Magistrate, Kodala, Ganjam vide Sl. No.336 dated 18.5.2026, I Muna Gouda resident of At- Chhachina, Jaganathapur, Po.- Gouradeipur, Ps./Tahasil- Kodala, Dist.- Ganjam, Odisha, Pin- 761032 declare that, I have changed the name of my daughter from **Mama Gouda** to **Mamali Gouda**. Henceforth, she shall be known as **Mamali Gouda** for all purposes.

Applicant Name: Muna Gouda

## AFFIDAVIT

I, Tabassum Bano, aged about 44 years, W/o- Mohammed Hanif, resident of Balika School Pada, Ward No. 8, Khariar, Po- Khariar, Ps- Khariar, Dist- Nuapada, Odisha, Pin- 766107, do hereby declare by this affidavit No.1366., dtd- 07.07.2026, that now onwards I shall be known as **TABASUM BANO** for all future purposes.

## AFFIDAVIT

I, GANTA VENKATESWARA RAO, S/O GANTA SURYANARAYANA resident of At - Lal Street, Bank Colony, PO/PS -Jeypore, Dist - Koraput - 764001, Odisha declare by this Affidavit No.3006, Dated - 07/07/2026, that now onwards I shall be known as **GANTA VENKATESWAR RAO** for all future purposes.

## AFFIDAVIT

By virtue of an affidavit no. 718 before the Executive Magistrate, Paralakhemundi, dtd.04.07.2026, I, Nityananda Barik, At: SND Pentho, PO: Sardapur, P.S. Gurandi, Dist. Gajapati, Odisha, do hereby declare that my wife's surname has been wrongly recorded as Kanchana Barik in my Army Discharge Book. Her correct name is Kanchana Pandi & Date of Birth is 20.05.1970. Henceforth she shall be known as **Kanchana Pandi & DOB-20.05.1970** for all purposes.

**Nityananda Barik**

## AFFIDAVIT

I, Anila Kumar Behera, S/o- Bhaskar chandra Behera, resident of At- Manikapur, Po- Pratap, Ps- Banapur, Dist- Khordha, Pin- 752031, Odisha declare by this affidavit No-1171, date- 06/07/2026, that now onwards I shall be known as **ANIL KUMAR BEHERA** for all future purposes.

## Lost of Original Land ROR / Patta

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଯାଉଛି ଯେ ମୌଜା-ପଟିଆ ଅବସ୍ଥିତ ପ୍ଲଟ୍ ନଂ-୩୯୪/୩୨୮୮, ଖାତା ନଂ-୪୭୪/୪୯୬୨ ଏବଂ ପ୍ଲଟ୍ ନଂ-୩୯୪/୩୨୯୮, ଖାତା ନଂ-୪୭୪/୪୯୬୩, ପିପୁଲ୍ସ ଫୋରମ୍ (ଗୋବିନ୍ଦ ଚନ୍ଦ୍ର ପଟ୍ଟନାୟକ) ନାମରେ ଥିବା ମୂଳ ପଟ୍ଟା, ତଥା ମୌଜା-ପଟିଆ ଅବସ୍ଥିତ ପ୍ଲଟ୍ ନଂ-୩୯୪/୩୨୮୯, ଖାତା ନଂ-୪୭୪/୩୯୯୫ ଏବଂ ପ୍ଲଟ୍ ନଂ- ୩୯୪/୩୨୮୮, ଖାତା ନଂ-୪୭୪/୪୦୬୬, ସାଜି ଶିବଦର୍ଶନଙ୍କ ନାମରେ ଥିବା ମୂଳ ପଟ୍ଟା ତା. ୦୩.୦୭.୨୦୨୬ରିଖ ପ୍ରାୟ ସକାଳ ୧୧.୦୦ଘଟିକା ସମୟରେ ଖଣ୍ଡଗିରି, ଭୁବନେଶ୍ୱର ଅଞ୍ଚଳରେ ହଜିଯାଇଛି । ଏହି ସମ୍ପର୍କରେ ଖଣ୍ଡଗିରି ଥାନାରେ ଅଭିଯୋଗ ଦାଖଲ କରାଯାଇଛି । ଉକ୍ତ ଦସ୍ତାବିଜ କାହାରି ନିକଟରେ ଥିଲେ କିମ୍ୱା ମିଳିଥିଲେ ନିମ୍ନଲିଖିତ ମୋବାଇଲ୍ ନମ୍ବରରେ ଯୋଗାଯୋଗ କରିବାକୁ ଅନୁରୋଧ ।

ପ୍ରମୋଦ କୁମାର ପଣ୍ଡା
ମୋବାଇଲ: ୯୯୩୭୧୧୫୧୧୧

24001/273/2627

# ଓଡିଶା ସରକାର
## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, କୋରାପୁଟ
## ଘୋଷଣା

File No. 6352/2025 ତାରିଖ: ୨୬.୧୨.୨୦୨୫

ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାଯ୍ୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013 ) ର ଧାରା ୧୯ ର ଅଧୁନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ ର ଧାରା ୧୫ (୨) ଅନୁସାରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟ କୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନର ଧାରା ୨(e) ପ୍ରକାରେ ପ୍ରତୀତ ହେଉଅଛି ଯେ ମୌଜା-ବାର୍ଲାହାଣ୍ଡି ଥାନା-ଜୟପୁର ନଂ-୪୫ ଜିଲ୍ଲା- କୋରାପୁଟ ରେ ନିମ୍ନ ସୂଚିତ କ ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା : ଜୟପୁର – ମାଲକାନଗିରି ନୂତନ ଓସାରିଆ ରେଳ ସଂଯୋଗି କରଣ ପ୍ରକଳ୍ପ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାଯ୍ୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ - ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013 ) ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା- ୪୬୮/୨୨ ତା: ୧୮.୦୬.୨୦୨୨ ରିଖ ରେ ପ୍ରକାଶିତ ହୋଇଅଛି । ଏହାର ବୈଧତା ରାଜସ୍ୱ ଓ ପ୍ରଶମନ ବିଭାଗ ଦ୍ୱାରା ପ୍ରକାଶିତ ବିଜ୍ଞପ୍ତି ସଂଖ୍ୟା 27757 ତା 28.07.2025 ରିଖ ଅନୁଯାୟୀ ୩୧.୧୨.୨୦୨୫ ପର୍ଯ୍ୟନ୍ତ ବଢ଼ିତ କରାଯାଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା-ବାର୍ଲାହାଣ୍ଡି ଥାନା-ଜୟପୁର ନଂ-୪୫, ତହସିଲ-ଜୟପୁର, ଜିଲ୍ଲା-କୋରାପୁଟ ର ଜୟପୁର – ମାଲକାନଗିରି ନୂତନ ଓସାରିଆ ରେଳ ସଂଯୋଗିକରଣ ପ୍ରକଳ୍ପ ନିମନ୍ତେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମନ୍ତେ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ । ଏହା ମଧ୍ୟ ଜିଲ୍ଲା ୱେବସାଇଟ https://koraput.odisha.gov.in ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ଼ କରାଯାଇଅଛି ।

### ତଫସିଲ -କ
(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା: କୋରାପୁଟ ତହସିଲ: ଜୟପୁର

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | କିସମ | ପ୍ଲଟର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ବାର୍ଲାହାଣ୍ଡି | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ କରାଗଲା | | | | ୫୬.୪୮୦ | ଏଥି ସହିତ ସଂଲଗ୍ନ କରାଗଲା |

### ତଫସିଲ -ଖ
(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା: କୋରାପୁଟ ତହସିଲ: ଜୟପୁର

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | କିସମ | ପ୍ଲଟର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନା ବୈଧ ତାରିଖ: ୩୧.୧୨.୨୦୨୫

ରାଜ୍ୟପାଳଙ୍କ ଆଦେଶକ୍ରମେ
ଜିଲ୍ଲାପାଳ, କୋରାପୁଟ

### ଭୂମି ଅନୁସୂଚୀ
ମୌଜା - ବାର୍ଲାହାଣ୍ଡି, ଥାନା-ଜୟପୁର ନଂ-୪୫, ତହସିଲ-ଜୟପୁର, ଜିଲ୍ଲା-କୋରାପୁଟ
ଜୟପୁର-ମାଲକାନଗିରି ନୂତନ ଓସାରିଆ ରେଳପଥ ପ୍ରକଳ୍ପ, ଜୟପୁର ନିର୍ମାଣ ନିମନ୍ତେ

| ଖାତା ନଂ | ସତ୍ୱ | ପ୍ଲଟ ନଂ | ମୋଟ ରକବା (ଏକର) | ଅଧିଗ୍ରହଣ ରକବା (ଏକର) | କିସମ | ରୟତଙ୍କ ନାମ |
|---|---|---|---|---|---|---|
| ୭ | ରୟତି | ୩୧୮ | ୧.୪୭୦ | ୦.୬୮୨ | ଧାନ-୨ | କଡାରୁ ରାଉତ, ପି-ଖଗ ରାଉତ |
| ୭ | ରୟତି | ୩୨୫ | ୩.୧୨୦ | ୧.୫୮୪ | ଧାନ-୧ | କଡାରୁ ରାଉତ, ପି-ଖଗ ରାଉତ |
| ୧୭ | ରୟତି | ୩୧୯ | ୧.୧୪୦ | ୦.୨୭୪ | ଧାନ-୨ | କୃଷ୍ଣ ରାଉତ ପି- ଖଗ ରାଉତ, ନାରାୟଣ ମୁଣ୍ଡ, ପି- ଅନାମ ମୁର୍ଣ୍ଣା |
| ୧୭ | ରୟତି | ୩୨୬ | ୨.୨୪୦ | ୧.୫୯୫ | ଧାନ-୧ | କୃଷ୍ଣ ରାଉତ ପି- ଖଗ ରାଉତ, ନାରାୟଣ ମୁଣ୍ଡା, ପି- ଅନାମ ମୁର୍ଣ୍ଣା |
| ୧୧୪/୨୯୭ | ରୟତି | ୧୫୮ | ୧.୭୬୦ | ୦.୩୪୫ | ଧାନ-୧ | ବୃନ୍ଦାବନ ବେହେରା, ଜଗନ୍ନାଥ ବେହେରା ପି-ଗଙ୍ଗାଧର ବେହେରା ଚିନ୍ତାମଣି ବେହେରା ସ୍ୱା-ଗଙ୍ଗାଧର ବେହେରା ଜା-କୁଡୁମ ବା-ଫାମୁଣି |
| ୨୩ | ରୟତି | ୨୮୩ | ୧.୦୦୦ | ୧.୦୦୯ | ଧାନ-୨ | ଗୋପିନାଥ ରାଉତ, ସନନାଥ ରାଉତ, କୃଷ୍ଣ ରାଉତ,ପି- ଖଗପତି ରାଉତ, ଘାସି ରାଉତ, ପବନ ରାଉତ, ପି-ଲୋକନାଥ ରାଉତ |
| ୩୨ | ରୟତି | ୨୮୩/୪୨୧ | ୦.୯୦୦ | ୦.୬୬୯ | ଧାନ-୩ | ଘାସି ରାଉତ, ପବନ ରାଉତ, ପି-ଲୋକନାଥ ରାଉତ |
| ୨୪ | ରୟତି | ୬୩ | ୦.୪୪୦ | ୦.୧୮୦ | ଧାନ-୨ | ଗୋପିନାଥ ରାଉତ, ପି- ଖଗ ରାଉତ |
| ୧୧୪/୧୬ | ରୟତି | ୬୩/୪୩୪ | ୨.୫୪୦ | ୨.୩୭୯ | ଧାନ-୨ | ଭଗବାନ ବେହେରା ପି-ରାମ ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୨୬୧ | ରୟତି | ୭୨/୫୫୧ | ୦.୮୩୦ | ୦.୧୭୭ | ଧାନ-୨ | ସୀତାରାଣୀ ପ୍ରଧାନ ସ୍ୱା-ବିଜୟାନନ୍ଦ ପ୍ରଧାନ ଜା-କୁଡୁମ ବା-ଫାମୁଣି |
| ୧୧୪/୧୧୫ | ରୟତି | ୭୨/୫୫୮/୫୭୪ | ୦.୫୦୦ | ୦.୩୫୦ | ଧାନ-୨ | କୁମ୍ଭି ହରିଜନ ପି-ସନୁ ହରିଜନ ତୃଳସି ହରିଜନ ସ୍ୱା-କୁମ୍ଭି ହରିଜନ ଜା-ଡମ୍ବ ବା-ବାର୍ଲାହାଣ୍ଡି |
| ୧୧୪/୧୧୬ | ରୟତି | ୭୨/୫୫୮ | ୦.୫୦୦ | ୦.୨୬୫ | ଧାନ-୨ | ଡମ୍ବରୁ ରାମ ପୁରିଆ ପି-ସନୁରାମ ପୁରିଆ ସୁବୁଦ୍ଧାରି ରାମ ପୁରିଆ ସ୍ୱା-ଡମ୍ବରୁ ରାମ ପୁରିଆ ଜା-ଭୂମିଆ ବା-ବାର୍ଲାହାଣ୍ଡି |
| ୧୧୪/୨୮୮ | ରୟତି | ୨୮୯/୬୩୧ | ୦.୧୮୦ | ୦.୦୧୫ | ଧାନ-୩ | ଭଗବାନ ବେହେରା ପି-ରାମ ବେହେରା ଜା-କୁଡୁମ ବା-ଫାମୁଣି ଜୟପୁର |
| ୧୧୪/୨୮୮ | ରୟତି | ୨୯୦ | ୦.୦୬୫ | ୦.୦୬୫ | ଧାନ-୨ | ଭଗବାନ ବେହେରା ପି-ରାମ ବେହେରା ଜା-କୁଡୁମ ବା-ଫାମୁଣି ଜୟପୁର |
| ୧୧୪/୧୫୬ | ରୟତି | ୩୨୮/୬୧୮ | ୦.୮୦୦ | ୦.୫୦୩ | ଧାନ-୧ | କୁତି ମଣ୍ଡଳ ସ୍ୱା-କୁଡକି ମଣ୍ଡଳ ଜା-କୁଡୁମ ବା-ଫାମୁଣି |
| ୧୧୪/୨୨୪ | ରୟତି | ୩୨୮/୭୨୩ | ୧.୭୦୦ | ୧.୦୦୦ | ଧାନ-୧ | ସତ୍ୟନାରାୟଣ ବେହେରା, ରଘୁନାଥ ବେହେରା ପି-ବନମାଳି ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୨୯୪ | ରୟତି | ୧୬୩ | ୧.୩୦୦ | ୦.୬୪୫ | ଧାନ-୧ | ବାଳକୃଷ୍ଣ ପାଢି ପି-ରାମ ଚନ୍ଦ୍ର ପାଢି ଜା-ବ୍ରାହ୍ମଣ ବା-ନୂଆସାହି ଜୟପୁର |
| ୧୧୪/୧୦୨ | ରୟତି | ୧୬୩/୫୬୧ | ୧.୦୫୦ | ୦.୩୪୫ | ଧାନ-୧ | ତଲା ପ୍ରଧାନ ସ୍ୱା-ଭଗତ ପ୍ରଧାନ ଜା-କୁଡୁମ ବା-ଫାମୁଣି |
| ୫୯ | ରୟତି | ୨୯୯ | ୨.୧୫୦ | ୧.୦୧୧ | ଧାନ-୨ | ନାରଣ ବେହେରା, ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୫୯ | ରୟତି | ୩୦୦ | ୨.୩୧୦ | ୧.୬୪୭ | ଧାନ-୧ | ନାରଣ ବେହେରା, ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୫୯ | ରୟତି | ୩୦୧ | ୨.୧୯୦ | ୧.୬୬୦ | ଧାନ-୨ | ନାରଣ ବେହେରା, ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୭୦ | ରୟତି | ୧୨୫ | ୦.୩୬୦ | ୦.୦୧୦ | ଧାନ-୧ | ବିନାୟକ ଚଉଧୁରୀ, ପି-ଦିନବନ୍ଧୁ ଚଉଧୁରୀ ଜା-କୁଡୁମ ବା-ଫାମୁଣି |
| ୭୦ | ରୟତି | ୧୬୧ | ୧.୮୬୦ | ୦.୮୫୭ | ଧାନ-୧ | ବିନାୟକ ଚଉଧୁରୀ, ପି-ଦିନବନ୍ଧୁ ଚଉଧୁରୀ ଜା-କୁଡୁମ ବା-ଫାମୁଣି |
| ୧୧୪/୫୯ | ରୟତି | ୬୮/୪୭୪ | ୧.୦୧୦ | ୦.୬୧୧ | ଧାନ-୨ | ସନ୍ତୋଷ କୁମାର ବେହେରା ପି-ଭଗବାନ ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୨୭୭ | ରୟତି | ୧୨୪ | ୨.୨୨୦ | ୦.୭୦୨ | ଧାନ-୧ | ଗଙ୍ଗାଧର ପ୍ରଧାନ ପି-ଡମ୍ବ ପ୍ରଧାନ ଜା-କୁଡୁମ ବା-ଫାମୁଣି |
| ୧୧୪/୨୮୯ | ରୟତି | ୧୭୬/୬୩୨ | ୧.୧୮୦ | ୦.୮୩୪ | ଧାନ-୧ | ସନ୍ତୋଷ ରାଉତ ଜା-କୁଡୁମ ବା-ଫାମୁଣି ଥା-ଜୟପୁର |
| ୬୮ | ରୟତି | ୧୫୯ | ୦.୬୨୦ | ୦.୧୨୨ | ଧାନ-୧ | ଭଗିଆ ରାଉତ, ଗୋପିନାଥ ରାଉତ,ପି-ଖଗ ରାଉତ,ଗୋବିନ୍ଦ ଚଉଧୁରୀ, ମଲି ଚଉଧୁରୀଆଣି,ସ୍ୱା-ଦିନବନ୍ଧୁ ଚୌଧୁରି, ଦିବାକର ଚୌଧୁରି,ବୃନ୍ଦାବନ ଚୌଧୁରି,ପି- କୃଷ୍ଣ ଚୌଧୁରୀ |
| ୧୧୪/୩୪ | ରୟତି | ୧୫୯/୫୯୪ | ୦.୫୦୦ | ୦.୨୫୦ | ଧାନ-୧ | ଡଲି ରାଉତାଣି ସ୍ୱା-ଦୁବ ରାଉତ ଜା-କୁଡୁମ ବା-ଫାମୁଣି |
| ୬୮ | ରୟତି | ୧୬୦ | ୦.୫୩୦ | ୦.୩୨୫ | ଧାନ-୧ | ଭଗିଆ ରାଉତ, ଗୋପିନାଥ ରାଉତ,ପି-ଖଗ ରାଉତ,ଗୋବିନ୍ଦ ଚଉଧୁରୀ, ମଲି ଚଉଧୁରୀଆଣି,ସ୍ୱା-ଦିନବନ୍ଧୁ ଚୌଧୁରି, ଦିବାକର ଚୌଧୁରି,ବୃନ୍ଦାବନ ଚୌଧୁରି,ପି- କୃଷ୍ଣ ଚୌଧୁରୀ |
| ୧୧୪/୩୪ | ରୟତି | ୧୬୦/୫୯୫ | ୦.୫୦୦ | ୦.୧୩୦ | ଧାନ-୧ | ଡଲି ରାଉତାଣି ସ୍ୱା-ଦୁବ ରାଉତ ଜା-କୁଡୁମ ବା-ଫାମୁଣି |
| ୧୧୪/୧୪୮ | ରୟତି | ୧୬୦/୬୦୭ | ୦.୮୯୦ | ୦.୦୭୦ | ଧାନ-୧ | ସିମାଂଚଳ ମଲିକ ପି-ନିଳାମ୍ବର ମଲିକ ଜା-କୁଡୁମ ବା-ଫାମୁଣି |
| ୬୮ | ରୟତି | ୧୬୨ | ୦.୪୨୦ | ୦.୪୧୭ | ଧାନ-୧ | ଭଗିଆ ରାଉତ, ଗୋପିନାଥ ରାଉତ,ପି-ଖଗ ରାଉତ,ଗୋବିନ୍ଦ ଚଉଧୁରୀ, ମଲି ଚଉଧୁରୀଆଣି,ସ୍ୱା-ଦିନବନ୍ଧୁ ଚୌଧୁରି, ଦିବାକର ଚୌଧୁରି,ବୃନ୍ଦାବନ ଚୌଧୁରି,ପି- କୃଷ୍ଣ ଚୌଧୁରୀ |
| | | ୧୬୨/୫୬୨ | ୦.୩୦୦ | ୦.୩୦୦ | ଧାନ-୧ | |
| ୯୫ | ରୟତି | ୩୨୧ | ୧.୩୦୦ | ୦.୦୩୮ | ଧାନ-୨ | ରାମ ରାଉତ, ପି-ଖଗ ରାଉତ |
| ୯୫ | ରୟତି | ୩୨୨ | ୨.୫୧୦ | ୨.୧୫୩ | ଧାନ-୧ | ରାମ ରାଉତ, ପି-ଖଗ ରାଉତ |
| ୧୦୬ | ରୟତି | ୨୯୨ | ୧.୨୨୦ | ୦.୨୯୦ | ଧାନ-୧ | ହରି ଚଉଧୁରୀ,ପି-ଦିନବନ୍ଧୁ ଚଉଧୁରୀ |
| ୧୦୬ | ରୟତି | ୨୯୩ | ୦.୯୦୦ | ୦.୬୩୪ | ଧାନ-୨ | ହରି ଚଉଧୁରୀ,ପି-ଦିନବନ୍ଧୁ ଚଉଧୁରୀ |
| ୧୦୮ | ରୟତି | ୧୨୨ | ୩.୮୦୦ | ୦.୫୭୦ | ଧାନ-୧ | ହିରାମଣୀ ପାଢିଆଣ,ସ୍ୱା-ରାମଚନ୍ଦ୍ର ପାଢୀ |
| ୧୧୪/୧୪୨ | ରୟତି | ୩୨୪/୧/୫୬୬ | ୪.୨୦୦ | ୦.୧୮୪ | ଧାନ-୧ | ପ୍ରଦୀପ୍ତ କୁମାର ସାହୁ ପି-ପ୍ରକାଶ ଚନ୍ଦ୍ର ସାହୁ ଜା-ବ୍ରାହ୍ମଣ ବା-ସୁରିଙ୍ଗା ସାହି ଜୟପୁର |
| ୧୧୪/୧ | ରୟତି | ୩୨୪/୨ | ୦.୫୮୦ | ୦.୫୮୦ | ଧାନ-୨ | ରାଧା ମୋହନ ଚୌଧୁରି,ପି-ଈଶ୍ୱର ଚୌଧୁରି |
| ୧୧୪/୧୪୨ | ରୟତି | ୩୨୪/୨/୫୬୬ | ୨.୦୦୦ | ୧.୧୫୧ | ଧାନ-୨ | ପ୍ରଦୀପ୍ତ କୁମାର ସାହୁ ପି-ପ୍ରକାଶ ଚନ୍ଦ୍ର ସାହୁ ଜା-ବ୍ରାହ୍ମଣ ବା-ସୁରିଙ୍ଗା ସାହି ଜୟପୁର |
| ୧୧୪/୪ | ରୟତି | ୨୮୭ | ୧.୭୬୦ | ୧.୪୬୩ | ଧାନ-୨ | ଦିନବନ୍ଧୁ ମଲିକ,ପି-ଘାସି ମଲିକ |
| ୧୧୪/୬ | ରୟତି | ୬୬ | ୧.୬୧୦ | ୦.୯୨୫ | ଧାନ-୨ | ଭିକାରି ଚୌଧୁରି, ପି-ମାଧବା ଚୌଧୁରି |
| ୧୧୪/୧୪ | ରୟତି | ୬୪ | ୧.୦୨୦ | ୦.୯୧୬ | ଧାନ-୨ | ନିହାରବାଳା ସାହୁ,ସ୍ୱା-କ୍ଷିରୋଦ ଶର୍ମା |
| ୧୧୪/୨୬ | ରୟତି | ୨୮୧/୪୨୩ | ୦.୧୪୦ | ୦.୦୨୫ | ଧାନ-୨ | ଭରା ପ୍ରଧାନୁଣି,ସ୍ୱା-ବାସୁଦେବ ପ୍ରଧାନ, ଜା-କୁଡୁମ, ବା-ନିଜଗାଁ |
| ୧୧୪/୨୮୮ | ରୟତି | ୨୮୧/୪୨୩/୬୩୦ | ୦.୨୦୦ | ୦.୨୦୦ | ଧାନ-୨ | ଭଗବାନ ବେହେରା ପି-ରାମ ବେହେରା ଜା-କୁଡୁମ ବା-ଫାମୁଣି ଜୟପୁର |
| ୧୧୪/୨୯୬ | ରୟତି | ୨୮୧/୪୨୩/୬୩୭ | ୦.୮୩୦ | ୦.୮୩୦ | ଧାନ-୨ | ସୁକାନ୍ତ ବେହେରା ପି-ଭଗବାନ ବେହେରା ଜା-କୁଡୁମ ବା-ଫାମୁଣୀ ଜୟପୁର |
| ୧୧୪/୧୬ | ରୟତି | ୨୮୧/୪୨୩/୪୫୩ | ୦.୪୮୦ | ୦.୪୩୦ | ଧାନ-୨ | ଭଗବାନ ବେହେରା ପି-ରାମ ବେହେରା ଜା-କୁଡୁମ ବା-ଫାମୁଣି ଜୟପୁର |
| ୧୧୪/୧୫୫ | ରୟତି | ୬୫/୬୦୪ | ୧.୧୧୦ | ୦.୯୬୯ | ଧାନ-୨ | ନିରୁପମା ସାହୁ ସ୍ୱା-ଦ୍ୱାରିକାନାଥ ସାହୁ ଜା-ବ୍ରାହ୍ମଣ ବା-ନିଜଗାଁ |
| ୧୧୪/୩୭ | ରୟତି | ୧୨୪ | ୦.୭୦୦ | ୦.୨୫୩ | ଧାନ-୧ | ଗୋବିନ୍ଦ ପ୍ରଧାନ, ପି- ଚନ୍ଦ୍ର ପ୍ରଧାନ,ନରସିଂହ ପ୍ରଧାନ,କ୍ଷେତ୍ର ପ୍ରଧାନ ପି-ଗୋବିନ୍ଦ ପ୍ରଧାନ |
| ୧୧୪/୩୭ | ରୟତି | ୧୬୮ | ୨.୦୬୦ | ୦.୯୩୭ | ଧାନ-୧ | ଗୋବିନ୍ଦ ପ୍ରଧାନ, ପି- ଚନ୍ଦ୍ର ପ୍ରଧାନ,ନରସିଂହ ପ୍ରଧାନ,କ୍ଷେତ୍ର ପ୍ରଧାନ ପି-ଗୋବିନ୍ଦ ପ୍ରଧାନ |
| ୧୧୬/୩୯ | ରୟତି | ୧୭୭ | ୦.୯୦୦ | ୦.୮୩୦ | ଧାନ-୧ | ଡମ୍ବରୁ ବିଶୋଇ, ପି-ଗୋବର୍ଦ୍ଧନ ବିଶୋଇ |
| | | ୧୭୭/୪୪୩/୫୮୨ | ୦.୧୦୦ | ୦.୦୮୦ | ଧାନ-୧ | |
| ୧୧୪/୨୮୨ | ରୟତି | ୧୭୨/୪୪୩ | ୧.୦୦୦ | ୦.୦୦୯ | ଧାନ-୧ | ନିରଞ୍ଜନ ପାତ୍ର ପି-ବନମାଳି ପାତ୍ର ଜା-କୁଡୁମ ବା-ଫାମୁଣି |
| ୧୧୪/୪୮ | ରୟତି | ୨୯୪/୧ | ୦.୧୨୦ | ୦.୧୨୦ | ଧାନ-୨ | ସରସ୍ୱତୀ ପ୍ରଧାନ, ସ୍ୱା-ସହଦେବ ପ୍ରଧାନ ଜା-କୁଡୁମ ବା-ଫାମୁଣୀ |
| ୧୧୪/୧୧୪ | ରୟତି | ୨୯୪/୨/୫୭୨ | ୦.୩୩୦ | ୦.୩୩୦ | ଧାନ-୨ | ସରସ୍ୱତୀ ପ୍ରଧାନ, ସ୍ୱା-ସହଦେବ ପ୍ରଧାନ ଜା-କୁଡୁମ ବା-ଫାମୁଣୀ |
| ୧୩/କ | ରୟତି | ୨୯୪/୨ | ୦.୩୩୦ | ୦.୧୨୮ | ଧାନ-୨ | ଦିବାକର ଚଉଧୁରୀ, ବୃନ୍ଦାବନ ଚଉଧୁରୀ, ପି-କୃଷ୍ଣ ଚଉଧୁରୀ, ଜା-କୁଡୁମ, ବା-ଫାମୁଣୀ |
| ୧୧୪/୪୮ | ରୟତି | ୨୯୫/୪ | ୦.୧୭୦ | ୦.୧୭୦ | ଧାନ-୧ | ସରସ୍ୱତୀ ପ୍ରଧାନ, ସ୍ୱା-ସହଦେବ ପ୍ରଧାନ ଜା-କୁଡୁମ ବା-ଫାମୁଣୀ |
| ୧୩/ କ | ରୟତି | ୨୯୫/୩ | ୦.୪୧୦ | ୦.୨୫୫ | ଧାନ-୧ | ଦିବାକର ଚଉଧୁରୀ, ବୃନ୍ଦାବନ ଚଉଧୁରୀ, ପି-କୃଷ୍ଣ ଚଉଧୁରୀ, ଜା-କୁଡୁମ, ବା-ଫାମୁଣୀ |
| ୫୮/ଖ | ରୟତି | ୧୭୧/୧ | ୦.୧୭୦ | ୦.୧୭୦ | ଧାନ-୧ | ରାମ ବେହେରା ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୨୯୫ | ରୟତି | ୧୭୧/୨ | ୦.୧୭୦ | ୦.୧୭୦ | ଧାନ-୧ | ଚକ୍ରଧର ବେହେରା ପି-ସିମାଦ୍ରି ବେହେରା ଜା-କୁଡୁମ ବା-ଫାମୁଣି |
| ୫୮/ଖ | ରୟତି | ୧୭୧/୩ | ୦.୧୪୦ | ୦.୧୪୦ | ଧାନ-୧ | ରାମ ବେହେରା ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୨୯୫ | ରୟତି | ୧୭୧/୪ | ୦.୧୮୦ | ୦.୧୪୦ | ଧାନ-୧ | ଚକ୍ରଧର ବେହେରା ପି-ସିମାଦ୍ରି ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୫୯ | ରୟତି | ୨୯୧ | ୧.୨୯୦ | ୦.୨୩୫ | ଧାନ-୧ | ସନ୍ତୋଷ କୁମାର ବେହେରା,ପି-ଭଗବାନ ବେହେରା |
| ୧୧୪/୭୮ | ରୟତି | ୧୨୨ | ୨.୨୪୦ | ୦.୩୦୫ | ଧାନ-୧ | ଗୋପ ସୁନ୍ଦର ପାତ୍ର, ପି-ସତ୍ୟ ନାରାୟଣ ପାତ୍ର |
| ୨୨ | ରୟତି | ୧୭୩ | ୧.୨୪୦ | ୦.୬୬୩ | ଧାନ-୨ | ଗୋବିନ୍ଦ ପ୍ରଧାନୀ,ଘନ ପ୍ରଧାନୀ, ପି-ଚନ୍ଦ୍ର ପ୍ରଧାନୀ, ଜା-କୁଡୁମ, ବା-ଫାମୁଣୀ |
| ୧୧୪/୮୩ | ରୟତି | ୧୭୦ | ୨.୫୪୦ | ୦.୮୪୧ | ଧାନ-୧ | ବିପ୍ର ଚରଣ ପ୍ରଧାନ, ପି-କୃଷ୍ଣ ପ୍ରଧାନ |
| ୧୧୪/୮୨ | ରୟତି | ୭୩/୧ | ୦.୮୨୦ | ୦.୦୦୩ | ଧାନ-୨ | ବିଶ୍ୱନାଥ ମିଶ୍ର, ପି-ଦୟାନାଧି ମିଶ୍ର, ଜା-ବ୍ରାହ୍ମଣ, ବା-ବାରଲାହାଣ୍ଡି |
| ୧୧୪/୯୪ | ରୟତି | ୨୯୭ | ୦.୬୩୦ | ୦.୪୫୧ | ଧାନ-୨ | ସହଦେବ ପ୍ରଧାନ, ପି-ହାଡି ପ୍ରଧାନ |
| ୧୧୪/୯୫ | ରୟତି | ୨୯୬ | ୧.୦୦୦ | ୦.୪୯୬ | ଧାନ-୧ | ସରସ୍ୱତୀ ପ୍ରଧାନ, ସ୍ୱା-ସହଦେବ ପ୍ରଧାନ |
| ୧୧୪/୯୯ | ରୟତି | ୧୨୩ | ୦.୬୨୦ | ୦.୫୪୦ | ଧାନ-୧ | କୁନ୍ତି ମାଲିକାଣି, ସ୍ୱା-ନିଳାମ୍ବର ମଲିକ |
| ୧୧୪/୧୦୬ | ରୟତି | ୧୬୪ | ୨.୪୪୦ | ୧.୦୧୯ | ଧାନ-୧ | ବାଳକୃଷ୍ଣ ପାଢି, ପି-ରାମଚନ୍ଦ୍ର ପାଢି |
| ୧୧୪/୨୯୨ | ରୟତି | ୧୬୫ | ୧.୪୭୦ | ୦.୫୯୦ | ଧାନ-୧ | ବୃନ୍ଦାବନ ବିଶୋଇ ପି-ନବିନ ବିଶୋଇ ଜା-ଶୁଣ୍ଢି ବା-ବାର୍ଲାହାଣ୍ଡି ଜୟପୁର |
| ୧୧୪/୧୪୦ | ରୟତି | ୧୬୫/୫୯୭ | ୦.୫୦୦ | ୦.୩୨୯ | ଧାନ-୧ | କୁନ୍ତି ବେହେରା ସ୍ୱା-ଜଗନ୍ନାଥ ବେହେରା ଜା-ଭରଣ ବା-ନିଜଗାଁ |
| ୧୧୪/୧୪୩ | ରୟତି | ୧୭୮ | ୦.୨୨୦ | ୦.୨୨୪ | ଧାନ-୧ | ଗିତା ନାୟକ, ସ୍ୱା-ନିଳାମ୍ବର ମଲିକ |
| ୧୧୪/୧୪୩ | ରୟତି | ୧୭୯ | ୧.୦୮୦ | ୦.୪୧୨ | ଧାନ-୨ | ଗିତା ନାୟକ, ସ୍ୱା-ନିଳାମ୍ବର ମଲିକ |
| ୧୧୪/୧୪୩ | ରୟତି | ୧୮୧ | ୦.୫୧୦ | ୦.୧୦୨ | ଧାନ-୨ | ଗିତା ନାୟକ, ସ୍ୱା-ନିଳାମ୍ବର ମଲିକ |
| ୧୧୪/୧୪୭ | ରୟତି | ୧୭୨/୬୦୬ | ୧.୧୩୦ | ୧.୦୦୦ | ଧାନ-୧ | କୁନ୍ତି ମଲିକାଣି ସ୍ୱା-ନିଳାମ୍ବର ମଲିକ ଜା-କୁଡୁମ ବା-ଫାମୁଣି |
| ୧୧୪/୫୨ | ରୟତି | ୧୭୨/୪୫୮ | ୧.୧୦୦ | ୦.୭୦୮ | ଧାନ-୧ | |
| ୧୧୪/୧୫୪ | ରୟତି | ୩୧୬ | ୨.୭୭୦ | ୨.୧୮୩ | ଧାନ-୨ | ପ୍ରବିର କୁମାର ସାହୁ, ପି-ପି ଚନ୍ଦ୍ର ସାହୁ |
| ୧୧୪/୧୫୪ | ରୟତି | ୩୧୭ | ୩.୧୯୦ | ୩.୧୬୦ | ଧାନ-୨ | ପ୍ରବିର କୁମାର ସାହୁ, ପି-ପି ଚନ୍ଦ୍ର ସାହୁ, ଜା-ବ୍ରାହ୍ମଣ, ବା-ନିଜଗାଁ |
| ୧୧୪/୨୫୮ | ରୟତି | ୧୬୫ | ୨.୨୪୦ | ୦.୫୦୪ | ଧାନ-୧ | ତରିଣି ଚରଣ ମଣ୍ଡଳ,ପି-ବୃନ୍ଦାବନ ମଣ୍ଡଳ |
| ୧୧୪/୨୬୦ | ରୟତି | ୧୨୧ | ୬.୪୦୦ | ୦.୨୦୧ | ଧାନ-୧ | ପି-ଭାସ୍କର ରାଓ, ପି-ଭେଙ୍କଟେଶ୍ୱର ରାଓ |
| ୫୮/ଖ | ରୟତି | ୧୧୯ | ୦.୪୩୦ | ୦.୪୧୧ | ଧାନ-୨ | ରାମ ବେହେରା, ପି-କେଶବ ବେହେରା, ଜା-କୁଡୁମ, ବା-ଫାମୁଣି |
| ୫୮/ କ | ରୟତି | ୬୬ | ୧.୭୦୦ | ୧.୧୧୮ | ଧାନ-୨ | ନାରାଣ ବେହେରା, ପି-କେଶବ ବେହେରା |
| ୫୮/ କ | ରୟତି | ୧୧୮ | ୧.୭୦୦ | ୦.୨୩୨ | ଧାନ-୧ | ନାରାଣ ବେହେରା, ପି-କେଶବ ବେହେରା |
| ୧୧୪/୫୦ | ରୟତି | ୧୬୯/୪୫୬ | ୧.୦୦୦ | ୦.୯୧୧ | ଧାନ-୧ | କଉଡୀକି ବେହେରା ସ୍ୱା-ବୈଦ୍ୟନାଥ ବେହେରା ଜା-କୁଡୁମ୍ ବା-ଛୋଟାଗୁଡା ଥାନା-କୋରାପୁଟ |
| ୧୧୪/୪୦ | ରୟତି | ୧୬୬/୪୫୦ | ୦.୫୭୦ | ୦.୦୧୫ | ଧାନ-୧ | ତାରିଣି ମଣ୍ଡଳ ପି-ଧ୍ରୁବ ରାଉତ ଜା-କୁଡୁମ ବା-ଫାମୁଣି |
| ୧୧୪/୨୮୨ | ରୟତି | ୧୬୬/୪୪୦ | ୧.୧୩୦ | ୦.୯୨୭ | ଧାନ-୧ | ନିରଞ୍ଜନ ପାତ୍ର ପି-ବନମାଳି ପାତ୍ର ଜା-କୁଡୁମ ବା-ଫାମୁଣି |
| ୫୮/ଖ | ରୟତି | ୨୯୮ | ୨.୬୮୦ | ୨.୪୪୪ | ଧାନ-୨ | ରାମ ବେହେରା ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୫୯ | ରୟତି | ୨୯୮/୪୨୪ | ୦.୨୮୦ | ୦.୧୦୯ | ଧାନ-୨ | ନାରଣ ବେହେରା, ପି-କେଶବ ବେହେରା |
| | | ମୋଟ | | ୫୬.୪୮୦ | | |

ବିଶେଷ ଦ୍ରଷ୍ଟବ୍ୟ: ୧୧(୧) ବିଜ୍ଞପ୍ତି ପ୍ରକାରେ ପ୍ରସ୍ତାବିତ ହୋଇଥିବା ଜମି ମଧ୍ୟରୁ ନିମ୍ନଲିଖିତ ପ୍ଲଟଗୁଡିକର କୌଣସି ରକବା ଅଧିଗ୍ରହଣ ହେଉନାହିଁ

| ଖାତା ନଂ | ସତ୍ୱ | ପ୍ଲଟ ନଂ | ମୋଟ ରକବା (ଏକର) | ଅଧିଗ୍ରହଣ ରକବା (ଏକର) | କିସମ | ରୟତଙ୍କ ନାମ |
|---|---|---|---|---|---|---|
| ୨୨ | ରୟତି | ୭୨ | ୦.୦୭୦ | ୦.୦୦୦ | ଧାନ-୨ | ଗୋବିନ୍ଦ ପ୍ରଧାନି, ଘନ ପ୍ରଧାନି, ପି- ଚନ୍ଦ୍ର ପ୍ରଧାନି |
| ୨୮ | ରୟତି | ୨୮୯ | ୦.୨୨୦ | ୦.୦୦୦ | ଧାନ-୩ | ଗୋବିନ୍ଦ ଚଉଧୁରୀ, ପି-ଦିନବନ୍ଧୁ ଚଉଧୁରୀ |
| ୩୨ | ରୟତି | ୩୨୮ | ୦.୩୦୦ | ୦.୦୦୦ | ଧାନ-୧ | ଘାସି ରାଉତ, ପବନ ରାଉତ, ପି-ଲୋକନାଥ ରାଉତ |
| ୧୧୪/୨୮୬ | ରୟତି | ୬୮ | ୧.୦୩୦ | ୦.୦୦୦ | ଧାନ-୨ | ସନ୍ତୋଷ କୁମାର ବେହେରା ପି-ଭଗବାନ ବେହେରା ଜା-କୁଡୁମ ବା-ଫାମୁଣି |
| ୬୧ | ରୟତି | ୧୭୭ | ୨.୨୪୦ | ୦.୦୦୦ | ଧାନ-୧ | ବିଶ୍ୱନାଥ ପ୍ରଧାନୀ, ରଘୁନାଥ ପ୍ରଧାନୀ,ପି- ମାଧବ ପ୍ରଧାନୀ,ସୁମିତ୍ରା ପ୍ରଧାନୁଣି ସ୍ୱା-ନାରାୟଣ ପ୍ରଧାନୀ, ତଣ୍ଡାସି ପ୍ରଧାନୀ,ପି-ଶ୍ରୀକର ପ୍ରଧାନୀ, ତୁଳସା ପ୍ରଧାନୁଣି, ସ୍ୱା-ଭାସ୍କର ପ୍ରଧାନୀ |
| ୧୧୪/୨୭୭ | ରୟତି | ୧୭୭/୭୧୫/୭୨୪ | ୧.୧୭୦ | ୦.୦୦୦ | ଧାନ-୧ | ବନବାସି ରାଉନ ପି-ହରି ରାଉନ ଜା-କୁଡୁମ ବା-ଆମ୍ବିଲି, ଆମ୍ବାଗୁଡା, ଲକ୍ଷ୍ମୀପୁର |
| ୧୧୪/୨୮୫ | ରୟତି | ୧୭୭/୭୧୫ | ୧.୧୮୦ | ୦.୦୦୦ | ଧାନ-୧ | ସନ୍ତୋଷ ରାଉନ ପି-ହରି ରାଉନ ଜା-କୁଡୁମ ବା-ଫାମୁଣୀ ଥା-ଜୟପୁର |
| ୧୧୪/୧୪୮ | ରୟତି | ୧୫୯/୭୦୮ | ୦.୭୧୦ | ୦.୦୦୦ | ଧାନ-୧ | ସିମାଂଚଳ ମଲିକ ପି-ନିଳାମ୍ବର ମଲିକ ଜା-କୁଡୁମ ବା-ଫାମୁଣି |
| ୧୧୪/୬୯ | ରୟତି | ୧୭୨/୫୪୫ | ୦.୨୪୦ | ୦.୦୦୦ | ଧାନ-୧ | ରାଜେନ୍ଦ୍ର କୁମାର ପାତ୍ର ପି-ସତ୍ୟ ନାରାୟଣ ପାତ୍ର ଜା-ବ୍ରାହ୍ମଣ ବା-ବାର୍ଲାହାଣ୍ଡି |
| ୧୧୪/୧୦୩ | ରୟତି | ୧୭୨/୫୪୬ | ୦.୫୦୦ | ୦.୦୦୦ | ଧାନ-୧ | ସୁଲୋଚନା ଚଉଧୁରି ସ୍ୱା-ଡମ୍ବରୁଧର ଚଉଧୁରି ଜା-କୁଡୁମ ବା-ଫାମୁଣି |
| ୧୧୪/୧ | ରୟତି | ୩୨୪/୧ | ୦.୪୦୦ | ୦.୦୦୦ | ଧାନ-୧ | ରାଧା ମୋହନ ଚୌଧୁରି,ପି-ଈଶ୍ୱର ଚୌଧୁରି |
| ୧୧୪/୧ | ରୟତି | ୩୨୪/୧/୫୪୩ | ୦.୦୭୦ | ୦.୦୦୦ | ଧାନ-୧ | ରାଧା ମୋହନ ଚୌଧୁରି,ପି-ଈଶ୍ୱର ଚୌଧୁରି |
| ୧୨୦/୨ | | ୩୨୪/୧/୫୧୩ | ୦.୦୭୦ | ୦.୦୦୦ | ଶିଳ୍ପଭୂମି | ଓଡିଶା ଶିଳ୍ପ ଉନ୍ନୟନ ବିଭାଗ, ଭୁବନେଶ୍ୱର |
| ୧୧୪/୨୬୯ | ରୟତି | ୩୨୪/୧/୫୬୬/୭୧୮ | ୧.୦୦୦ | ୦.୦୦୦ | ଧାନ-୧ | ନଳିନୀ ପାତ୍ର ସ୍ୱା-ସନ୍ତୋଷ ପାତ୍ର ଜା-ବ୍ରାହ୍ମଣ ବା-ଜୟନଗର |
| ୧୧୪/୧୧୦ | ରୟତି | ୩୨୪/୧/୫୬୯ | ୩.୬୨୦ | ୦.୦୦୦ | ଧାନ-୧ | ପ୍ରେମ ରଞ୍ଜନ ସାହୁ ପି-ପ୍ରକାଶ ଚନ୍ଦ୍ର ସାହୁ ଜା-ବ୍ରାହ୍ମଣ ବା-ଜୟପୁର |
| ୧୧୪/୧୧୦ | ରୟତି | ୩୨୪/୧/୫୪୩/୫୭୦ | ୦.୦୩୦ | ୦.୦୦୦ | ଧାନ-୧ | |
| ୧୧୪/୧୧୦ | ରୟତି | ୩୨୪/୨/୫୬୮ | ୦.୯୦୦ | ୦.୦୦୦ | ଧାନ-୨ | ପ୍ରେମ ରଞ୍ଜନ ସାହୁ ପି-ପ୍ରକାଶ ଚନ୍ଦ୍ର ସାହୁ ଜା-ବ୍ରାହ୍ମଣ ବା-ଜୟପୁର |
| ୧୧୪/୩୦ | ରୟତି | ୬୫ | ୦.୧୧୦ | ୦.୦୦୦ | ଧାନ-୨ | ରାଧାକୃଷ୍ଣ ନାୟକ, ପି-ଭିମ ନାୟକ |
| ୧୧୪/୧୫୫ | ରୟତି | ୬୫/୬୦୫ | ୦.୦୪୦ | ୦.୦୦୦ | ଧାନ-୨ | ନିରୁପମା ସାହୁ ସ୍ୱା-ଦ୍ୱାରିକାନାଥ ସାହୁ ଜା-ବ୍ରାହ୍ମଣ ବା-ନିଜଗାଁ |
| ୧୧୪/୧୧୪ | ରୟତି | ୨୯୫/୧ | ୦.୪୦୦ | ୦.୦୦୦ | ଧାନ-୧ | ସରସ୍ୱତୀ ପ୍ରଧାନ, ସ୍ୱା-ସହଦେବ ପ୍ରଧାନ ଜା-କୁଡୁମ ବା-ଫାମୁଣୀ |
| ୧୩/କ | ରୟତି | ୨୯୫/୨ | ୦.୩୪୦ | ୦.୦୦୦ | ଧାନ-୧ | ସରସ୍ୱତୀ ପ୍ରଧାନ, ସ୍ୱା-ସହଦେବ ପ୍ରଧାନ, ଜା-କୁଡୁମ, ବା-ଫାମୁଣୀ |
| ୫୮/ଖ | ରୟତି | ୧୭୧/୫ | ୦.୨୪୦ | ୦.୦୦୦ | ଧାନ-୧ | ରାମ ବେହେରା ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୫୮/କ | ରୟତି | ୧୭୧/୬ | ୦.୦୫୦ | ୦.୦୦୦ | ଧାନ-୧ | ନାରଣ ବେହେରା ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୫୫ | ରୟତି | ୧୭୧/୬/୪୬୩ | ୦.୨୦୦ | ୦.୦୦୦ | ଧାନ-୧ | ଭିକାରି ପ୍ରଧାନି, ପି-ମହେଶ୍ୱର ପ୍ରଧାନି, ଜା-କୁଡୁମ,ବା-ଫାମୁଣୀ |
| ୧୧୪/୨୯୫ | ରୟତି | ୧୭୧/୬/୭୩୫ | ୦.୦୯୦ | ୦.୦୦୦ | ଧାନ-୧ | ଚକ୍ରଧର ବେହେରା ପି-ସିମାଦ୍ରି ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୫୫ | ରୟତି | ୧୭୧/୭ | ୦.୨୦୦ | ୦.୦୦୦ | ଧାନ-୧ | ଭିକାରି ପ୍ରଧାନି, ପି-ମହେଶ୍ୱର ପ୍ରଧାନି, ଜା-କୁଡୁମ,ବା-ଫାମୁଣୀ |
| ୧୧୪/୫୫ | ରୟତି | ୧୭୧/୮ | ୦.୨୦୦ | ୦.୦୦୦ | ଧାନ-୧ | ଭିକାରି ପ୍ରଧାନି, ପି-ମହେଶ୍ୱର ପ୍ରଧାନି, ଜା-କୁଡୁମ,ବା-ଫାମୁଣୀ |
| ୧୧୪/୫୫ | ରୟତି | ୧୭୧/୯ | ୦.୨୩୦ | ୦.୦୦୦ | ଧାନ-୧ | ଭିକାରି ପ୍ରଧାନି, ପି-ମହେଶ୍ୱର ପ୍ରଧାନି, ଜା-କୁଡୁମ,ବା-ଫାମୁଣୀ |
| ୧୧୪/୫୫ | ରୟତି | ୧୭୧/୧୦ | ୦.୨୪୦ | ୦.୦୦୦ | ଧାନ-୧ | ଭିକାରି ପ୍ରଧାନି, ପି-ମହେଶ୍ୱର ପ୍ରଧାନି, ଜା-କୁଡୁମ,ବା-ଫାମୁଣୀ |
| ୧୧୪/୬୯ | ରୟତି | ୧୭୩ | ୧.୦୦୦ | ୦.୦୦୦ | ଧାନ-୨ | ଗୋବିନ୍ଦ ପ୍ରଧାନୀ,ଘନ ପ୍ରଧାନୀ, ପି-ଚନ୍ଦ୍ର ପ୍ରଧାନୀ, ଜା-କୁଡୁମ, ବା-ଫାମୁଣୀ |
| ୧୧୪/୬୯. | ରୟତି | ୧୭୩/୫୪୪. | ୧.୦୦୦ | ୦.୦୦୦ | ଧାନ-୨ | ରାଜେନ୍ଦ୍ର କୁମାର ପାତ୍ର ପି-ସତ୍ୟ ନାରାୟଣ ପାତ୍ର ଜା-ବ୍ରାହ୍ମଣ ବା-ବାର୍ଲାହାଣ୍ଡି |
| ୧୧୪/୯୮ | ରୟତି | ୭୩/୨ | ୦.୬୫୦ | ୦.୦୦୦ | ଧାନ-୨ | ବିପ୍ର ଚରଣ ପ୍ରଧାନ ପି-କୃଷ୍ଣ ଚନ୍ଦ୍ର ପ୍ରଧାନ ଜା-କୁଡୁମ ବା-ଫାମୁଣି |
| ୫୯/ ? | ରୟତି | ୭୩ | ୦.୬୫୦ | ୦.୦୦୦ | ଧାନ-୨ | ରାମ ବେହେରା ପି-କେଶବ ବେହେରା ଜା-କୁଡୁମ ବା-ଫାମୁଣି |
| ୧୧୪/୯୪ | ରୟତି | ୨୯୬/୫୫୫ | ୦.୩୦୦ | ୦.୦୦୦ | ଧାନ-୧ | ସହଦେବ ପ୍ରଧାନ ପି-ହାଡି ପ୍ରଧାନ ଜା-କୁଡୁମ ବା-ଛୋଟାଗୁଡା |
| ୧୧୪/୧୪୮ | ରୟତି | ୧୬୨ | ୧.୦୨୦ | ୦.୦୦୦ | ଧାନ-୧ | ସିମାଂଚଳ ମଲିକ, ପି-ନିଳାମ୍ବର ମଲିକ |
| ୧୧୪/୩୭ | ରୟତି | ୧୬୨/୪୫୯ | ୧.୦୦୦ | ୦.୦୦୦ | ଧାନ-୧ | ଗୋବିନ୍ଦ ପ୍ରଧାନ, ପି- ଚନ୍ଦ୍ର ପ୍ରଧାନ ନରସିଂହ ପ୍ରଧାନ କ୍ଷେତ୍ର ପ୍ରଧାନ ପି-ଗୋବିନ୍ଦ ପ୍ରଧାନ ଜା-କୁଡୁମ ବା-ବାର୍ଲାହାଣ୍ଡି ଫାମୁଣି |
| ୫୮/ କ | ରୟତି | ୧୬୯ | ୦.୧୫୦ | ୦.୦୦୦ | ଧାନ-୧ | ନାରାଣ ବେହେରା, ପି-କେଶବ ବେହେରା |
| ୧୧୪/୫୬ | ରୟତି | ୧୬୯/୪୬୨ | ୧.୨୦୦ | ୦.୦୦୦ | ଧାନ-୧ | ବୃନ୍ଦାବନ ପ୍ରଧାନ ପି-ଡମ୍ବରୁ ପ୍ରଧାନ ଜା-କୁଡୁମ୍ ବା-ଫାମୁଣି |
| ୪୮ | ରୟତି | ୧୭୭ | ୦.୫୭୦ | ୦.୦୦୦ | ଧାନ-୧ | |
| | | ମୋଟ | | ୦.୦୦୦ | | |

OIPR-24001/24057/3/26-27/0007

TAHASILDAR JEYPORE CUM SPL LAO JEYPORE
MALKANGIRI NEW BG RAIL LINK PROJECT


# ଓଡ଼ିଶା-ଛତିଶଗଡ଼ ସୀମାରୁ ବିପୁଳ ମାଓ ସାମଗ୍ରୀ ଜବତ



ନୂଆପଡ଼ା/ସିନାପାଲି,୭ ।୭(ସମିସ): ମାଓବାଦୀଙ୍କ ବଡ଼ ଚକ୍ରାନ୍ତକୁ ପଣ୍ଡକଲା ପୁଲିସ ଓ ସୁରକ୍ଷା ବାହିନୀ । ନୂଆପଡ଼ା ଜିଲ୍ଲା ପୁଲିସ ଏବଂ ସିଆରପିଏଫ୍ ର ମିଳିତ ଅପରେସନରେ ଓଡ଼ିଶା-ଛତିଶଗଡ଼ ସୀମାନ୍ତ ଅଞ୍ଚଳରୁ ଏକ ବଡ଼ ମାଓବାଦୀ ଡମ୍ପ୍ ଠାବ କରାଯାଇଛି । ନୂଆପଡ଼ା ଏସ୍‌ପି ଅମ୍ରିତ ପାଲ୍ ସିଂ ଏବଂ ସିଆରପିଏଫ -୧୯ ବାଟାଲିୟନର କମାଣ୍ଡେଣ୍ଟ ଦୀପକ ମଣି ତ୍ରିପାଠୀଙ୍କ ନେତୃତ୍ୱରେ ଚଢ଼ଉ କରାଯାଇଥିଲା । ନୂଆପଡ଼ା ଜିଲ୍ଲା ପୁଲିସକୁ ମିଳିଥିବା ସୂଚନା ଆଧାରରେ ବୋଡ଼େନ ଥାନା ଅଧୀନ ପାଟଧରା ସଂରକ୍ଷିତ ଜଙ୍ଗଲ ଏବଂ ବାରପାଟ ଡଙ୍ଗର ପାହାଡ଼ିଆ ଅଞ୍ଚଳରେ ଏକ ମିଳିତ ସର୍ଚ୍ଚ ଅପରେସନ ଆରମ୍ଭ କରାଯାଇଥିଲା । ଏହି ଟିମ୍‌ରେ ନୂଆପଡ଼ା ଡିଭିଏଫ୍ ଏବଂ ସିଆରପିଏଫ,- ୧୯ ବାଟାଲିୟନର ବିଡି ଟିମ୍ ସାମିଲ ଥିଲେ । ସେଠାରେ ମାଓବାଦୀମାନେ ମାଟି ତଳେ ଲୁଚାଇ ରଖିଥିବା ବିପୁଳ ପରିମାଣର ବିସ୍ଫୋରକ ଓ ଅସ୍ତ୍ରଶସ୍ତ୍ର ଜବତ କରାଯାଇଛି । ଦେଶୀ ବନ୍ଧୁକ ଓ କାରବାଇନ ୦୨ଟି ଦେଶୀ ବନ୍ଧୁକ ଏବଂ ମାଗାଜିନ ସହ ଗୋଟିଏ ଦେଶୀ କାରବାଇନ, ଏକେ୪୭ ର ୨୯ ରାଉଣ୍ଡ ଏବଂ ଏସଏଲ୍‌ଆର ର ୫୪ ରାଉଣ୍ଡ ଜୀବନ୍ତ ଗୁଳି, ଆଇଇଡି ଓ ବିସ୍ଫୋରକ ଟିଫିନ ଆଇଡିଏଫ୍ ୨ଟି , ୦୮ ଟି ଜେଲାଟିନ ଷ୍ଟିକ, ୧.୫ କିଲୋ ଗନ୍ ପାଉଡର ୟୁରିଆ, ଡେଟୋନେଟର, ସୋଲାର ପ୍ଲେଟ୍, ବ୍ୟାଟେରୀ, ମାଓବାଦୀ ପୋଷାକ, ଔଷଧ ବାକ୍ସ ଏବଂ ମାଓ ସାହିତ୍ୟ ଜବତ କରାଯାଇଥିବା ପୁଲିସ ପକ୍ଷରୁ ପ୍ରକାଶ ।

## ● କରଲାପିଠା ଗ୍ରାମରେ ଚୋରି
# ୨ ଲକ୍ଷ ପଚାଶ ହଜାର ଟଙ୍କା; ୧୭ ଭରି ସୁନା ଓ ରୁପା ଅଳଙ୍କାର ଲୁଟ୍

ଭବାନୀପାଟଣା,୭ ।୭(ସମିସ): କଳାହାଣ୍ଡି ଜିଲ୍ଲାରେ ଚୋରି ଓ ଡକାୟତି ଘଟଣା କ୍ରମାଗତଭାବେ ବୃଦ୍ଧି ପାଉଥିବାରୁ ସାଧାରଣ ଲୋକ ଏବେ ଭୟଭୀତ ଅବସ୍ଥାରେ କାଳ



କାଟୁଛନ୍ତି । ସୋମବାର ବିଳମ୍ବିତ ରାତିରେ ସଦରଥାନା ଅଧୀନ ବୋଡର୍‌ା ଫାଣ୍ଡି କରଲାପିଠା ଗ୍ରାମରେ ଏକ ବଡ଼ଧରଣର ଚୋରି ଘଟଣା ସାମ୍ନାକୁ ଆସିଛି । ଗ୍ରାମର ପାର୍ଥବ ସାହୁଙ୍କ ଘରୁ ୨ ଲକ୍ଷ ପଚାଶ ହଜାର ଟଙ୍କା ସମେତ ୧୭ ଭରି ସୁନା ଓ ରୁପା ଅଳଙ୍କାର ଚୋରି ହୋଇଥିବା ଅଭିଯୋଗ ହୋଇଛି । ମିଳିଥିବା ସୂଚନା ଅନୁଯାୟୀ, ସୋମବାର ବିଳମ୍ବିତ ରାତିରେ ପାର୍ଥବ ସାହୁ ଓ ତାଙ୍କ ପରିବାର ଲୋକେ ଘରେ ଶୋଇଥିଲେ । ଏହାର ସୁଯୋଗ ନେଇ ବିଳମ୍ବିତ ରାତିରେ ଦୁର୍ବୃତ୍ତମାନେ ଘରେ ପଶି ଆଲମିରା ଭାଙ୍ଗି ନଗଦ ୨.୫୦ ଲକ୍ଷ ଟଙ୍କା, ୧୭ ଭରି ସୁନା ଏବଂ ୩୦ ଭରି ରୁପା ଅଳଙ୍କାର ଲୁଟି ନେଇଛନ୍ତି । ଏନେଇ ସ୍ଥାନୀୟ ପୋଲିସକୁ ସୂଚନା ଦିଆଯାଇଛି ।

## ନୂଆପଡ଼ାରେ ଜିଲ୍ଲାସ୍ତରୀୟ ରାଜସ୍ୱ ସମୀକ୍ଷା ବୈଠକ
# ସୁଶାସନ ଓ ରାଜସ୍ୱ ସଂଗ୍ରହ ଉପରେ ଜିଲ୍ଲାପାଳଙ୍କ ଗୁରୁତ୍ୱ

ନୂଆପଡ଼ା/ସିନାପାଲି,୭ ।୭(ସମିସ)



ନୂଆପଡ଼ା ଜିଲ୍ଲାପାଳ ମଧୁସୂଦନ ଦାଶଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ମୁଖ୍ୟାଳୟସ୍ଥିତ ସମ୍ମିଳନୀକକ୍ଷରେ ଜିଲ୍ଲାସ୍ତରୀୟ ରାଜସ୍ୱ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକର ପ୍ରାରମ୍ଭରେ ଜିଲ୍ଲାପାଳ ସୁଶାସନକୁ ସର୍ବୋଚ୍ଚ ପ୍ରାଥମିକତା ଦେବାଉପରେ ଗୁରୁତ୍ୱାରୋପ କରିଥିଲେ । ତହସିଲ କାର୍ଯ୍ୟାଳୟ ଓ ସାଧାରଣ ଜନତାଙ୍କ ମଧ୍ୟରେ ଥିବା ବ୍ୟବଧାନ ଦୂରକରି ଲୋକଙ୍କୁ ସହଜ, ସ୍ୱଚ୍ଛ ଓ ସମୟୋପଯୋଗୀ ସେବା ଯୋଗାଇବା ପାଇଁ ସେ ଅଧିକାରୀମାନଙ୍କୁ ପରାମର୍ଶ ଦେଇଥିଲେ ।

ଉପଜିଲ୍ଲାପାଳଙ୍କୁ ସପ୍ତାହକୁ ଅତିକମରେ ଦୁଇଟି ତହସିଲ କାର୍ଯ୍ୟାଳୟ ପରିଦର୍ଶନ କରି ସେବା ପ୍ରଦାନ ବ୍ୟବସ୍ଥାର ତଦାରଖ କରିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଥିଲେ । ବୈଠକରେ ଗୃହ ଓ ନଗରଉନ୍ନୟନ ବିଭାଗର ସ୍ୱତନ୍ତ୍ର ଶାସନ ସଚିବ ଗଙ୍ଗାଧର ନାୟକ ଯୋଗଦେଇ ସାମାଜିକ ଗୃହ ନିର୍ମାଣ ଯୋଜନାର ସଫଳ କାର୍ଯ୍ୟକାରିତା ପାଇଁ ଉପଯୁକ୍ତ ସରକାରୀ ଜମି ଚିହ୍ନଟ ସମ୍ପର୍କରେ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଥିଲେ । ଏହି ଅବସରରେ ଜିଲ୍ଲାପାଳ ଜିଲ୍ଲାର ସହରାଞ୍ଚଳ ବିକାଶ ସମ୍ପର୍କରେ ସ୍ୱତନ୍ତ୍ର ଶାସନ ସଚିବଙ୍କୁ ଅବଗତ କରାଇଥିଲେ । ସେ କହିଥିଲେ, ହୋଲ୍ଡିଂ ଟିକସ ଆଦାୟରେ ନୂଆପଡ଼ା ଏନ୍‌ଏସି ରାଜ୍ୟରେ ପ୍ରଥମ ଏବଂ ଖଡ଼ିଆଳ ଏନ୍‌ଏସି ଦ୍ୱିତୀୟ ସ୍ଥାନ ଅଧିକାର କରିଛି । ସେହିପରି ଡିଡିସି, କନ୍‌ଭର୍ଜେନ୍ସ ଓ ଅନ୍ୟାନ୍ୟ ସମୀକ୍ଷା ବୈଠକରେ ପୌର ପ୍ରଶାସନର ଅଂଶଗ୍ରହଣ ବିଭିନ୍ନ ସହରାଞ୍ଚଳ ବିକାଶ ଯୋଜନାର ସଫଳ ରୂପାୟନରେ ସହାୟକ ହେଉଥିବା ସମ୍ପର୍କରେ ମଧ୍ୟ ସେ ସୂଚନା ଦେଇଥିଲେ ।

ବୈଠକରେ ବାଣିଜ୍ୟ କର ଓ ଜିଏସ୍‌ଟି ବିଭାଗ ପକ୍ଷରୁ ସୂଚନା ଦିଆଯାଇଥିଲା ଯେ, ଜୁନ୍‌୨୦୨୬ ସୁଦ୍ଧା ୬୨୮.୧୪ ଲକ୍ଷ ଟଙ୍କା ରାଜସ୍ୱ ସଂଗ୍ରହ କରାଯାଇଛି, ଯାହା ଗତବର୍ଷର ସମାନ ଅବଧି ତୁଳନାରେ ୩୫.୯୧ ପ୍ରତିଶତ ଅଧିକ । ସେହିପରି ସିଟି ଓ ଜିଏସ୍‌ଟି ଏନ୍‌ଫୋର୍ସମେଣ୍ଟ ୟୁନିଟ୍ ଚଳିତ ଆର୍ଥିକ ବର୍ଷରେ ୪୪୭.୮୦ ଲକ୍ଷ ଟଙ୍କାର ବାର୍ଷିକ ଲକ୍ଷ୍ୟ ବିପରୀତ ଜୁନ୍ ସୁଦ୍ଧା ୯୫.୦୬ ଲକ୍ଷ ଟଙ୍କା ସଂଗ୍ରହ କରିଥିବା ସୂଚନା ଦେଇଥିଲା । ବୈଠକରେ ଅତିରିକ୍ତ ଜିଲ୍ଲାପାଳ ସୁବାସ ଚନ୍ଦ୍ର ରଇତ, ଉପଜିଲ୍ଲାପାଳ ସୁର୍ମୀ ସୋରେନ, ଡେପୁଟି ଜିଲ୍ଲାପାଳ (ନିର୍ବାଚନ) ଶେଖ ନସିମ, ସମସ୍ତ ବ୍ଲକଉନ୍ନୟନ ଅଧିକାରୀ, ତହସିଲଦାର ଏବଂ ବିଭିନ୍ନବିଭାଗର ଜିଲ୍ଲାସ୍ତରୀୟଅଧିକାରୀ ଉପସ୍ଥିତ ଥିଲେ ।

# ଡ.କପିଳେନ୍ଦ୍ର ଦାସଙ୍କୁ ଭାରତରତ୍ନ ଗୌରବ ସମ୍ମାନ



କୋମନା,୭ ।୭(ସମିସ): ନୂଆପଡ଼ା ଜିଲ୍ଲା କୋମନା ବ୍ଲକ୍ ଭେଳା ଗ୍ରାମର ଶିକ୍ଷାବିତ ତଥା ଖଡିଆଳ ରାଜା ଏ.ଟି. ଉଚ୍ଚ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଡ. କପିଳେନ୍ଦ୍ର ଦାସ ଶିକ୍ଷା, ଗବେଷଣା ଏବଂ ସାହିତ୍ୟ କ୍ଷେତ୍ରରେ ତାଙ୍କର ଅତୁଳନୀୟ ଅବଦାନ ପାଇଁ ତାଙ୍କୁ ନେସନାଲ ଏଜୁକେସନ୍ ଫୋରମ୍ କଲିକତା ପକ୍ଷରୁ "ଭାରତ ରତ୍ନ ଗୌରବ ସମ୍ମାନ' ପ୍ରଦାନ କରାଯାଇଛି । ଜଣେ ଶିକ୍ଷାବିତ୍ ଭାବେ ଡ. ଦାସ ତାଙ୍କର ସମର୍ପିତ ସେବା ପାଇଁ ସମଗ୍ର ଦେଶରରେ ସମ୍ମାନ ଅର୍ଜନ କରିଛନ୍ତି । ଅବସର ପରେ ମଧ୍ୟ ସେ ଶିକ୍ଷାଗତ ଗବେଷଣା ଲେଖାଲେଖି ଏବଂ ସାହିତ୍ୟିକ କାର୍ଯ୍ୟଜାରି ରଖିଛନ୍ତି । ତାଙ୍କର ଗବେଷଣା ପତ୍ର ଭାରତୀୟ ଶିକ୍ଷା ବ୍ୟବସ୍ଥାର ସଂସ୍କାର ପତ୍ରିକାରେ ପ୍ରକାଶିତ ହୋଇଛି । ପୂର୍ବରୁ ଡ. ଦାସ ଆଦର୍ଶ ବିଦ୍ୟାରତ୍ନ ସମ୍ମାନ, ବନ୍ଦେ ଭାରତ ନେସନାଲ ଆୱାଡର୍, ସମ୍ବିଧାନ ରକ୍ଷକ ସମ୍ମାନ, ଇଣ୍ଡିଆନ୍ ଲିଟ୍ରେଚର୍ ଆୱାଡର୍, ଶ୍ରେଷ୍ଠ ଲେଖକ ଆୱାଡର୍ ଭଳି ଅନେକ ନେସନାଲ ଆୱାଡର୍ ପାଇସାରିଛନ୍ତି ।

# ୧୦ରୁ ଯୋଗାଣ ସହାୟକଙ୍କ ସାମୂହିକ ଛୁଟି ଚେତାବନୀ

କୋକସରା,୭ ।୭(ସମିସ) : ବିଭିନ୍ନ ଦାବିପୂରଣ ନେଇ ଆସନ୍ତା ୧୦ ତାରିଖରୁ କୋକସରା ବ୍ଲକ୍ ଯୋଗାଣ ସହାୟକ ସଂଘ ସାମୂହିକ ଛୁଟିରେ ଯିବାକୁ ଚେତାବନୀ ଦେଇଛି । ଏନେଇ ମଙ୍ଗଳବାର ସଂଘ ପକ୍ଷରୁ କୋକସରା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଡ. ହିମାଞ୍ଚଳ ମାଝୀଙ୍କୁ ଏକ ଲିଖିତ ଦାବିପତ୍ର ପ୍ରଦାନ କରାଯାଇଛି । ସଂଘର ଅଭିଯୋଗ ଅନୁଯାୟୀ, ଯୋଗାଣ ସହାୟକମାନଙ୍କର ଦୀର୍ଘଦିନର ଦାବିପ୍ରତି ସରକାର ଏପର୍ଯ୍ୟନ୍ତ କୌଣସି କର୍ଣ୍ଣପାତ କରୁନାହାନ୍ତି । ପୂର୍ବରୁ ବାରମ୍ବାର ଦାବି ଜଣାଯାଇଥିଲେ ହେଁ କୌଣସି ସକାରାତ୍ମକ ପଦକ୍ଷେପ ନିଆଯାଇ ନାହିଁ । ଫଳରେ ବାଧ୍ୟ ହୋଇ ଚଳିତ ମାସ ୧୦ ତାରିଖରୁ ସମସ୍ତ ଯୋଗାଣ ସହାୟକ ସାମୂହିକ ଛୁଟିରେ ଯିବାକୁ ନିଷ୍ପତ୍ତି ନେଇଛନ୍ତି । ବର୍ତ୍ତମାନ ଜୁଲାଇ ଓ ଅଗଷ୍ଟ ମାସର ରାସନ ସାମଗ୍ରୀ ବଣ୍ଟନ କରିବା ପାଇଁ ପ୍ରଶାସନ ପକ୍ଷରୁ ଚାପ ପକାଯାଉଥିବା ବେଳେ, ସଂଘ ଏହାକୁ ବିନମ୍ରତାର ସହ ପ୍ରତ୍ୟାଖ୍ୟାନ କରିଛି । ଜିଲ୍ଲା ପ୍ରଶାସନ, ବ୍ଲକ ପ୍ରଶାସନ କିମ୍ବା ପଞ୍ଚାୟତ କର୍ତ୍ତୃପକ୍ଷ ପ୍ରତ୍ୟକ୍ଷ ବା ପରୋକ୍ଷରେ କୌଣସି ପ୍ରକାର ଚାପ ପ୍ରୟୋଗ ନକରିବାକୁ ସଂଘ କହିଛି । ଯଦି ଆଗାମୀ ଦିନରେ ଦାବି ପୂରଣ ନହୁଏ, ତେବେ ଏହା ଏକ ବୃହତ୍ତର ଆନ୍ଦୋଳନର ରୂପ ନେବ ବୋଲି ଚେତାବନୀ ଦିଆଯାଇଛି । ଏହି ଦାବିପତ୍ର ପ୍ରଦାନ ସମୟରେ ଯୋଗାଣ ସହାୟକ ବିକ୍ରମ କୁମାର ସାହୁ, ଟିକେଶ୍ୱର ବାଗ, ଦୟାନିଧି ଶବର, ପ୍ରକାଶ ନାଗ, ଧର୍ମେନ୍ଦ୍ର କୁମାର ଦାସ ଓ ପ୍ରଶାନ୍ତ ନାଏକଙ୍କ ସମେତ ସଂଘର ଅନ୍ୟ ପ୍ରମୁଖ ସଦସ୍ୟମାନେ ଉପସ୍ଥିତ ଥିଲେ ।



ଦାବିପୂରଣ ନ ହେଲେ ଅଚଳହେବ ରାସନ ବ୍ୟବସ୍ଥା

# ମରଣାନ୍ତକ ଆକ୍ରମଣ ମାମଲାରେ ଯୁବକ ଗିରଫ

କର୍ଲାମୁଣ୍ଡା,୭ ।୭(ସମିସ): କର୍ଲାମୁଣ୍ଡା ବ୍ଲକ ରିଷିଡ଼ା ଫାଣ୍ଡି ଅଧୀନ ବଡ଼ଡୁଙ୍ଗୁରୀଗୁଡ଼ା ଠାରେ ଗତକାଲି ଅପରାହ୍ନରେ ଘଟିଥିବା ଏକ ମରଣାନ୍ତକ ଆକ୍ରମଣ ମାମଲାରେ ଜଣେ ଯୁବକ ଗିରଫ ହୋଇ ଜେଲଘିବା ଘଟଣା ଏଠାରେ ଚର୍ଚ୍ଚାର ବିଷୟ ହୋଇଛି । ପୁଲିସ ସୂଚନାମତେ ଗତକାଲି ବଡଡୁଙ୍ଗୁରୀଗୁଡା ଗାଁ ଛକ ଠାରେ ସେହି ଗ୍ରାମର ହେମନ୍ତ ବଡେଇ ନାମକ ଯୁବକ ଠିଆ ହୋଇଥିବାବେଳେ ସେହି ବଡଡୁଙ୍ଗୁରୀଗୁଡାଗ୍ରାମର ଟାଙ୍ଗରପଡା ଅଭୟ ଦୀପ ଙ୍କ ପୁଅ ରଘୁନାଥ ଦୀପ (୨୯) ହଠାତ ଗାଳିଗୁଲଜ କରି ଏକ ଥଣ୍ଡାପାନୀୟ କାଚ ବୋତଲରେ ହେମନ୍ତ ମୁହଁ କପାଳରେ ଭୁସି ଦେଇଥିଲା । ଏନେଇ ହେମନ୍ତ ରିଷିଡା ଫାଣ୍ଡିରେ ଲିଖିତ ଅଭିଯୋଗ କରିବା ପରେ ଫାଣ୍ଡିଅଧିକାରୀ ମନୁଆ ବିଡିକା ସଦଳବଳେ ଉକ୍ତ ଗାଁକୁ ଯାଇ ଯୁବକ କୁ ଗିରଫ କରିଥିଲେ । ସୋମବାର ରାତିରେ ତାକୁ ମ.ରାମପୁର ଥାନାକୁ ପଠାଯାଇଥିଲା । ଏନେଇ ମ.ରାମପୁର ଥାନାରେ ପୁଲିସ ମାମଲା ରୁଜୁ କରି ଆଜି ରଘୁନାଥକୁ କୋର୍ଟ ଚାଲାଣ କରିଥିଲେ । ଜାମିନ ନାମଞ୍ଜୁର ହେବାରୁ ତାକୁ ମ.ରାମପୁର ଉପକାରଗାରର ବିଚାର ବିଭାଗୀୟ ହାଜତକୁ ପଠେଇ ଦିଆଯାଇଛି ।

# ୪ ଏଲ୍‌ଆଇ ପଏଣ୍ଟ ମୋଟର ଚୋରି

ଭବାନୀପାଟଣା,୭ ।୭(ସମିସ): ନର୍ଲା ଥାନା ଲାଖଗୁଡ଼ା ସାନ୍ଦୁଲ ନଦୀ ତଟରେ ଥିବା ୪ଟି ଏଲ୍‌ଆଇ ପଏଣ୍ଟ ମୋଟର ଚୋରି ହୋଇଛି । ସୋମବାର ରାତିରେ ମୋଟର ଚୋରି ହୋଇଥିବା ଚାଷୀ ଲିଙ୍ଗରାଜ ଭୋଇ, ସନ୍ତୋଷ ଭୋଇ, କରଚି ହରିଜନ, ଗୋପବନ୍ଧୁ ପଧାନ, ସିଲେକରାମ ଭୋଇ, ଅର୍ଜୁନ ପଧାନ, କୃଷ୍ଣଚନ୍ଦ୍ର ଭୋଇ, ତାପସ ଭୋଇ ପ୍ରମୁଖ ଅଭିଯୋଗ କରିଛନ୍ତି । ବର୍ତ୍ତମାନ ସ୍ୱଳ୍ପ ବୃଷ୍ଟିପାତ ହେଉଥିବାବେଳେ ଏଲ୍‌ଆଇ ପଏଣ୍ଟ ମୋଟର ଚୋରୀ ହୋଇଥିବାରୁ ଲାଖଗୁଡା, ଭିମକେଲା ଓ ମୁର୍ସିଙ୍ଗର ଚାଷୀମାନଙ୍କ ଚାଷ ପ୍ରଭାବିତ ହେବ । ଚୋରି ହୋଇଥିବା ମୋଟର ଜବତ କରିବାକୁ ଚାଷୀମାନେ ଅନୁରୋଧ କରିଛନ୍ତି ।

## ● ସ୍ୱତନ୍ତ୍ର ସଘନ ସଂଶୋଧନ
# କେସିଙ୍ଗା ଏନ୍‌ଏସିରୁ ବାଦ ପଡ଼ିଲେ ୧୪୩୨

କେସିଙ୍ଗା,୭ ।୭(ସମିସ): କଳାହାଣ୍ଡି ଜିଲ୍ଲାର ସ୍ୱତନ୍ତ୍ର ସଘନ ସଂଶୋଧନ - ୨୦୨୬ର ମତଦାତା ତାଲିକା ପ୍ରକାଶ ପାଇଛି । ଜିଲ୍ଲାର ୫ ଟି ନିର୍ବାଚନ ମଣ୍ଡଳୀର ୭୪ ହଜାର ୫୪୬ ଜଣ ଭୋଟର ବାଦ ପଡ଼ିଥିବା ବେଳେ କେସିଙ୍ଗା ଯାଉଥିବା ଭବାନୀପାଟଣା ସଦର ନିର୍ବାଚନ ମଣ୍ଡଳୀରେ ବାଦ ପଡ଼ିଛନ୍ତି ୧୭୪୭୬ ଜଣ ମତଦାତା । ସେହିପରି ଭବାନୀପାଟଣା ସଦର ନିର୍ବାଚନର କେସିଙ୍ଗା ଏନ୍‌ଏସି ର ସର୍ବମୋଟ ୧୪୮୬୮ ଜଣ ଭୋଟର ଥିବାବେଳେ ଏସ୍‌ଆଇଆର ପରେ ବର୍ତ୍ତମାନ ୧୩ ୪୩୬ ଜଣ ମତଦାତା ରହିଛନ୍ତି । ୧୨ଟି ୱାର୍ଡରୁ ଏସ୍‌ଆଇଆର ପରେ କଟିଛନ୍ତି ୧୪୩୨ ଜଣ ମତଦାତା । ସେଥିମଧ୍ୟରୁ ୫୧୭ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ କିଛି ମତଦାତା ଅନ୍ୟ ସ୍ଥାନକୁ ସ୍ଥାନାନ୍ତରିତ ହୋଇଛନ୍ତି । ଆଉକିଛି ମତଦାତାଙ୍କ ଦୁଇ ଦୁଇଥର ନାମ ରହିଯାଇଛି ବୋଲି ବିଜ୍ଞାପିତ ଅଞ୍ଚଳ ପରିଷଦ କାର୍ଯ୍ୟନିର୍ବାହୀ ଅଧିକାରୀ ଚିନ୍ମୟ ଆଚାର୍ଯ୍ୟ ପ୍ରକାଶ କରିବା ସହିତ ଚିଠା ଭୋଟର ତାଲିକା ପ୍ରକାଶ ପରେ କୌଣସି କାରଣ ବଶତଃ ତାଲିକା ଭୁକ୍ତ ହୋଇ ନଥିବା ଯୋଗ୍ୟ ମତଦାତା ଫର୍ମ ନଂ ୬ ଦାଖଲ କରି ନିଜ ନାମ ଯୋଡ଼ି ପାରିବେ, ଏଥିପାଇଁ ଚଳିତ ମାସ ଜୁଲାଇ ୫ ରୁ ଅଗଷ୍ଟ ୪ ପର୍ଯ୍ୟନ୍ତ ଆପତ୍ତି ଅଭିଯୋଗ କରିପାରିବେ ଓ ଅଭିଯୋଗ ଗୁଡ଼ିକୁ ଆଗାମୀ ସେପ୍ଟେମ୍ବର ମାସ ୨ ତାରିଖ ସୁଦ୍ଧା ଆପତ୍ତି ଅଭିଯୋଗର ସମାଧାନ କରି ସେପ୍ଟେମ୍ବର ୬ ତାରିଖରେ ଚୂଡ଼ାନ୍ତ ଭୋଟର ଲିଷ୍ଟ ପ୍ରକାଶ ପାଇବ ବୋଲି ପ୍ରକାଶ କରିଛନ୍ତି ।

# ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

କୋକସରା,୭ ।୭(ସମିସ): କୋକସରା ଥାନା ମୋଟେର ଫାଣ୍ଡି ଅଧୀନ ଉହଗାଁ ନାଗପଡ଼ା ଗ୍ରାମରେ ଜଣେ ଯୁବକଙ୍କ ସନ୍ଦେହଜନକ ଝୁଲନ୍ତା ମୃତଦେହ ପୁଲିସ ଉଦ୍ଧାର କରିଛି । ମୃତ ଯୁବକ ଜଣକ ହେଲେ ଉକ୍ତ ଗ୍ରାମର ଲକ୍ଷ୍ମଣ ନାଗଙ୍କ ୨୨ ବର୍ଷୀୟ ପୁଅ କିଶୋର ନାଗ । ମଙ୍ଗଳବାର ସକାଳେ ଗ୍ରାମ ନିକଟସ୍ଥ ଏକ ବରଗଛରେ କିଶୋରଙ୍କ ମୃତଦେହ ଝୁଲୁଥିବା ଦେଖିବାକୁ ମିଳିଥିଲା । ଖବରପାଇ ମୋଟେର ଫାଣ୍ଡି ଅଧିକାରୀ ମନଧର ମାଝୀ ଘଟଣାସ୍ଥଳରେ ପହଞ୍ଚି ପ୍ରାଥମିକ ତଦନ୍ତ କରିବା ସହ ଶବକୁ ଜବତ କରିଥିଲେ । ପରେ ପୁଲିସ ପକ୍ଷରୁ ମୃତଦେହକୁ ବ୍ୟବଚ୍ଛେଦ ପାଇଁ କୋକସରା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପଠାଯାଇଥିଲା । ମୃତ୍ୟୁର ପ୍ରକୃତ କାରଣ ଏପର୍ଯ୍ୟନ୍ତ ସ୍ପଷ୍ଟ ହୋଇନଥିବା ବେଳେ ଏହା ଆତ୍ମହତ୍ୟା ନା ଅନ୍ୟ କିଛି, ସେ ନେଇ ସନ୍ଦେହ ପ୍ରକାଶ ପାଇଛି । ପୁଲିସ ଅପମୃତ୍ୟୁ ମାମଲା ରୁଜୁକରି ଘଟଣାର ଅଧିକ ତଦନ୍ତ ଚଳାଇଥିବା ସୂଚନା ମିଳିଛି ।

# ସଡ଼କ ଦୁର୍ଘଟଣାରେ ଜଣଙ୍କର ମୃତ୍ୟୁ

ଜୁନାଗଡ଼,୭ ।୭(ସମିସ): ଜୁନାଗଡ଼ ବ୍ଲକ୍ ଅଧୀନ କାଲୋପଲା ନିକଟରେ ଘଟିଥିବା ଏକ ସଡ଼କ ଦୁର୍ଘଟଣାରେ ଜଣେ ଯୁବକଙ୍କର ମୃତ୍ୟୁ ଘଟିଛି । ମୃତକ ହେଉଛନ୍ତି ଜୁନାଗଡ଼ ସହର ବଡ଼ପଡାର ଧର୍ମେନ୍ଦ୍ର ନାଇକ । ସେ ନିଜ ଶଶୁରଘର ବଡ଼ ଫୁରଲାକୁ ଯାଉଥିବା ବେଳେ କାଲୋ ପଲାଠାରେ ଏକ ଗାଡ଼ି ତାଙ୍କୁ ଧକ୍କା ଦେଇ ଫେରାର ହୋଇଯାଇଥିଲା । ଗୁରୁତର ଅବସ୍ଥାରେ ତାଙ୍କୁ ଆମ୍ବୁଲାନ୍ସ ଯୋଗେ ଜୁନାଗଡ ଡାକ୍ତରଖାନାକୁ ଆଣିଥିଲେ । ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ଖବର ପାଇ ଧର୍ମଗଡ ପୋଲିସ ଘଟଣାସ୍ଥଳରେ ପହଞ୍ଚି ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା । ବ୍ୟବଚ୍ଛେଦ ପରେ ଶବକୁ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି । ଏ ସମ୍ପର୍କରେ ପୁଲିସ ଏକ ମାମଲା ରୁଜୁକରି ଗାଡି ଓ ଡ୍ରାଇଭରକୁ ଧରିବା ପାଇଁ ତଦନ୍ତ ଜାରି ରଖିଛି ।

# ବର୍ଷାରେ ଭାଙ୍ଗିଲା ରାଜସ୍ୱ ଅଧିକାରୀଙ୍କ କାର୍ଯ୍ୟାଳୟ ପାଚେରି

ଖଡ଼ିଆଳ,୭ ।୭(ସମିସ): ନୂଆପଡ଼ା ଜିଲ୍ଲା ଖଡ଼ିଆଳ ବ୍ଲକ୍ ଅଧୀନ ସରଧାପୁର ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳ ପାଚେରି ଚଳିତ ବର୍ଷାରେ ଭାଙ୍ଗି ଯାଇଛି । ଅଫିସ ନିର୍ମାଣ ସମୟରେ ମଧ୍ୟ ଗ୍ରାମବାସୀ ନିମ୍ନମାନର କାର୍ଯ୍ୟ ହେଉଥିବା ଅଭିଯୋଗ କରିଥିଲେ । ହେଲେ କୌଣସି ବିଭାଗୀୟ ଅଧିକାରୀ କର୍ଣ୍ଣପାତ କରିନଥିବାରୁ ବର୍ତ୍ତମାନ ତାହାର ପାଚେରି ଭାଙ୍ଗି ଯାଇଛି । ଅତି ନିମ୍ନମାନର କାର୍ଯ୍ୟ ଯୋଗୁଁ ଭାଙ୍ଗି ଯାଇଛି ବୋଲି ସ୍ଥାନୀୟ ଗ୍ରାମବାସୀ ଅଭିଯୋଗ କରିଛନ୍ତି । ଜିଲ୍ଲା ପ୍ରଶାସନ ଦୃଷ୍ଟିଦେଇ କାହିଁକି ପାଚେରି ଭାଙ୍ଗିଲା ତାହାର ତଦନ୍ତ କରି ସମ୍ପୃକ୍ତ ଠିକାଦାର ଓ ବିଭାଗୀୟ ଅଧିକାରୀମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଛନ୍ତି ।

## ଜୋର୍ ଧରିଲା କେଗାଁ ବିଦେଶୀ ମଦ ଦୋକାନ ସ୍ଥାନାନ୍ତର ଦାବି
# ସ୍ୱୟଂସହାୟକ ଗୋଷ୍ଠୀ ଓ ଗ୍ରାମବାସୀଙ୍କ ଧାରଣା

ଗୋଲାମୁଣ୍ଡା, ୭ ।୭(ସମିସ)

କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ କେଗାଁଠାରେ ଚଳିତବର୍ଷ ବେଆଇନ ଭାବେ ଆରମ୍ଭ ହୋଇଥିବା ବିଦେଶୀ ମଦ ଦୋକାନକୁ ସ୍ଥାନାନ୍ତରଣ କରିବା ଦାବିରେ ଆଜିଠାରୁ ଅନିର୍ଦ୍ଦିଷ୍ଟକାଳ ପର୍ଯ୍ୟନ୍ତ ଗ୍ରାମର ସ୍ୱୟଂସହାୟକ ଗୋଷ୍ଠୀ ଓ ଗ୍ରାମବାସୀ ବିଦେଶୀ ମଦ ଦୋକାନ ସମ୍ମୁଖରେ ଧାରଣରେ ବସିଛନ୍ତି । ଗ୍ରାମବାସୀଙ୍କ ଅଭିଯୋଗରୁ ଜଣାଯାଏ ଯେ ଚଳିତବର୍ଷ ରାଜ୍ୟ ସରକାରଙ୍କ ବିଦେଶୀ ମଦ ଦୋକାନ ଲଟେରି ମାଧ୍ୟମରେ ଛତିଶଗଡ଼ ରାଜ୍ୟ ନୂଆ ରାୟପୁରର ଅଭିନାଶ ସିଂ ନାମକ ଜୈନକ ବ୍ୟକ୍ତି କେଗାଁ ବିଦେଶୀ ମଦ ଦୋକାନ ୩ ବର୍ଷ ପାଇଁ ଲିଜ୍‌ରେ ନେଇଛନ୍ତି । ଉକ୍ତ ବ୍ୟକ୍ତି ଜଣକ ସ୍ଥାନୀୟ ଅଞ୍ଚଳର କେତେକ ଯୁବକଙ୍କୁ ହାତବାରିସି କରି କେଗାଁ ମଧ୍ୟ ଭାଗରେ ବିଦେଶୀ ମଦ ଦୋକାନ ଆରମ୍ଭ କରିଛନ୍ତି । ଗ୍ରାମ ମଧ୍ୟରେ ବିଦେଶୀ ମଦଦୋକାନ ଖୋଲିବା ନେଇ ପୂର୍ବରୁ ଗ୍ରାମବାସୀ ପ୍ରବଳ ବିରୋଧ କରିବା ସହିତ ସଂପୃକ୍ତ ବ୍ୟକ୍ତିଙ୍କୁ ଗ୍ରାମ ମଧ୍ୟରେ ନଖୋଲିବାକୁ ଅନୁରୋଧ କରିଥିଲେ ସୁଦ୍ଧା ଗ୍ରାମବାସୀଙ୍କ କଥାକୁ ନ ଶୁଣି ସଂପୃକ୍ତ ବ୍ୟକ୍ତି ଗ୍ରାମର ମଧ୍ୟବର୍ତ୍ତୀ ଯାଗାରେ ବିଦେଶୀ ମଦ ଦୋକାନ ପାଇଁ ଘର କାର୍ଯ୍ୟ ଆରମ୍ଭ କରୁଥିବା ଦେଖି ଗ୍ରାମବାସୀ କଳାହାଣ୍ଡି ଜିଲ୍ଲାପାଳ, ଅବକାରୀ ଅଧୀକ୍ଷକ, ଧର୍ମଗଡ ଉପଜିଲ୍ଲାପାଳ, ଗୋଲାମୁଣ୍ଡା ତହସିଲଦାର,ଧର୍ମଗଡ ଅବକାରୀ ବିଭାଗ,କେଗାଁ ଥାନାରେ ଉକ୍ତ ବିଦେଶୀ ମଦ ଦୋକାନ ସ୍ଥାନାନ୍ତରଣ ଦାବିରେ ଲିଖିତ ଅଭିଯୋଗ କରିଥିଲେ । ଉକ୍ତ ଅଭିଯୋଗକୁ ଭ୍ରୂକ୍ଷେପ ନକରି ଗତକାଲିଠାରୁ ଉକ୍ତ ଯାଗାରେ ବିଦେଶୀ ମଦ ଦୋକାନ ଆରମ୍ଭ ହୋଇଥିବାରୁ ଆଜି ସକାଳ ସମୟରୁ ଗ୍ରାମର ସମସ୍ତ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନେ ଓ ଗ୍ରାମବାସୀ ଉକ୍ତ ବିଦେଶୀ ମଦଦୋକାନ ସମ୍ମୁଖରେ ଧାରଣାରେ ବସିଛନ୍ତି । ଉକ୍ତ ବିଦେଶୀ ମଦ ଦୋକାନ ସ୍ଥାନାନ୍ତରଣ ନହେବା ପାର୍ଯ୍ୟନ୍ତ ଧାରଣ ଜାରି ରହିବ ବୋଲି ଆନ୍ଦୋଳନକାରୀମାନେ ଚେତାବନୀ ଦେଇଛନ୍ତି ।




GOVERNMENT OF ODISHA
PANCHAYAT SAMITI: NARAYANPATNA
PR & DW DEPARTMENT, ODISHA
E-Mail ID: ori-narayanpatna@nic.in
Letter No.: 1889 /2026/TCN.02/2026-27, Date: 06.07.2026

NOTICE INVITING TENDER

Bid Identification No. 02 of 2026-27 of B.D.O. Narayanpatna

1. Bid documents consisting of specification, the Bill of Quantity and the Tender Call Notice can be seen in the Government website: http://tendersodisha.gov.in/nicgep/app

| Sl. No. | Name of Work | Estimated Cost (Rs.) | Class of Contractor | Cost of Tender Paper (Rs.) | EMD (Rs.) | Time of Completion |
|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 |
| 1 | Construction of Drinking Water and Additional Classroom at Narayanpatna Govt. Girls Higher Secondary | 10,89,277/- | "C" & "D" | 6,000/- | 10,900/- | 6 Months |
| 2 | Construction of Additional Classroom at RK Higher Secondary School at Narayanpatna | 15,23,399/- | "C" & "D" | 6,000/- | 15,300/- | 6 Months |
| 3 | Construction of Drinking Water and Additional Classroom at Bala UGAS | 11,04,753/- | "C" & "D" | 6,000/- | 11,100/- | 6 Months |
| 4 | Construction of Boundary Wall, Drinking Water and Additional Classroom at Kelubadi Primary School | 11,06,336/- | "C" & "D" | 6,000/- | 11,100/- | 6 Months |
| 5 | Construction of Boundary Wall, Drinking Water and Additional Classroom at Laumalo Govt. Primary School | 11,00,049/- | "C" & "D" | 6,000/- | 11,000/- | 6 Months |
| 6 | Construction of Drinking Water and Additional Classroom at Naktipadar Upper Primary School | 11,00,049/- | "C" & "D" | 6,000/- | 11,000/- | 6 Months |
| 7 | Construction of Boundary Wall, Drinking Water and Additional Classroom at Palaput Secondary School | 10,89,277/- | "C" & "D" | 6,000/- | 10,900/- | 6 Months |
| 8 | Construction of Boundary Wall, Drinking Water and Additional Classroom at Sekhram Primary School | 11,14,826/- | "C" & "D" | 6,000/- | 11,200/- | 6 Months |
| 9 | Construction of Boundary Wall, Drinking Water and Additional Classroom at Upperlocha Primary School | 11,14,826/- | "C" & "D" | 6,000/- | 11,200/- | 6 Months |
| 10 | Construction of Boundary Wall, Drinking Water and Additional Classroom at Amblimbaguda Primary School | 15,71,922/- | "C" & "D" | 6,000/- | 15,800/- | 6 Months |
| 11 | Construction of Playground and Additional Classroom at Borigi Secondary School | 13,44,972/- | "C" & "D" | 6,000/- | 13,500/- | 6 Months |
| 12 | Construction of Boundary Wall, Playground and Additional Classroom at Balipeta Secondary School | 15,73,181/- | "C" & "D" | 6,000/- | 15,800/- | 6 Months |
| 13 | Construction of BT Road from Pindamal to Pipalguda | 16,80,690/- | "C" & "D" | 6,000/- | 17,000/- | 6 Months |
| 14 | Construction of Boundary Wall, Drinking Water and Additional Classroom at Chintaguda K Primary School | 14,87,693/- | "C" & "D" | 6,000/- | 14,900/- | 6 Months |
| 15 | Construction of Boundary Wall, Drinking Water and Additional Classroom at JELC Primary School, Gotiguda | 15,73,181/- | "C" & "D" | 6,000/- | 15,800/- | 6 Months |
| 16 | Construction of Boundary Wall, Drinking Water and Additional Classroom at Pindamali Primary School | 14,87,113/- | "C" & "D" | 6,000/- | 14,900/- | 6 Months |
| 17 | Construction of Boundary Wall, Toilet, Playground, Drinking Water and Additional Classroom at Rangapuri Primary School | 14,83,657/- | "C" & "D" | 6,000/- | 14,900/- | 6 Months |
| 18 | Providing facilities like digging of tube well, CWSN Toilet, Kitchen Shed and Electricity Connection to Tala Ullubadi PS | 11,88,208/- | "C" & "D" | 6,000/- | 11,900/- | 6 Months |
| 19 | Construction of Boundary Wall, Drinking Water and Additional Classroom at Pachingi Primary School | 14,87,693/- | "C" & "D" | 6,000/- | 14,900/- | 6 Months |
| 20 | Construction of Additional Classroom at Naktipadar PS | 14,45,788/- | "C" & "D" | 6,000/- | 14,500/- | 6 Months |

20 (Twenty) Nos. of work only

| | |
|---|---|
| Tender documents available on website | Can be downloaded from http://www.tendersodisha.gov.in |
| Bid documents available date and time | **From 10.07.2026 at 11.00 Hours to 31.07.2026 up to 17.30 Hours** |
| Bid clarification start date & closing date | **10.07.2026 to 31.07.2026 during office hours** |
| Offline documents received through Speed Post/Registered Post | **From 10.07.2026 at 17.30 Hours to 04.08.2026 at 11.00 Hours** |
| Date, time and venue of opening of bid online | **05.08.2026 at 11.00 Hours**, Office of the Block Development Officer, Panchayat Samiti, Narayanpatna |
| Offline documents shall be opened in presence of participating bidders | **05.08.2026 at 11.00 Hours onwards**, Chamber of BDO, Narayanpatna |
| If stipulation arises, the tender will be decided through Lottery System | **05.08.2026 at 15.30 Hours**, Office of the Block Development Officer, Panchayat Samiti, Narayanpatna |

**Block Development Officer**
**Narayanpatna**

# ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନାରେ ଅନିୟମିତତା ଅଭିଯୋଗ

ଧର୍ମଗଡ଼,୭ ।୭ (ସମିସ)



ଗ୍ରାମାଞ୍ଚଳର ଯୋଗାଯୋଗ ବ୍ୟବସ୍ଥାକୁ ସୁଦୃଢ଼ କରିବା ପାଇଁ ସରକାର 'ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନା' ମାଧ୍ୟମରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି । ମାତ୍ର ବିଭାଗୀୟ ଅଧିକାରୀ ଓ ଠିକାଦାରଙ୍କ ଅବହେଳା ଯୋଗୁଁ ଏହି ଯୋଜନା ବାଟବଣା ହେବାରେ ଲାଗିଛି । ଏହିପରି ଏକ ଅଭିଯୋଗ ଏବେ ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଛି ।

ସୂଚନା ଅନୁଯାୟୀ, ଧର୍ମଗଡ଼ ଠାରୁ ବିରାମାଲ ଭାୟା ବାଗବାହିଲି, ରଙ୍ଗାବାହାଲ ଓ ବଡ଼ଫୁର୍ଲା ରାସ୍ତା ପ୍ରାୟ ୧୪.୩୩୦ କିଲୋମିଟର ଲମ୍ବର ଏକ ନୂତନ ରାସ୍ତା ନିର୍ମାଣ କାର୍ଯ୍ୟ ଚାଲୁ ରହିଛି । ଏହି ପ୍ରକଳ୍ପ ପାଇଁ ସରକାରଙ୍କ ୪୭ ଲକ୍ଷ ୪୯ ହଜାର ବ୍ୟୟବରାଦ କରାଯାଇଛି । ସରକାରୀ ନିୟମ ଅନୁସାରେ କାମର ବିବରଣୀ ପ୍ରଦର୍ଶନ ପାଇଁ ସୂଚନା ଫଳକ ଲଗାଯାଇଥିଲେ ମଧ୍ୟ ପ୍ରକୃତ କାର୍ଯ୍ୟକ୍ଷେତ୍ରରେ ବ୍ୟାପକ ଅନିୟମିତତା ହେଉଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି । ରାସ୍ତା କଡ଼ରେ ଲଗାଯାଇଥିବା ସୂଚନା ଫଳକ ଓ ଡିଜାଇନ୍ ଚାର୍ଟ ଅନୁଯାୟୀ, ମାଟି କାମ ଠାରୁ ଆରମ୍ଭ କରି ମେଟାଲିଂ ଏବଂ ପିଚୁ କାମ ପାଇଁ ନିର୍ଦ୍ଦିଷ୍ଟ ମାପ ଥିକନେସ ସ୍ଥିର କରାଯାଇଛି । ସେହିପରି ରାସ୍ତାର ଦୁଇ କଡ଼ରେ ନିର୍ଦ୍ଦିଷ୍ଟ ପରିମାଣର ଲାଲ ରଙ୍ଗର ମୁରୁମ ଦେବା କଥା । ମାତ୍ର ଠିକାଦାର ଏହାକୁ ଫୁ କରି ମାତ୍ର ଅଳ୍ପ ଅଳ୍ପ ମୁରୁମ ପକାଇ କାମ ସାରିଦେଇଛନ୍ତି । ଆଶ୍ଚର୍ଯ୍ୟର ବିଷୟ ଏହି ଯେ, ରାସ୍ତା ଦୁଇ କଡ଼ରେ ମୁରୁମ ଦେବା ପରିବର୍ତ୍ତେ ତାହାକୁ ରାସ୍ତା ମଝିରେ ହିଁ ପକାଇ ରଖାଯାଇଛି । ସେହିପରି ଅଳ୍ପ କେତେକ ସ୍ଥାନରେ କେବଳ ନାମକୁ ମାତ୍ର ମେଟାଲିଂ କରାଯାଇଛି ।

ଏହି ଅଧାପନ୍ତରିଆ ଏବେ ଗ୍ରାମବାସୀଙ୍କ ପାଇଁ ବଡ଼ ସମସ୍ୟା ପାଲଟିଛି । ବର୍ତ୍ତମାନ ବର୍ଷା ଦିନ ଚାଲିଥିବାରୁ, ସାମାନ୍ୟ ବର୍ଷା ହେଲେ ମଧ୍ୟ ସମ୍ପୂର୍ଣ୍ଣ ରାସ୍ତା କାଦୁଅରେ ପଚ ପଚ ହୋଇଯାଉଛି । ନିମ୍ନମାନର ସାମଗ୍ରୀ ବ୍ୟବହାର କରି ଅତି ଅତି ଚଞ୍ଚକତାର ସହ କାମ ଶେଷ କରାଯାଉଛି । ଫଳରେ ନୂତନ ଭାବେ ନିର୍ମାଣ ହେଉଥିବା ରାସ୍ତା ଅଳ୍ପ ଦିନରେ ଖରାପ ହେବା ଆଶଙ୍କା ଦେଖାଦେଇଛି । ଏହି ନିମ୍ନମାନର କାର୍ଯ୍ୟକୁ ନେଇ ସ୍ଥାନୀୟ ବାସିନ୍ଦାଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି ।

## ଗଣ୍ଡାବାହାଲି ଓ ନିଲଜୀରେ ସଚେତନତା ଓ ବନ ମହୋତ୍ସବ

ନୂଆପଡ଼ା/ ସିନାପାଲି,୭ ।୭ (ସମିସ): ସମାଜରେ ଆଇନ ପ୍ରତି ସଚେତନତା ସୃଷ୍ଟି କରିବା ସହିତ ପରିବେଶ ସୁରକ୍ଷା ପ୍ରତି ନୂତନ ପିଢ଼ିକୁ ଦାୟିତ୍ୱବାନ କରିବା ଉଦ୍ଦେଶ୍ୟରେ ନିଲଜୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପରିସରରେ ଏକ ନ୍ୟାୟିକ ପ୍ରାଧିକରଣ ସଚେତନତା ଶିବିର ଏବଂ ବନ ମହୋତ୍ସବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ବିଦ୍ୟାଳୟ ପରିଚାଳନା ସମିତିର ଅଧ୍ୟକ୍ଷ ଲଳିତ କୁମାର ସୁନାରୀ ସଭାପତିତ୍ୱ କରିଥିଲେ । ମୁଖ୍ୟଅତିଥି ଭାବେ ନବନୀତା ଦାସ ଯୋଗଦେଇ ଛାତ୍ରଛାତ୍ରୀ ଏବଂ ସାଧାରଣଲୋକଙ୍କୁ ସଚେତନ କରିଥିଲେ । ସମ୍ମାନିତ ଅତିଥିଭାବେ ପ୍ୟାନେଲ ଆଇନଜୀବୀ ସନ୍ତରାମ ସାହୁ, ନିଲଜୀ ସରପଞ୍ଚ ଲକ୍ଷ୍ମଣ ପ୍ରଧାନ, ଅବସରପ୍ରାପ୍ତ ବନାଞ୍ଚଳ ଅଧିକାରୀ ଷଡ଼ାନନ ସୁନାନୀ, ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଦସ୍ୟ ସଞ୍ଜୟ ବେହେରା ଓ ବାଣୀବଲ୍ଲଭ ପାଣିଗ୍ରାହୀ, ସିନାପାଲି ଆଇନଜୀବୀ ସଂଘର ସମ୍ପାଦକ ଋଷଭ ମେହେର, ନିଲଜୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ସତ୍ୟବ୍ରତ ଗହୀର ଓ ବନବିଭାଗ ଅଧିକାରୀ ଚୁଡ଼ାନାଥ ସରାଫ ପ୍ରମୁଖ ଯୋଗଦେଇ ଥିଲେ । କାର୍ଯ୍ୟକ୍ରମର ଆରମ୍ଭରେ ଶିକ୍ଷକ ଶେଷଦେବ କାଲେଟ ସ୍ୱାଗତଭାଷଣ ପ୍ରଦାନ କରିଥିଲେ । ପରମେଶ୍ୱର ମାଝୀ ଧନ୍ୟବାଦ ଅର୍ପଣ



କରିଥିଲେ । ସେହିପରି ସିନାପାଲି ବ୍ଲକ ଅନ୍ତର୍ଗତ ଗଣ୍ଡାବାହାଲି ଗ୍ରାମସ୍ଥିତ ରାମଗଡ଼ଠାରେ ୭୭ତମ ବନ ମହୋତ୍ସବ ସିନାପାଲି ବନାଞ୍ଚଳ ଆନୁକୂଲ୍ୟରେ ମଙ୍ଗଳବାର ବ୍ଲକସ୍ତରୀୟ ବନୋମହୋତ୍ସବ ଅନୁଷ୍ଠିତ ହୋଇଥିଲା । ସିନାପାଲି ବନାଞ୍ଚଳ ଅଧିକାରୀ କାମେଶ୍ୱର ତାଣ୍ଡିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ମହୋତ୍ସବରେ ଫରେଷ୍ଟର ମହାଦେବ ବନ୍ଦିତୁଲ ସଭାପରିଚାଳନା କରିଥିଲେ । ଖଡିଆଳ ଏସିଏଫ ପ୍ରସଂଜିତ ନାଏକ, ପୂର୍ବତନ ବିଜେପି ଜିଲ୍ଲା ସଭାପତି ସୁବ୍ରତ ଠାକୁର, ସରପଞ୍ଚ ଅହଲ୍ୟା ମେହେର, ଜଗନ୍ନାଥ ସେଠୀ, ଭଗବାନ ଚଲାନ, ଗୁଣଧର ମେହେର, ଅବସରପ୍ରାପ୍ତ ରେଞ୍ଜର ସଦାନନ ସୁନାନୀ ପ୍ରମୁଖ ମଞ୍ଚାସୀନ ଥିଲେ ।

## ନୂଆମାଟି ପକେଇ ବସ୍‌ଷ୍ଟାଣ୍ଡ ନିର୍ମାଣ; ବର୍ଷାରେ ଦବିଲା କାନ୍ଥ

ମ.ରାମପୁର,୭ ।୭ (ସମିସ): ନୂଆ ମାଟି ପକାଇ ନିର୍ମାଣ ଚାଲିଛି ଅଟଳ ବସ୍ ଷ୍ଟାଣ୍ଡ । ଏବେ ବର୍ଷାରେ ଦୁଇ ଫୁଟ



ଉଠିଥିବା କାନ୍ଥ କୋଉଠି ଭାଙ୍ଗି ଯାଇଛି ତ ଆଉ କୋଉଠି ଦବି ଯାଇଛି । ଏଭଳି ଏକ ବିକଳ ନିର୍ମାଣ ଚିତ୍ର ସାମ୍ନାକୁ ଆସିଛି । କଳାହାଣ୍ଡି ଜିଲ୍ଲା ମ.ରାମପୁରସ୍ଥିତ ସରସ୍ୱତୀ ଶିଶୁମନ୍ଦିର ସାମ୍ନାରେ ନୂତନ ଭାବେ ଅଟଳ ବସ୍‌ଷ୍ଟାଣ୍ଡ ନିର୍ମାଣ କାମ ଚାଲିଛି । ସରକାରଙ୍କ ଯେ କୌଣସି ଉନ୍ନୟନମୂଳକ ନିର୍ମାଣ କାମ ଆରମ୍ଭ କରିବା ପୂର୍ବରୁ ଲୋକଙ୍କ ଅବଗତି ପାଇଁ ସୂଚନା ଫଳକ ଲଗେଇବା ନିୟମ ଥିଲେ ହେଁ ଏଠାରେ ତାହା ଦେଖିବାକୁ ମିଳୁନାହିଁ । ସୂଚନା ଫଳକରେ କେଉଁ ଯୋଜନାରେ, କେତେ ଟଙ୍କା ବ୍ୟୟରେ, କେଉଁ ଠିକା ସଂସ୍ଥା ନିର୍ମାଣ କାମ ହାତକୁ ନେଇଛି ତାର ସୂଚନା ରହିବା ନିୟମ ରହିଛି । ବିଭାଗୀୟ ଯନ୍ତ୍ରୀଙ୍କ ଅବହେଳା ହେଉ କି ଠିକା ସଂସ୍ଥାର ମନମୁଖୀ କାର୍ଯ୍ୟ ଯୋଗୁଁ ସୂଚନାଫଳକ ଲଗା ଯାଇନାହିଁ । ନିର୍ମାଣ କାମ ଆରମ୍ଭ ହୋଇକି ୩ମାସ ବିତି ଯାଇଥିଲେ ହେଁ ସୂଚନା ଫଳକର ଦେଖାନାହିଁ । ଏବେ ପ୍ରଥମ ବର୍ଷାରେ ଏହି କାର୍ଯ୍ୟର ଅସଲ ଚିତ୍ର ସାମ୍ନାକୁ ଆସିଛି । ନୂଆମାଟି ପ୍ରାୟ ୧୫ ଫୁଟ ପଡ଼ିଥିବା ବେଳେ ଏହାକୁ ପ୍ରଥମେ ଦବାଇବା କାମ କରିବା ବଦଳରେ ଯାହା ତାହା କରି କାମ ଆଗେଇ ନେଇଛନ୍ତି । ଯେଉଁ ମାଟିରେ ବିଦ୍ୟୁତ ପୋଲ ଠିଆ ହେବା କଷ୍ଟ ସାଧ୍ୟ ସେହି ହାଲୁକା ମାଟିରେ କିଭଳି ବସ୍ ଷ୍ଟାଣ୍ଡ ନିର୍ମାଣ କରାଯାଉଛି ତାହାକୁ ନେଇ ଏବେ ଅଞ୍ଚ ବାସୀ ଆଲୋଚନା କରୁଛନ୍ତି । ଏନେଇ ଦାୟିତ୍ୱରେ ଥିବା କନିଷ୍ଠ ଯନ୍ତ୍ରୀ ବୁଧେଶ୍ୱର ମୁର୍ମୁଙ୍କୁ ପଚାରିବାରୁ ଏହି କାମ ପୋଲିସ ହାଉସିଂ ବିଭାଗରୁ ହେଉଥିବା ବେଳେ ଠିକା ସଂସ୍ଥାକୁ ସୂଚନାଫଳକ ଲଗେଇବାକୁ କହିବି ବୋଲି ପ୍ରତିକ୍ରିୟା ରଖିଥିଲେ ।

## ■ ଉଦ୍‌ଘାଟନ ପୂର୍ବରୁ ବସ୍‌ଷ୍ଟାଣ୍ଡ ପାଚେରି ଭୁଶୁଡ଼ିବା ଘଟଣା
## ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବିକଲେ ବିଧାୟକ



ଖଡ଼ିଆଳ,୭ ।୭ (ସମିସ): ନୂଆପଡ଼ା ଜିଲ୍ଲା ଖଡ଼ିଆଳଠାରେ ନିର୍ମାଣାଧୀନ ବସ୍‌ଷ୍ଟାଣ୍ଡର ପାଚେରି ଉଦ୍‌ଘାଟନ ପୂର୍ବରୁ ଭୁଶୁଡ଼ି ପଡ଼ିବା ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ଖଡ଼ିଆଳ ବିଧାୟକ ଅଧିରାଜ ମୋହନ ପାଣିଗ୍ରାହୀ ସୋମବାର ଘଟଣାସ୍ଥଳରେ ପହଞ୍ଚି କାର୍ଯ୍ୟକ୍ଷେତ୍ର ପରିଦର୍ଶନ କରିଥିଲେ । ପରିଦର୍ଶନ ପରେ ବିଧାୟକ ଶ୍ରୀ ପାଣିଗ୍ରାହୀ କହିଥିଲେ ଯେ, ସରକାରୀ ଅର୍ଥରେ ନିର୍ମିତ ପ୍ରକଳ୍ପରେ ନିମ୍ନମାନର କାମ କୌଣସି ପରିସ୍ଥିତିରେ ଗ୍ରହଣୀୟ ନୁହେଁ । ନବନିର୍ମିତ ଖଡ଼ିଆଳ ବସଷ୍ଟାଣ୍ଡର ପାଚେରି ଉଦ୍‌ଘାଟନ ପୂର୍ବରୁ ଭୁଶୁଡ଼ି ପଡିବା ଅତ୍ୟନ୍ତ ଦୁର୍ଭାଗ୍ୟଜନକ ଅଟେ । ଏହାର ଏକ ଉଚ୍ଚସ୍ତରୀୟ ତଦନ୍ତ କରି ଏହି ବସଷ୍ଟାଣ୍ଡ ନିର୍ମାଣ ଦାୟିତ୍ୱରେ ଥିବା ଓଡିଶା ପୋଲିସ ହାଉସିଂ ବୋର୍ଡର ଦୋଷୀ ଅଧିକାରୀ ତଥା ଠିକାଦାର ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରିଥିଲେ । ଉଦ୍‌ଘାଟନ ପୂର୍ବରୁ ପାଚେରି ଭାଙ୍ଗିଯିବା ନିର୍ମାଣ କାର୍ଯ୍ୟର ଗୁଣବତ୍ତାକୁ ନେଇ ଗୁରୁତର ପ୍ରଶ୍ନ ସୃଷ୍ଟି କରିଛି । ଏହି ଘଟଣାର ସଠିକ୍ ତଦନ୍ତ କରାଯାଇ ସମ୍ପୃକ୍ତ ବିଭାଗୀୟ ଅଧିକାରୀ ଓ କଣ୍ଟ୍ରାକ୍ଟରଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବାକୁ ସେ ଦାବି କରିଛନ୍ତି । ବିଧାୟକ ଆହୁରି କହିଥିଲେ ଯେ, ଜନସାଧାରଣଙ୍କ ଟଙ୍କାରେ ହେଉଥିବା ବିକାଶମୂଳକ କାର୍ଯ୍ୟରେ କୌଣସି ପ୍ରକାରର ଅବହେଳା କିମ୍ବା ଦୁର୍ନୀତିକୁ ବରଦାସ୍ତ କରାଯିବ ନାହିଁ । ଏହି ଘଟଣାକୁ ନେଇ ସ୍ଥାନୀୟ ବାସିନ୍ଦାମାନେ ମଧ୍ୟ ନିର୍ମାଣ କାର୍ଯ୍ୟର ଗୁଣବତ୍ତା ଉପରେ ପ୍ରଶ୍ନ ଉଠାଇଥିବା ବେଳେ, ସମ୍ପୂର୍ଣ୍ଣ ଘଟଣାର ନିରପେକ୍ଷ ତଦନ୍ତ ଓ ଦୋଷୀଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି । ସମାଜସେବୀ ଅକ୍ଷୟ ନନ୍ଦ, ମନୋଜ ଦୀପ, ଯୋଗେନ୍ଦ୍ର ପାଣ୍ଡେ, ହୀରାଧର ମେହେର ସମେତ ବହୁ ବିଜେଡି କର୍ମୀ ଉପସ୍ଥିତ ଉପସ୍ଥିତ ଥିଲେ ।

## ପିଏମ୍‌ଶ୍ରୀ ଅପୂର୍ବ ଉଚ୍ଚ ବିଦ୍ୟାଳୟରେ ବନ ମହୋତ୍ସବ

ଦେବଗଡ଼, ୭ ।୭ (ସମିସ): ତିଲେଇବଣି ବ୍ଲକ୍‌ର ସୁଗୁଡା ଗ୍ରାମ ସ୍ଥିତ ପିଏମଶ୍ରୀ ଅପୂର୍ବ ଉଚ୍ଚ ବିଦ୍ୟାଳୟ ପରିସରରେ



ଆଜି ବନମହୋତ୍ସବ ସପ୍ତାହ ଅବସରରେ ଚାରାରୋପଣ ଓ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ଦମୟନ୍ତୀ ବେହେରାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିଦ୍ୟାଳୟ ପଞ୍ଚ ଶିକ୍ଷା ସେତୁ କମିଟିର ସଭାପତି ଧରଣୀଧର ସାହୁ , ସିଆରସିସି. ପ୍ରାଣବନ୍ଧୁ ଘଡେଇ ଅତିଥିଭାବେ ଯୋଗ ଦେଇଥିଲେ । ପୂର୍ବରୁ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯାଇଥିଲା । ଖେଳ ଶିକ୍ଷକ ସୂର୍ଯ୍ୟକାନ୍ତ ମହନ୍ତଙ୍କ ତତ୍ତ୍ୱାବଧାନରେ ବିଦ୍ୟାଳୟ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ପରେ ସମସ୍ତେ ପ୍ଲାକାର୍ଡ ଓ ବ୍ୟାନର ଧରି ସଚେତନତା ରାଲି କରିଥିଲେ । କାର୍ଯ୍ୟକ୍ରମ ପରିଚାଳନାରେ ବିଦ୍ୟାଳୟ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ ।

## ୭୭ତମ ବନ ମହୋତ୍ସବ ପାଳିତ

ଭବାନୀପାଟଣା,୭ ।୭ (ସମିସ): ପିଏମ୍ ଶ୍ରୀ ଦଧିବାମନ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଦାଦପୁର ଠାରେ 'ପ୍ରକୃତି ବନ୍ଧୁ' ପୁରସ୍କାର ପ୍ରାପ୍ତ ବିଦ୍ୟାଳୟର ଅଧକ୍ଷ ରବି ପ୍ରସାଦ କାନୁନଗୋଙ୍କ ଅଧକ୍ଷତାରେ ବନ ମହୋତ୍ସବ ଆୟୋଜନ କରାଯାଇଥିଲା । ପ୍ରତ୍ୟେକ ଛାତ୍ରଛାତ୍ରୀ ଅନ୍ତତଃ ପକ୍ଷେ ଗୋଟିଏ ଲେଖାଏଁ ଚାରାରୋପଣ କରି ତାର




ଉପଯୁକ୍ତ ଯତ୍ନ ନେବାକୁ ପରାମର୍ଶ ଦେଇଥିଲେ । ଏହି ଉତ୍ସବରେ ମୁଖ୍ୟ ଅତିଥି ଗୀତାଞ୍ଜଳି ସାହୁ, ସରପଞ୍ଚ ଦାଦପୁର, ବିଶିଷ୍ଟ ଅତିଥି ଭାବେ ଛବିଲାଲ ସାହୁ, ସଭାପତି, ପୁରାତନ ଛାତ୍ର ସଂସଦ ଭବାନୀଶଙ୍କର ପରିଚ୍ଛା (ବନରକ୍ଷୀ), ତନୁ ଶବର (ବନରକ୍ଷୀ, ଦାଦପୁର), ଜୌସ୍ନାମୟୀ ବେହେରା ପ୍ରମୁଖ ଯୋଗଦେଇ ବନମହୋତ୍ସବର ତାତ୍ପର୍ଯ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ । ଶିକ୍ଷକ ବଳରାମ ସାହୁ ମଞ୍ଚ ପରିଚାଳନା, ବରିଷ୍ଠ ଶିକ୍ଷକ ସଂଜିବ କୁମାର ଶର୍ମା ସମ୍ପାଦନା ଏବଂ ଶିକ୍ଷୟିତ୍ରୀ ସ୍ନିଗ୍ଧାଲୀନା ସାହୁ ଧନ୍ୟବାଦ ଜ୍ଞାପନ କରିଥିଲେ ।

## ● ରାସ୍ତା କାମରେ ଦୁର୍ନୀତି ଅଭିଯୋଗ
# ନିର୍ମାଣ ସରିନି; ଉଠିଗଲା ପିଚୁ

ଇବଥର୍ମାଲ,୭ ।୭ (ସମିସ): ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ ପଲସଦା ପଞ୍ଚାୟତ ଅଧୀନ ଜାତୀୟ ରାଜପଥ -୪୯ରୁ ରେଙ୍ଗାଲି ଦେଇ ନାଚେନମୁର ଉଠାଜଳସେଚନ ପ୍ରକଳ୍ପ ପର୍ଯ୍ୟନ୍ତ



ନିର୍ମାଣାଧୀନ ରାସ୍ତା କାମକୁ ନେଇ ଏବେ ପ୍ରଶ୍ନ ଉଠିଛି । ପ୍ରାୟ ୫ କିଲୋମିଟର ରାସ୍ତା ନିର୍ମାଣ ପାଇଁ ୫ କୋଟି ୭୨ ଲକ୍ଷ ୪୦ ହଜାର ଟଙ୍କା ବ୍ୟୟବରାଦ ହୋଇଥିବାବେଳେ କାମ ଶେଷ ହେବା ପୂର୍ବରୁ ହିଁ ବିଭିନ୍ନ ସ୍ଥାନରେ ପିଚୁ ଉପୁଡ଼ିଯିବା, ଗାତ ସୃଷ୍ଟି ହେବା ଓ ରାସ୍ତା ଦବିଯିବା ଭଳିଘଟଣା ସ୍ଥାନୀୟ ଲୋକଙ୍କ ମଧ୍ୟରେ ଅସନ୍ତୋଷ ବଢ଼ାଇଛି । ସ୍ଥାନୀୟ ବାସିନ୍ଦାଙ୍କ କହିବା ଅନୁଯାୟୀ, ପ୍ରତି କିଲୋମିଟର ପିଛା ପ୍ରାୟ ୧ କୋଟି ୧୪ ଲକ୍ଷ ଟଙ୍କାରୁ ଅଧିକ ଖର୍ଚ୍ଚ ହେଉଥିଲେ ମଧ୍ୟ କାମର ମାନ ଆଶାନୁରୂପ ନୁହେଁ । ରାସ୍ତା ସମ୍ପୂର୍ଣ୍ଣ ନିର୍ମାଣ ନ ସରୁଣୁ ପିଚୁ ଫାଟିବା ଓ ଉଠିଯିବା ଘଟଣା ନିର୍ମାଣର ଗୁଣବତ୍ତାକୁ ନେଇ ଗୁରୁତର ପ୍ରଶ୍ନ ସୃଷ୍ଟି କରିଛି । ଆଗାମୀବର୍ଷା ଋତୁରେ ଏହି ରାସ୍ତାର ଅବସ୍ଥା ଆହୁରି ଖରାପ ହେଲେ ଦୈନନ୍ଦିନ ଯାତାୟାତ ବାଧାପ୍ରାପ୍ତ ହେବା ସହ ସ୍କୁଲ, କଲେଜ, ଚାଷୀ ଓ ସାଧାରଣ ଲୋକଙ୍କୁ ନାହିଁ ନ ଥିବା ଅସୁବିଧା ଭୋଗିବାକୁ ପଡ଼ିପାରେ ବୋଲି ଆଶଙ୍କା ପ୍ରକାଶ ପାଇଛି । ଏହି ରାସ୍ତା ନାଚେନମୁରା ଉଠାଜଳସେଚନ ପ୍ରକଳ୍ପକୁ ସଂଯୋଗ କରୁଥିବାରୁ ପ୍ରତିଦିନ ଅନେକ ଛୋଟ ଓ ବଡ଼ ଯାନବାହନ ଚଳାଚଳ କରିଥାଏ । ନିର୍ମାଣ ପର୍ଯ୍ୟାୟରେ ହିଁ ରାସ୍ତାରେ ଖାଲଖମା ଓ ପିଚୁ ଉଠିଯିବା ଫଳରେ ଦୁର୍ଘଟଣାର ଆଶଙ୍କା ମଧ୍ୟ ବଢ଼ିଛି । ସ୍ଥାନୀୟ ଲୋକଙ୍କ ମତରେ, ଆରମ୍ଭରୁ ଯଦି କାମର ମାନ ଠିକ୍ ନ ରହେ, ତେବେ ଅଳ୍ପ ଦିନ ମଧ୍ୟରେ ପୁଣି ମରାମତି ପାଇଁ ସରକାରଙ୍କୁ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରିବାକୁ ପଡ଼ିପାରେ । ଫଳରେ ସରକାରୀ ଅର୍ଥର ସଠିକ୍ ବ୍ୟବହାରକୁ ନେଇ ମଧ୍ୟ ପ୍ରଶ୍ନ ଉଠୁଛି । ଏପରିସ୍ଥିତିରେ ଆରଡି ବିଭାଗର ଯନ୍ତ୍ରୀ ଲବ କୁମ୍ଭାର ନିର୍ମାଣ କାମର ଯାଞ୍ଚ କରିଥିବା ଜଣାପଡ଼ିଛି । ଯାଞ୍ଚବେଳେ କେତେକ ସ୍ଥାନରେ ନିର୍ମାଣ କାମ ନିମ୍ନମାନର ହୋଇଥିବା ଦୃଷ୍ଟିଗୋଚର ହେବାପରେ ସମ୍ପୃକ୍ତ ଠିକାଦାରଙ୍କୁ ଡିପିଆର୍ ଅନୁଯାୟୀ ଉନ୍ନତ ମାନର ସାମଗ୍ରୀ ବ୍ୟବହାର କରି ତ୍ରୁଟିପୂର୍ଣ୍ଣ ସ୍ଥାନଗୁଡ଼ିକର ପୁନଃନିର୍ମାଣ କରିବାକୁ ନୋଟିସ୍ ଜାରି କରାଯାଇଛି । ଏହାସହ ଏ ସମ୍ପର୍କରେ ବିଭାଗୀୟ ବରିଷ୍ଠ ଅଧିକାରୀଙ୍କୁ ଅବଗତ କରାଯାଇଥିବା ସୂଚନା ମିଳିଛି । ସ୍ଥାନୀୟ ଲୋକମାନେ ଦାବି କରିଛନ୍ତି ଯେ ଡିପିଆର୍ ଅନୁଯାୟୀ ଉନ୍ନତମାନର ସାମଗ୍ରୀ ବ୍ୟବହାର କରି ସମଗ୍ର ରାସ୍ତାକୁ ପୁନଃନିର୍ମାଣ କରାଯାଉ ।

## ମଧ୍ୟାହ୍ନଭୋଜନ ରୋଷେଇ ସମୟରେ ଲାଗିଲା ନିଆଁ

କୋକସରା,୭ ।୭ (ସମିସ): କୋକସରା ବ୍ଲକ୍ ମୋଟେର ପଞ୍ଚାୟତ ଅଧୀନ ବାଟିଗୁଡ଼ା ସରକାରୀ ପ୍ରାଥମିକ ବିଦ୍ୟାଳୟରେ ମଧ୍ୟାହ୍ନ ଭୋଜନ ରୋଷେଇ ଚାଲିଥିବା ସମୟରେ ଏକ ସିଲିଣ୍ଡରରେ ନିଆଁ ଲାଗିଯାଇଥିଲା । କୋକସରା ଅଗ୍ନିଶମ ବିଭାଗର ଠିକ୍ ସମୟରେ ତତ୍ପରତା ଯୋଗୁଁ ଏକ ବଡ଼ ଧରଣର ଦୁର୍ଘଟଣା ଟଳିଯାଇଛି । ମଙ୍ଗଳବାର ବିଦ୍ୟାଳୟରେ ରୋଷେଇ କାର୍ଯ୍ୟ ଚାଲିଥିବା ବେଳେ ହଠାତ୍ ଗ୍ୟାସ୍ ସିଲିଣ୍ଡରରେ ନିଆଁ ଲାଗି ଯାଇଥିଲା । ବିଦ୍ୟାଳୟର ପାଚିକା ପଦ୍ମିନୀ ବେହେରା ଓ ସୁକାନ୍ତ ହାତି ତୁରନ୍ତ ପ୍ରଧାନ ଶିକ୍ଷକ ଅରୁଣ ଶବରଙ୍କୁ ଅବଗତ କରାଇଥିଲେ । ପ୍ରଧାନଶିକ୍ଷକ ସ୍କୁଲର ସମସ୍ତ ଛାତ୍ରଛାତ୍ରୀଙ୍କୁ ସୁରକ୍ଷିତ ଭାବେ ଶ୍ରେଣୀଗୃହରୁ ବାହାରକୁ ଆଣିବା ସହ କୋକସରା ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ । କୋକସରା ଅଗ୍ନିଶମ ବିଭାଗର ଓଆଇସି ପ୍ରଶାନ୍ତ ବାଘଙ୍କ ନେତୃତ୍ୱରେ ଏକ ଟିମ୍ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚିଥିଲେ । ଅଗ୍ନିଶମ କର୍ମଚାରୀ ରାଧେଶ୍ୟାମ ପ୍ରଧାନୀ, ହେମନ୍ତ ମାଝୀ, ବିଶ୍ୱଜିତ ଜେନା, ସୁନିଲ ରଞ୍ଜନ ବାରାଲ ଏବଂ ଲଳିତ ପୁଟେଲ ପ୍ରମୁଖ ନିଆଁକୁ ସମ୍ପୂର୍ଣ୍ଣ ଆୟତ୍ତ କରିଥିଲେ ।

## ଡିଗ୍ରୀ କଲେଜ ପରିସରରେ ବନ ମହୋତ୍ସବ

କଲମପୁର,୭ ।୭ (ସମିସ): କଲମପୁର କସ୍ତୁରୀକା ମୋଦିନୀ ଦେବୀ +୩ ଡିଗ୍ରୀ କଲେଜରେ ବନମହୋତ୍ସବ ପାଳିତ ହୋଇ ଯାଇଛି । କଲେଜ ରେଡକ୍ରସ୍ ଓ ରେଡରିବନ କ୍ଲବ୍ ୟୁନିଟ ଏବଂ ଏନ୍‌ଏସ୍‌ଏସ୍‌କୋ ୟୁନିଟ ବିଭାଗର ମିଳିତ ଉଦ୍ୟମରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା । ଅଧ୍ୟାପକ ଧରଣୀଧର ପୁଝାରୀ, କାଉନସିଲର ତରାଜେନ୍ଦ୍ର ପ୍ରଧାନ, ଏନ୍‌ଏନ୍‌ଏସ୍ ପ୍ରୋଗ୍ରାମ ଅଫିସର ବାବୁଲା ସାହୁ ପ୍ରମୁଖ ପରିଚାଳନା କରିଥିଲେ ।

## ସ୍କୁଲଗୃହ ନିର୍ମାଣ ପାଇଁ ସରକାରୀ ଜମି ପ୍ରଦାନ ଦାବି
# ପୋଡ଼ବେଡାବାସୀ ଉପଜିଲ୍ଲାପାଳଙ୍କ ଦ୍ୱାରସ୍ଥ

ଧର୍ମଗଡ଼,୭ ।୭ (ସମିସ): ଧର୍ମଗଡ଼ ବ୍ଲକ୍‌ଅଧୀନ ପୋଡ଼ବେଡା ଗ୍ରାମର ପ୍ରାଥମିକ ବିଦ୍ୟାଳୟ ପାଇଁ ସରକାରୀ ଜମି ଯୋଗାଇ



ନୂତନ ସ୍କୁଲ ଗୃହନିର୍ମାଣ କରିବା ଦାବିରେ ଗ୍ରାମବାସୀ ଉପଜିଲ୍ଲାପାଳଙ୍କ ନିକଟରେ ଫେରାଦ ହୋଇଛନ୍ତି । ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ, ପ୍ରାୟ ୫୦ ବର୍ଷ ପୂର୍ବେ ଜଣେ ବ୍ୟକ୍ତି ଗ୍ରାମର ପ୍ରାଥମିକ ବିଦ୍ୟାଳୟ ପରିଚାଳନା ପାଇଁ ନିଜସ୍ୱ ଜମି ପ୍ରଦାନ କରିଥିଲେ । ସେହି ଜମିରେ ଦୀର୍ଘବର୍ଷ ଧରି ବିଦ୍ୟାଳୟ ଚାଲିଆସୁଥିଲା । କିନ୍ତୁ ସମ୍ପ୍ରତି ହୋଇଥିବା ନୂତନ ସେଟେଲମେଣ୍ଟ ପରେ ଉକ୍ତଜମି ପୁଣି ଜମିମାଲିକଙ୍କ ନାମରେ ରେକର୍ଡ ହୋଇଥିବାରୁ ସେ ବିଦ୍ୟାଳୟ ସ୍ଥାନ ଖାଲି କରିବାକୁ କହିଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି । ବର୍ତ୍ତମାନ ବିଦ୍ୟାଳୟରେ ପ୍ରଥମରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ୪୫ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଥିବା ବେଳେ ସେମାନେ ଏକ ଭଙ୍ଗାଦଦରା ଓ ବିପଦସଙ୍କୁଳ ଗୃହରେ ପାଠ ପଢ଼ୁଛନ୍ତି । ଏହାକୁ ନେଇ ଅଭିଭାବକ ଓ ଗ୍ରାମବାସୀଙ୍କ ମଧ୍ୟରେ ଚିନ୍ତା ବଢ଼ିଛି । ଏହି ଘଟଣାର ତଦନ୍ତ ପରେ ଧର୍ମଗଡ଼ ବିଡିଓ ନୂତନ ସ୍କୁଲ ଗୃହ ନିର୍ମାଣ ପାଇଁ ପାଣ୍ଠି ମଞ୍ଜୁର କରିଥିବା ବେଳେ ଉପଯୁକ୍ତ ଜମି ଅଭାବରୁ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇପାରୁ ନାହିଁ । ତେଣୁ ପୋଡ଼ବେଡା ଗ୍ରାମବାସୀ ଉପଜିଲ୍ଲାପାଳଙ୍କୁ ଭେଟି ସରକାରୀ ଜମି ଚିହ୍ନଟ କରି ଶୀଘ୍ର ନୂତନ ବିଦ୍ୟାଳୟ ଗୃହ ନିର୍ମାଣ ପାଇଁ ପ୍ରଶାସନ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ଦାବି ଜଣାଇଛନ୍ତି । ଦାବିପତ୍ର ପ୍ରଦାନ ସମୟରେ ଗ୍ରାମର ରଥେଶ୍ୱର ପୁଝାରୀ, ତୁଳାରାମ ଦୁର୍ଗା, ଲୋକନାଥ ଭୋଇ, ତରୁଣ ଭୋଇ, ଈଶ୍ୱର ଚନ୍ଦ୍ର ଭୋଇ, ମନୁ ଗହୀର ସମେତ ଅନେକ ଗ୍ରାମବାସୀ ଉପସ୍ଥିତ ଥିଲେ ।

## ଖାଦ୍ୟ ସୁରକ୍ଷା ଗୋଷ୍ଠୀଙ୍କ ପ୍ରଶିକ୍ଷଣ ଶିବିର

କର୍ଲାମୁଣ୍ଡା,୭ ।୭ (ସମିସ): କଳାହାଣ୍ଡି ଜିଲ୍ଲା କର୍ଲାମୁଣ୍ଡା ବ୍ଲକ୍ ସଦର ଆରା କାର୍ଯ୍ୟାଳୟଠାରେ ମଙ୍ଗଳବାର ଖାଦ୍ୟ ସୁରକ୍ଷା ଗୋଷ୍ଠୀ ପାଇଁ ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା ।

ଏହି ପ୍ରଶିକ୍ଷଣରେ ଶିବିରରେ ରୁଗୁଡ଼ିପଡ଼ାର ଜୟ ଜଗନ୍ନାଥ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳା ଚାଷୀମାନେ ଯୋଗ ଦେଇଥିଲେ । ଏଥିରେ ବ୍ଲକ କୃଷି ଅଧିକାରୀ ଜିତେନ୍ଦ୍ର କୁମାର ସିଂ, ସହକାରୀ କୃଷି ଅଧିକାରିଣୀ ପ୍ରୀତି ମୟି ନାଏକ, ଆଏ। କମିଟି ସଭ୍ୟ ପ୍ରଦୀପ କୁମାର ସାହୁ, କୃଷି କର୍ମୀ ଲୋକ ନାଥ ନାଗ, ସୂରଜ ଶେଖର ସାହୁ ପ୍ରମୁଖ ଯୋଗ ଦେଇ ଖାଦ୍ୟ ସୁରକ୍ଷା, ପୁଷ୍ଟିକର ଖାଦ୍ୟ ଉତ୍ପାଦନ, ପନିପରିବା ଚାଷ, ପ୍ରାକୃତିକ କୃଷି ପଦ୍ଧତି ଓ ପରିବାରର ପୋଷଣ ସୁରକ୍ଷା ସମ୍ପର୍କରେ ବିସ୍ତୃତ ଭାବେ ଆଲୋଚନା କରିଥିଲେ । ଏହି ଅବସରରେ ମହିଳା ଚାଷୀ ମାନଙ୍କୁ ପନିପରିବା ବିହନ ସହ କୃଷି ଉପକରଣ ପ୍ରଦାନ କରାଯାଇଥିଲା କାର୍ଯ୍ୟ କ୍ରମ ରେ ଏଟିଏମ୍ ମିଳନ କୁମାର ଗୋଛାୟତ ଆୟୋଜନ କରିଥିଲେ ।

## ଜିଲ୍ଲାସ୍ତରୀୟ ଜନଗଣନା ହସ୍ତପୁସ୍ତିକା ପ୍ରସ୍ତୁତି ପ୍ରଶିକ୍ଷଣ

ଭବାନୀପାଟଣା,୭ ।୭ (ସମିସ): ଜିଲ୍ଲାପାଳଙ୍କ ସମ୍ମିଳନୀକକ୍ଷରେ ମଙ୍ଗଳବାର ଜିଲ୍ଲାସ୍ତରୀୟ ଜନଗଣନା ହସ୍ତ ପୁସ୍ତିକା ପ୍ରସ୍ତୁତି ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ଜନଗଣନା ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ତନ୍ମୟ କୁମାର ଦରୱାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ପ୍ରଶିକ୍ଷଣ ଶିବିରରେ ଡେପୁଟି କଲେକ୍ଟର ତଥା ଡେପୁଟି ଜିଲ୍ଲା ଜନଗଣନା ଅଧିକାରୀ ଲମ୍ବୋଦର ନାଏକ ଉପସ୍ଥିତ ରହି ପ୍ରଶିକ୍ଷଣକୁ ପରିଚାଳନା କରିଥିଲେ । ଜନଗଣନା ଟ୍ରେନର ପ୍ରଶିକ୍ଷକ ସୌରଭ ତିୱାରୀ ଓ ପମ୍ପୁ ସିଂହ ଡିସିଏଚ୍‌ବି ପ୍ରସ୍ତୁତିର ବିଭିନ୍ନ ବୈଷୟିକ ଓ ପ୍ରାୟୋଗିକ ଦିଗ ସମ୍ପର୍କରେ ବିବରଣୀ ପ୍ରଦାନ କରିଥିଲେ । ଏଥିରେ ସମସ୍ତ ତହସିଲଦାର-କମ୍-ଚାର୍ଜ ଜନଗଣନା ଅଧିକାରୀ, ଅତିରିକ୍ତ ତହସିଲଦାର-କମ୍-ଅତିରିକ୍ତ ଚାର୍ଜ ଜନଗଣନା ଅଧିକାରୀ, ରାଜସ୍ୱ ସୁପରଭାଇଜର, ରାଜସ୍ୱ ନିରୀକ୍ଷକ (ଆର୍.ଆଇ.), ଅମିନ, ବୈଷୟିକ ସହାୟକ ଓ ଅନ୍ୟାନ୍ୟ କ୍ଷେତ୍ରସ୍ତରୀୟ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ । ପ୍ରଶିକ୍ଷଣରେ ଜିଲ୍ଲା ଜନଗଣନା ହସ୍ତପୁସ୍ତିକା ସମ୍ମିଳିତ ହେବାକୁ ଥିବାଜିଲ୍ଲାର ଭୌଗୋଳିକ, ସାମାଜିକ, ଆର୍ଥିକ, ଶିକ୍ଷା, ସ୍ୱାସ୍ଥ୍ୟ, ଯୋଗାଯୋଗ, ଭିତ୍ତିଭୂମି ଓ ଅନ୍ୟାନ୍ୟ ସମ୍ବଳ ସମ୍ପର୍କିତ ତଥ୍ୟର ସଠିକ୍ ସଂଗ୍ରହ, ସଂକଳନ ଓ ଯାଞ୍ଚ ପ୍ରକ୍ରିୟା ଉପରେ ବିଶେଷ ଆଲୋଚନା କରାଯାଇଥିଲା ।

## ଥୁଆମୂଳ ରାମପୁରରେ ବନ ମହୋତ୍ସବ ସପ୍ତାହ
# ଚାରାରୋପଣ କରି ପରିବେଶ ସୁରକ୍ଷାର ବାର୍ତ୍ତାଦେଲେ ମାଜିଷ୍ଟ୍ରେଟ୍




ଥୁଆମୂଳ ରାମପୁର,୭ ।୭ (ସମିସ): କଳାହାଣ୍ଡି ଜିଲ୍ଲା ଥୁଆମୂଳ ରାମପୁର ବ୍ଲକ୍ ସଦରସ୍ଥିତ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଥୁଆମୂଳ ରାମପୁର ତାଲୁକ ଆଇନ ସେବା କମିଟି ପକ୍ଷରୁ ବନମହୋତ୍ସବ ସପ୍ତାହ ଅବସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଏହି କାର୍ଯ୍ୟକ୍ରମରେ ଜେ.ଏମ୍.ଏଫ୍.ସି ମାଜିଷ୍ଟ୍ରେଟ ଏବଂ ତାଲୁକ ଆଇନସେବା ସମିତିର ଅଧ୍ୟକ୍ଷ ଡ. ତାରିଣୀ ପ୍ରସାଦ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ଚାରାରୋପଣ କରିଥିଲେ । ସେ ଉପସ୍ଥିତ ଛାତ୍ରଛାତ୍ରୀ ଓ ଶିକ୍ଷକମାନଙ୍କୁ ସମ୍ବୋଧିତ କରି କହିଥିଲେ ଯେ, ଗଛ କେବଳ ପରିବେଶକୁ ସବୁଜ କରେ ନାହିଁ, ବରଂ ଜୀବନ, ସ୍ୱାସ୍ଥ୍ୟ ଓ ଭବିଷ୍ୟତ ପିଢ଼ିର ସୁରକ୍ଷାର ମୂଳ ଆଧାର । ଏହି ଅବସରରେ ପରିବେଶ ସୁରକ୍ଷା, ବନ ସଂରକ୍ଷଣ ଏବଂ ଜଳବାୟୁ ପରିବର୍ତ୍ତନ ରୋକିବାରେ ଚାରାରୋପଣର ଗୁରୁତ୍ୱ ସମ୍ପର୍କରେ ସଚେତନତା ସୃଷ୍ଟି କରାଯାଇଥିଲା । କାର୍ଯ୍ୟକ୍ରମରେ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ନାଗେଶ୍ୱର ନାଏକ ଏବଂ ବିଦ୍ୟାଳୟର ଅନ୍ୟ ଶିକ୍ଷକ-ଶିକ୍ଷୟିତ୍ରୀ, ବନ କର୍ମଚାରୀ, ତାଲୁକ ଆଇନ ସେବା ସମିତିର ସଦସ୍ୟ ତଥା ଆଇନଜୀବୀ ମନୋରଞ୍ଜନ ନାଏକ, ଦିଲ୍ଲୀପ କୁମାର ନାଏକ, ଏପିପି ପ୍ରିୟଙ୍କା ମାଝୀ, କୋର୍ଟର ବରିଷ୍ଠ କିରାଣି ସାହୁ, ଜିମି ବେହେରା ଏବଂ "କର୍ତ୍ତବ୍ୟ"ଅନୁଷ୍ଠାନର ସଂଯୋଜକ ସୁଦର୍ଶନ ନାଏକଙ୍କ ସମେତ ସ୍ଥାନୀୟ ବିଶିଷ୍ଟ ବ୍ୟକ୍ତିମାନେ ଉପସ୍ଥିତ ଥିଲେ ।

# ବିଜେପି ସରକାରଙ୍କ କଥାରେ ରହୁନି ତାଳମେଳ: ବିଜେଡି

ଭୁବନେଶ୍ୱର,୭।୭(ସମିସ): ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀଙ୍କ ପାଠ୍ୟ ପୁସ୍ତକରେ ମାଳ ମାଳ ତ୍ରୁଟି । ଏହାକୁ ସଂଶୋଧନ କରିବା ପରିବର୍ତ୍ତେ ଡବଲ ଇଞ୍ଜିନ ସରକାର ଓଡ଼ିଶାର ପ୍ରାକ୍ ଶିକ୍ଷା ବ୍ୟବସ୍ଥାକୁ ନଷ୍ଟ କରିବାରେ ଲାଗି ପଡିଛନ୍ତି ବୋଲି କ୍ଷୋଭ ପ୍ରକାଶ କରିଛି ବିଜେଡି। ମଙ୍ଗଳବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଚାନ୍ଦବାଲି ବିଧାୟକ ତଥା ବରିଷ୍ଠ ସାଧାରଣ ସମ୍ପାଦକ ବ୍ୟୋମକେଶ ରାୟ, ବିଜୁ ଯୁବ ଜନତା ଦଳର ରାଜ୍ୟ ସଭାପତି ଚିନ୍ମୟ ସାହୁ ଓ ବିଜୁ ଛାତ୍ର ଜନତା ଦଳର ରାଜ୍ୟ ସଭାନେତ୍ରୀ ଇପ୍ସିତା ସାହୁ ରାଜ୍ୟ ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି।

ବିଧାୟକ ଶ୍ରୀ ରାୟ କହିଛନ୍ତି ଯେ ପାଠ୍ୟ ପୁସ୍ତକରେ ୨୦୦୦ରୁ ଉଦ୍ଧ୍ୱର୍ ତ୍ରୁଟି ରହିଛି। ତ୍ରୁଟିପୂର୍ଣ୍ଣ ପୁସ୍ତକପ୍ରତ୍ୟାହାର କରିବା ନେଇ ସରକାରୀସ୍ତରରେ ଘୋଷଣା କରାଯାଇଥିଲା ।ମାତ୍ର ତାହା ଏଯାଏ ହେଲା ନାହିଁ ।ମୁଖ୍ୟମନ୍ତ୍ରୀ, ବିଭାଗୀୟ ମନ୍ତ୍ରୀ ଓ ସଚିବ କାହାରି କଥାରେ କୌଣସି ତାଳମେଳ ରହୁନାହିଁ । ବିଜେପି ସରକାରରେ ବିଧି ବ୍ୟବସ୍ଥା ସଠିକ୍ ଭାବରେ ରହୁନାହିଁ । ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ପିଲାଙ୍କ ପ୍ରାକ ଶିକ୍ଷାର ସମୟ ଥିବା ବେଳେ ତାହା ଭୁଶୁଡ଼ି ପଡ଼ିଲାଣି ।ସରକାର ମୂକ ଓ ବଧୀର ପାଲଟି ଯାଇଛନ୍ତି। ଏହା ବିରୋଧରେ ବିଜୁ ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ରାଜରାସ୍ତାକୁ ଓହ୍ଲାଇ ରାଜ୍ୟବ୍ୟାପୀ ଆନ୍ଦୋଳନ କରିବ। ଜୁଲାଇ ୯ରୁ ୧୫ ତାରିଖ ପର୍ଯ୍ୟନ୍ତ ଶିକ୍ଷା ବଞ୍ଚାଅ ଅଭିଯାନକୁ ନେଇ ରାଜ୍ୟବ୍ୟାପୀ ବିକ୍ଷୋଭ ପ୍ରଦର୍ଶନ କରାଯିବ। ଶିକ୍ଷା ବର୍ଷ ଆରମ୍ଭ ହୋଇଥିବା ବେଳେ ପିଲାଙ୍କ ପାଖରେ ପୁସ୍ତକ ନାହିଁ । ମାସକ ମଧ୍ୟରେ ପୁସ୍ତକ ପ୍ରତ୍ୟାହାର କରି ତ୍ରୁଟି ଶୂନ୍ୟ ନୂତନ ପୁସ୍ତକ ପ୍ରଦାନ କରାଯାଉ ।ନଚେତ ପୁରୁଣା ପୁସ୍ତକକୁ ପୁନଃ ପ୍ରଚଳନ କରାଯାଉ। ତ୍ରୁଟିପୂର୍ଣ୍ଣ ପୁସ୍ତକ କରି ରାଜ୍ୟ ସରକାରଙ୍କୁ ବଦନାମ କରିବାକୁ ଷଡ଼ଯନ୍ତ୍ର କରାଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ତେଣୁ କିଏ ଷଡ଼ଯନ୍ତ୍ର କରିଛି, ତାହା ମୁଖ୍ୟମନ୍ତ୍ରୀ ସ୍ପଷ୍ଟ କରନ୍ତୁ ଓ କାର୍ଯ୍ୟାନୁଷ୍ଠାନ ନିଅନ୍ତୁ ବୋଲି ସେ ଦାବି କରିଛନ୍ତି । ସେହିପରି ଚିନ୍ମୟ ସାହୁ କହିଥିଲେ ଯେ ତ୍ରୁଟିକୁ ଲୁଚାଇବା ପାଇଁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଲୋକଙ୍କୁ ଠକିବାରେ ଲାଗିଛନ୍ତି। ତ୍ରୁଟି ପୂର୍ଣ୍ଣ ପୁସ୍ତକ ପ୍ରତ୍ୟାହାର କରି ନୂତନ ପୁସ୍ତକ ପ୍ରକାଶ ପାଇଁ ନୋଟିଫିକେସନ୍ ହେଉନାହିଁ। ନୂତନ ପୁସ୍ତକ ପ୍ରକାଶ କେବଳ ଘୋଷଣାବାଜିରେ ସୀମିତ ରହିଛି। ପୁସ୍ତକ ପ୍ରକାଶରେ ୩୮୦କୋଟି ଟଙ୍କାର ଦୁର୍ନୀତି ହୋଇଛି। ସରକାରୀ ପ୍ରେସରେ ପୁସ୍ତକ ନ ଛାପି ଘରୋଇ ପ୍ରେସରେ ଛାପିବା ସନ୍ଦେହ ସୃଷ୍ଟି କରିଛି । ଏନେଇ ପଦକ୍ଷେପ ଗ୍ରହଣ ନକ ରିବା ପର୍ଯ୍ୟନ୍ତ ବିଜେଡି ଆନ୍ଦୋଳନ ଜାରି ରଖିବ ବୋଲି ସେ କହିଛନ୍ତି। ଇପ୍ସିତା ସାହୁ କହିଥିଲେ ଯେ କୁନି କୁନି ପିଲାଙ୍କୁ ଶିକ୍ଷା ଭଳି ମୌଳିକ ଅଧିକାରକୁ କ୍ଷୁର୍ଣ୍ଣ କରାଯାଉଛି ।ବିଜେପି ସରକାର ପିଲାଙ୍କ ଭବିଷ୍ୟତକୁ ଦଳି ଚକଟି ନଷ୍ଟ କରିବା ସହ ସାମ୍ବିଧାନିକ ଅଧିକାରକୁ କ୍ଷୁର୍ଣ୍ଣ କରୁଛନ୍ତି । ଜାତୀୟ ସ୍ତରରେ ଓଡ଼ିଶା ଆଜି ନିନ୍ଦିତ ହୋଇଛି। ପିଲାଙ୍କ ଭବିଷ୍ୟତ ନେଇ ବିଜେପି ସରକାରଙ୍କ ଚକ୍ରାନ୍ତ ବିରୁଦ୍ଧରେ ବିଜେଡି ଲଢ଼େଇ ଜାରି ରଖିବ ବୋଲି କହିଛନ୍ତି ।



- ■ ପ୍ରାକ୍ ଶିକ୍ଷା ବ୍ୟବସ୍ଥାକୁ ଭୁଶୁଡ଼ାଇବାକୁ ସରକାରଙ୍କ ଯୋଜନା
- ■ ଇସ୍ତଫା ଦିଅନ୍ତୁ ଗଣଶିକ୍ଷା ମନ୍ତ୍ରୀ ଓ ବିଭାଗୀୟ ସଚିବ
- ■ ଜୁଲାଇ ୯ରୁ ୧୫ ରାଜ୍ୟବ୍ୟାପୀ ଶିକ୍ଷା ବଞ୍ଚାଅ ଅଭିଯାନ

# ଫାଟିଲା ଗ୍ୟାସ୍ ପାଇପ୍ ଲାଇନ୍; ସାଧାରଣରେ ଆତଙ୍କ



ଅନୁଗୋଳ,୭।୭(ସମିସ): ମଙ୍ଗଳବାର ଅପରାହ୍ଣରେ ଗାନ୍ଧୀମାର୍ଗ ମୈତ୍ରୀନଗର ରାସ୍ତାରେ ଟିପିସିଓଡିଏଲ୍‌ର ମାଟି ତଳେ ୩୩ କେଭି ଲାଇନ୍ କାମ ଚାଲିଥିବା ବେଳେ ପିଏନ୍‌ଜି ଗ୍ୟାସ ପାଇପ୍ ଲାଇନ୍ ଫାଟି ଗ୍ୟାସ୍ ଲିକ୍ ହୋଇଥିଲା। ଏହି ଘଟଣା ଜଣାପଡ଼ିବା ପରେ ସ୍ଥାନୀୟ ବାସିନ୍ଦା ଭୟରେ ଏଣେତେଣେ ଦୌଡ଼ିଥିଲେ। ଖବର ପାଇ ଅଗ୍ନିଶମ ବାହିନୀ ଓ ବିପିସିଏଲ୍ ଅଧିକାରୀ ଆସି ଗ୍ୟାସ୍ ଲିକେଜ୍‌କୁ ନିୟନ୍ତ୍ରଣ କରିବାରେ ସହାୟତା କରିଥିଲେ। ପୁଲିସ ମଧ ଘଟଣାସ୍ଥଳରେ ପହଞ୍ଚି ସେ ଅଞ୍ଚଳକୁ ସିଲ୍ କରିବା ସହ ଲୋକଙ୍କୁ ଆତଙ୍କିତ ନ ହେବା ପାଇଁ ବୁଝାଇଥିଲେ। ଦୀର୍ଘ ସମୟ ପରେ ଗ୍ୟାସ ଲିକ୍‌କୁ ନିୟନ୍ତ୍ରଣ କରାଯାଇଥିବା ଜଣାପଡ଼ିଛି। ଏହି ଅଘଟଣ ନେଇ ତଦନ୍ତ ଆରମ୍ଭ ହୋଇଛି।

# ଚିକିଟି ପଞ୍ଚାୟତ ସମିତି ଅଧ୍ୟକ୍ଷ ନିର୍ବାଚନରେ ଅନ୍ତରୀଣ ସ୍ଥଗିତାଦେଶ

କଟକ,୭।୭(ସମିସ): ଗଞ୍ଜାମ ଜିଲ୍ଲା ଚିକିଟି ପଞ୍ଚାୟତସମିତିର ଅଧ୍ୟକ୍ଷ ପଦ ପୂରଣ ପାଇଁ ନିର୍ବାଚନ ଉପରେ ହାଇକୋର୍ଟ ଅନ୍ତରୀଣ ସ୍ଥଗିତାଦେଶ ଜାରି କରିଛନ୍ତି। ଆସନ୍ତା ଜୁଲାଇ ୮ ତାରିଖ ପୂର୍ବାହ୍ନ ୧୦ଟାରେ ଚିକିଟି ପଞ୍ଚାୟତସମିତି କାର୍ଯ୍ୟାଳୟରେ ଏହି ନିର୍ବାଚନ ହେବାର ଥିଲା, ଯାହାକୁ ହାଇକୋର୍ଟ ପରବର୍ତ୍ତୀ ଶୁଣାଣି ପର୍ଯ୍ୟନ୍ତ ସ୍ଥଗିତ ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଅକ୍ଷୟ କୁମାର ସେଠୀ, ଇପାରି ସୀମାଞ୍ଚଳ ଓ ମୋହନ ସାହୁଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ଭି. ନରସିଂହ ଏପରି ନିର୍ଦ୍ଦେଶ ଦେଇଛନ୍ତି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ଅଗଷ୍ଟ ୧୨ରେ ଅନୁଷ୍ଠିତ ହେବ। ଏହି ମାମଲାରେ ରାଜ୍ୟ ସରକାର ଓ ଅନ୍ୟ ପ୍ରତିପକ୍ଷଙ୍କୁ ହାଇକୋର୍ଟ ନୋଟିସ ଜାରି କରିଛନ୍ତି। ମାମଲାରୁ ପ୍ରକାଶ ଯେ ଚିକିଟି ପଞ୍ଚାୟତସମିତିର ପୂର୍ବତନ ଅଧ୍ୟକ୍ଷଙ୍କ ବିୟୋଗ ପରେ ଏହି ପଦ ଖାଲି ପଡ଼ିଥିଲା। ଏହାକୁ ପୂରଣ କରିବା ପାଇଁ ଗତ ଜୁନ ୩୦ରେ ଏକ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ଏହି ବିଜ୍ଞପ୍ତିକୁ ଚ୍ୟାଲେଞ୍ଜ କରି ଆବେଦନକାରୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ପଞ୍ଚାୟତସମିତି ସଭ୍ୟ ପଦ ଖାଲି ଥିବା ସତ୍ତ୍ୱେ କେବଳ ଅଧ୍ୟକ୍ଷ ପଦ ପୂରଣ ପାଇଁ ନିର୍ବାଚନ ବିଜ୍ଞପ୍ତି ପ୍ରକାଶ କରିବା ଆଇନଗତ ଭାବେ ତ୍ରୁଟିପୂର୍ଣ୍ଣ। ଏହା ଓଡ଼ିଶା ପଞ୍ଚାୟତ ସମିତି ନିର୍ବାଚନ ନିୟମାବଳୀ, ୧୯୯୧ର ନିୟମ ୪୬କୁ ସମ୍ପୂର୍ଣ୍ଣ ଉଲ୍ଲଙ୍ଘନ କରୁଛି ବୋଲି ଆବେଦନକାରୀ ଦର୍ଶାଇଛନ୍ତି। ୧୯୯୧ ନିୟମାବଳୀର ଧାରା ୪୬ ଓ ପୂର୍ବର ଏକ ରାୟକୁ ଆଧାର କରି କୋର୍ଟ ଏହି ନିର୍ବାଚନ ପ୍ରକ୍ରିୟା ଉପରେ ଅନ୍ତରୀଣ ସ୍ଥଗିତାଦେଶ ଜାରି କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ୭୫ ବର୍ଷ ବୟସରେ...

ସର୍ବାଧିକ ଗୁରୁତ୍ୱ ଦେବା ଉଚିତ। ନିଜ ଦୀର୍ଘ ଶିକ୍ଷାଯାତ୍ରାରେ ପତ୍ନୀ ବିଦ୍ୟା ଦେବୀ ଓ ପରିବାରର ସହଯୋଗକୁ ସେ ମୁଖ୍ୟ ପ୍ରେରଣା ବୋଲି କହିଛନ୍ତି। ତାଙ୍କ ଏହି ଅଦମ୍ୟ ଇଚ୍ଛାଶକ୍ତି ଓ ଜ୍ଞାନ ପ୍ରତି ନିଷ୍ଠା ଆଜି ଯୁବପିଢ଼ି ପାଇଁ ଏକ ଅନନ୍ୟ ପ୍ରେରଣା ପାଲଟିଛି।

### ଆଗକୁ ଭୟଙ୍କର...

ଏହି ରିପୋର୍ଟ ଅନୁସାରେ ଅତ୍ୟଧିକ ଗ୍ରୀଷ୍ମ ପ୍ରବାହ ଯୋଗୁଁ ହିଟ୍ ଷ୍ଟ୍ରୋକ୍ ଓ ଅନ୍ୟାନ୍ୟ ଉତ୍ତାପଜନିତ ରୋଗରେ ପୀଡ଼ିତ ଲୋକଙ୍କ ସଂଖ୍ୟା ବଢ଼ିପାରେ। ବିଶେଷକରି ବୃଦ୍ଧ, ଶିଶୁ ଓ ବାହାରେ କାମ କରୁଥିବା ଶ୍ରମିକମାନେ ଅଧିକ ବିପଦରେ ପଡ଼ିପାରନ୍ତି। ତେବେ ରିପୋର୍ଟରେ ଏହି ସମସ୍ୟାର ସମାଧାନ ଭାବେ ସୌର ଶକ୍ତି ଓ ବ୍ୟାଟେରି ଏନର୍ଜି ଷ୍ଟୋରେଜ୍ ସିଷ୍ଟମ୍‌ର ବ୍ୟାପକ ବିକାଶ ଉପରେ ଗୁରୁତ୍ୱ ଦିଆଯାଇଛି। ଦିନ ସମୟରେ ସୌର ଶକ୍ତି ଉତ୍ପାଦନ ଓ ବ୍ୟାଟେରିରେ ବିଦ୍ୟୁତ୍ ସଂରକ୍ଷଣ କରି ପ୍ରୟୋଜନ ସମୟରେ ବ୍ୟବହାର କଲେ ବିଦ୍ୟୁତ୍ ନିଅଣ୍ଟ ଅନେକାଂଶ ହ୍ରାସ ପାଇବ ଓ କୋଇଲା ଉପରେ ନିର୍ଭରଶୀଳତା ମଧ କମିବ। ଭାରତରେ ବିଦ୍ୟୁତ୍ ଚାହିଦା ନିରନ୍ତର ବଢୁଥିବା ବେଳେ ଜଳବାୟୁ ପରିବର୍ତ୍ତନ ନୂଆ ଚ୍ୟାଲେଞ୍ଜ ସୃଷ୍ଟି କରୁଛି। ତେଣୁ ନବୀକରଣଯୋଗ୍ୟ ଶକ୍ତି, ଆଧୁନିକ ବିଦ୍ୟୁତ୍ ଗ୍ରିଡ୍ ଏବଂ ଶକ୍ତି ସଂରକ୍ଷଣ ବ୍ୟବସ୍ଥାରେ ବିନିଯୋଗ ବଢ଼ାଇବା ଉପରେ ଶକ୍ତି ବିଶେଷଜ୍ଞମାନେ ଗୁରୁତ୍ୱ ଦେଇଛନ୍ତି।ବିଶେଷଜ୍ଞମାନଙ୍କ ମତରେ, ବର୍ତ୍ତମାନ ଦିନ ବେଳର ବିଦ୍ୟୁତ ଚାହିଦାର ପ୍ରାୟ ୨୪ ପ୍ରତିଶତ ସୌର ଶକ୍ତି ଯୋଗାଉଛି। ଏଲ୍ ନିନୋର ପ୍ରଭାବ ସୌର ଶକ୍ତି ଉପରେ ତୁଳନାମୂଳକ ଭାବେ କମ୍ ଥିବାରୁ ଅଧିକ ସୌର ପ୍ୟାନେଲ୍ ଓ ବ୍ୟାଟେରି ସଂରକ୍ଷଣ ବ୍ୟବସ୍ଥା ଭବିଷ୍ୟତରେ ଏପରି ଚରମ ପାଣିପାଗ ଜନିତ ବିଦ୍ୟୁତ ସଙ୍କଟକୁ ମୁକାବିଲା କରିବାରେ ଦେଶକୁ ଅଧିକ ସକ୍ଷମ କରିପାରିବ।

### ଇଣ୍ଡୋନେସିଆରେ ବିଜୁଙ୍କ...

ପ୍ରଧାନମନ୍ତ୍ରୀ କହିଛନ୍ତି । ଏଠାରେ ସୂଚନାଯୋଗ୍ୟ ଯେ ୧୯୪୭ ମସିହାରେ ଡଚ୍ ଉପନିବେଶବାଦୀ ଶାସନ ବିରୋଧରେ ଇଣ୍ଡୋନେସିଆ ଜାତୀୟ ବିପ୍ଳବରେ ବିଜୁ ପଟ୍ଟନାୟକ ଜୀବନକୁ ବାଜି ଲଗାଇ ଏକ ସାହସିକ ଭୂମିକା ଗ୍ରହଣ କରିଥିଲେ ।ଡଚ୍‌ମାନେ ଇଣ୍ଡୋନେସିଆକୁ ପୁନଃ ଉପନିବେଶ କରିବାକୁ ଚେଷ୍ଟା କରିଥିଲେ । ସ୍ୱାଧୀନତା ଆନ୍ଦୋଳନକୁ ଦବାଇ ଦେବା ପାଇଁ ସେମାନେ ଇଣ୍ଡୋନେସିଆର ପ୍ରଧାନମନ୍ତ୍ରୀ ସୁତାନ ସାହାରିୟର ଏବଂ ଉପ-ରାଷ୍ଟ୍ରପତି ମହମ୍ମଦ ହଟ୍ଟାଙ୍କୁ ଜାକର୍ତ୍ତାରେ ଗୃହବନ୍ଦୀ କରିଥିଲେ ।ନେହେରୁ ୩୧ ବର୍ଷୀୟ ଦୁର୍ଦ୍ଦଶ ବୈମାନିକ ବିଜୁ ପଟ୍ଟନାୟକଙ୍କୁ ଇଣ୍ଡୋନେସିଆର ନେତାମାନଙ୍କୁ ବାହାର କରିବା ପାଇଁ ଏକ ଗୁପ୍ତ ଅଭିଯାନର ଦାୟିତ୍ୱ ଦେଇଥିଲେ। ଜୁଲାଇ ୧୯୪୭ରେ ବିଜୁ ପଟ୍ଟନାୟକ ଓ ତାଙ୍କ ପତ୍ନୀ ଜ୍ଞାନ ପଟ୍ଟନାୟକ ଭାରତରୁ ସାମରିକ ପରିବହନ ବିମାନ (ଡାକୋଟା ଡିସି-୩)କୁ ଇଣ୍ଡୋନେସିଆର ଆକାଶ ସୀମାରେ ଉଡ଼ାଇଥିଲେ। ବିଜୁ ପଟ୍ଟନାୟକ ସଫଳତାର ସହ ସିଙ୍ଗାପୁର ଦେଇ ସଜାହରିର ଏବଂ ହଟ୍ଟାଙ୍କ ସମେତ ବରିଷ୍ଠ ନେତାଙ୍କୁ ୧୯୪୭ ଜୁଲାଇ ୨୪ ତାରିଖରେ ନିରାପଦରେ ନୂଆଦିଲ୍ଲୀରେ ପହଞ୍ଚାଇଥିଲେ। ନିଜର ଡାକୋଟା ବିମାନକୁ ନେଇ ବିଜୁ ବାବୁ ଯେପରି ଅସୀମ ସାହସ ପ୍ରଦର୍ଶିତ କରିଥିଲେ, ତାହା ସେତେବେଳେ ସମଗ୍ର ବିଶ୍ୱରେ ଚର୍ଚ୍ଚାର କେନ୍ଦ୍ରବିନ୍ଦୁ ପାଲଟିଥିଲା। ଏପରିକି ଏଥିପାଇଁ ବିଜୁ ବାବୁଙ୍କୁ ଇଣ୍ଡୋନେସିଆର ସର୍ବୋଚ୍ଚ ସମ୍ମାନ ଭୂମିପୁତ୍ର ଉପାଧି ମିଳିଥିଲା।

### ବିକାଶ ଓ ପରିବେଶ...

ପ୍ରାୟ ୯ ଲକ୍ଷ ଚାରା ରୋପଣର ଲକ୍ଷ୍ୟ ରଖାଯାଇଛି। ସେହିପରି "ବର୍ଦ୍ଧିତ ସବୁଜ ବଳୟ ଯୋଜନା' ମାଧ୍ୟମରେ ଚଳିତ ବର୍ଷ ୩.୫୮ ହେକ୍ଟର ଜମିରେ ୧୫ ଲକ୍ଷ ୯୩ ହଜାର ବୃକ୍ଷଚାରା ରୋପଣ କରାଯିବ। ସହରାଞ୍ଚଳରେ ପ୍ରଦୂଷଣ କମାଇବା ପାଇଁ ଚଳିତ ବର୍ଷ ପ୍ରାୟ ୬ ଲକ୍ଷ ୯୫ ହଜାର ଚାରା ରୋପଣର ଲକ୍ଷ୍ୟ ରହିଛି। "ଆମ ଜଙ୍ଗଲ ଯୋଜନା' ଅଧୀନରେ ୧୯,୯୭୫ ହେକ୍ଟର ଉଜୁଡ଼ା ଜଙ୍ଗଲର ପୁନରୁଦ୍ଧାର କରାଯାଇ ୪୩.୧୮ ଲକ୍ଷ ସ୍ଥାନୀୟ ହିତାଧିକାରୀଙ୍କୁ ୧,୪୮୮.୫୨ କୋଟି ଟଙ୍କାର ଜୀବିକା ଭିତ୍ତିକ କାର୍ଯ୍ୟକ୍ରମରେ ସାମିଲ କରାଯାଇଛି। ଏହା ସହିତ ବଜ୍ରପାତରୁ ରକ୍ଷା ପାଇବା ପାଇଁ ଗତ ଆର୍ଥିକ ବର୍ଷରେ ୧୭.୯୦ ଲକ୍ଷ ତାଳ ଚାରା ରୋପଣ କରାଯାଇଛି ବୋଲି ସେ କହିଛନ୍ତି । ସମାରୋହରେ ସମ୍ମାନିତ ଅତିଥି ଭାବେ ଯୋଗଦେଇ ରାଜ୍ୟ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ମନ୍ତ୍ରୀ ଗଣେଶରାମ ସିଂ ଖୁଣ୍ଟିଆ ବନୀକରଣ କ୍ଷେତ୍ରରେ ଜନଭାଗୀଦାରି ଉପରେ ବିଶେଷ ଗୁରୁତ୍ୱ ଆରୋପ କରିଛନ୍ତି। ଏହି ଅବସରରେ ଜଙ୍ଗଲ ସୁରକ୍ଷା ଓ ବନୀକରଣ କାର୍ଯ୍ୟରେ ଉଲ୍ଲେଖନୀୟ ଅବଦାନ ପାଇଁମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ଅନୁଗୁଳର "ଜେରେଙ୍ଗ ବୁଧିପାହାଡ଼ ବନ ସୁରକ୍ଷା ସମିତି' ଏବଂ ମୟୂରଭଞ୍ଜର "ଗୁଡ଼ଗୁଡ଼ିଆ ପରିବେଶ ବିକାଶ ସମିତି (ଇଡିସି)' କୁ ରାଜ୍ୟ ସ୍ତରୀୟ ମୁଖ୍ୟମନ୍ତ୍ରୀ ପୁରସ୍କାର ସ୍ୱରୂପ ୨ ଲକ୍ଷ ଟଙ୍କା ଲେଖାଏଁ ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଛି।

### ୧୦କିମି ଚାଲି ଚାଲି...

ପହଞ୍ଚିଥିଲେ ,ବିଧାୟକ ଜାଣି ଶୁଣି ଦେଖା ନ ଦେବାରୁ ବିଧାୟକ ହାଏ ହାଏ , ସନାତନ ବିଜୁଳି ଛି ଛି , ବିଧାୟକ ତମେ ଲୁଚିଗଲ ଆଦି ନାରା ଦେଇ ଫେରିଆସିଲେ। ବିଧାୟକ ଙ୍କ ଏଭଳି କାର୍ଯ୍ୟ ପାଇଁ ସାଧାରଣରେ ନିନ୍ଦା ପ୍ରକାଶ କରିଛନ୍ତି।




**OFFICE OF THE PANCHAYAT SAMITI: SEMILIGUDA**
**DISTRICT: KORAPUT (ODISHA)**
No.: **1261/2026,** Date: **04/07/2026**
19001/138/2627

**NOTICE INVITING TENDER**

(e-Procurement Notice No. PS/SMG-01/2026-27)

The **Block Development Officer, Panchayat Samiti, Semiliguda, District-Koraput, Pin-764036 (Odisha)** on behalf of the **Governor of Odisha** invites **Percentage Rate Bids** in **Double Cover System** through the electronic tendering system from eligible class contractors for execution of **11 (Eleven) Nos. of Civil Works (Buildings)** under Panchayat Samiti, Semiliguda, District-Koraput (Odisha). The detailed information is available in the e-Procurement portal/website: https://www.tendersodisha.gov.in
**Last date for receipt of online bid: 20.07.2026 (up to 05:30 P.M.)**

OIPR-19001/19066/1/26-27/0001 — Sd/- Block Development Officer, Semiliguda

ରେଜିଷ୍ଟ୍ରି ସଂ. ଡି.ଏଲ. ୩୩୦୦୪/୯୯ — Regd. No. D.L. 33004/99
24001/266/2627

**भारत का राजपत्र**
**The Gazette of India**

ସି.ଜି.-ଡି.ଏଲ.-ଅ.-17062026-273545
CG-DL-E-17062026-273545
ଅସାଧାରଣ
(EXTRAORDINARY)
ଭାଗ ୨ - ଖଣ୍ଡ ୩ - ଉପ-ଖଣ୍ଡ (ii)
PART II-Section 3-Sub-section (ii)
ପ୍ରାଧିକାରୀଙ୍କ ଦ୍ୱାରା ପ୍ରକାଶିତ
PUBLISHED BY AUTHORITY

ସଂ.୨୯୭୭] ନୂଆ ଦିଲ୍ଲୀ, ସୋମବାର, ଜୁନ୍ ୧୫, ୨୦୨୬ / ଜ୍ୟେଷ୍ଠ ୨୫, ୧୯୪୮
No.୨୯୭୭] NEW DELHI, MONDAY, JUNE 15, 2026 / JYAISHTA 25, 1948

**ସଡକ ପରିବହନ ଏବଂ ରାଜମାର୍ଗ ମନ୍ତ୍ରଣାଳୟ**
**ଅଧିସୂଚନା**
**ନୂଆ ଦିଲ୍ଲୀ, ୧୨ ଜୁନ୍ ୨୦୨୬**

ଏସ୍.ଓ. ୩୦୮୭ (ଇ) - ଜାତୀୟ ରାଜପଥ ଆଇନ, ୧୯୫୬ (୧୯୫୬ର ୪୮) (ଏଠାରେ ଉକ୍ତ ଆଇନ ଭାବରେ ଉଲ୍ଲେଖିତ)ର ଧାରା ୩କ ର ଉପ-ଧାରା (୧) ଅନ୍ତର୍ଗତ ପ୍ରକାଶିତ ଭାରତ ସରକାରଙ୍କ ସଡ଼କ ପରିବହନ ଏବଂ ରାଜପଥ ମନ୍ତ୍ରଣାଳୟର ବିଜ୍ଞପ୍ତି, ଏସ୍.ଓ. ୧୩୫୭ (ଇ) ତାରିଖ: ୧୬ ମାର୍ଚ୍ଚ ୨୦୨୬ ରେ ପ୍ରକାଶିତ, ଅସାଧାରଣ, ଭାଗ ୨, ଧାରା ୩, ଉପ-ଧାରା (ii) ଅନୁଯାୟୀ, କେନ୍ଦ୍ର ସରକାର ଉକ୍ତ ବିଜ୍ଞପ୍ତି ସହିତ ସଂଲଗ୍ନ ସୂଚୀରେ ନିର୍ଦ୍ଦିଷ୍ଟ ଜମି ଅଧିଗ୍ରହଣ କରିବାକୁ ଏହାର ଉଦ୍ଦେଶ୍ୟ ଘୋଷଣା କରିଛନ୍ତି । NH20 ର ନିର୍ମାଣ (ପ୍ରଶସ୍ତୀକରଣ /ଚାରି-ଲେନ୍ କରିବା, ଇତ୍ୟାଦି), ରକ୍ଷଣାବେକ୍ଷଣ, ପରିଚାଳନା ଏବଂ ପରିଚାଳନା ପାଇଁ କିଲୋମିଟର ୦ ରୁ ୪୯.୨ କିଲୋମିଟର ପର୍ଯ୍ୟନ୍ତ ଜମିରେ | ODISHA ରାଜ୍ୟର ଯାଜପୁର ଜିଲ୍ଲାର ବିଚିତ୍ରପୁର-୧୯୬, କୁସୁନପୁର-୮୧, ମିର୍ଜାପୁର-୧୮୦ ତାଲୁକ ଯାଜପୁର ଏବଂ ବରାଂଶ -୯୬, କୁଆଖିଆ-୯୮, ସାରଙ୍ଗପୁର-୯୭ ତାଲୁକ- ରସୁଲପୁର ଏବଂ ଧନୀପୁର-୪୦, ବିରଜାପୁର-୨୬୦, ବୋଉଳାଙ୍ଗ -୫୯, କନିକାପଡ଼ା-୩୬୦, ଖାନ ନଗର-୯୫, ତଲିଛା-୨୭୮, ତେନ୍ତୁଳିଦିଅ-୫୮ ଉଦୟପୁର-୧୨ ତାଲୁକ- ଦଶରଥପୁର ।

ଏବଂ ଯେହେତୁ ଉକ୍ତ ବିଜ୍ଞପ୍ତିର ସାରାଂଶ "ଦି ଟାଇମ୍ସ ଅଫ୍ ଇଣ୍ଡିଆ" ତାରିଖରେ ୧୪/୦୪/୨୦୨୬ ରେ ପ୍ରକାଶିତ ହୋଇଛି, ଉକ୍ତ ଆଇନର ଧାରା ୩କ ର ଉପ-ଧାରା (୩) ଅନ୍ତର୍ଗତ "ନିତିଦିନ" ତାରିଖ ୧୪/୦୪/୨୦୨୬

ଏବଂ ଦକ୍ଷ ପ୍ରାଧିକରଣ ଧାରା 3-C ଅନୁଯାୟୀ ଦାଖଲ ହୋଇଥିବା ଆପତ୍ତିଗୁଡ଼ିକୁ ଗ୍ରହଣ କରି ଉପଯୁକ୍ତ ଭାବରେ ବିଚାର ଏବଂ ସମାଧାନ କରିଛନ୍ତି;

ଏବଂ ଦକ୍ଷ ପ୍ରାକରଣ ଉକ୍ତ ଆଇନର ଧାରା 3D ର ଉପ-ଧାରା (1) ଅନୁଯାୟୀ, ଦକ୍ଷ ପ୍ରାକରଣ କେନ୍ଦ୍ର ସରକାରଙ୍କୁ ତାଙ୍କର ରିପୋର୍ଟ ପ୍ରଦାନ କରିଛନ୍ତି;

ତେଣୁ, ବର୍ତ୍ତମାନ ଦକ୍ଷ ପ୍ରାକରଣଙ୍କ ଉକ୍ତ ରିପୋର୍ଟ ପ୍ରାପ୍ତ ହେବା ପରେ ଏବଂ ଦକ୍ଷ ପ୍ରାକରଣ ଧାରା 3D ର ଉପ-ଧାରା (1) ଦ୍ୱାରା ପ୍ରଦାନ କରାଯାଇଥିବା କ୍ଷମତା ବ୍ୟବହାର କରି, କେନ୍ଦ୍ର ସରକାର ଏହା ଦ୍ୱାରା ଘୋଷଣା କରୁଛନ୍ତି ଯେ ଉକ୍ତ ସୂଚୀରେ ନିର୍ଦ୍ଦିଷ୍ଟ ଜମି ଉପରୋକ୍ତ ଉଦ୍ଦେଶ୍ୟ ପାଇଁ ଅଧିଗ୍ରହଣ କରାଯିବା ଉଚିତ;

ଏବଂ ଏହା ସହିତ, ଦକ୍ଷ ପ୍ରାକରଣ ଧାରା 3D ର ଉପ-ଧାରା (2) ଅନୁଯାୟୀ, କେନ୍ଦ୍ର ସରକାର ଏହାଦ୍ୱାରା ଘୋଷଣା କରୁଛନ୍ତି ଯେ ସରକାରୀ ଗେଜେଟରେ ଏହି ବିଜ୍ଞପ୍ତି ପ୍ରକାଶନ ପରେ, ଉକ୍ତ ସୂଚୀରେ ନିର୍ଦ୍ଦିଷ୍ଟ ଜମି ସମ୍ପୂର୍ଣ୍ଣ ଭାବରେ କେନ୍ଦ୍ର ସରକାରଙ୍କ ଅଧୀନରେ ରହିବ, ସମସ୍ତ ଭାରରୁ ମୁକ୍ତ ।

ଯେହେତୁ ପ୍ରୋକ୍ତ ଆଇନ ର ଧାରା ୩ (G) ଉପଧାରା ୧, ୨, ୩, ୪ ଅନୁସାରେ ଅଧିଗ୍ରହଣ ନିମନ୍ତେ ସ୍ଥିରିକୃତ ହୋଇଥିବା ତଫସିଲ ଭୁକ୍ତ ଅନୁସୂଚୀ ନିର୍ମିତ ସମ୍ଭାବନ ବ୍ୟକ୍ତି, ଭୂମି ମାଲିକ, ସ୍ୱାର୍ଥ ଥିବା ବ୍ୟକ୍ତି ମାନଙ୍କୁ ଜଣାଇଦିଆଯାଉଅଛି ଯେ ସେମାନେ ଆବଶ୍ୟକୀୟ ସମସ୍ତ କାଗଜାତ ସହ (ବିକ୍ରି କବଲା, ଭାଗବଟରା, ଦାଖଲ ଖାରଜ, ଖଜଣା ପାଉତି ଓ କିସମ ପରିବର୍ତ୍ତନ) ନିଜେ କିମ୍ବା ନିଜର ବିଧାପୂର୍ବକ କ୍ଷମତାପ୍ରାପ୍ତ ବ୍ୟକ୍ତି ମାନଙ୍କ ଦ୍ୱାରା ଉପସ୍ଥିତ ରହି ଦାବି ଉପସ୍ଥାପିତ କରିବେ, ନଚେତ ନିୟମ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ।

କାର୍ଯ୍ୟସୂଚୀ

କିମି. ୦ ରୁ ୪୯.୨ କିମି. ପର୍ଯ୍ୟନ୍ତ ଜମିର ବିସ୍ତାରରେ NH20 ପଡ଼ିଥିବା ଗଠନ ସହିତ କିମ୍ବା ବିନା ଅଗ୍ରହଣ ହେବାକୁ ଥିବା ଜମିର ସଂକ୍ଷିପ୍ତ ବର୍ଣ୍ଣନା । ଗାଁ (ଗୁଡିକ) ଯଥା- ବିଚିତ୍ରପୁର-196, କୁସୁନପୁର-81, ମିର୍ଜାପୁର-180 ତାଲୁକ-ଯାଜପୁର ଏବଂ ଗାଁରେ ଯଥା- ବରାଂଶ-96, କୁଆଖିଆ -98, ସାରଙ୍ଗପୁର -97 ତାଲୁକ-ରସୁଲପୁର ଏବଂ ଧନିପୁର -40, ବିରଜାପୁର -260, ବୋଉଳାଙ୍ଗ -୫୯, ଖାନନଗର-95, ତଲିହା-278, ତେନ୍ତୁଳିଡିଅ-58, ଉଦୟପୁର-12 ତାଲୁକ-ଦଶରଥପୁର, ଓଡିଶ, ଯାଜପୁର ।
4307 GI/2026

OIPR-24001/24395/3/26-27/0002
**L.A.O (Civil) & Competent Authority (NH-20 Cell) Collectorate, Jajpur**

---

**OFFICE OF THE MUNICIPAL COUNCIL, BHAWANIPATNA**
**DISTRICT – KALAHANDI, PIN – 766001**
**e-Procurement Notice**
**Bid Identification No. BPM/07/2026-27**
Bid Identification No.: **BPM/2542,** Date: **02/07/2026**
13001/1092/2627

The Executive Officer, on behalf of **Bhawanipatna Municipality**, invites tenders in **Single Cover System**. Bid documents consisting of the specification, Schedule of Quantities, and the set of terms and conditions of contract and other necessary documents can be seen on the Govt website: https://tendersodisha.gov.in

1. **Number of Civil Works: 17 (Seventeen) Numbers**
2. **Estimated Cost: ₹2.71 Lakhs to ₹16.94 Lakhs**
3. **Period of Completion: As per NIT**
4. **Date and time of availability of Bid Documents in the portal:** From **02:00 P.M. of 03.07.2026** to **05:00 P.M. of 18.07.2026**
5. **Last Date & Time for Receipt of Bids in the portal : 05:00 P.M. of 18.07.2026**
6. **Bids will be Opened on: 05:30 P.M. on 18.07.2026**
7. **Name and address of the Officer Inviting Bid: Executive Officer, Bhawanipatna Municipality**

**Executive Officer**
OIPR-13001/13100/1/26-27/0009 — **Bhawanipatna Municipality**

---

ବନଖଣ୍ଡ ଅଧିକାରୀ ତଥା ବନ୍ୟପ୍ରାଣୀ ତତ୍ତ୍ୱାବଧାରକଙ୍କ କାର୍ଯ୍ୟାଳୟ, ମାଲକାନଗିରି ବନଖଣ୍ଡ, ମାଲକାନଗିରି
**OFFICE OF THE DIVISIONAL FOREST OFFICER-CUM-WILDLIFE WARDEN**
**MALKANGIRI FOREST DIVISION, MALKANGIRI**
**E-mail:** dfo.malkangiri@odisha.gov.in
Bid Identification No. 01 DFO, MKG 01/2026-27
**Letter No.:** 118/1F, **Date:** 06.07.2026
8001/197/2627

**NOTICE INVITING TENDER**

| Sl. No. | Name of the Work | Procurement of Different Planting Materials for **Planting Season – 2026-27** |
|---|---|---|
| 1 | Estimated Cost | Depending upon funds availability |
| 2 | Period & Time of Completion | **15 days** from the date of issue of orders |
| 3 | Date & Time of Availability of Bid Documents in the Portal | **07.07.2026 to 17.07.2026** |
| 4 | Last Date & Time for Receipt of Bids in the Portal | **Up to 5.00 PM on 17.07.2026** |
| 5 | Date & Time of Bid Opening | **11.00 AM on 18.07.2026** |
| 6 | Name & Address of the Officer Inviting Bid officer inviting Bid | **Divisional Forest Officer, Malkangiri Forest Division** |

Others can see the details from the **Notice Inviting Tender** available on the website: https://malkangiri.odisha.gov.in, **Corrigendum if any**, shall only be published in the above website.

**Divisional Forest Officer**
OIPR-8001/8109/1/26-27/0002 — **Malkangiri Forest Division**

---

**OFFICE OF THE MUNICIPAL COUNCIL: RAYAGADA**
**DISTRICT – RAYAGADA, PIN CODE – 765001, ODISHA**
**E-mail ID:** rayagada.mud@od.gov.in, **Website:** www.rayagadamunicipality.in
**Phone:** 06856-235052
**Letter No.:** 3187, **Date:** 03.07.2026
13001/1096/2627

**REQUEST FOR PROPOSAL NOTICE**

Sealed bids in conformity with the detailed **Request for Proposal (RFP)** (in two bid system) are invited from experienced, financially sound Company / Trust / Society / NGO / Govt. Owned Entity / Individual / Proprietary Firm registered under relevant statute for the work detailed below.

| Sl. No. | Name of the Work | Contract Period | Cost of Bid Document | EMD |
|---|---|---|---|---|
| 1 | Door to door collection and transportation of Municipal Solid Waste from primary sources in Rayagada Municipal area through outsourcing Basics. | 03+01+01 Years | ₹10,000/- | ₹5,00,000/- |

The details of the bid and bid document can be downloaded from the Rayagada Municipality website https://rayagadamunicipality.in from **06.07.2026, 11.00 A.M. to 23.07.2026, 5.00 P.M.** The filled bid document will be received up to **05.00 P.M. of 24.07.2026** by Registered Post/Speed Post. The bid must accompany the cost of bid document and EMD of the required value as specified above in the shape of **Bank Draft/Demand Draft** in favour of **Executive Officer, Rayagada Municipality**, failing which the bid shall be outrightly rejected. The Technical Bid will be opened on **27.07.2026 at 11.00 A.M.** in the presence of the bidder or their authorized representatives only. The opening of the Price Bid will be intimated to the bidders qualifying in the Technical Bid.
The authority reserves the right to reject any or all bids without assigning any reason thereof.

**Executive Officer**
OIPR-13001/13150/1/26-27/0007 — **Rayagada Municipality**

---

ବିଜ୍ଞାପିତ ଅଞ୍ଚଳ ପରିଷଦ, କଣ୍ଟାବାଞ୍ଜି — 13001/1103/2627
**NOTIFIED AREA COUNCIL, KANTABANJI**
(Near Kantabanji CHC, At/Po – Kantabanji, Dist – Balangir (Odisha), PIN – 767039)
**E-mail ID:** nackantabanji@gmail.com
**Letter No.:** 1038, **Date:** 04.07.2026

**Expression of Interest (EOI) for Selection of Mission Shakti Groups for O&M of AAHAAR Kendra & Kitchen of Kantabanji NAC**

Kantabanji NAC invites **Expression of Interest (EOI)** in the prescribed formats (**Annexure-I, II & III**) in sealed cover from intending **Mission Shakti Groups** having the credibility and experience for **Operation & Maintenance (O&M) of AAHAAR Kendra with AAHAAR Kitchen** and overall management of the AAHAAR Centre, including cooking of meals and the entire responsibilities of the AAHAAR Programme to ensure better accountability towards the public. The applicants **must be under the jurisdiction of Kantabanji NAC only.**

| | | |
|---|---|---|
| 01 | Availability of EOI documents on website | **08.07.2026** |
| 02 | Last date & time of submission of EOI | **17.07.2026** |
| 03 | Date & time of opening of EOI | **21.07.2026** |
| 04 | For downloading the EOI documents and Terms & Conditions of assignment, Please visit the Balangir District Website | https://balangir.odisha.gov.in/ |

The authority reserves the right to reject any or all the EOIs without assigning any reason thereof. Any change, correction / corrigendum in respect the above shall be placed in **Balangir District Website**.

**Executive Officer**
OIPR-13001/13111/1/26-27/0004 — **NAC, Kantabanji**

---

**OFFICE OF THE PRINCIPAL**
**GANDHI MAHAVIDYALAYA, ROURKELA-04**
**No.:** 1057/GM, **Date:** 07.07.2026

**WALK IN INTERVIEW FOR GUEST FACULTY**

A walk-in interview is scheduled to be held on **14.07.2026 (Tuesday) at 11.00 A.M.** in the office of the undersigned for engagement of **Guest Faculties** for the session **2026-27** against vacancy of **Direct Payment (DP) post** & **Maternity Leave (ML)** as per the details noted below.

| Sl. No. | Post(s) | Minimum Qualification | Consolidated Remuneration |
|---|---|---|---|
| 1 | Guest Faculties in different subjects **(Hindi-01, Geology-01, Chemistry-01, Mathematics-01, Physics-01, Education-01, Commerce (DP-01 & ML-01))** | **55% or more marks** at the P.G. level and good academic career. Higher qualification such as **M.Phil / Ph.D. / Experience** will be an added advantage. | **Rs. 280/- per class,** subject to a maximum of **Rs. 14,000/- per month.** |

Interested candidates are requested to come with a **bio-data** along with original certificates and mark sheets along with self-attested photocopies and one photograph. **No TA/DA** shall be paid for attending the interview. The authority reserves the right to cancel the selection process or engagement in whole or part, or the appointment process at any stage without assigning any reason thereof and have the right to fill up / not to fill up the posts as advertised.

**Principal**
**Gandhi Mahavidyalaya, Rourkela-04**

---

ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ କ୍ଷୁଦ୍ର ଜଳସେଚନ ବିଭାଜନ, ଆନନ୍ଦପୁର
**OFFICE OF THE SUPERINTENDING ENGINEER,**
**M.I. DIVISION, ANANDAPUR**
AT/P.O.: Salapada, Dist: Keonjhar, Pin Code – 758020
E-mail ID: mianandapur@yahoo.co.in, eemidanandapur@gmail.com
**e-Procurement Notice**
**Bid Identification No. 08 / MIDA / 2026-27**
E-mail ID: mianandapur@yahoo.co.in
No.: 1650, Date: 03.07.2026
32001/506/2627

The Superintending Engineer, Minor Irrigation Division, Anandapur on behalf of the Governor of Odisha invites online percentage rate tender through **"e" procurement** for the works as detailed in the Annexure to this bid notice.

| | |
|---|---|
| **Name of the Work** | Construction of 04 nos of Check Dams under MATY scheme |
| **No. of Works** | 04 Nos only |
| **Estimated Cost** | **₹54.81 lakh to ₹71.32 lakh** (Approximately) |
| **Cost of Tender Paper** | **₹10,000/-** (Non-refundable) |
| **Period of Completion** | **6 (Six) Calendar Months** |
| **Availability of Bid Documents for sale and receipt through on-line** | From **10.07.2026, 10.00 A.M.** to **23.07.2026 up to 5.00 P.M.** |
| **Last Date & Time of Receipt of Bids in the Portal** | **23.07.2026 (5.30 P.M.)** |
| **Date of Technical Bid Opening through on-line** | **23.07.2026 at 5.30 P.M.** in the Office of the **S.E., M.I. Division, Anandapur** |
| **Mode of Payment of Bid Cost** | Online |
| **Digital Signature Certificate of bidder:** | The bidder must possess compatible Digital Signature Certificate (DSC). |
| The detailed tender call notice can also be seen on the **DOWR website:** http://dowrorissa.gov.in | |
| **Name & Address of the OIT** | **Superintending Engineer,** Minor Irrigation Division, Anandapur, At/P.O.: Anandapur, District: Keonjhar, **Email ID:** mianandapur@yahoo.co.in |
| Further details can be seen from the **e-Procurement Market Place:** http://tendersodisha.gov.in | |

**Superintending Engineer**
OIPR-32001/32108/1/26-27/0002 — **M.I. Division, Anandapur**



## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। କ୍ରୋଧ ଉପରେ ନିୟନ୍ତ୍ରଣ ରଖିବା ଭଲ। ଆର୍ଥିକ ସମସ୍ୟା ଦେଖାଦେଇ ପାରେ । ବୈବାହିକ ଜୀବନ ସୁଖମୟ ହେବ।

**ବୃଷ:** କୌଣସି ବି ପରିସ୍ଥିତିରେ ହାର୍ ମାନନ୍ତୁନି। କଠିନ ପରିଶ୍ରମ କରି ସଫଳ ହୋଇପାରନ୍ତି। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ବିଦ୍ୟାର୍ଥୀମାନେ ଖେଳକୁଦରେ ଅଧିକ ସମୟ ବିତାଇବେ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିପାରନ୍ତି। ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ। ପାରିବାରିକ ସୁଖ ଶାନ୍ତି ମିଳିବ। ଯାନବାହନ କ୍ରୟ କରିପାରନ୍ତି। ଚକ୍ଷୁ ସମସ୍ୟା ହୋଇପାରେ।

**କର୍କଟ:** ଆଇଟି ଚାକିରିଆଙ୍କ ପାଇଁ ଦିନଟି ଭଲ। ଦିନଟି ମଜାମସ୍ତିରେ ଅତିବାହିତ ହେବ। ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ବିଦ୍ୟାର୍ଥୀମାନେ କୃତକାର୍ଯ୍ୟ ହୋଇପାରନ୍ତି।

**ସିଂହ:** ଦିନଟି ଶୁଭଫଳ ପ୍ରଦାନ କରିବ। ଅଚାନକ ଧନପ୍ରାପ୍ତି ଯୋଗ ରହିଛି। ମହିଳାମାନେ ସନ୍ତାନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତିତ ରହିପାରନ୍ତି। ଅତିଥି ସତ୍କାର କରିପାରନ୍ତି। ମାନ ସମ୍ମାନ ବୃଦ୍ଧି ପାଇବ।

**କନ୍ୟା:** ଦିନଟି ବ୍ୟସ୍ତରେ ବିତିବ। ଜମି କିଣାବିକା ପାଇଁ ଭଲ ସମୟ। ଆୟ ଅନୁସାରେ ବ୍ୟୟ କମ୍ ହେବ। ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ।

**ତୁଳା:** ଯୋଜନା ଅନୁଯାୟୀ କାମ କରିବେ। ଅକସ୍ମାତ ଖୁସି ଖବର ମିଳିପାରେ। ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ଧାର୍ମିକ କାର୍ଯ୍ୟ ପ୍ରତି ମନ ବଳାଇବେ।

**ବିଛା:** ପାରିବାରିକ ସମସ୍ୟା ଲାଗି ରହିବ। କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ। ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ। ଜୀବନସାଥିଙ୍କ ସହ ଭ୍ରମଣ ଯୋଗ ରହିଛି।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି। ଆଣ୍ଠୁଗଣ୍ଠି ସମସ୍ୟା ଭୋଗିପାରନ୍ତି। ନୂତନ ବ୍ୟବସାୟ ଆରମ୍ଭ କରିପାରିବେ। ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। ମହିଳାମାନେ ଧର୍ମପରାୟଣା ହେବେ।

**ମକର:** ଆଜି ଦିନଟି ମିଶ୍ରିତ ଫଳ ପ୍ରଦାନ କରିବ। ଉଧାର ଦେଇଥିବା ଟଙ୍କା ଫେରି ପାଇବେ। ପରିବାର ସହିତ କିଛି ସମୟ ବିତାନ୍ତୁ। ମହିଳାମାନେ ଅଳଙ୍କାର କିଣାକିଣିରେ ସମୟ ଦେବେ।

**କୁମ୍ଭ:** ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁନି। ପିତାଙ୍କ ସ୍ୱାସ୍ଥ୍ୟସମସ୍ୟା ଚିନ୍ତିତ କରିପାରେ । ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ। ଆଶା କରିଥିବାରୁ ଦିଗରୁ ନିରାଶ ହୋଇପାରନ୍ତି।

**ମୀନ:** ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ। ବୈବାହିକ ଜୀବନ ସୁଖମୟ ହେବ। ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ। କୋର୍ଟ କଚେରୀ ମାମଲାର ଶୁଣାଣି ହୋଇପାରେ।

## ଆଜିର ଇତିହାସ

- ୧୮୮୯- ଆମେରିକୀୟ ଖବରକାଗଜ 'ଦ ୱାଲ ଷ୍ଟ୍ରିଟ୍ ଜର୍ଣ୍ଣାଲ' ପ୍ରକାଶିତ।
- ୧୯୧୪- ପଶ୍ଚିମବଙ୍ଗର ମୁଖ୍ୟମନ୍ତ୍ରୀ ଜ୍ୟୋତି ବସୁଙ୍କ ଜନ୍ମ।
- ୧୯୪୮- ଆମେରିକା ବାୟୁସେନାରେ ମହିଳାଙ୍କ ଭର୍ତ୍ତି ଆରମ୍ଭ।
- ୧୯୫୪- ପ୍ରଧାନମନ୍ତ୍ରୀ ଜବାହରଲାଲ ନେହରୁଙ୍କ ଦ୍ୱାରା ପଞ୍ଜାବରେ ଭାକ୍ରା ନଙ୍ଗଲ ଜଳ ବିଦ୍ୟୁତ୍ ପରିଯୋଜନା ଆରମ୍ଭ।
- ୨୦୦୩- ସୁଦାନରେ ହୋଇଥିବା ବିମାନ ଦୁର୍ଘଟଣାରେ ୧୧୫ ଲୋକଙ୍କ ପ୍ରାଣହାନି।



## 'ରାମାୟଣ' ଅଙ୍ଗଦ ଭୂମିକାରେ ଜାହିଦ୍

ବଲିଉଡ୍ ଅଭିନେତା ରଣବୀର କପୁରଙ୍କ ଅଭିନୀତ ଫିଲ୍ମ 'ରାମାୟଣ'ଙ୍କୁ ନେଇ ନିତିଦିନ ଖବର ଆସୁଛି। ଚଳଚ୍ଚିତ୍ରର କଳାକାର ଚୟନଠାରୁ ଆରମ୍ଭ କରି ଭିଏଫ୍ଏକ୍ସ, ସୁଟିଂକୁ ନେଇ ନିତିଦିନ ନୂଆ ନୂଆ କଥା ସାମ୍ନାକୁ ଆସୁଛି। ଏହି ଫିଲ୍ମ ପାଇଁ ସାରା ଦେଶରୁ କଳାକାରଙ୍କ ଚୟନ କରାଯାଉଛି। ଏହା ଦୁଇଟି ପାର୍ଟରେ ରିଲିଜ୍ ହେବ। ଏହାର ପ୍ରଥମ ପାର୍ଟ ଆସନ୍ତା ଦୀପାବଳି ଅବସରରେ ରିଲିଜ୍ ହେବ। ଏହାର ପ୍ରଥମ ଭାଗର କାମ ସରିଯାଇଥିବାରୁ, କାଷ୍ଟିଂ ନିର୍ଦ୍ଦେଶକ ମୁକେଶ ଛାବଡ଼ା ଏବେ ଏହାର ଦ୍ୱିତୀୟ ଭାଗ ପାଇଁ କଳାକାର ଚୟନ ଆରମ୍ଭ କରି ଦେଇଛନ୍ତି। ମୁକେଶ ଏବେ ଅଙ୍ଗଦ ଚରିତ୍ରରେ ଅଭିନୟ କରିବା ପାଇଁ ଅଭିନେତା ଜାହିଦ୍ ଖାନଙ୍କୁ ବାଛିଥିବା ଜଣାପଡ଼ିଛି। ଜାହିଦ୍ଙ୍କୁ ଏହି ଭୂମିକା କଙ୍ଗନା ରାଣାୱତଙ୍କ ଫିଲ୍ମ 'ଭାରତ ଭାଗ୍ୟ ବିଧାତା'ରେ କାମ କରିବା ପରେ ହିଁ ମିଳିଛି। ସେହି ଫିଲ୍ମରେ ଜାହିଦ୍ ୨୬/୧୧ ମୁମ୍ବାଇ ଆକ୍ରମଣର ଆତଙ୍କବାଦୀ ଅଜମଲ କସାବ ଭୂମିକାରେ ଅଭିନୟ କରିଥିଲେ। ଜାହିଦ୍ ଏହା ପୂର୍ବରୁ 'ଗ୍ୟାରହ ଗ୍ୟାରହ' ସିରିଜ୍‌ରେ ମଧ୍ୟ ନଜର ଆସିଥିଲେ। 'ଭାରତ ଭାଗ୍ୟ ବିଧାତା' ଫିଲ୍ମଟି ଚାଲିଲା ନାହିଁ ସତ, ହେଲେ ତାଙ୍କ ଅଭିନୟକୁ ଦର୍ଶକେ ବେଶ୍ ପସନ୍ଦ କରିଥିଲେ। ଏହାପରେ ହିଁ ତାଙ୍କୁ 'ରାମାୟଣ' ପାଇଁ ଅଫର୍ ମିଳିଛି।

## ଗୋଟିଏ ଛାତ ତଳେ ଛଅ ପିଢ଼ି



ଆଧୁନିକ ଯୁଗରେ ଚାକିରି, ସହରୀକରଣ ଏବଂ ବ୍ୟକ୍ତିଗତ ସ୍ୱାଧୀନତା ଚିନ୍ତାଧାରା ଯୋଗୁଁ ଯୌଥ ପରିବାର କମିବାରେ ଲାଗିଛି। ଉନ୍ନତ ଜୀବନଶୈଳୀ ଏବଂ ରୋଜଗାର ଆଶାରେ ଲୋକେ ଗାଁ ଛାଡ଼ି ଏବେ ସହର ମୁହାଁ, ଯାହାଫଳରେ ଗୋଟିଏ ଛାତ ତଳେ ଏକାଠି ରହିବା ସମ୍ଭବ ହେଉ ନାହିଁ। ଆଧୁନିକ ମଣିଷ ନିଜର ଗୋଟିଏ ସୀମିତ ସଂସାର ବା ଏକକ ପରିବାର ଗଢ଼ିବାକୁ ଅଧିକ ପସନ୍ଦ କରୁଛି। ହେଲେ ଏହାରି ଭିତରେ ଆନ୍ଧ୍ରପ୍ରଦେଶ କର୍ଲାପଲ୍ଲି ଗାଁରେ ଗୋଟିଏ ଛାତ ତଳେ ୮୩ ରୁ ଅଧିକ ସଦସ୍ୟ ଏକାଠି ରହୁଥିବା ଘଟଣା ଏବେ ସଭିଙ୍କ ଦୃଷ୍ଟି ଆକର୍ଷଣ କରିଛି। ଏହି ପରିବାରର ଲୋକେ ଛଅ ପିଢ଼ି ଧରି ଗୋଟିଏ ଛାତ ତଳେ ରହି ଭାରତୀୟ ପରମ୍ପରାକୁ ବଜାୟ ରଖିଛନ୍ତି। ହନୁମନ୍ତରାୟୁଡୁ ଏବଂ ମୁଥ୍ୟାଲପ୍ପାଙ୍କ ପରିବାରରେ ଛଅଜଣ ଶାଶୁ, ୧୪ ବୋହୁ ଏବଂ ୨୦ ପିଲା ଅଛନ୍ତି। ଘରର ସମସ୍ତ ସଦସ୍ୟ ଏକାଠି ଖିଆପିଆ କରିବା ସହିତ ଆର୍ଥିକ ସହାୟତା ଠୁ ନେଇ ଘରର ପ୍ରତ୍ୟେକ ଛୋଟ ବଡ଼ ଦାୟିତ୍ୱକୁ ମିଳିମିଶି ତୁଲାନ୍ତି। ସେହିପରି ପ୍ରତିଦିନ ସକାଳୁ ବୟସ୍କମାନେ ଏକାଠି କଫି ପିଇ ପୂରା ଦିନର କାର୍ଯ୍ୟସୂଚୀ ଉପରେ ଆଲୋଚନା କରନ୍ତି। ଦିନରେ କ'ଣ ରୋଷେଇ ବାସ ହେବ, ଚାଷ କାର୍ଯ୍ୟ ଠୁ ନେଇ ଘର କାର୍ଯ୍ୟ କିଏ କ'ଣ ସମ୍ଭାଳିବେ ତାହା ଧାର୍ଯ୍ୟ କରି ସମସ୍ତଙ୍କୁ ଦାୟିତ୍ୱ ବାଣ୍ଟିଥାନ୍ତି। ପ୍ରତ୍ୟେକ କାର୍ଯ୍ୟ ବୟସ୍କମାନଙ୍କ ତତ୍ତ୍ୱାବଧାନରେ ଯୋଜନା ଅନୁଯାୟୀ, କରାଯାଉଥିବାରୁ ପରିବାରଟି ସୁରୁଖୁରୁରେ ଚାଲିଛି। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ପରିବାର ଲୋକଙ୍କ ପାଇଁ ପ୍ରସ୍ତୁତ ହେଉଥିବା ଖାଦ୍ୟ ଗୋଟିଏ ରୋଷେଇ ଘରେ ତିଆରି କରାଯାଏ। ବୟସ୍କମାନେ ଘର ପାଇଁ ରାସନ ଏବଂ ଅନ୍ୟାନ୍ୟ ଜରୁରି ସାମଗ୍ରୀ କିଣିବା କାମ କରନ୍ତି। ଘରର ବୋହୂମାନେ ଏକାଠି ମିଳିମିଶି ସମସ୍ତଙ୍କ ପାଇଁ ରୋଷେଇ କରନ୍ତି। ତେଣୁ ମିଳିମିଶି ସମସ୍ତ କାମ ସୁରୁଖୁରୁରେ ହୋଇଯାଉଥିବାରୁ ଏହା ପରିବାରରେ ସମନ୍ୱୟ ରଖିବାରେ ସାହାଯ୍ୟ କରିଛି। କେବଳ ସେତିକି ନୁହେଁ, ଏହି ପରିବାର ମୁଖ୍ୟତଃ ଚାଷ କାର୍ଯ୍ୟ ଉପରେ ନିର୍ଭର କରି ନିଜର ଗୁଜୁରାଣ ମେଣ୍ଟାନ୍ତି। ପ୍ରାୟ ୧୨୦ ଏକର ଜମିରେ ଚାଷ କାର୍ଯ୍ୟ ହେଉଥିବାବେଳେ ବିଭିନ୍ନ ଋତୁରେ ବ୍ୟବସାୟିକ ଭିତ୍ତିରେ ପନିପରିବା, ଶସ୍ୟ ଆଦି ଚାଷ କରାଯାଏ। ଉତ୍ପାଦନ ଫସଲକୁ ବର୍ଷସାରା ଖାଇବା ଲାଗି ସାଇତି ରଖି ବାକି ଶସ୍ୟକୁ ବିକ୍ରିବଟା କରି ଘର ଚଳାଯାଏ। ତେବେ ଚାଷ କାମକୁ ବାଦ୍ ଦେଲେ, ଏହି ପରିବାର ପାଖରେ ଚାରୋଟି ବସ୍ ରହିଛି। ଯାହାକି କଲ୍ୟାଣଦୁର୍ଗମ ଏବଂ କର୍ଣ୍ଣାଟକର କିଛି ଅଂଶ ମଧ୍ୟରେ ଯାତାୟତ କରିଥାଏ। ବ୍ୟବସାୟରୁ ହେଉଥିବା ରୋଜଗାର ଅର୍ଥକୁ ଏକାଠି ବାଣ୍ଟିକୁଣ୍ଟି ପରିବାର ଚଳାଯାଏ। ଏହା ପରିବାରର ଆର୍ଥିକ ସ୍ଥିତିକୁ ସୁଦୃଢ଼ କରେ। ପରିବାରର ବୟସ୍କମାନେ କୁହନ୍ତି ଯେ, ପରିବାରରେ ସମସ୍ତେ ପରସ୍ପରକୁ ସାହାଯ୍ୟ କରନ୍ତି। ଏହା ଯୌଥ ପରିବାରରେ ପରସ୍ପର ପ୍ରତି ଥିବା ବିଶ୍ୱାସ, ଶୃଙ୍ଖଳା ଏବଂ ମିଳିତ ଦାୟିତ୍ୱ ପରମ୍ପରାକୁ ପିଢ଼ି ପରେ ପିଢ଼ି ଜୀବିତ ରଖିପାରିବ ବୋଲି ଅନ୍ୟମାନଙ୍କୁ ଏହା ପ୍ରେରଣା ଦେଇଛି।

## ୬୬ ବର୍ଷ ଧରି ବଦଳିନି ରନ୍ଧା ତେଲ



ସାଧାରଣରେ ଧାରଣା ଅଛି ରେସ୍ତୋରାଁ ତଥା ହୋଟେଲରେ ବ୍ୟବହାର କରାଯାଉଥିବା ତେଲକୁ ବାରମ୍ବାର ବ୍ୟବହାର କରାଯାଏ। ଏହି ପରିପ୍ରେକ୍ଷୀରେ ଜାପାନ ଶିଜୁଓକାରେ ଥିବା ଫ୍ରାଏଡ୍ ଚିକେନ ରେସ୍ତୋରାଁ ୱାକାଟୋରିରେ ୬୬ ବର୍ଷ ଧରି ରନ୍ଧା ତେଲକୁ ଆଦୌ ବଦଳା ଯାଇନାହିଁ। ଏହି ରେସ୍ତୋରାଁକୁ ଜାପାନ ଫ୍ରାଏଡ୍ ଚିକେନ ଗ୍ରାଣ୍ଡ ପ୍ରିକ୍ସରେ ଗୋଲ୍ଡ ମେଡାଲ ମିଳିଛି। ଏହାର ମାଲିକ କହିଛନ୍ତି ଯେ, "ରେସ୍ତୋରାଁର ସଫଳତାର ରହସ୍ୟ ଏକ ଗୁପ୍ତ ଜିନିଷରେ ରହିଛି। ୧୯୬୦ ମସିହାରେ ଦୋକାନ ପ୍ରତିଷ୍ଠା ହେବାପରେ ଛଣା ଯାଇଥିବା ତେଲକୁ କେବେ ବି ଫିଙ୍ଗା ଯାଇ ନାହିଁ। ଆମେ ସେହି ତେଲରେ ଏଯାବତ୍ ଛାଣି ଆସୁଛୁ।" ଏହି ରେସ୍ତୋରାଁର ତୃତୀୟ ପିଢ଼ିର ମାଲିକ ୟୋଶିହିରୋ ସୁଚିୟା ଖୋଲାଖୋଲି ଭାବେ ସ୍ୱୀକାର କରିଛନ୍ତି ଯେ, "ବର୍ଷ ବର୍ଷ ଧରି ପୁନଃବ୍ୟବହାର କରାଯାଉଥିବା ତେଲ ହିଁ ତାଙ୍କ ରେସ୍ତୋରାଁର ସ୍ୱାଦିଷ୍ଟ ଫ୍ରାଏଡ୍ ଚିକେନର ରହସ୍ୟ। ପୁରୁଣା ତେଲରେ ଫ୍ରାଏଡ୍ ଚିକେନରେ ଏମିତି ଏକ ସୁଗନ୍ଧ ଏବଂ ସ୍ୱାଦ ମିଳେ, ଯାହାକୁ ନୂଆ ତେଲରେ ତିଆରି କରାଯାଇପାରିବ ନାହିଁ। ଏହା ହିଁ ରେସ୍ତୋରାଁକୁ ଆଗକୁ ନେବାରେ ସାହାଯ୍ୟ କରିଛି।" ତେବେ ତାଙ୍କର ଏହି ଦାବି ଏବେ ହଇଚଇ ସୃଷ୍ଟି କରିଛି। ୬୬ ବର୍ଷ ପୁରୁଣା ତେଲରେ ଚିକେନ୍ ଛାଣି ଲୋକଙ୍କ ଜୀବନ ବିପଦରେ ପକାଉଥିବା ଅନେକ ଲୋକ ଅଭିଯୋଗ ଆଣିଛନ୍ତି। ଅବଶ୍ୟ ଏହି ରେସ୍ତୋରାଁ ତେଲର ଶୁଦ୍ଧତାକୁ ନେଇ ସ୍ପଷ୍ଟୀକରଣ ରଖିଛି। ପ୍ରତିଦିନ ରାତିରେ ରେସ୍ତୋରାଁ କର୍ମଚାରୀ ତେଲରୁ ମାଂସ ଖଣ୍ଡ ଏବଂ ପୋଡ଼ା ଅଂଶକୁ ଛାଣି ରଖନ୍ତି। ତେବେ କେବଳ ଅଳ୍ପ ପରିମାଣରେ ସ୍ୱାଦ ଆଧାରରେ ପୁରୁଣା ତେଲ ରଖନ୍ତି ଏବଂ ସେହି ତେଲରେ ନୂଆ ତେଲ ମିଶାଯାଏ। ଏହିପରି ଭାବେ ୬୬ ବର୍ଷ ପୁରୁଣା ତେଲକୁ ସେମିତି ବ୍ୟବହାର କରାଯାଉ ନାହିଁ। କହିବାକୁ ଗଲେ ପୁରୁଣା ତେଲର ଅଣୁ ଏବେ ବି ୱାକାଟୋରି ତେଲ ମିଶ୍ରଣରେ ଅଛି। ଅପରପକ୍ଷରେ ଏହି ମାମଲାକୁ ନେଇ ଖାଦ୍ୟ ବିଶେଷଜ୍ଞ ଚେତାଇ ଦେଇଛନ୍ତି। ବାରମ୍ବାର ଛାଣିବା ତଥା ଭାଜିବା ଦ୍ୱାରା ତେଲରେ ଟ୍ରାନ୍ସ ଫ୍ୟାଟି ଏସିଡ୍ ଏବଂ ଆକ୍ରିଲାମାଇଡ୍ ଭଳି ହାନିକାରକ ଏବଂ କର୍କଟ ରୋଗ ସୃଷ୍ଟିକାରୀ ତତ୍ତ୍ୱ ସୃଷ୍ଟି ହୋଇଥାଏ। ଏପରିକି ଏହାକୁ ପ୍ରତିଦିନ ତାଜା ତେଲରେ ମିଶାଇଲେ ବି ଏହି ହାନିକାରକ ପଦାର୍ଥକୁ ସମ୍ପୂର୍ଣ୍ଣ ଭାବେ ରୋକାଯାଇପାରିବ ନାହିଁ।

# ସମ୍ଭାବନା



## ୪୦ ପରେ ଚାକିରି ଚାଲିଗଲେ...



**୪୦ ବର୍ଷ ବୟସରେ ଚାକିରି କେବଳ ରୋଜଗାରର ମାଧ୍ୟମ ନୁହେଁ, ବରଂ ପୂରା ପରିବାରର ଦାୟିତ୍ୱର ଆଧାର ହୋଇଥାଏ। ପିଲାଙ୍କ ପଢ଼ା, ଘରର ଇଏମ୍ଆଇ, ବୟସ୍କ ବାପାମାଆଙ୍କ ସ୍ୱାସ୍ଥ୍ୟ ଓ ବଢ଼ୁଥିବା ଖର୍ଚ୍ଚ ମଧ୍ୟରେ ଚାକିରି ଚାଲିଗଲେ କ'ଣ ହେବ, ଏକଥା ଭାବି ଅନେକ ମାନସିକ ଚିନ୍ତାରେ ରହିବା ଆରମ୍ଭ କରନ୍ତି। ତେଣୁ ଏହି ବୟସରେ ଚାକିରି ଯିବାର ଭୟ ସ୍ୱାଭାବିକ। ତେବେ ସଞ୍ଚୟ, ନୂଆ ଦକ୍ଷତା, ଅତିରିକ୍ତ ଆୟ ରୋଜଗାରର ଏହି ଭୟକୁ କିଭଳି କମ୍ କରେ, ସେ ସମ୍ପର୍କରେ ଜାଣିବା।**

- ଯଦି ପୂରା ଜୀବନ ମାସିକ ପାରିଶ୍ରମିକ ଉପରେ ନିର୍ଭରଶୀଳ, ତେବେ ୬ ମାସର ଜରୁକାଳୀନ ପରିସ୍ଥିତି ଲାଗି ଟଙ୍କା ସଞ୍ଚୟ ପୂର୍ବରୁ କରିବା ଉଚିତ। ଏଥିରେ ପିଲାଙ୍କ ଖର୍ଚ୍ଚ, ଇଏମ୍ଆଇ ଟଙ୍କା, ଅନ୍ୟ ଦରକାରୀ ଜିନିଷକୁ ସାମିଲ କରନ୍ତୁ। ଏଭଳି ଏକ କଷ୍ଟକର ପରିସ୍ଥିତିରେ ଏହି ଜରୁରିକାଳୀନ ଅର୍ଥ ବହୁ ପରିମାଣରେ ସାହାଯ୍ୟ କରେ।
- ବର୍ତ୍ତମାନ ଜବ୍ ମାର୍କେଟ୍ ଦ୍ରୁତ ଗତିରେ ବଦଳିବାରେ ଲାଗିଛି। ନୂଆ ଟେକ୍ନୋଲୋଜି, ଏଆଇ ଏବଂ କାମ କରିବା ଉପାୟ ଲଗାତାର ବଦଳୁଛି। ତେଣୁ ୪୦ ବର୍ଷ ବୟସରେ ସବୁ ଶିଖିଯାଇଥିବା ଭାବିବା ଭୁଲ। ଏପରି ଚିନ୍ତା ନ କରି ନିଜକୁ ଅପଡେଟ୍ ରଖନ୍ତୁ। ନିଜକ୍ଷେତ୍ର ସହିତ ଜଡ଼ିତ ନୂଆ କୌଶଳ ଶିକ୍ଷାଲାଭ କରିବା ଉଚିତ। ଏହା ଦ୍ୱାରା ନୂଆ ଚାକିରି ଖୋଜିବା ସହଜ ହୋଇପାରେ ଏବଂ ଆତ୍ମବିଶ୍ୱାସ ବୃଦ୍ଧି ପାଏ।
- ଯଦି ସମ୍ଭବ ରୋଜଗାରର ଆଉ ଏକ ବିକଳ୍ପ ପ୍ରସ୍ତୁତ କରିବା ଭଲ। କୌଣସି ବ୍ୟବସାୟ, ଫ୍ରିଲାନ୍ସିଂ, କନସଲଟିଂ, ଅନଲାଇନ୍ କାମରୁ ହେଉଥିବା ଅତିରିକ୍ତ ଆୟ କଠିନ ପରିସ୍ଥିତିରେ ସାହାଯ୍ୟ କରିପାରେ।
- ସେହିପରି ପୁରୁଣା ସାଥୀଙ୍କ ସହ ଯୋଗାଯୋଗରେ ରହିବା ଭଲ। ତା'ସହ ପ୍ରଫେସନାଲ ପ୍ଲାଟଫର୍ମରେ ନିଜର ଉପସ୍ଥିତି ବଜାୟ ରଖନ୍ତୁ। ଏହା ଦ୍ୱାରା ନୂତନ ଅବସର ମିଳିବା ଆଶଙ୍କା ରହିଥାଏ।
- ଚାକିରି ରହିବା ନ ରହିବା ଏହି କଥା କାହା ନିୟନ୍ତ୍ରଣରେ ନ ଥାଏ। ହେଲେ ଏହାର ପ୍ରସ୍ତୁତି ଜରୁରି ହୋଇପାରେ। ସଞ୍ଚୟ, ନୂଆ ସ୍କିଲ, ଉତ୍ତମ ପ୍ରଫେସନାଲ ସମ୍ପର୍କ ଥିଲେ ଆବଶ୍ୟକ ସ୍ଥଳେ ଆୟର ଆଉ ଏକ ମାର୍ଗ ଉନ୍ମୁକ୍ତ ହୋଇପାରିବ। ଏହାସହ ଚାକିରି ଯିବାର ଭୟ ଅନେକ ମାତ୍ରାରେ କମିଯିବ। ତେଣୁ ଚାକିରି ଯିବାର ଭୟକୁ ନେଇ ଚିନ୍ତାରେ ନ ରହି ପ୍ରତ୍ୟେକ ପରିସ୍ଥିତି ଲାଗି ନିଜକୁ ପ୍ରସ୍ତୁତ ରଖିବା ବୁଦ୍ଧିମାନ ଲୋକର କାମ।

## ଇନଭେଷ୍ଟମେଣ୍ଟ ବ୍ୟାଙ୍କିଂରେ କ୍ୟାରିୟର୍



**ଫାଇନାନ୍ସ ଏବଂ ବିଜନେସ୍ ସହ ଜଡ଼ିତ ଏମିତି କୋର୍ସ ଅଛି, ଯାହାକୁ କରିବା ଦ୍ୱାରା ଚାକିରି ମିଳିବା ସହଜ ହୋଇଥାଏ। ଏହି କୋର୍ସରୁ ଭଲ ପାରିଶ୍ରମିକ ମିଳିଥାଏ। ଫାଇନାନ୍ସ ଓ ବିଜନେସ୍ ପ୍ରତି ରୁଚି ଥିବା ଲୋକଙ୍କ ପାଇଁ ଇନଭେଷ୍ଟମେଣ୍ଟ ବ୍ୟାଙ୍କିଂ ଏକ ସୁନ୍ଦର କ୍ୟାରିୟର ବିକଳ୍ପ। ବିଦେଶରେ ଏହି ଚାକିରିର ଚାହିଦା ଅଧିକ। ଯୁକ୍ତ ଦୁଇ ପରେ ଏଥିରେ ସହଜରେ କ୍ୟାରିୟର କରି ହେବ।**

ଡିଗ୍ରୀ ବ୍ୟତୀତ ଏମିତି ବି ସ୍କିଲ୍ ଅଛି, ଯାହାକି ଇନଭେଷ୍ଟମେଣ୍ଟ ବ୍ୟାଙ୍କର୍ଙ୍କ ଲାଗି ଖୁବ୍ ଜରୁରି। ଇନଭେଷ୍ଟମେଣ୍ଟ ବ୍ୟାଙ୍କର ହେବା ଲାଗି କମ୍ୟୁନିକେସନ ଏବଂ ପ୍ରେଜେନଣ୍ଟେସନ ସ୍କିଲ୍ ଭଲ ହେବା ଦରକାର। ଲୋକ ଯେଭଳି କଥା ବୁଝିବେ, ସେହି କଳା ନିଜ ପାଖରେ ରହିବା ଦରକାର। ଏହାବାଦ୍ ସମସ୍ୟା ସମାଧାନ ଏବଂ ନିର୍ଣ୍ଣୟ ନେବା କ୍ଷମତା ଉନ୍ନତ ହେବା ଦରକାର। ନିଜେ ନେଇଥିବା ନିଷ୍ପତ୍ତି ଉପରେ ନିଜର ବିଶ୍ୱାସ ରହିବା ବହୁତ ଜରୁରି।

କୋର୍ସ ପୂରା କରିବା ପରେ ବ୍ୟାଙ୍କ, ମ୍ୟାନେଜମେଣ୍ଟ କମ୍ପାନି, ଫାଇନାନ୍ସିଆଲ କନସଲଟିଂ ଫାର୍ମ, ପ୍ରାଇଭେଟ୍ ଇକ୍ୟୁଟି କମ୍ପାନି ସହିତ ସାମିଲ ହୋଇ କାମ କରିପାରିବେ। ଥରେ ଏଥିରେ ଅଭିଜ୍ଞତା ହାସଲ କରିବା ପରେ ବଡ଼ କର୍ପୋରେଟ୍ କମ୍ପାନିରେ ବି ଆବେଦନ କରିପାରିବେ। ଏ କ୍ଷେତ୍ରରେ ୨ରୁ ୫ ବର୍ଷ ପର୍ଯ୍ୟନ୍ତ ଅଭିଜ୍ଞତା ଥିଲେ ୨୦ ଲକ୍ଷ ପ୍ୟାକେଜ ଦରମା ମିଳିପାରେ। ସେହିପରି ୧୦ ବର୍ଷରୁ ଅଧିକ ଅଭିଜ୍ଞତା ଥିଲେ ୪୦ରୁ କୋଟିଏ ଟଙ୍କା ବାର୍ଷିକ ପ୍ୟାକେଜ ମିଳିପାରେ। ପ୍ୟାକେଜ ବ୍ୟତୀତ କିଛି କମ୍ପାନି ଭଲ ପ୍ରଦର୍ଶନ କରୁଥିବା କର୍ମଚାରୀଙ୍କୁ ବୋନସ ବି ପ୍ରଦାନ କରେ।

## ବ୍ୟବହାରରୁ ଜଣାପଡ଼େ ପିଲାଙ୍କ ମିଛ



**ଅନେକ ସମୟରେ ଛାତ୍ରଛାତ୍ରୀ ନିଜ ବାପାମାଆ ତଥା ଶିକ୍ଷକ, ଶିକ୍ଷୟିତ୍ରୀଙ୍କୁ ମିଛ କହିବାକୁ ଚେଷ୍ଟା କରନ୍ତି। ତେବେ ପିଲା ସତ କି ମିଛ କହୁଛି ଜାଣିବା ବି ସହଜ ନୁହେଁ। ହେଲେ ସେମାନଙ୍କ ବ୍ୟବହାରରେ ଆସୁଥିବା ବାରମ୍ବାର କିଛି ପରିବର୍ତ୍ତନ ସେମାନଙ୍କ ମିଛକୁ ଧରା ପକାଇବାରେ ସାହାଯ୍ୟ କରେ।**

- ପିଲା ଯଦି ମିଛ କହୁଥାଏ, ତେବେ ସେମାନେ ଆଖିରେ ଆଖି ମିଶେଇ କଥା କହି ନ ଥାନ୍ତି। ବାରମ୍ବାର ଏଣେ ତେଣେ ଦେଖନ୍ତି। ଅସହଜ ଅନୁଭବ କରନ୍ତି। ସେମାନଙ୍କର ଏଭଳି ପରିବର୍ତ୍ତନ ଉପରେ ଧ୍ୟାନ ଦେବା ଜରୁରି।
- ସେହିପରି ଶିକ୍ଷକ କିମ୍ବା ଅଭିଭାବକଙ୍କ ସାଧାରଣ କଥାରେ ଯଦି ପିଲାଟିଏ ଲମ୍ବା ତଥା ଅଯଥା ସଫେଇ ଦେବା, ଛୋଟ କଥାରେ ରାଗିଯିବା ଏକପ୍ରକାର ସଙ୍କେତ। ଅନେକ ସମୟରେ ପିଲାଟିଏ ନିଜ କଥାକୁ ସତ ପ୍ରମାଣିତ କରିବା ଲାଗି ଆବଶ୍ୟକତାଠୁ ଅଧିକ କହିଥାଏ।
- ମିଛ କହିବା ବେଳେ ଅନେକ ପିଲାଙ୍କ ଶାରୀରିକ ଅଙ୍ଗଭଙ୍ଗୀରେ ବି ପରିବର୍ତ୍ତନ ଆସିଥାଏ।
- କଥା କହିବା ବେଳେ ବିଚଳିତ ତଥା ଭୟଭୀତ ହେବା ବି ମିଛ କହିବାର ଲକ୍ଷଣ ଭାବେ ଧରାଯାଏ।

## ଗୁଗଲ୍‌ର ନୂଆ ଆପ୍



ଗୁଗଲ ଲଗାତାର ବ୍ୟବହାରକାରୀଙ୍କ ଗୋପନୀୟତାକୁ ଦୃଷ୍ଟିରେ ରଖି ବିଭିନ୍ନ ସମୟରେ ନୂଆ ନୂଆ ଫିଚର୍‌କୁ ପରିଚିତ କରାଇଛି। ଏହି କ୍ରମରେ ଗୁଗଲ ଏକ ନୂଆ ଅପ୍‌କୁ ଖୁବ୍‌ଶୀଘ୍ର ବ୍ୟବହାରକାରୀଙ୍କ ପାଇଁ ପରିଚିତ କରାଇବ। ଏହା ମାଧ୍ୟମରେ ଲୋକେ ଏବେ ଡିଜିଟାଲ ସିଗନେଚରକୁ ଫୋନ୍‌ରେ ସେଭ୍ କରିପାରିବେ। ସେଥିପାଇଁ ଗୁଗଲ୍ ନୂଆ 'ସିଗ୍ନେଚର ଆପ୍'କୁ ପରିଚିତ କରାଇଛି। ବ୍ୟବହାରକାରୀଙ୍କ ସୁବିଧା ଲାଗି ଏହାକୁ ପ୍ରସ୍ତୁତ କରାଯାଉଛି। ଏହି ଆପ୍‌ର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ବ୍ୟବହାରକାରୀଙ୍କ ସୁରକ୍ଷା। ଏହି ଆପ୍ ଡିଜିଟାଲ ସିଗ୍ନେଚରକୁ ସେଭ୍ କରି ରଖିବ। ଏହାସହିତ ଅନେକ ଉପାୟରେ ନିଜର ସିଗ୍‌ନେଚରକୁ ପ୍ରସ୍ତୁତ କରିବାର ବିକଳ୍ପ ମିଳିବ। ଏହାସହିତ ନିଜର ନାଁ ଟାଇପ୍ କରି ଅଲଗା ଅଲଗା ଫଣ୍ଟ ଷ୍ଟାଇଲରେ ଡିଜିଟାଲ ସିଗ୍‌ନେଚର ପ୍ରସ୍ତୁତ କରିପାରିବେ। ଏହା ବ୍ୟତୀତ ଆପ୍‌ରେ ଅଲଗା ଅଲଗା ସିଗ୍‌ନେଚର ସେଭ୍ କରିବାର ବି ବିକଳ୍ପ ମିଳିବ। ଏହା ସାହାଯ୍ୟରେ ନିଜର ଆବଶ୍ୟକତା ଏବଂ ଅଲଗା ଅଲଗା ସ୍ଥାନରେ ସେହି ସିଗ୍‌ନେଚରକୁ ବ୍ୟବହାର କରି ହେବ। ଏହାକୁ ବ୍ୟବହାର କରିବା ଲାଗି ଆକ୍ଟିଭିଟି ଲଞ୍ଚର ଭଳି ଆପ୍‌ର ସାହାଯ୍ୟ ନେବାକୁ ହେବ। ଏବେ ସୁଦ୍ଧା ଏହି ଆପ୍ ସମ୍ପୂର୍ଣ୍ଣ ଭାବେ ପ୍ରସ୍ତୁତ ହୋଇ ନାହିଁ। ଏବେ କେବଳ ବ୍ୟବହାରକାରୀ ସିଗ୍‌ନେଚର ତିଆରି କରି ସର୍ଭେ କରିପାରିବେ। ଏହାକୁ ଏଡିଟ୍ ଏବଂ ଡିଲିଟ୍ କରିପାରିବେ। ସେହିପରି ମ୍ୟାନେଜ ସିଗନେଚର ସେକସନକୁ ଯାଇ ମ୍ୟାନେଜ କରିପାରିବେ। ଏହି ଆପ୍ ଗୁଗଲ ପିକ୍‌ସେଲ, ସାମସଙ୍ଗ ଏବଂ ୱାନ୍‌ପ୍ଲସ୍ ସ୍ମାର୍ଟଫୋନ୍‌ରେ ଦେଖିବାକୁ ମିଳିଛି। ଏହାକୁ ଗୁଗଲ ପ୍ଲେ ସିଷ୍ଟମ ଅପଡେଟ୍ ମାଧ୍ୟମରେ ଉପଲବ୍ଧ କରାଯାଉଛି।










# ଆମେରିକାକୁ ବିଦା କଲା ବେଲ୍‌ଜିୟମ

ସିଆଟଲ,୭।୭ (ଏଜେନ୍ସି)



ଚାର୍ଲସ ଡି କେଟଲାୟରଙ୍କ ଡବଲ ଗୋଲ ବଳରେ ଏଠାରେ ମଙ୍ଗଳବାର ସକାଳେ ଖେଳାଯାଇଥିବା ଫିଫା ବିଶ୍ୱକପର ଷଷ୍ଠ ପ୍ରି-କ୍ୱାର୍ଟର ଫାଇନାଲ ମ୍ୟାଚ୍‌ରେ ବେଲଜିୟମ ୪-୧ ଗୋଲରେ ଆୟୋଜକ ଆମେରିକାକୁ ଶୋଚନୀୟ ପରାସ୍ତ କରିଛି। ଫଳରେ ଦୀର୍ଘ ୪୦ ବର୍ଷ ପରେ ବେଲଜିୟମ ବିଶ୍ୱକପ୍ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଅପରପକ୍ଷରେ ଟୁର୍ଣ୍ଣାମେଣ୍ଟର ତୃତୀୟ ତଥା ଶେଷ ଆୟୋଜକ ଭାବେ ଆମେରିକା ଚଳିତ ବିଶ୍ୱକପ୍‌ର ରାଉଣ୍ଡ ଅଫ୍ ୧୬ରୁ ବାଦ୍ ପଡ଼ିଛି। ପୂର୍ବରୁ ଅନ୍ୟ ଦୁଇ ସହ-ଆୟୋଜକ ମେକ୍ସିକୋ ଓ କାନାଡା ଯଥାକ୍ରମେ ଇଂଲଣ୍ଡ ଓ ମରୋକ୍କୋ ନିକଟରୁ ହାରି ବିଦାୟ ନେଇସାରିଥିଲେ। ଶୁକ୍ରବାର ରାତି ୧୨ଟା ୩୦ ମିନିଟ୍‌ରେ ଖେଳାଯିବାକୁ ଥିବା ଦ୍ୱିତୀୟ କ୍ୱାର୍ଟର ଫାଇନାଲରେ ବେଲଜିୟମ ସହ ସ୍ପେନ୍‌ର ମୁକାବିଲା ହେବ। ଆଉ ୨ଟି ପ୍ରି-କ୍ୱାର୍ଟର ଫାଇନାଲ ମୁକାବିଲା ବାକିଥିବା ବେଳେ ଅତିକମରେ ୨ଟି ୟୁରୋପୀୟ ଦଳ ସେମିଫାଇନାଲରେ ପ୍ରବେଶ କରିବା ନିଶ୍ଚିତ ହୋଇଛି। ବିଶ୍ୱକପ୍‌ର ତୃତୀୟ କ୍ୱାର୍ଟର ଫାଇନାଲ ଇଂଲଣ୍ଡ ଓ ନରୱେ ମଧ୍ୟରେ ଖେଳାଯିବ।

ସିଆଟଲ ଷ୍ଟାଡିୟମ୍‌ରେ ଖେଳାଯାଇଥିବା ମୁକାବିଲାରେ ଆମେରିକାର ରକ୍ଷଣଭାଗ ଆଦୌ ପ୍ରଭାବ ବିସ୍ତାର କରିପାରି ନ ଥିଲା। ଦଳର ଏକାଧିକ ତ୍ରୁଟି ହିଁ ପରାଜୟ ମୁଖ୍ୟ କାରଣ ହୋଇଥିଲା। ପ୍ରଥମ ତ୍ରୁଟିରେ ଚାର୍ଲସ ଖେଳର ୯ମ ମିନିଟ୍‌ରେ ଅତି ସହଜ ଗୋଲ ସ୍କୋର କରିଥିଲେ। ଗୋଲବରଣ କରିବା ପରେ ଆମେରିକା କିଛି ଲଢୁଆ ଖେଳିଥିଲା ଓ ଖେଳର ୩୧ତମ ମିନିଟ୍‌ରେ ମାଲିକ୍ ଟିଲ୍‌ମ୍ୟାନ୍ ଚମତ୍କାର ଗୋଲ ଦେଇ ଘରୋଇ ଦଳର ମନୋବଳ ବଢ଼ାଇଥିଲେ। ଫଳରେ ମ୍ୟାଚ୍ ୧-୧'ର ବରାବର୍‌ସ୍ଥିତିକୁ ଆସିଥିଲା। କିନ୍ତୁ ଏହାର ମାତ୍ର ୨ ମିନିଟ୍ ମଧ୍ୟରେ ଆମେରିକା ରକ୍ଷଣଭାଗର ଆଉ ଏକ ଗୁରୁତ୍ୱପୂର୍ଣ୍ଣ ତ୍ରୁଟିରୁ ଫାଇଦା ଉଠାଇ ଚାର୍ଲସ ଦ୍ୱିତୀୟ ଗୋଲଟି ସ୍କୋର କରିଥିଲେ। ବେଲଜିୟମ ଏହି ମ୍ୟାଚ୍‌ରେ ୪ଜଣ ଖେଳାଳି ପରିବର୍ତ୍ତନ କରି ଖେଳିଥିଲା। ପରେ ଖେଳର ୫୭ତମ ମିନିଟ୍‌ରେ ୩୩ ବର୍ଷୀୟ ହାନ୍ ଭାନାକେନ୍ ଓ ଷ୍ଟପେଜ ଟାଇମ୍‌ରେ ବଦଳ ଖେଳାଳି ରୋମେଲୁ ଲୁକାକୁ ଗୋଟିଏ ଲେଖାଏଁ ଗୋଲ ଦେଇ ଦଳକୁ ୪-୧ରେ ବିଜୟୀ କରାଇଥିଲେ। ମ୍ୟାଚକୁ ଫେରିବା ଲାଗି ଆମେରିକାର ଉଦ୍ୟମ ବିଫଳ ହୋଇଥିଲା। ବାସନ୍ଦରୁ ଆସିଥିବା ଫରୱାର୍ଡ ଖେଳାଳି ଫୋଲାରିନ୍ ବୋଲୁଗାନ୍ କିଛି ପ୍ରଭାବ ପକାଇ ପାରି ନ ଥିଲାବେଳେ ଅଧିନାୟକ କ୍ରିଷ୍ଟିଆନ୍ ପୁଲିସିଚ୍ ଆହତ ହେବା ଦଳକୁ ଶକ୍ତ ଧକ୍କା ଦେଇଥିଲା।

## ଟ୍ରମ୍ପଙ୍କ ନିଷ୍ପତ୍ତି ଆମେରିକା ଲାଗି ଅଭିଶାପ

ସିଆଟଲ,୭।୭ (ଏଜେନ୍ସି): ଜଣେ ରେଡ୍‌କାର୍ଡ ପାଇଥିବା ଖେଳାଳିଙ୍କ ଲାଗି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଚାପ ପକାଇ ବାସନ୍ଦ ପ୍ରତ୍ୟାହାର କରିନେଇଥିଲେ। ଯାହା ଫଳରେ ଟ୍ରମ୍ପ ତୀବ୍ର ସମାଲୋଚନାର ଶିକାର ହୋଇଥିଲେ। ବିଶେଷ କରି ବେଲଜିୟମ ଓ ୟୁରୋପୀୟ ଫୁଟବଲ ସଂଘ ଫିଫାର ଏପରି ନିଷ୍ପତ୍ତିକୁ ସମାଲୋଚନା କରିଥିଲେ। ବୋସନିଆ ବିପକ୍ଷ ମ୍ୟାଚ୍‌ରେ ଆମେରିକାର ତାରକା ଫରୱାର୍ଡ ଫୋଲାରିନ୍ ବାଲୋଗୁନ୍‌ଙ୍କୁ ରେଡ୍‌କାର୍ଡ ମିଳିଥିଲା। ଫଳରେ ସେ ବେଲଜିୟମ ବିପକ୍ଷ ପ୍ରି-କ୍ୱାର୍ଟର ଫାଇନାଲ ମ୍ୟାଚ୍‌ରେ ଖେଳି ପାରି ନ ଥାନ୍ତେ। କିନ୍ତୁ ଟ୍ରମ୍ପ ରାଜନୈତିକ ଚାପ ପକାଇ ଫୋଲାରିନ୍‌ଙ୍କ ବାସନ୍ଦକୁ ପ୍ରତ୍ୟାହାର କରିନେଇଥିଲେ। ସେ ବେଲଜିୟମ ବିପକ୍ଷ ମ୍ୟାଚ୍ ଖେଳିଥିଲେ ମଧ୍ୟ ଆମେରିକା ଶୋଚନୀୟ ପରାଜୟ ବରଣ କରିଥିଲା। ଟ୍ରମ୍ପଙ୍କ ଅନ୍ୟାୟ କର୍ମ ଯୋଗୁ ଆମେରିକା ଶାପଗ୍ରସ୍ତ ହୋଇ ଏହି ମ୍ୟାଚ୍ ହାରିଗଲା ବୋଲି ସବୁଆଡେ ଚର୍ଚ୍ଚା ହେଉଛି।

# ରୋନାଲ୍ଡୋଙ୍କ ଶେଷ ବିଶ୍ୱକପ୍

ଡଲାସ,୭।୭ (ଏଜେନ୍ସି): ସ୍ପେନ୍‌ଠାରୁ ପର୍ତ୍ତୁଗାଲ ଫିଫା ବିଶ୍ୱକପ୍ ପ୍ରି-କ୍ୱାର୍ଟର ଫାଇନାଲ ମ୍ୟାଚ୍ ହାରିଯିବା ପରେ ଏହାର ଅଧିନାୟକ ତଥା ସୁପରଷ୍ଟାର କ୍ରିଷ୍ଟିଆନୋ ରୋନାଲ୍ଡୋ ଆଉ ଫୁଟବଲର ଏହି ସର୍ବୋଚ୍ଚ ଟୁର୍ଣ୍ଣାମେଣ୍ଟରେ ଖେଳିବେ ନାହିଁ ବୋଲି ଘୋଷଣା କରିଛନ୍ତି। ପାଞ୍ଚଥର ବିଶ୍ୱର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ ମଧ୍ୟ ରୋନାଲ୍ଡୋ ଥରେ ହେଲେ ଫିଫା ବିଶ୍ୱକପ୍ ଫାଇନାଲରେ ପ୍ରବେଶ କରିପାରି ନାହାନ୍ତି। ଏହି ମ୍ୟାଚ୍ ପୂର୍ବରୁ ଚଳିତ ବିଶ୍ୱକପ୍ ତାଙ୍କ ଲାଗି ଶେଷ ବିଶ୍ୱକପ୍ ହେବ ବୋଲି ରୋନାଲ୍ଡୋ ଘୋଷଣା କରିଥିଲେ। ପର୍ତ୍ତୁଗାଲ ହାରିଯିବା ପରେ ମଧ୍ୟ ସେ ପଡ଼ିଆରେ କାନ୍ଦୁଥିବାର ଦେଖାଯାଇଥିଲା। ଦଳକୁ ଆଗକୁ ନେଇ ପାରି ନ ଥିବାରୁ ସେ ସମର୍ଥକ ଓ ଦେଶବାସୀଙ୍କୁ କ୍ଷମା ମାଗିଥିଲେ। ପର୍ତ୍ତୁଗାଲ ପକ୍ଷରୁ ସେ ୨୩୩ଟି ଅନ୍ତର୍ଜାତୀୟ ମ୍ୟାଚ୍ ଖେଳି ୧୪୬ଟି ଗୋଲ ସ୍କୋର କରିଥିଲାବେଳେ ୪୬ଟି ଗୋଲ ଦେବାରେ ସହାୟତା କରିଥିଲେ। ସେହିପରି ତାଙ୍କ ନେତୃତ୍ୱରେ ଦଳ ୨୦୧୬ ୟୁରୋପୀୟ ଚାମ୍ପିଅନସିପ୍, ୨୦୧୯ ଓ ୨୦୨୫ରେ ନେସନ୍ସ ଲିଗ୍ ଟାଇଟଲ ବିଜୟୀ ହୋଇଥିଲା। କିନ୍ତୁ ବିଶ୍ୱକପ୍‌ରେ ରୋନାଲ୍ଡୋ କ୍ରମାଗତ ୬ଟି ସଂସ୍କରଣରେ ଗୋଲ ସ୍କୋର କରିଥିଲେ ମଧ୍ୟ ଦଳକୁ ଥରେ ହେଲେ ଫାଇନାଲ ଯାଏ ନେଇ ପାରି ନ ଥିଲେ। ରୋନାଲ୍ଡୋ ଅନ୍ତର୍ଜାତୀୟ ଫୁଟବଲରୁ ଅବସର ନେବା ସମ୍ପର୍କରେ ପରେ ନିଷ୍ପତ୍ତି ନେବେ ବୋଲି କହିଛନ୍ତି। ଏବେ ପରିବାର ସହ ସମୟ କଟାଇବି, ତା ପରେ ନିଷ୍ପତ୍ତି ନେବି ବୋଲି ରୋନାଲ୍ଡୋ କହିଛନ୍ତି।

# ଜନ୍ମଦିନରେ ଧୋନିଙ୍କୁ ଫିଫାର ଶୁଭେଚ୍ଛା

ନୂଆଦିଲ୍ଲୀ, ୭।୭ (ଏଜେନ୍ସି): ଭାରତୀୟ କ୍ରିକେଟ୍ ଦଳର ସବୁଠୁ ସଫଳ ଅଧିନାୟକ ମହେନ୍ଦ୍ର ସିଂ ଧୋନି ମଙ୍ଗଳବାର (ଜୁଲାଇ ୭) ୪୫ ବର୍ଷ ବୟସରେ ପାଦ ଥାପିଛନ୍ତି। ଏହି ଅବସରରେ ଧୋନିଙ୍କୁ ବିଶ୍ୱ କ୍ରୀଡ଼ାଜଗତରୁ ଶୁଭେଚ୍ଛାର ସୁଅ ଛୁଟିଛି। ବିସିସିଆଇ ଓ ପୂର୍ବତନ ସାଥୀ କ୍ରିକେଟରଙ୍କଠାରୁ ଆରମ୍ଭ କରି ବିଶ୍ୱ ଫୁଟବଲର ସର୍ବୋଚ୍ଚ ସଂସ୍ଥା ଫିଫା ମଧ୍ୟ ଧୋନିଙ୍କୁ ଜନ୍ମଦିନର ଶୁଭେଚ୍ଛା ଜଣାଇଛନ୍ତି।




ବର୍ତ୍ତମାନ ଫିଫା ବିଶ୍ୱକପ୍ ଚାଲିଥିବାବେଳେ ଫିଫା ମଧ୍ୟ ଭିନ୍ନ ଢଙ୍ଗରେ ଏକ ଫଟୋ ପୋଷ୍ଟ କରିଛି। 'ଫିଫା ବିଶ୍ୱକପ୍'ର ଇନଷ୍ଟାଗ୍ରାମ ଆକାଉଣ୍ଟରେ ଲିଓନେଲ ମେସି, କିଲିଆନ ଏମବାପ୍ପେ ଓ ଏର୍ଲିଙ୍ଗ ହଲାଣ୍ଡଙ୍କ ଫଟୋ ପୋଷ୍ଟ କରିଛି। ଏହି ଫଟୋରେ ୭ ଲେଖା ଥିବା ଏକ ଛବି ରହିଛି। ଏହାର କ୍ୟାପସନରେ ଫିଫା ଲେଖିଛି, '୭ଟି ଗୋଲ୍। ଏହାର କାରଣ ହେଉଛି ଥାଲା। ଥାଲା ଦିବସର ଶୁଭେଚ୍ଛା।' ଉଲ୍ଲେଖଯୋଗ୍ୟ ଚଳିତ ବିଶ୍ୱକପ୍‌ରେ ବର୍ତ୍ତମାନ ସୁଦ୍ଧା ମେସି, ଏମବାପ୍ପେ ଓ ହଲାଣ୍ଡ ୭ଟି ଲେଖାଏ ଗୋଲ୍ ଦେଇଛନ୍ତି। ସେହିଭଳି ଧୋନିଙ୍କ ଜନ୍ମ ତାରିଖ ଓ ଜର୍ସି ନମ୍ବର ମଧ୍ୟ ୭। ତେଣୁ ଏହି ସମସ୍ତ ବିଷୟ ବସ୍ତୁକୁ ନେଇ ଫିଫା ସ୍ୱତନ୍ତ୍ର ଭାବରେ ଧୋନିଙ୍କୁ ଜନ୍ମଦିବସର ଶୁଭେଚ୍ଛା ଜଣାଇଛି।

# ସେମିଫାଇନାଲ ପାଇଁ ସ୍ପେନ୍-ବେଲଜିୟମ୍ ଟକ୍କର

ଡଲାସ,୭।୭ (ଏଜେନ୍ସି)

### ଫିଫା ବିଶ୍ୱକପ୍ : କ୍ୱାର୍ଟର ଖେଳସୂଚୀ

| ମ୍ୟାଚ୍ | ତାରିଖ | ପ୍ରତିଦ୍ୱନ୍ଦ୍ୱୀ | ଭେନ୍ୟୁ | ଭାରତୀୟ ସମୟ |
|---|---|---|---|---|
| ୧ | ଜୁଲାଇ ୯ | ଫ୍ରାନ୍ସ-ମରୋକ୍କୋ | ବୋଷ୍ଟନ | ରାତି ୧:୩୦ |
| ୨ | ଜୁଲାଇ ୧୦ | ସ୍ପେନ୍-ବେଲଜିୟମ | ଲସ୍ ଏଞ୍ଜେଲ୍ସ | ରାତି ୧୨:୩୦ |
| ୩ | ଜୁଲାଇ ୧୧ | ଇଂଲଣ୍ଡ-ନରୱେ | ମିଆମି | ରାତି ୨:୩୦ |
| ୪ | ଜୁଲାଇ ୧୨ | ଆର୍ଜେଣ୍ଟିନା/ଇଜିପ୍ଟ-ସ୍ୱିଜରଲାଣ୍ଡ/କଲମ୍ବିଆ | କାନ୍‌ସାସ୍ ସିଟି | ସକାଳ ୬:୩୦ |

ବିଶ୍ୱର ଯେଉଁ କିଂବଦନ୍ତୀ ଖେଳାଳି ଅଛନ୍ତି ସେମାନଙ୍କ ମଧ୍ୟରେ ପର୍ତ୍ତୁଗାଲର କ୍ରିଷ୍ଟିଆନୋ ରୋନାଲ୍ଡୋ ଅନ୍ୟତମ। ପାଞ୍ଚଥର ବିଶ୍ୱର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ ମଧ୍ୟ ରୋନାଲ୍ଡୋଙ୍କ ଭାଗ୍ୟରେ ଥରେ ହେଲେ ଫିଫା ବିଶ୍ୱକପ୍ ଜିତିବା ସମ୍ଭବ ହୋଇପାରିଲାନି। ୪୧ ବର୍ଷରେ ସେ ଷଷ୍ଠ ବିଶ୍ୱକପ୍ ଖେଳୁଥିଲାବେଳେ ଏଠାରେ ପ୍ରି-କ୍ୱାର୍ଟର ଫାଇନାଲ ମୁକାବିଲାରେ ସ୍ପେନ୍ ନିକଟରୁ ତାଙ୍କ ଦଳ ପର୍ତ୍ତୁଗାଲ ୧-୦ ଗୋଲରେ ହାରିଯାଇଥିଲା। ଖେଳ ଶେଷ ହେବାକୁ ଆଉ ଅଳ୍ପ ସମୟ ବାକିଥିଲାବେଳେ ବଦଳ ଖେଳାଳି ମିକେଲ ମେରିନୋ ସ୍ପେନ୍ ପକ୍ଷରୁ ଏହି ବିଜୟସୂଚକ ଗୋଲ୍‌ଟି ସ୍କୋର କରିଥିଲେ। ସ୍ପେନ୍‌ର ବିଜୟ ଅର୍ଥ ଚଳିତ ଫିଫା ବିଶ୍ୱକପ୍‌ରୁ ପର୍ତ୍ତୁଗାଲର ବିଦାୟ ନେଇଛି। ଏହାପରେ ରୋନାଲ୍ଡୋ ଆଉ ପର୍ତ୍ତୁଗାଲ ପକ୍ଷରୁ ବିଶ୍ୱକପ୍ ଖେଳିବେ ନାହିଁ ବୋଲି ପୂର୍ବରୁ ଘୋଷଣା କରିସାରିଥିଲେ। ଫଳରେ ବିନା ବିଶ୍ୱକପ୍ ଟ୍ରଫିରେ ଏହି କିଂବଦନ୍ତି ଖେଳାଳି ଅବସର ଗ୍ରହଣ କରିବେ। ଗତକାଲି ବ୍ରାଜିଲ ହାରିଯିବା ପରେ ଅନ୍ୟତମ ସୁପରଷ୍ଟାର ନେମାର ଜୁନିଅର ମଧ୍ୟ ଅବସର ଘୋଷଣା କରିଥିଲେ। ଆର୍ଜେଣ୍ଟିନାର ଲିଓନେଲ ମେସିଙ୍କର ମଧ୍ୟ ଏହା ଶେଷ ବିଶ୍ୱକପ୍। ଏହି ୩ଜଣ ଖେଳାଳିଙ୍କ ଅବସର ପରେ ବିଶ୍ୱ ଫୁଟବଲରେ ଏହ ସ୍ୱର୍ଣ୍ଣିମ ଯୁଗର ଅବସାନ ହେବ।

# ଫୋଲାରିନ୍‌ଙ୍କୁ ୪୦,୦୦୦ ଡଲାର ଜରିମାନା

ନ୍ୟୁୟର୍କ,୭।୭ (ଏଜେନ୍ସି): ବୋସନିଆ ବିପକ୍ଷ ମ୍ୟାଚ୍‌ରେ ରେଡ୍‌କାର୍ଡ ପାଇଥିବା ଆମେରିକାର ଫୋଲାରିନ୍ ବାଲୋଗୁନଙ୍କୁ ଫିଫା ଶୃଙ୍ଖଳାଗତ କମିଟି ୪୦,୦୦୦ ଡଲାର (ପାଖାପାଖି ୩୮ ଲକ୍ଷ ଟଙ୍କା) ଜରିମାନା କରିଛନ୍ତି। ଏହି ମ୍ୟାଚ୍‌ରେ ସେ ଦୁଇଟି ନିୟମ ଉଲ୍ଲଙ୍ଘନ କରିଥିବାରୁ ଏହି ଦଣ୍ଡବିଧାନ କରାଯାଇଥିଲା। ଫୋଲାରିନ୍‌ଙ୍କ ଉପରୁ ବାସନ୍ଦ ବ୍ୟବସ୍ଥା ପ୍ରତ୍ୟାହାର କରାଯିବା ପୂର୍ବରୁ ଏହି ଦଣ୍ଡାଦେଶ କରାଯାଇଥିଲା। ଏହି ମ୍ୟାଚ୍‌ରେ ସେ ପ୍ରଥମ ଭୁଲ କରିଥିଲେ ଫାଉଲ ମାରି। ସେହିପରି ବୋସନିଆକୁ ହରାଇବା ପରେ ଆମେରିକା ବିଜୟ ଉତ୍ସବ ପାଳନ କରୁଥିଲାବେଳେ ସେ ପଡ଼ିଆକୁ ଆସିଥିଲେ। ଯାହା କି ଦ୍ୱିତୀୟ ନିୟମ ଉଲ୍ଲଙ୍ଘନ। କାରଣ ଜଣେ ଖେଳାଳିଙ୍କୁ ରେକଡକାର୍ଡ ଦିଆଯିବା ପରେ ସେ ପରବର୍ତ୍ତୀ ମ୍ୟାଚ୍ ଶେଷ ନ ହେବା ଯାଏ ଦଳର କୌଣସି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିପାରିବେ ନାହିଁ। ଏଣୁ କେଉଁ ନିୟମ ଉଲ୍ଲଙ୍ଘନ ଲାଗି ଏଭଳି ଦଣ୍ଡବିଧାନ କରାଯାଇଛି, ତାହା ସ୍ପଷ୍ଟ ହୋଇନାହିଁ।

# ଓଡ଼ିଶା ବାଳିକା ରଗ୍‌ବୀ ଦଳ ଚାମ୍ପିଅନ




ଭୁବନେଶ୍ୱର,୭।୭ (ସମିସ): ହାଇଦ୍ରାବାଦର ଗାଛି ବାଓଲି ଷ୍ଟାଡିୟମରେ ଉଦଯାପିତ ହୋଇଥିବା ଜାତୀୟ ଜୁନିଅର୍ ବାଳିକା ସେଭେନ୍ସ ରଗବୀ ଚାମ୍ପିଅନସିପରେ ଓଡ଼ିଶା ଚାମ୍ପିଅନ ହୋଇଛି। ମଙ୍ଗଳବାର ଅନୁଷ୍ଠିତ ଫାଇନାଲରେ ଓଡ଼ିଶା ବାଳିକା ଦଳ ୧୫-୦ରେ ମହାରାଷ୍ଟ୍ରକୁ ହରାଇ ଟାଇଟଲ୍ ଜିତିଛି। ଓଡ଼ିଶା ସେମିଫାଇନାଲରେ ବିହାରକୁ ୧୦-୫ ରେ ଓ କ୍ୱାର୍ଟରରେ ଆସାମକୁ ୫୬-୦ ରେ ହରାଇଥିଲା। ଏହି ସଫଳତା ଲାଗି ଓଡ଼ିଶା ରଗବୀ ଫୁଟବଲ ଆସୋସିଏସନ୍‌ର ସଭାପତି ପ୍ରିୟଦର୍ଶୀ ମିଶ୍ର, ଉପସଭାପତି ଉପେନ୍ଦ୍ର ମହାନ୍ତି, ସମ୍ପାଦକ ସୁଶାନ୍ତ ସାହୁ, ଯୁଗ୍ମସମ୍ପାଦକ ଭରତ ସାହୁ, କୋଷାଧ୍ୟକ୍ଷ ଶକ୍ତି ପ୍ରସାଦ ଦଳକୁ ଶୁଭେଚ୍ଛା ଜଣାଇଛନ୍ତି।

# ୱିମ୍ବଲଡନ: ସେମିରେ ସିନ୍ନର, ଗଫ୍

ଲଣ୍ଡନ, ୭।୭ (ଏଜେନ୍ସି)

ଡିଫେଣ୍ଡିଂ ଚାମ୍ପିଅନ ଜାନିକ ସିନ୍ନର ଏଠାରେ ଚାଲିଥିବା ବର୍ଷର ତୃତୀୟ ଗ୍ରାଣ୍ଡସ୍ଲାମ ୱିମ୍ବଲଡନର ସେମିଫାଇନାଲରେ ପ୍ରବେଶ କରିଛନ୍ତି। ମଙ୍ଗଳବାର ଅନୁଷ୍ଠିତ ପୁରୁଷ ସିଙ୍ଗଲ୍ସ କ୍ୱାର୍ଟର ଫାଇନାଲ ମ୍ୟାଚରେ ଟପ୍ ସିଡ୍ ସିନ୍ନର ୭-୫, ୭-୬ (୭/୪), ୬-୩ ସେଟରେ ଜର୍ମାନୀର ଭେଟେରାନ ଖେଳାଳି ଜାନ-ଲିନାର୍ଡ ଷ୍ଟ୍ରଫଙ୍କୁ ପରାସ୍ତ କରିଥିଲେ। ଫଳରେ କ୍ୟାରିୟରର ୧୦ମଥର ଲାଗି ସିନ୍ନର ଗ୍ରାଣ୍ଡସ୍ଲାମ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ନୋଭାକ ଜୋକୋଭିଚ ଓ ଫେଲିକ୍ସ ଆଗର-ଆଲିଆସିମେଙ୍କ ମଧ୍ୟରେ ଖେଳାଯିବାକୁ ଥିବା ଅନ୍ୟ ଏକ କ୍ୱାର୍ଟରର ବିଜେତାଙ୍କ ସହ ସିନ୍ନରଙ୍କ ସେମିଫାଇନାଲ ଲଢ଼େଇ ହେବ। ଅପରପକ୍ଷରେ ନିଜର ୪୭ତମ ଗ୍ରାଣ୍ଡସ୍ଲାମରେ ପ୍ରଥମଥର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଥିବା ୩୬ ବର୍ଷୀୟ ଲିନାର୍ଡ ପରାଜୟ ସହ ବିଦାୟ ନେଇଛନ୍ତି।

ସେହିଭଳି ମହିଳା ବିଭାଗରେ ଆମେରିକୀୟ ତାରକା ୭ମ ସିଡ୍ କୋକୋ ଗଫ୍ ମଧ୍ୟ ସେମିଫାଇନାଲକୁ ଯୋଗ୍ୟତା ଅର୍ଜନ କରିଛନ୍ତି। କ୍ୱାର୍ଟର ଫାଇନାଲରେ ଗଫ୍ ୪-୬, ୬-୩, ୬-୩ ସେଟରେ ସାଥୀ ଆମେରିକୀୟ ଖେଳାଳି ୪ର୍ଥ ସିଡ୍ ଜେସିକା ପେଗୁଲାଙ୍କୁ ହରାଇଛନ୍ତି। ଫଳରେ ଏବେ ମହିଳା ବିଭାଗରେ ଗଫ୍ ଏକମାତ୍ର ଉଚ୍ଚ ମାନ୍ୟତା ଖେଳାଳି ଭାବେ ଟାଇଟଲ୍ ଦୌଡ଼ରେ ତିଷ୍ଠି ରହିଛନ୍ତି।

## ବିଶ୍ୱ ଭଲିବଲ୍ ଦିବସ ପାଳିଲା କିଟ୍

ଭୁବନେଶ୍ୱର, ୭।୭ (ସମିସ): କିଟ୍ ବିଶ୍ୱବିଦ୍ୟାଳୟରେ ମଙ୍ଗଳବାର 'ବିଶ୍ୱ ଭଲିବଲ୍ ଦିବସ-୨୦୨୬' ଉତ୍ସାହର ସହିତ ପାଳିତ ହୋଇଯାଇଛି। କିଟ୍ ପରିସରରେ ଭଲିବଲ୍ ପାଇଁ ଥିବା ଇଣ୍ଟରନ୍ୟାସନାଲ ଏକ୍ସେଲେନ୍ସ ସେଣ୍ଟରରେ ଭାରତୀୟ ୧୮ ବର୍ଷରୁ କମ୍ ବାଳକ ଦଳକୁ ନେଇ ଏକ ପ୍ରଦର୍ଶନୀ ମ୍ୟାଚ୍ ଅନୁଷ୍ଠିତ ହୋଇଥିଲା। ଯେଉଁଥିରେ ଆଗାମୀ ଯୁବ ଏସିଆନ ଭଲିବଲ୍ ଚାମ୍ପିଅନସିପ୍ ପାଇଁ ସେଣ୍ଟରରେ ତାଲିମ ନେଉଥିବା ଖେଳାଳିମାନେ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ କିଟ୍ ଓ କିସ୍'ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ଖେଳାଳିଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

## ଜିମ୍ବାୱେ ସିରିଜ୍ ଓ ଏସିଆନ ଗେମ୍ସ

# ଲକ୍ଷ୍ମଣ ଭାରତୀୟ ଦଳର ମୁଖ୍ୟ ପ୍ରଶିକ୍ଷକ



ନୂଆଦିଲ୍ଲୀ, ୭।୭ (ଏଜେନ୍ସି): ଭାରତୀୟ କ୍ରିକେଟ୍ ଦଳର ବ୍ୟସ୍ତବହୁଳ କାର୍ଯ୍ୟସୂଚୀ ରହିଥିବାରୁ ଟିମ୍ ଓ କୋଚିଂ ବ୍ୟବସ୍ଥାକୁ ଅଲଗା ଅଲଗା କରିବାକୁ ପଡ଼ିଛି। ଚଳିତ ମାସ ତୃତୀୟ ସପ୍ତାହରେ ଭାରତୀୟ କ୍ରିକେଟ ଦଳ ଜିମ୍ବାୱେ ଗସ୍ତରେ ଯିବ। ଏହାପରେ ଜାପାନରେ ଏସିଆନ୍ ଗେମ୍ସରେ ଭାଗନେବ। ଏସିଆନ ଗେମ୍ସ ଚାଲିଥିଲାବେଳେ ୱେଷ୍ଟଇଣ୍ଡିଜ୍ କ୍ରିକେଟ ଦଳ ଭାରତ ଗସ୍ତରେ ଆସିବ। ଏଣୁ ଦୁଇଟି ଦଳ ଭିନ୍ନ ଭିନ୍ନ ସିରିଜ୍‌ରେ ଅଂଶଗ୍ରହଣ କରିବେ। ଏଥିଲାଗି କୋଚିଂ ବ୍ୟବସ୍ଥାକୁ ମଧ୍ୟ ଅଲଗା କରାଯାଇଛି। ଜିମ୍ବାୱେ ଓ ଜାପାନରେ ଖେଳାଯିବାକୁ ଥିବା ଏସିଆନ୍ ଗେମ୍ସରେ ଭିଭିଏସ୍ ଲକ୍ଷ୍ମଣ ଭାରତୀୟ କ୍ରିକେଟ ଦଳର ମୁଖ୍ୟ ପ୍ରଶିକ୍ଷକ ରହିବେ। ସେହିପରି ୱେଷ୍ଟଇଣ୍ଡିଜ୍ ବିପକ୍ଷରେ ଖେଳିବାକୁ ଥିବା ଭାରତୀୟ ସିନିଅର ଦାୟିତ୍ୱରେ ମୁଖ୍ୟ ପ୍ରଶିକ୍ଷକ ଗୌତମ ଗମ୍ଭୀର ରହିବେ। ଏଣୁ କୋଚିଂକୁ ନେଇ ଅଡୁଆ ପରିସ୍ଥିତି ସୃଷ୍ଟି ହେବ ନାହିଁ। ପୂର୍ବରୁ ଏଭଳି ବ୍ୟବସ୍ଥାରେ ଲକ୍ଷ୍ମଣ ଏକାଧିକଥର ଭାରତୀୟ ଦଳର କୋଚ ହୋଇଥିବାରୁ ତାଙ୍କୁ ବିଶେଷ ଅସୁବିଧାର ସମ୍ମୁଖୀନ ହେବାକୁ ପଡ଼ିବ ନାହିଁ। ସୁନୀଲ ଯୋଶି ଓ ହୃଷିକେଶ କାନିତକର ଯଥାକ୍ରମେ ବୋଲିଂ ଓ ବ୍ୟାଟିଂ ପ୍ରଶିକ୍ଷକ ଭାବେ ଉଭୟ ସିରିଜ୍‌ରେ ଲକ୍ଷ୍ମଣଙ୍କୁ ସହାୟତା କରିବେ।




## ବୃକ୍ଷରୋପଣ ପାଇଁ ସଚେତନତା ବାର୍ତ୍ତା



ବିଗତ ବର୍ଷମାନଙ୍କ ପରି ଚଳିତ ବର୍ଷ ମଧ ବଲାଙ୍ଗିର ବନଖଣ୍ଡ ତରଫରୁ ବ୍ୟାପକ ବୃକ୍ଷ ରୋପଣ କାର୍ଯ୍ୟକ୍ରମ ବିଭିନ୍ନ ଯୋଜନା ମାଧମରେ ହାତକୁ ନିଆଯାଇଛି। ଚଳିତ ୨୦୨୬-୨୭ ଆର୍ଥିକ ବର୍ଷରେ ଜନସାଧାରଣ, ବିଭିନ୍ନ ସରକାରୀ ଓ ବେସରକାରୀ ଅନୁଷ୍ଠାନ ତଥା ବିଦ୍ୟାଳୟ ଓ ମହାବିଦ୍ୟାଳୟମାନଙ୍କୁ ବିତରଣ ନିମନ୍ତେ ୧୦ ଲକ୍ଷ ଚାରା ଉତ୍ପାଦନ କରାଯାଇଛି। ଗୋଟିଏ ଚାରାକୁ ୧ ଟଙ୍କା ମୂଲ୍ୟରେ କୌଣସି ଜନସାଧାରଣ ନିକଟସ୍ଥ ନର୍ସରୀରୁ ନେଇ ପାରିବେ। ଏହା ବ୍ୟତିତ ଚଳିତ ଆର୍ଥିକ ବର୍ଷରେ ବଲାଙ୍ଗିର ବନଖଣ୍ଡ ତରଫରୁ ବିଭିନ୍ନ ଯୋଜନା ମାଧମରେ ୫୬୬୫୦୦ ଗୋଟି ଚାରା ରୋପଣ ପାଇଁ ଯୋଜନା କରାଯାଇଅଛି।

୧- ବଲାଙ୍ଗିର ଜିଲ୍ଲାର ସମସ୍ତ ୧୧ଗୋଟି ରେଞ୍ଜ୍‌ରେ ଚାରା ବିତରଣ କେନ୍ଦ୍ରମାନ ସ୍ଥାପନ କରାଯାଇ ଜନସାଧାରଣଙ୍କୁ ଚାରା ଯୋଗାଇବାର ବ୍ୟବସ୍ଥା କରାଯାଇଅଛି।

୨- ସମସ୍ତ ବନାଂଚଳରେ ଜୁଲାଇ ମାସରେ ବିଭିନ୍ନ ସ୍କୁଲ, କଲେଜ, ସରକାରୀ ଓ ବେସରକାରୀ ଅନୁଷ୍ଠାନ ମାନଙ୍କରେ ବନମହୋତ୍ସବ ପାଳନ କରି ବ୍ୟାପକ ବୃକ୍ଷରୋପଣ ପାଇଁ ବ୍ୟବସ୍ଥା କରାଯାଇଅଛି।

୩- ଚାରା ବିତରଣ ପାଇଁ ପ୍ରତ୍ୟେକ ବ୍ଲକରେ ଭ୍ରାମ୍ୟମାଣ ସବୁଜ ରଥ ବୁଲାଇ ଜନସାଧାରଣଙ୍କୁ ଚାରା ବିତରଣ କରିବା ପାଇଁ ବ୍ୟବସ୍ଥା କରାଯାଇଅଛି।

୪- ସରକାରଙ୍କ ନିୟମ ମୁତାବକ ପ୍ରତ୍ୟେକ ବ୍ୟକ୍ତିଙ୍କୁ ଚାରା ପ୍ରତି ୧ ଟଙ୍କା ମୂଲ୍ୟ ଦେଇ ୫ ଗୋଟି (ସହରାଂଚଳ) ଓ ୧୦ ଗୋଟି (ଗ୍ରାମାଞ୍ଚଳ) ବିତରଣ କରିବା ପାଇଁ ବ୍ୟବସ୍ଥା କରାଯାଇଛି।

୫- ବିଦ୍ୟାଳୟ, ମହାବିଦ୍ୟାଳୟ, ସରକାରୀ ଓ ବେସରକାରୀ ଅନୁଷ୍ଠାନମାନଙ୍କୁ ମୋଟ ୧୫୦ ରୁ ୨୦୦ ଗୋଟି ଚାରା ବିନା ମୂଲ୍ୟରେ ବିତରଣ ପାଇଁ ବ୍ୟବସ୍ଥା କରାଯାଇଛି। ଏଥିପାଇଁ ଉକ୍ତ ସଂସ୍ଥାମାନଙ୍କୁ ସ୍ଥାନୀୟ ବନାଂଚଳ ଅଧିକାରୀଙ୍କୁ ଦରଖାସ୍ତ କରି ନିକଟବର୍ତ୍ତି ଚାରା ଉତ୍ପାଦନ କେନ୍ଦ୍ରରୁ ଚାରା ନେବା ପାଇଁ ବ୍ୟବସ୍ଥା କରିଯାଇଅଛି।



ଆସନ୍ତୁ ସମସ୍ତେ ମିଳିମିଶି ଏହି ବୃକ୍ଷରୋପଣ କାର୍ଯ୍ୟରେ ନିଜକୁ ନିୟୋଜିତ କରିବା ସହ, ତାର ଯତ୍ନ ନେବା ଏବଂ ଆଗାମୀ ପିଢି ପାଇଁ ଏକ ସୁସ୍ଥ ପରିବେଶ ଉପହାର ଦେବା, ଯାହାର ରକ୍ଷଣା ବେକ୍ଷଣ କରି ଆମର ଉତ୍ତର ପିଢୀ ତାଙ୍କର ଉତ୍ତୋରତର ପିଢୀଙ୍କୁ ହସ୍ତାନ୍ତର କରିବା ପାଇଁ ବାଧ ହେବେ।

ସୌଜନ୍ୟ
ବଲାଙ୍ଗିର ବନଖଣ୍ଡ, ବଲାଙ୍ଗିର


# ■ ତୃତୀୟ ଟି-୨୦
# ସଲ୍ଟଙ୍କ ବିସ୍ଫୋରକ ବ୍ୟାଟିଂ

ନଟିଂହାମ, ୭।୭ (ଏଜେନ୍ସି): ଘରୋଇ ଇଂଲଣ୍ଡ ଓ ଭାରତ ମଧ୍ୟରେ ଟି-୨୦ ସିରିଜର ତୃତୀୟ ମୁକାବିଲା ମଙ୍ଗଳବାର ଏଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ମ୍ୟାଚରେ ଟସ୍ ଜିତି ଭାରତୀୟ ଦଳର ଅଧିନାୟକ ଶ୍ରେୟସ ଆୟର ଫିଲ୍ଡିଂ ନିଷ୍ପତ୍ତି ନେଇଥିଲେ। ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଇଂଲଣ୍ଡ ଓପନର୍ ଫିଲ୍ ସଲ୍ଟଙ୍କ ଦମ୍‌ଦାର ବ୍ୟାଟିଂ ବଳରେ ଭଲ ଆରମ୍ଭ କରିଛି। ଶେଷ ଖବର ସୁଦ୍ଧା ଇଂଲଣ୍ଡ ୧୬ ଓଭରରେ ୪ ୱିକେଟ୍ ହରାଇ ୧୫୨ ରନ ସଂଗ୍ରହ କରିଛି। ସଲ୍ଟ ୬୪ ରନ କରି ଅପରାଜିତ ରହିଛନ୍ତି। ୪୨ ବଲର ଏହି ପାଳିରେ ସେ ୭ଟି ଚୌକା ଓ ୨ଟି ଛକା ମାରିଛନ୍ତି। ଅନ୍ୟତମ ଓପନର ଜୋଶ ବଟଲର୍ ୪ଟି ଚୌକା ଓ ୨ଟି ଛକା ବଳରେ ୨୧ ବଲରୁ ୩୬ ରନ କରି ଆଉଟ୍ ହୋଇଛନ୍ତି। ପ୍ରିନ୍ସ ଯାଦବ ଏହି ମୂଲ୍ୟବାନ ୱିକେଟଟି ପାଇଥିଲେ ଆଉଟ୍ ହେବା ପୂର୍ବରୁ ଓପନିଂ ଯୋଡ଼ିରେ ସଲ୍ଟଙ୍କ ସହ ବଟଲର ୩୧ ବଲରେ ୪୩ ରନ ସଂଗ୍ରହ କରିଥିଲେ। ତେବେ ମଧ୍ୟକ୍ରମରେ ୩ ଇଂଲିଶ ବ୍ୟାଟର୍ ଅଧିନାୟକ ହ୍ୟାରୀ ବ୍ରୁକ୍ (୧୬ ରନ), ଜ୍ୟାକବ ବେଥେଲ (୧୩) ଓ ଟମ୍ ବାଣ୍ଟନ (୦) ନିରାଶ କରିଥିଲେ। ଯାହା ଫଳରେ ଇଂଲଣ୍ଡ ବ୍ୟାକ୍‌ଫୁଟକୁ ଚାଲିଯାଇଥିଲା। ଭାରତ ପକ୍ଷରୁ ଦୁଇ ଦ୍ରୁତ ବୋଲର ହର୍ଷିତ ରାଣା ଓ ପ୍ରିନ୍ସ ଯାଦବ ୨ଟି ଲେଖାଏ ୱିକେଟ୍ ନେଇଥିଲେ।

ପୂର୍ବରୁ ସିରିଜର ପ୍ରଥମ ମ୍ୟାଚ୍ ବର୍ଷା ଲାଗି ବାତିଲ ହୋଇଥିଲା। ଏହାପରେ ଶନିବାର ଓଲ୍ଡ ଟ୍ରାଫୋର୍ଡରେ ଅନୁଷ୍ଠିତ ଦ୍ୱିତୀୟ ଟି-୨୦କୁ ଇଂଲଣ୍ଡ ୪ ୱିକେଟରେ ଜିତିଥିଲା। ଫଳରେ ଇଂଲଣ୍ଡ ପାଞ୍ଚମ୍ୟାଚ୍ ବିଶିଷ୍ଟ ସିରିଜରେ ୧-୦ରେ ଆଗୁଆ ରହିଛି।


ସକାଳ THE SAKALA
www.thesakala.in

The Sakala require the following post for Head Office urgently.

ADVERTISEMENT EXECUTIVE

Qualification: MBA with 5 yrs. experience.

Send your CV by 10.07.2026 to
Asst. Manager HR
Email: hr@thesakala.com
Mob.: 8249526803

THE SAKALA
(A unit of Nandighosha Network Pvt. Ltd.)
Plot No.: 90 & 91, Bhagabanpur I/E, Bhubaneswar


PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS